


ସକାଳ
THE SAKALA
PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI
SAMBALPUR
♦VOLUME- 43 ♦ISSUE-105 ♦SATURDAY ♦11 OCTOBER 2025 ♦PAGE-12 ♦₹ 6.00
♦ବର୍ଷ-୪୩ ♦ସଂଖ୍ୟା-୧୦୫ ♦ଶନିବାର ♦୧୧ ଅକ୍ଟୋବର ୨୦୨୫ ♦ପୃଷ୍ଠା-୧୨ ♦ଟ.୬.୦୦

# ମାରିଆ ମାଚାଡ଼ୋଙ୍କୁ ‘ନୋବେଲ ଶାନ୍ତି’



**ଭେନେଜୁଏଲାରେ ଗଣତନ୍ତ୍ର ପ୍ରତିଷ୍ଠା ପାଇଁ ୨୦ ବର୍ଷଧରି ପ୍ରଚେଷ୍ଟାରତ**

**ଟ୍ରମ୍ପ ନିରାଶ**

■ **ଷ୍ଟକହାମ୍, ୧୦।୧୦ (ଏଜେନ୍ସି):** ନୋବେଲ୍ ଶାନ୍ତି ପୁରସ୍କାର ପାଇଁ ନିଜ ସପକ୍ଷରେ ବିଶ୍ୱବ୍ୟାପୀ ସମର୍ଥନ ଜୁଟାଇବାର ବହୁ ପ୍ରୟାସ ଓ ପ୍ରଚାର ସତ୍ତ୍ୱେ ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କୁ ନିରାଶ ହେବାକୁ ପଡ଼ିଛି। ଲାଟିନ ଆମେରିକୀୟ ଦେଶ ଭେନେଜୁଏଲାର ଆଇରନ ଲେଡି ଭାବେ ପରିଚିତ ୫୮ ବର୍ଷୀୟା ମାରିଆ କୋରିନା ମାଚାଡୋଙ୍କୁ ୨୦୨୫ ପାଇଁ ନୋବେଲ ଶାନ୍ତି ପୁରସ୍କାର ପାଇଁ ମନୋନୀତ କରାଯାଇଛି। ବିରୋଧୀ ଦଳ ନେତ୍ରୀ ମାରିଆଙ୍କ ଜୀବନ ପ୍ରତି ବିପଦ ଥିବାରୁ ସେ ଏବେ ଅଜ୍ଞାତବାସରେ ଅଛନ୍ତି। ଦେଶରେ ଗଣତନ୍ତ୍ରକୁ ସୁଦୃଢ଼ କରିବା ପାଇଁ ଦୀର୍ଘ ▶ପୃଷ୍ଠା-୧୦

**ପୁଲିସ ଚାକିରି ବେପାର**


# ପୂର୍ବତନ ଜେଲ୍ ଡିଆଇଜି କ୍ରାଇମବ୍ରାଞ୍ଚରେ ହାଜର

**ଟଙ୍କା ଜମା କରିଥିବା ୨୦ ଜଣଙ୍କୁ ନୋଟିସ୍; ୫ ପୁଲିସ ଅଧିକାରୀଙ୍କୁ ମାଫ୍**

**ମୁନ୍ନା ସହ ଯୋଗାଯୋଗରେ ନୟାଗଡ଼ର ଶ୍ରୀକାନ୍ତ**

■ **ଭୁବନେଶ୍ୱର, ୧୦।୧୦ (ସମିସ):** ପୁଲିସ୍ ଏସ୍ଆଇ ଚାକିରି ବିକ୍ରି ଘଟଣା ଓଡ଼ିଶା ସୀମା ଡେଇଁ ଜାତୀୟସ୍ତରରେ ପହଞ୍ଚିଛି। ଯୋଜନାବଦ୍ଧ ଭାବରେ ହୋଇଥିବା ଏହି ଚାକିରି ବିକ୍ରି ଷଡ଼ଯନ୍ତ୍ର ମଧ୍ୟପ୍ରଦେଶର କୁଖ୍ୟାତ ବ୍ୟାପମ୍ ସ୍କାମକୁ ବି ଟପି ଯାଇଥିବା କୁହାଯାଉଛି। ଏହି କ୍ରମରେ ଘଟଣାର ତଦନ୍ତ କରୁଥିବା କ୍ରାଇମବ୍ରାଞ୍ଚ ଆଜି ପୂର୍ବତନ ଜେଲ ଡିଆଇଜି କୁଳମଣି ବେହେରାଙ୍କୁ ଆଜି ପଚାରାଉଚରା କରିଛି। କ୍ରାଇମବ୍ରାଞ୍ଚ ଅଧିକାରୀମାନେ ଏହି ଘଟଣା ସମ୍ପର୍କରେ ଶ୍ରୀ ବେହେରାଙ୍କୁ ପ୍ରାୟ ୪୫ ମିନିଟ ଧରି ବିଭିନ୍ନ ପ୍ରସଙ୍ଗରେ ପଚରାଉଚରା କରିଛନ୍ତି। କ୍ରାଇମବ୍ରାଞ୍ଚର ଜଣେ ଡିଆଇଜି ପାହ୍ୟାର ଅଧିକାରୀଙ୍କ ନେତୃତ୍ୱରେ ୪ଜଣିଆ ଦଳ ପୂର୍ବତନ ଜେଲ୍ ଡିଆଇଜିଙ୍କୁ ଓ ପରେ ବଣିକ କୋଚିଂ ସେଣ୍ଟରର ଅଧିକାରୀଙ୍କୁ ଦିନ ସାଢ଼େ ୧୧ଟାରୁ ଅଢ଼େଇଟା ପର୍ଯ୍ୟନ୍ତ ଦୁଇ ପର୍ଯ୍ୟାୟରେ ଜେରା କରିଛନ୍ତି। ଗତ ୩୦ ତାରିଖରେ ଶ୍ରୀକାକୁଳମ୍‌ରୁ ଗିରଫ ହୋଇଥିବା ୧୧୪ ପରୀକ୍ଷାର୍ଥୀଙ୍କ ମଧ୍ୟରେ ଶ୍ରୀ ବେହେରାଙ୍କ ପୁଅ ଅମୀର ବେହେରା ଅଛନ୍ତି। ତେଣୁ ସେ ମଧ୍ୟ ଚାକିରି ପାଇଁ ଟଙ୍କା ଦେଇଥିବା ଚର୍ଚ୍ଚା ହେଉଛି। ପୁଲିସ ଚାକିରି ପାଇଁ ଜଣ ପିଛା ୨୫ରୁ ୩୫ ଲକ୍ଷ ଟଙ୍କା ଲେଖାଏଁ ▶ପୃଷ୍ଠା-୧୦

# ଦିଲ୍ଲୀରୁ ଫେରିଲେ ନବୀନ



**ଖୁବ୍‌ଶୀଘ୍ର ନୂଆପଡ଼ା ଉପନିର୍ବାଚନ ପ୍ରାର୍ଥୀଙ୍କ ନାମ ଘୋଷଣା**

■ **ଭୁବନେଶ୍ୱର, ୧୦।୧୦ (ସମିସ):** ଶୁକ୍ରବାର ଅପରାହ୍ଣରେ ଦିଲ୍ଲୀରୁ ଓଡ଼ିଶା ପ୍ରତ୍ୟାବର୍ତ୍ତନ କରିଛନ୍ତି ବିଜେଡି ସୁପ୍ରିମୋ ତଥା ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକ। ଗତମାସରେ ନବୀନ ବ୍ୟକ୍ତିଗତ କାର୍ଯ୍ୟବଶତଃ ନୂଆଦିଲ୍ଲୀ ଯାଇଥିଲେ ଓ ନିଜ ବାସଭବନରେ ଅବସ୍ଥାନ କରୁଥିଲେ। ଏହି ସମୟରେ ସେ ନିଜ ପରିବାର ସଦସ୍ୟ ଓ ସାଙ୍ଗସାଥୀଙ୍କୁ ମଧ୍ୟ ଭେଟିଥିଲେ। ଦିଲ୍ଲୀରେ ଏସିଆନ୍ ୱାଇଲ୍ଡଲାଇଫ୍ ଟ୍ରଷ୍ଟ ଏବଂ ଏସିଆନ୍ ହାର୍ଟ ଇନଷ୍ଟିଚ୍ୟୁଟ୍‌ର ପ୍ରତିଷ୍ଠାତା ପଦ୍ମଭୂଷଣ ଡାକ୍ତର ରମାକାନ୍ତ ପଣ୍ଡାଙ୍କ ଦ୍ୱାରା ଆୟୋଜିତ ୱାଇଲ୍ଡଲାଇଫ୍ ଫଟୋ ପ୍ରଦର୍ଶନୀ ସହ ଇଣ୍ଡିଆ ହାବିଟାଟ୍ ସେଣ୍ଟରରେ ଚାଲିଥିବା ‘ଭୟେଜେସ୍, ଦି ଆନ୍ସିଏଣ୍ଟ ମେରିଟାଇମ୍ ସିଲ୍କ ରୁଟ୍’ କଳା ପ୍ରଦର୍ଶନୀରେ ମଧ୍ୟ ନବୀନଙ୍କୁ ଦେଖିବାକୁ ମିଳିଥିଲା। ଏହା ସତ୍ତ୍ୱେ ନବୀନ ଓଡ଼ିଶାରେ ଘଟୁଥିବା ଘଟଣାକ୍ରମ ଉପରେ ତୀକ୍ଷ୍ଣ ▶ପୃଷ୍ଠା-୧୦



## କରୁର ଦଳାଚକଟା: ସୁପ୍ରିମକୋର୍ଟରେ ରାୟ ସଂରକ୍ଷିତ



ନୂଆଦିଲ୍ଲୀ, ୧୦ ।୧୦(ଏଜେନ୍ସି): କରୁର ଦଳାଚକଟା ମାମଲାରେ ସୁପ୍ରିମକୋର୍ଟ ସିବିଆଇ ଯାଞ୍ଚ କରିବା ଓ ମାଡ୍ରାସ ହାଇକୋର୍ଟଙ୍କ ଦ୍ୱାରା ଏସ୍‌ଆଇଟି ଗଠନ ଆଦେଶକୁ ଚ୍ୟାଲେଞ୍ଜ କରି ହୋଇଥିବା ଆବେଦନର ରାୟକୁ ସୁରକ୍ଷିତ ରଖିଛନ୍ତି। ତାମିଲ ଅଭିନେତା ବିଜୟଙ୍କ ନବଗଠିତ ପାର୍ଟି ଟିଭିକେ ଓ ବିଜେପି ନେତା ଉମା ଆନନ୍ଦନ ଏହି ଅବେଦନ ଦାଖଲ କରିଥିଲେ। ଟିଭିକେ ତରଫରୁ ଆଡଭୋକେଟ ଗୋପାଳ ସୁବ୍ରମନିୟମ ଓ ସିଏ ସୁନ୍ଦରନ ତର୍କ ଉପସ୍ଥାପନ କରିଥିଲେ। ସେପଟେ ତାମିଲନାଡୁ ସରକାରଙ୍କ ତରଫରୁ ବରିଷ୍ଠ ଓକିଲ ଅଭିଷେକ ମନୁ ସିଙ୍ଘଭି ସିବିଆଇ ଯାଞ୍ଚର ଆବଶ୍ୟକତା ନାହିଁ ବୋଲି କହିଥିଲେ। ଏହି ଦଳାଚକଟା ଘଟଣାରେ ପୁଲିସର ବିଫଳତା ସାବ୍ୟସ୍ତ ହୋଇନାହିଁ ବୋଲି ସେ ତର୍କ ଦେଇଥିଲେ। ଏହି ମାମଲାରେ ସୁପ୍ରିମକୋର୍ଟ ହାଇକୋର୍ଟଙ୍କ ନିର୍ଦ୍ଦେଶକୁ ଭର୍ତ୍ସନା କରିଛନ୍ତି। ସକାଳୁ ଭିଡ଼ ହୋଇଥିବାରୁ ଏହି ଦଳାଚକଟା ହୋଇଥିଲା ବୋଲି କୁହାଯାଇଥିଲା। କିନ୍ତୁ ବିଜୟ ସନ୍ଧ୍ୟା ୭ଟାରେ ପହଞ୍ଚିଥିଲେ। ଉଲ୍ଲେଖଥାଉ କି, ସେପ୍ଟେମ୍ବର ୨୭ରେ ହୋଇଥିବା ଏହି ଦଳାଚକଟାରେ ୪୧ ଜଣ ମୃତ୍ୟୁବରଣ କରିଥିବା ବେଳେ ୧୦୦ଜଣ ଆହତ ହୋଇଥିଲେ। ଅକ୍ଟୋବର ୪ରେ ବିଜୟଙ୍କ ପାର୍ଟି ଉତ୍ତରଦାୟିତ୍ୱରୁ ବର୍ତ୍ତି ପାରିବ ନାହିଁ ବୋଲି ହାଇକୋର୍ଟ କହିଥିଲେ। ବିଜୟଙ୍କ ପାର୍ଟି ଏସ୍‌ଆଇଟି ଗଠନକୁ ବିରୋଧ କରିଥିଲା।

## ଜାମ୍ମୁ- କଶ୍ମୀରକୁ ରାଜ୍ୟ ମାନ୍ୟତା: କେନ୍ଦ୍ରକୁ ଜବାବ ତଲବ

ନୂଆଦିଲ୍ଲୀ, ୧୦ ।୧୦(ଏଜେନ୍ସି): ଜମ୍ମୁ-କଶ୍ମୀରକୁ ପୁଣି ଥରେ ରାଜ୍ୟ ମାନ୍ୟତା ଦେବା ନେଇ ସୁପ୍ରିମକୋର୍ଟ କେନ୍ଦ୍ର ସରକାରଙ୍କୁ ୪ ସପ୍ତାହ ମଧ୍ୟରେ ଜବାବ ଦେବାକୁ ନିର୍ଦ୍ଦେଶ ଦେଇଛନ୍ତି। ଏ ନେଇ ଶୁକ୍ରବାର ସୁପ୍ରିମକୋର୍ଟରେ ଶୁଣାଣି ହୋଇଥିଲା। ତେବେ ଏ ନେଇ କେନ୍ଦ୍ର ସରକାର ଓ ଜମ୍ମୁ-କଶ୍ମୀର ପ୍ରଶାସନ ମଧ୍ୟରେ କଥାବାର୍ତ୍ତା ଚାଲିଛି ବୋଲି ସଲିସିଟର ଜେନେରାଲ ତୁଷାର ମେହେଟା ଶୁଣାଣି ବେଳେ କହିଥିଲେ। ଜମ୍ମୁ-କଶ୍ମୀରରେ ବିକାଶ ତ୍ୱରାନ୍ୱିତ ହୋଇଛି ଓ ୯୯.୯ ପ୍ରତିଶତ ଲୋକ ସରକାରଙ୍କ ସହ ରହିଛନ୍ତି। କିନ୍ତୁ କିଛି ଲୋକ ମିଛ ଖବର ପ୍ରଚାର କରୁଛନ୍ତି ଓ ଲୋକଙ୍କୁ ଭ୍ରମିତ କରିବାକୁ ପ୍ରୟାସ କରୁଛନ୍ତି ବୋଲି ସେ କହିଛନ୍ତି। ପୂର୍ବରୁ ଅଗଷ୍ଟ ୧୪ରେ ହୋଇଥିବା ଶୁଣାଣିରେ ସୁପ୍ରିମକୋର୍ଟ ୮ ସପ୍ତାହ ମଧ୍ୟରେ ଏହି ମାମଲାରେ ଲିଖିତ ଜବାବ ଦେବାକୁ କେନ୍ଦ୍ର ସରକାରଙ୍କୁ ନିର୍ଦ୍ଦେଶ ଦେଇଥିଲେ। ଉଲ୍ଲେଖଥାଉ କି, ୬ ବର୍ଷ ତଳେ ୨୦୧୯ ଅଗଷ୍ଟ ୫ରେ ୩୭୦ ଧାରା ହଟାଇବା ପରେ କେନ୍ଦ୍ର ସରକାର ଜମ୍ମୁ-କଶ୍ମୀରକୁ କେନ୍ଦ୍ର ଶାସିତ ପ୍ରଦେଶର ମାନ୍ୟତା ଦେଇଥିଲେ। ଏହାପରେ କେନ୍ଦ୍ର ସରକାରଙ୍କ ଏହି ନିଷ୍ପତ୍ତି ବିରୋଧରେ ସୁପ୍ରିକୋର୍ଟରେ ଆବେଦନ ହୋଇଥିଲା।

## ବିଷାକ୍ତ କଫ୍ ସିରପ୍ ମାମଲା: ରଙ୍ଗନାଥନ୍‌ଙ୍କୁ କୋର୍ଟରେ ଆକ୍ରମଣ

ଭୋପାଳ, ୧୦ ।୧୦(ଏଜେନ୍ସି): ବିଶାକ୍ତ କଫ୍ ସିରପ୍ ସେବନ ଯୋଗୁଁ ଶିଶୁ ମୃତ୍ୟୁ ମାମଲାର ମୁଖ୍ୟ ଅଭିଯୁକ୍ତ ଶ୍ରୀସାନ ଫାର୍ମାସିଟିକାଲ କମ୍ପାନୀର ନିର୍ଦ୍ଦେଶକ ଗୋବିନ୍ଦନ ରଙ୍ଗନାଥନଙ୍କ ଉପରେ ପରାସିଆ କୋର୍ଟରେ ଆକ୍ରମଣ ହୋଇଛି। ଓକିଲଙ୍କ ସମେତ ସେଠାରେ ଏକାଠି ହୋଇଥିବା ଲୋକ ତାଙ୍କୁ ଫାସୀ ଦେବାକୁ ଦାବି କରିଛନ୍ତି। ମଧ୍ୟପ୍ରଦେଶ ସରକାରଙ୍କ ଦ୍ୱାରା ଗଠିତ ଏସ୍‌ଆଇଟି ରଙ୍ଗନାଥନଙ୍କୁ ଶୁକ୍ରବାର ଅପରାହ୍ନ ୧୧ଟାରେ ପରାସିଆ କୋର୍ଟରେ ହାଜର କରିଥିଲା। ଶ୍ରୀସାନ କମ୍ପାନୀ ଦ୍ୱାରା ପ୍ରସ୍ତୁତ ବିଶାକ୍ତ କଫ୍ ସିରପ ସେବନ କରି ମଧ୍ୟପ୍ରଦେଶରେ ୨୫ ଜଣ ପିଲା ମୃତ୍ୟୁବରଣ କରିଥିଲେ। ସେପଟେ ଏହି ମାମଲାରେ ସିବିଆଇ ଦ୍ୱାରା ଯାଞ୍ଚ ପାଇଁ ହେଉଥିବା ଦାବିକୁ ସୁପ୍ରିମକୋର୍ଟ ପ୍ରତ୍ୟାଖାନ କରିଛନ୍ତି। ରଙ୍ଗନାଥନଙ୍କ ପାଇଁ କୌଣସି ଓକିଲ କୋର୍ଟରେ ଲଢ଼ିବେ ନାହିଁ ବୋଲି ପରାସିଆ ବାର ଆସୋସିଏସନ ଅଧ୍ୟକ୍ଷ ଶ୍ୟାମ କୁମାର ସାହୁ କହିଛନ୍ତି। ପୁଣି ଯଦି ବାହାରୁ କୌଣସି ଓକିଲ ତାଙ୍କ ପାଇଁ କେସ୍ ଲଢ଼ନ୍ତି, ତାଙ୍କୁ ବିରୋଧ କରାଯିବ ବୋଲି ସେ ସ୍ପଷ୍ଟ କରିଛନ୍ତି। କୋର୍ଟ ପରିସରରେ ଲୋକଙ୍କ ଭିଡ଼ ବଢୁଥିବାରୁ ସୁରକ୍ଷା ବ୍ୟବସ୍ଥାକୁ କଡ଼ାକଡ଼ି କରାଯାଇଥିଲା। ମଧ୍ୟପ୍ରଦେଶ ଓ ତାମିଲନାଡୁ ପୁଲିସର ମିଳିତ କାର୍ଯ୍ୟାନୁଷ୍ଠାନ କ୍ରମେ ଶ୍ରୀସାନ ଫାର୍ମା କମ୍ପାନୀର ନିର୍ଦ୍ଦେଶକ ଗୋବିନ୍ଦନ ରଙ୍ଗନାଥନଙ୍କୁ ଗୁରୁବାର ଗିରଫ କରାଯାଇଥିଲା। ସେପଟେ ତାମିଲନାଡୁରେ ପ୍ରସ୍ତୁତ ହେଉଥିବା କଫ୍ ସିରିପ ତଥା ଔଷଧର ଯାଞ୍ଚକୁ ଅଣଦେଖା କରାଯାଇଛି ବୋଲି କମ୍ପଟ୍ରୋଲର ଆଣ୍ଡ ଅଡିଟର ଜେନେରାଲ ଅଫ୍ ଇଣ୍ଡିଆ (ସିଏଜି) ରିପୋର୍ଟରେ ଉଲ୍ଲେଖ କରାଯାଇଛି। ଡ୍ରଗ୍ ଟେଷ୍ଟିଂରେ ସାଂଘାତିକ ଅବହେଳା କରାଯାଇଛି ବୋଲି କୁହାଯାଇଛି।

## ନାଟୋରୁ ସ୍ପେନ୍‌କୁ ବିଦା କରିବାକୁ କହିଲେ ଟ୍ରମ୍ପ



ନ୍ୟୁୟର୍କ, ୧୦ ।୧୦ (ଏଜେନ୍ସି): ସାମରିକ ମେଣ୍ଟ ନାଟୋରୁ ସ୍ପେନ ଭଳି ୟୁରୋପୀୟ ଦେଶକୁ ବାଦ ଦେବାକୁ ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ କହିଛନ୍ତି। ଯଦି ସ୍ପେନ୍ ନିଜର ପ୍ରତିରକ୍ଷା ବ୍ୟୟ ଅର୍ଥାତ ଡିଫେନ୍ସ ବଜେଟ୍ ବୃଦ୍ଧି ନକରେ ତେବେ ଏଭଳି କଠୋର ନିଷ୍ପତ୍ତି ନେବାକୁ ହେବ ବୋଲି ସେ ସ୍ପଷ୍ଟ କରିଛନ୍ତି। ହ୍ୱାଇଟ୍ ହାଉସ୍‌ରେ ଫିନଲାଣ୍ଡ ରାଷ୍ଟ୍ରପତି ଆଲେକଜାଣ୍ଡର ଷ୍ଟବ୍ବଙ୍କ ସହ ଏକ ବୈଠକ ପରେ ଟ୍ରମ୍ପ ସାମ୍ବାଦିକମାନଙ୍କୁ ଏହି କଥା କହିଛନ୍ତି। ପୂର୍ବରୁ ଜୁନ୍‌ରେ ଟ୍ରମ୍ପ ଏ ସଂକ୍ରାନ୍ତରେ ସ୍ପେନ୍‌କୁ ଧମକ ମଧ୍ୟ ଦେଇଥିଲେ। ଗତ କିଛି ମାସ ହେବ ଟ୍ରମ୍ପ ନାଟୋରେ ସାମିଲ ଥିବା ଦେଶଗୁଡିକୁ ନିଜ ପ୍ରତିରକ୍ଷା ବ୍ୟୟ ବଢ଼ାଇବାକୁ କ୍ରମାଗତ ଭାବେ ଚାପ ପକାଇ ଆସୁଛନ୍ତି। ନାଟୋ ଶିଖର ସମ୍ମିଳନୀରେ ଟ୍ରମ୍ପ ସବୁ ଦେଶକୁ ଡିଫେନ୍ସ ବଜେଟକୁ ଜିଡିପିର ୫ ପ୍ରତିଶତ ପର୍ଯ୍ୟନ୍ତ ବଢ଼ାଇବାକୁ କହିଥିଲେ। କିନ୍ତୁ ସେତେବେଳେ ସ୍ପେନ ଏହାକୁ ଖାରଜ କରିଥିଲା। ଡିଫେନ୍ସ ବଜେଟ ବୃଦ୍ଧି କଲେ ଦେଶର ଶିକ୍ଷା ଓ ସ୍ୱାସ୍ଥ୍ୟ ବ୍ୟବସ୍ଥା ନକରାତ୍ମକ ଭାବେ ପ୍ରଭାବିତ ହେବ। ଏଥିରେ ଖର୍ଚ୍ଚ କାଟ କରିବାକୁ ହେବ ଓ ଆଦୌ ଠିକ୍ ନୁହଁ ବୋଲି ସ୍ପେନ ପ୍ରଧାନମନ୍ତ୍ରୀ ପଡ୍ରୋ ସାଞ୍ଚେଜ ଯୁକ୍ତି ବାଢ଼ିଛନ୍ତି। କିନ୍ତୁ ନାଟୋ ପ୍ରତି ସ୍ପେନ ସମର୍ପିତ ରହିଛି ଓ ଆମେରିକା ଭଳି ନିଜ ଲକ୍ଷ୍ୟ ହାସଲ କରିବାକୁ ପ୍ରୟାସ କରିବ ବୋଲି ସେ କହିଛନ୍ତି।

## ଆମେରିକାକୁ ବଗରାମ ଏୟାରବେସ୍ ଦେବନି ତାଲିବାନ୍

ନୂଆଦିଲ୍ଲୀ, ୧୦।୧୦ (ଏଜେନ୍ସି): ପ୍ରଥମଥର ପାଇଁ ଭାରତ ଗସ୍ତରେ ଆସିଥିବା ତାଲିବାନ ବିଦେଶମନ୍ତ୍ରୀ ଅମିର ଖାନ ମୁତ୍ତକି ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କୁ ବଡ଼ ଝଟ୍‌କା ଦେଇଛନ୍ତି। ଆମେରିକାକୁ ବଗରାମ ଏୟାରବେସ ଦିଆଯିବ ନାହିଁ ବୋଲି ସେ କହିଛନ୍ତି। ଏହା ସହିତ କୌଣସି ଦେଶ ବିରୋଧରେ ଆଫଗାନ ମାଟିକୁ ବ୍ୟବହାର କରିବାକୁ ଦେବୁନାହିଁ ବୋଲି ସେ ସ୍ପଷ୍ଟ କରିଛନ୍ତି। ଏହା ପୂର୍ବରୁ ଗତ ମାସରେ ଟ୍ରମ୍ପ ଏହି ଏୟାରବେସ ପୁଣି ଫେରି ପାଇବାକୁ ଦାବି କରିଥିଲେ। ଏପରି ନ କଲେ ଗମ୍ଭୀର ପରିଣାମ ଭୋଗିବାକୁ ପଡିବ ବୋଲି ଧମକ ଦେଇଥିଲେ। ଏହାକୁ ନେଇ ମୁତ୍ତକି କହିଛନ୍ତି ଯେ ନିଜ ଦେଶରେ ବିଦେଶୀ ସେନାକୁ ଆଫଗାନ ନାଗରିକ ସ୍ୱୀକାର କରିବେ ନାହିଁ। ମାତ୍ର କୂଟନୈତିକ ଭାବେ ଆଫଗାନ ସହ କୌଣସି ଦେଶ ସମ୍ପର୍କ ବୃଦ୍ଧି କରିପାରିବେ। ଏହା ସହିତ ଚାବାହର ବନ୍ଦରରୁ କଟକଣା ହଟାଇବା ପାଇଁ ମୁତ୍ତକି ଆମେରିକାକୁ ଅନୁରୋଧ କରିଛନ୍ତି। ଏ ନେଇ ଭାରତ-ଆମେରିକା ଚର୍ଚ୍ଚା କରିବାକୁ ସେ ପ୍ରସ୍ତାବ ଦେଇଛନ୍ତି। ଏହି କଟକଣା ହଟିଲେ ପାକିସ୍ତାନ ନ ଯାଇ ସିଧାସଳଖ ଆଫଗାନ ସହ କାରବାର କରିହେବ।

## ଆଫଗାନିସ୍ତାନରେ ପୁଣି ଦୂତାବାସ ଆରମ୍ଭ କରିବ ଭାରତ

ନୂଆଦିଲ୍ଲୀ, ୧୦ ।୧୦(ଏଜେନ୍ସି): ଭାରତ ପୁଣି ଥରେ ଆଫଗାନିସ୍ତାନରେ ଦୂତାବାସ ଆରମ୍ଭ କରିବ। ଭାରତ ବୈଦେଶିକ ମନ୍ତ୍ରୀ ଏସ୍ ଜୟଶଙ୍କର ଓ ଆଫଗାନିସ୍ତାନର ତାଲିବାନ ସରକାରଙ୍କ ବିଦେଶ ମନ୍ତ୍ରୀ ଅମୀର ଖାନ ମୁତ୍ତାକି ଶୁକ୍ରବାର ଦ୍ୱିପାକ୍ଷିକ ବୈଠକରେ ମିଳିତ ହୋଇଥିଲେ ଓ ଏ ସଂକ୍ରାନ୍ତରେ ଆନୁଷ୍ଠାନିକ ଭାବେ ଘୋଷଣା କରିଥିଲେ। ଏହି ବୈଠକରେ ଭାରତ କିମ୍ବା ଆଫଗାନିସ୍ତାନର ପତାକା ଦେଖିବାକୁ ମିଳି ନଥିଲା। ଭାରତ ଏପର୍ଯ୍ୟନ୍ତ ଆଫଗାନିସ୍ତାନର ତାଲିବାନ ସରକାରଙ୍କୁ ମାନ୍ୟତା ପ୍ରଦାନ କରି ନଥିବାରୁ ବୈଠକର ପ୍ରଚ୍ଛଦରେ କୌଣସି ପତାକା ଦେଖିବାକୁ ମିଳି ନଥିଲା। ତାଲିବାନ କ୍ଷମତାକୁ ଆସିବା ପରେ ୨୦୨୧ରେ ଭାରତ ତା'ର ଦୂତାବାସକୁ ବନ୍ଦ କରିଥିଲା। କାବୁଲରେ ଥିବା ବୈଷୟିକ ମିସନକୁ ଭାରତ ଏବେ ଦୂତାବାସରେ ପରିଣତ କରିବ। ଦୂତାବାସକୁ ବନ୍ଦ କରିବାର ଗୋଟିଏ ବର୍ଷ ପରେ ଭାରତ ଚିକିତ୍ସା ସହାୟତା ଓ ମାନବୀୟ ସହୟତା ଉପଲବ୍ଧ କରାଇବାକୁ କାବୁଲରେ ଏକ ଛୋଟ ମିଶନ ଖୋଲିଥିଲା। ଆଫଗାନିସ୍ତାନର ବିକାଶରେ ଭାରତ ରୁଚି ରଖୁଛି ବୋଲି ଜୟଶଙ୍କର କହିଛନ୍ତି। ମୁତ୍ତାକି ମଧ୍ୟ ବିଭିନ୍ନ ପ୍ରକାର ସହାୟତା, ସହଭାଗିତା ଓ ବନ୍ଧୁତା ପାଇଁ ଭାରତକୁ କୃତଜ୍ଞତା ଜଣାଇଛନ୍ତି। ଆଫଗାନିସ୍ତାନରେ ଯେତେବେଳେ ଭୂକମ୍ପ ଆସିଥିଲା ଭାରତ ପ୍ରଥମ ଦେଶ ଭାବେ ସାହାଯ୍ୟ ଓ ସୁବିଧା ସୁଯୋଗ ଉପଲବ୍ଧ କରାଇଥିଲା ବୋଲି ମୁତ୍ତାକି କହିଛନ୍ତି। ମୁତ୍ତାକି ତାଜମହଲ ଓ ଦେଓବନ୍ଦ ଯାତ୍ରା କରିବାର କାର୍ଯ୍ୟକ୍ରମ ରହିଛି।

## ଇସ୍ରାଏଲ- ହମାସ୍ ଅସ୍ତ୍ରବିରତି ପ୍ରକ୍ରିୟା ଆରମ୍ଭ

# ଗାଜାକୁ ଫେରୁଛନ୍ତି ନାଗରିକ

### ସୈନ୍ୟ ହଟାଇଲା ଇସ୍ରାଏଲ

### ତଦାରଖ ପାଇଁ ୨୦୦ ସୈନ୍ୟ ପଠାଇଲା ଆମେରିକା



ଗାଜା, ୧୦ ।୧୦(ଏଜେନ୍ସି): ଦୀର୍ଘ ଦୁଇବର୍ଷ ଧରି ଗାଜାରେ ଇସ୍ରାଏଲ ଓ ହମାସ ମଧ୍ୟରେ ଚାଲିଥିବା ସଂଘର୍ଷ ଶେଷ ହେବାକୁ ଯାଉଛି। ଏବେ ଏହି ସଂଘର୍ଷ ଶାନ୍ତି ରୂପେ ନେବାକୁ ଯାଉଛି। ଇସ୍ରାଏଲ୍ ଓ ହମାସ ମଧ୍ୟରେ ଅସ୍ତ୍ରବିରତି ପ୍ରକ୍ରିୟାର ପ୍ରଥମ ପର୍ଯ୍ୟାୟ ଆରମ୍ଭ ହୋଇଛି। ପାଲେଷ୍ଟାଇନ୍‌ରୁ ସ୍ଥାନାନ୍ତର ହୋଇଥିବା ହଜାର ହଜାର ନାଗରିକ ଶୁକ୍ରବାର ନିଜ ପରିତ୍ୟକ୍ତ ଘରକୁ ପ୍ରତ୍ୟାବର୍ତ୍ତନ କରିବା ଆରମ୍ଭ କରିଛନ୍ତି। ଶୁକ୍ରବାର ଅପରାହ୍ନ ୨.୩୦ରେ ଅସ୍ତ୍ରବିରତି ପ୍ରକ୍ରିୟାର ଶୁଭାରମ୍ଭ ହୋଇଥିଲା। ସେହିପରି ଗାଜାରୁ ଇସ୍ରାଏଲ ତା'ର ସୈନ୍ୟ ଫେରାଇବା ଆରମ୍ଭ କରିଛି। ସେପଟେ ଅସ୍ତ୍ରବିରତି ପ୍ରକ୍ରିୟାକୁ କାର୍ଯ୍ୟକାରୀ କରିବା ସହ ତା'ର ତଦାରଖ ପାଇଁ ଆମେରିକା ତା'ର ୨୦୦ ସୈନ୍ୟ ଗାଜାକୁ ପଠାଇଛି। ତେବେ ଏହି ସୈନ୍ୟ ଗାଜାରେ ପ୍ରବେଶ କରିବେ ନାହିଁ ବୋଲି କୁହାଯାଇଛି।

ଅସ୍ତ୍ରବିରତିର ପ୍ରଥମ ପର୍ଯ୍ୟାୟ ଆରମ୍ଭ ହେବା ପରେ ଉଭୟ ଇସ୍ରାଏଲ ଓ ଗାଜାର ନାଗରିକମାନେ ଖୁସିରେ ଆତ୍ମହରା ହୋଇଛନ୍ତି ଓ ଏହି ଅସ୍ତ୍ରବିରତି ପ୍ରକ୍ରିୟାକୁ ସ୍ୱାଗତ କରିଛନ୍ତି। ନୂତନ ନିର୍ଦ୍ଧାରିତ ସ୍ଥାନରେ ସୈନ୍ୟ ନିୟୋଜିତ ହେବା ପରେ ଅସ୍ତ୍ରବିରତି ଲାଗୁ କରାଯିବ ବୋଲି ଇସ୍ରାଏଲ ଡିଫେନ୍ସ ଫୋର୍ସ (ଆଇଡିଏଫ୍) ତରଫରୁ କୁହାଯାଇଥିଲା। ବହୁ ସଂଖ୍ୟାରେ ଗାଜା ନାଗରିକ ଗାଜାର ଉତ୍ତରାଞ୍ଚଳରୁ ଗାଜା ସିଟିଆଡକୁ ଯାତ୍ରା କରିଛନ୍ତି। ଚୁକ୍ତି ଅନୁସାରେ ଅସ୍ତ୍ରବିରତି ଲାଗୁ ହେବାର ୭୨ ଘଣ୍ଟା ମଧ୍ୟରେ ହମାସ ଇସ୍ରାଏଲ ପଣବନ୍ଦୀଙ୍କୁ ଖଲାସ କରିବ। ପ୍ରତିବଦଳରେ ଇସ୍ରାଏଲ ମଧ୍ୟ ଶହଶହ ପାଲେଷ୍ଟାଇନ୍ ବନ୍ଦୀକୁ ମୁକ୍ତ କରିବ। ଇସ୍ରାଏଲର ନେତାନ୍ୟାହୁ ସରକାର ଆମେରିକାର ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ଅସ୍ତ୍ରବିରତି ଓ ପଣବନ୍ଦୀ ମୁକ୍ତ ଚୁକ୍ତିକୁ ସ୍ୱୀକୃତି ଦେବା ପରେ ଶାନ୍ତିର ରାସ୍ତା ଫିଟିଥିଲା। ଗତ ଗୁରୁବାର ଇସ୍ରାଏଲ ଓ ହମାସ ଅସ୍ତ୍ରବିରତି ପାଇଁ ସମ୍ମତି ପ୍ରକାଶ କରିଥିଲେ। ଗତ ଦୁଇବର୍ଷ ଧରି ଚାଲିଥିବା ଏହି ସଂଘର୍ଷରେ ଗାଜାରେ ୬୬, ୦୦୦ରୁ ଊର୍ଦ୍ଧ୍ୱ ଲୋକ ମୃତ୍ୟୁବରଣ କରିଥିବା ବେଳେ ବହୁ ସଂଖ୍ୟାରେ ଲୋକ ଅନାହାରରେ ପ୍ରାଣ ହରାଇଥିଲେ। ଗାଜାରେ ଦୁର୍ଭିକ୍ଷ ଭଳି ସ୍ଥିତି ସୃଷ୍ଟି ହୋଇଥିଲା।

ଏବେ ସବୁ ବନ୍ଧକ ଖୁବଶୀଘ୍ର ମୁକ୍ତ ହେବେ ବୋଲି ଟ୍ରମ୍ପ ସାମାଜିକ ଗଣମାଧ୍ୟମରେ ଉଲ୍ଲେଖ କରିଛନ୍ତି। ଇସ୍ରାଏଲ ମଧ୍ୟ ତା'ର ସୈନ୍ୟମାନଙ୍କୁ ଫେରାଇ ନେବ। ଏହା ସ୍ଥାୟୀ ଶାନ୍ତି ପ୍ରତିଷ୍ଠା ପାଇଁ ଏକ ଆରମ୍ଭ ମାତ୍ର। ଏହି ଶାନ୍ତି ଦୀର୍ଘସ୍ଥାୟୀ ହେବା ସହ ସମଗ୍ର ମଧ୍ୟପ୍ରାଚ୍ୟରେ ପ୍ରାଚୁର୍ଯ୍ୟର ଆଶା ସୃଷ୍ଟି କରିବ। ଶାନ୍ତି ପ୍ରତଷ୍ଠାର ଏହି ପ୍ରକ୍ରିୟାରେ ସବୁ ପକ୍ଷ ପ୍ରତି ନିରପେକ୍ଷତା ଅବଲମ୍ବନ କରାଯାଇଛି ବୋଲି ସେ ସ୍ପଷ୍ଟ କରିଛନ୍ତି।

## ବେଆଇନ ବାଲି ଖନନ ପାଇଁ ପଶ୍ଚିମବଙ୍ଗରେ ୧୯ ଗିରଫ

ପୁରୁଲିଆ, ୧୦ ।୧୦(ଏଜେନ୍ସି): ପଶ୍ଚିମବଙ୍ଗର ପୁରୁଲିଆରେ ବେଆଇନ ବାଲି ଖନନ ପାଇଁ ବିଜେପୀ ବିଧାୟକ ଓ କର୍ମୀଙ୍କ ମଧ୍ୟରେ ମୁକାବିଲାମୂଳକ ସ୍ଥିତି ସୃଷ୍ଟି ହୋଇଥିଲା। ଫଳରେ ପୁରୁଲିଆରେ ଉତ୍ତେଜନା ଦେଖା ଦେଇଛି। ବେଆଇନ ବାଲି ଖନନରେ ସାମିଲ ଥିବା ୧୯ଜଣଙ୍କୁ ପୁଲିସ ଶୁକ୍ରବାର ଗିରଫ କରିଛି। ବୁଧବାର ବିଳମ୍ବିତ ରାତିରେ ପୁଲିସ ଚଢ଼ାଉ କରିଥିଲା। ବାଲି ଚାଲାଣ କରୁଥିବା ଦୁଇଟି ଟ୍ରାକ୍ଟରକୁ ମଧ୍ୟ ପୁଲିସ ଅଟକ ରଖିଛି। ବେଇଆଇନ ବାଲି ଖନନ ନେଇ ପୁରୁଲିଆ ବିଧାୟକ ସୁଦୀପ ମୁଖାର୍ଜୀଙ୍କ ସହ କର୍ମୀ ଥାନାରେ ହିଁ ମୁହାଁମୁହିଁ ହୋଇଥିଲେ। ଦୀର୍ଘଦିନ ଧରି ଏହି ଅଞ୍ଚଳରେ ବେଆଇନନ ବାଲି ଖନନ ଓ ଚାଲାଣ ନେଇ ଅଭିଯୋଗ ହେଉଥିଲା। କିନ୍ତୁ କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଉ ନଥିଲା। ଗିରଫ୍ ହୋଇଥିବା ୧୯ଜଣଙ୍କୁ ଶୁକ୍ରବାର ପୁରୁଲିଆ ଜିଲ୍ଲା କୋର୍ଟରେ ହାଜର କରାଯାଇଥିଲା।

## କାବୁଲ୍‌ରେ ପାକ୍ ବାୟୁସେନାର ଆକ୍ରମଣ

କାବୁଲ, ୧୦ ।୧୦(ଏଜେନ୍ସି): ପାକିସ୍ତାନ ଗୁରୁବାର ରାତିରେ ଆଫଗାନିସ୍ତାନ ରାଜଧାନୀ କାବୁଲରେ ତେହରିକ-ଏ- ତାଲିବାନ ପାକିସ୍ତାନ (ଟିଟିପି)ର କେତୋଟି ଠିକଣା ଉପରେ ଆକାଶ ମାର୍ଗରୁ ଆକ୍ରମଣ କରିଛି। ଏଥିରେ ଟିଟିପି ମୁଖ୍ୟ ମୌଲାନା ନୁର ୱାଲି ମେହସୁଦ ମୃତ୍ୟୁବରଣ କରିଛନ୍ତି ବୋଲି ପାକିସ୍ତାନ ବାୟୁସେନା ଦାବି କରିଛି। ପୂର୍ବ କାବୁଲ୍‌ରେ ଟିଟିପି୍‌ର ଠିକଣାରେ ମେହସୁଦ ଥିଲେ ବୋଲି ପାକିସ୍ତାନ ଗଣମାଧ୍ୟମ ଦାବି କରିଛି। ମେହସୁଦ ୨୦୧୮ରୁ ଟିଟିପିର ନେତୃତ୍ୱ ନେଇ ଆସୁଛନ୍ତି। ତାଲିବାନ ସମର୍ଥନରେ ସେ ଏହି ସଂଗଠନ ପରିଚାଳନା କରି ଆସୁଛନ୍ତି। ତାଲିବାନ ସରକାରଙ୍କ ବିଦେଶ ମନ୍ତ୍ରୀ ଅମୀର ଖାନ୍ ମୁତ୍ତାକି ଭାରତ ଗସ୍ତରେ ଆସିଥିବା ବେଳେ ପାକିସ୍ତାନ ବାୟୁସେନା ଏହି ଆକ୍ରମଣ କରିଛି। ମୁତ୍ତାକି ଭାରତରେ ୭ ଦିନ ରହିବେ। କୌଣସି ପ୍ରକାର ଆକ୍ରମଣ ହୋଇନାହିଁ ବୋଲି ମେହସୁଦ ଏକ ଭିଡିଓ ବାର୍ତ୍ତାରେ ସୂଚନା ଦେଇଛି। ଏହି ଆକ୍ରମଣରେ କୌଣିସ ପ୍ରକାର କ୍ଷତି ହୋଇନାହିଁ ଓ ସବୁକିଛି ନିୟନ୍ତ୍ରଣରେ ରହିଛି ବୋଲି ତାଲିବାନ ସରକାର ତରଫରୁ କୁହାଯାଇଛି। ମେହସୁଦ ଟିଟିପିର ଚତୁର୍ଥ ମୁଖ୍ୟ ଭାବେ ଦାୟିତ୍ୱରେ ରହିଛନ୍ତି। ଟିଟିପି ଏବେ ପାକିସ୍ତାନର ଆଭ୍ୟନ୍ତରୀଣ ସୁରକ୍ଷା ପାଇଁ ସବୁଠାରୁ ବଡ଼ ବିପଦ ଭାବେ ଉଭା ହୋଇଛି ଓ ପାକିସ୍ତାନ ସରକାରଙ୍କ ମୁଣ୍ଡବ୍ୟଥାର କାରଣ ହୋଇଛି। ପାକିସ୍ତାନ ପୁଣି ଥରେ ଏପରି ଦୁଃସାହସ କରେ ତେବେ ତାକୁ ଦୃଢ଼ ଜବାବ ଦିଆଯିବ। ଯଦି ପୁଣି ଏଭଳି କେହି ସାହସ କରେ, ତେବେ ସେମାନେ ସୋଭିଏତ ୟୁନିଅନ, ଆମେରିକା, ନାଟୋଠାରୁ ଶିକ୍ଷା ଗ୍ରହଣ କରିବା ଉଚିତ ବୋଲି ମୁତ୍ତାକି କହିଛନ୍ତି।



ପ୍ରଥମ ଭାରତୀୟ ଭାବେ ମିସେସ୍ ୟୁନିଭର୍ସ ମୁକୁଟ ଜିତିଲେ ସେରି ସିଂହ

## ହିମାଚଳରେ ତୁଷାରପାତ: ମନାଲୀ- ଲେହ ହାଇୱେ ୪ ଦିନ ବନ୍ଦ



ନୂଆଦିଲ୍ଲୀ, ୧୦ ।୧୦(ଏଜେନ୍ସି): ହିମାଳୟ କ୍ଷେତ୍ରରେ ଥିବା ଜମ୍ମୁ-କଶ୍ମୀର, ହିମାଚଳ ପ୍ରଦେଶ ଓ ଉତ୍ତରାଖଣ୍ଡ ଭଳି ରାଜ୍ୟରେ ତୁଷାରପାତ ଜାରି ରହିଛି। ଏହାର ପ୍ରଭାବରେ ସମତଳ ଅଞ୍ଚଳରେ ତାପମାତ୍ରା ତଳକୁ ଖସିଛି। ବାୟୁର ଗତିପରିବର୍ତ୍ତନ ଫଳରେ ଶୀତ ଅନୁଭୂତ ହେବା ଆରମ୍ଭ ହୋଇଛି। ହରିୟାଣା, ପଞ୍ଜାବ, ରାଜସ୍ଥାନ, ମଧ୍ୟପ୍ରଦେଶ, ଦିଲ୍ଲୀ, ଉତ୍ତରପ୍ରଦେଶର କେତେକାଞ୍ଚଳରେ ତାପମାତ୍ରା ୨୦ ଡିଗ୍ରୀ ତଳକୁ ଖସିଛି। ସକାଳୁ ଶୀତ ଅନୁଭୂତ ହେବା ସହ କୁହୁଡି ଦେଖିବାକୁ ମିଳିଥିଲା। ମଧ୍ୟପ୍ରଦେଶ ରାଜଗଡ଼ରେ ଗୁରୁବାର ତାପମାତ୍ରା ୧୫.୬ ଡିଗ୍ରୀରେ ପହଞ୍ଚିଥିଲା। ଭୋପାଳରେ ଏହା ୧.୬ ଡିଗ୍ରୀ କମି ୧୮ ଡିଗ୍ରୀରେ ପହଞ୍ଚିଥିଲା। ପ୍ରବଳ ବରଫପାତ କାରଣରୁ ମନାଲୀ- ଲେହ ରାଜପଥ ଗତ ୪ ଦିନ ହେବ ବନ୍ଦ ରହିଛି। ହିମାଚଳରେ କ୍ରମାଗତ ଚତୁର୍ଥଦିନ ବର୍ଷା ଓ ତୁଷାରପାତ ପରେ ଗୁରୁବାର ପାଗ ସଫା ରହିଥିଲା। କିନ୍ତୁ କୁଲ୍ଲୁ, ଲାହୋଲ-ସ୍ପିତି, କିନ୍ନାର, ଚମ୍ବା, ମଣ୍ଡି, କାଂଗ୍ରା ଓ ଶିମଲାରେ କିନ୍ତୁ ବରଫର ଚାଦର ଦେଖିବାକୁ ମିଳିଥିଲା। ଲାହୋଲ-ସ୍ପିତିର କେଲାଙ୍ଗରେ ଗତପାଲି ତାପମାତ୍ରା -୧ ଡିଗ୍ରୀରେ ପହଞ୍ଚିଛି। କୁକୁମସୋରୀରେ ତାପମାତ୍ରା -୦.୯ ଓ ସିମ୍‌ଲାରେ ୯.୮ ଓ ମନାଲୀରେ ୭.୭ ଡିଗ୍ରୀରେ ପହଞ୍ଚିଛି।

## ଫିଲିପାଇନ୍ସରେ ଭୂକମ୍ପ; ୬ ମୃତ

ମାନିଲା, ୧୦ ।୧୦ (ଏଜେନ୍ସି): ପ୍ରଶାନ୍ତ ମହାସାଗରୀୟ ତଥା ଦକ୍ଷିଣପୂର୍ବ ଏସୀୟ ଦେଶ ଫିଲିପାଇନ୍ସରେ ଶୁକ୍ରବାର ସକାଳେ ଏକ ଶକ୍ତିଶାଳୀ ଭୂକମ୍ପ ଅନୁଭୂତ ହୋଇଛି। ଏହି ଭୂକମ୍ପର ତ୍ରୀବ୍ରତା ରିକ୍ଟର ସ୍କେଲରେ ୭.୬ ଥିଲା। ଏଥିରେ ୬ ଜଣ ଲୋକ ମୃତ୍ୟୁବରଣ କରିଛନ୍ତି। ଏହି କାରଣରୁ ସୁନାମୀ ସତର୍କତା ଜାରି କରାଯାଇଥିଲା। କିନ୍ତୁ ପରେ ସୁନାମୀ ସତର୍କତାକୁ କାଢ଼ି ନିଆଯାଇଛି। ସ୍ଥିତି ଏବେ ସାମାନ୍ୟ ଅଛି ବୋଲି ପ୍ୟାସିଫିକ ସୁନାମୀ ୱାର୍ଣ୍ଣିଂ ସେଣ୍ଟର ତରଫରୁ କୁହାଯାଇଛି। ଏବେ ଆହୁରି କେତୋଟି ଭୂକମ୍ପର ଝଟ୍‌କା ଅର୍ଥାତ ଆଫଟର ସକ୍ ଅନୁଭୂତ ହେବ ବୋଲି ଫିଲିପାଇନ୍ସ ଆର୍ଥକୁଏକ୍ ଏଜେନ୍ସି କହିଛି। ଭୂକମ୍ପର ଅଧଘଣ୍ଟା ମଧ୍ୟରେ ୫.୯ ଓ ୫.୬ ତୀବ୍ରତାର କେତୋଟି ଝଟ୍‌କା ଅନୁଭୂତ ହୋଇଥିଲା। ଏକ ଭୟଙ୍କର ସୁନାମୀ ଆସିବ ବୋଲି ଏହି ଏଜେନ୍ସି ପୂର୍ବରୁ ସତର୍କତା ଜାରି କରିଥିଲା। କେନ୍ଦ୍ର ଓ ଦକ୍ଷିଣ ଫିଲିପାଇନ୍ସର ଉପକୂଳବର୍ତ୍ତୀ ସହରଗୁଡିକରେ ଲୋକଙ୍କୁ ଉଚ୍ଚ ସ୍ଥାନକୁ ଯିବା ପାଇଁ କୁହାଯାଇଥିଲା। ଏପର୍ଯ୍ୟନ୍ତ ସେଭଳି କୌଣସ ବଡ଼ ଧରଣର କ୍ଷୟକ୍ଷତି ହୋଇଥିବାର ସୂଚନା ମିଳିନାହିଁ।

## ଜୁବିନଙ୍କ ଦୁଇ ସୁରକ୍ଷା ଅଧିକାରୀ ଗିରଫ

ଗୌହାଟୀ, ୧୦ ।୧୦(ଏଜେନ୍ସି): ଜଣାଶୁଣା ବଲିଉଡ୍ ତଥା ଆସାମ ଗାୟକ ଜୁବିନ ଗର୍ଗଙ୍କ ମୃତ୍ୟୁ ମାମଲା ଏବେ ନୂଆ ମୋଡ଼ ନେଇଛି। ସ୍ପେଶାଲ ଇନ୍‌ଭେଷ୍ଟିଗେସନ ଟିମ (ଏସ୍‌ଆଇଟି) ଜୁବିନ୍‌ଙ୍କ ସନ୍ଦିଗ୍ଧ ମୃତ୍ୟୁ ମାମଲାରେ ତାଙ୍କର ଦୁଇଜଣ ସୁରକ୍ଷା ଅଧିକାରୀ ବା ପର୍ସନାଲ ସିକ୍ୟୁରିଟି ଅଫିସର (ପିଏସ୍‌ଓ)ଙ୍କୁ ଗିରଫ କରାଯାଇଛି। ଗିରଫ ହୋଇଥିବା ଏହି ଦୁଇ ପିଏସ୍‌ଓ ହେଲେ ନନ୍ଦେଶ୍ୱର ବୋରା ଓ ପରେଶ ବୈଶ୍ୟ। ଏହି ଦୁଇଜଣ ଜୁବିନଙ୍କ ସୁରକ୍ଷା ଅଧିକାରୀ ଭାବେ ଦୀର୍ଘଦିନ ଧରି ଦାୟିତ୍ୱରେ ରହିଆସୁଥିଲେ। ଗତ ୪ରୁ ୫ ବର୍ଷ ମଧ୍ୟରେ ଏହି ଦୁଇଜଣଙ୍କ ବ୍ୟାଙ୍କ ଖାତାରେ ଏକକୋଟି ଟଙ୍କାରୁ ଊର୍ଦ୍ଧ୍ୱ ଟଙ୍କାର ନେଣଦେଣ ହୋଇଛି। ଏଥିପାଇଁ ପୁଲିସ ଏମାନଙ୍କୁ ଗିରଫ କରିଛି ବୋଲି କହିଛି। ନନ୍ଦେଶ୍ୱରଙ୍କ ବ୍ୟାଙ୍କ ଖାତାକୁ ୭୦ ଓ ପରେଶଙ୍କ ଖାତାକୁ ୪୦ ଲକ୍ଷ ଟଙ୍କା ଆସିଥିଲା। ଫଳରେ ଦୁଇ ଅଧିକାରୀଙ୍କୁ ସସ୍‌ପେଣ୍ଡ କରାଯାଇଛି। ଏଥିସହ ଜୁବିନଙ୍କ ମୃତ୍ୟୁ ମାମଲାରେ ଗିରଫ ସଂଖ୍ୟା ଏବେ ୭ରେ ପହଞ୍ଚିଛି। ଏଥିରେ ଜୁବିନଙ୍କ ସମ୍ପର୍କୀୟ ଭାଇ ତଥା ଡିଏସ୍‌ପି ସନ୍ଦୀପନ ଗର୍ଗ, ମ୍ୟାନେଜର ସିଦ୍ଧାର୍ଥ ଶର୍ମା, ସହ ଗାୟିକା ଅମୃତପ୍ରଭା ମହନ୍ତ, ନର୍ଥ ଇଷ୍ଟ ଫେଷ୍ଟିଭାଲ ଆୟୋଜକ ଶ୍ୟାମକାନୁ ମହନ୍ତ, ବ୍ୟାଣ୍ଡ ଡ୍ରମ ମାଷ୍ଟର ଶେଖର ଜ୍ୟୋତି ଗୋସ୍ୱାମୀ ସାମିଲ ଅଛନ୍ତି।

## ଅବସରପ୍ରାପ୍ତ ସିଭିଲ ଇଞ୍ଜିନିୟରଙ୍କ ଲୋକାୟୁକ୍ତ ଚଢ଼ାଉ

# ୨.୬ କେଜି ସୁନା, ୧୭ ଟନ୍ ମହୁ ଜବତ



ଭୋପାଳ, ୧୦।୧୦ (ଏଜେନ୍ସି): ମଧ୍ୟପ୍ରଦେଶ ଭୋପାଳରୁ ବାସ୍ତବ ଜୀବନର ଏକ କ୍ରାଇମ-ଥ୍ରିଲର ସାମ୍ନାକୁ ଆସିଛି। ପୂର୍ତ୍ତ ବିଭାଗ (ପିଡବ୍ଲ୍ୟୁଡି)ର ଅବସରପ୍ରାପ୍ତ ମୁଖ୍ୟ ଇଞ୍ଜିନିୟର ଜିପି ମେହେଟାଙ୍କ ଘର ଏବଂ ଅନ୍ୟ ଠିକଣାରେ ଗୁରୁବାର ଦୁର୍ନୀତି ବିରୋଧୀ ସଂସ୍ଥା ଲୋକାୟୁକ୍ତ ପକ୍ଷରୁ ଚଢ଼ଉ କରାଯାଇଛି। ଏହି ଚଢ଼ଉରୁ ଧନର ପାହାଡ଼ର ସନ୍ଧାନ ମିଳିଛି। ଆୟ ବର୍ହିଭୂତ ସମ୍ପତ୍ତି ଠୁଳ ମାମଲାର ତଦନ୍ତରୁ ଆରମ୍ଭ ହୋଇଥିବା ଏହି କାହାଣୀ ରାଜ୍ୟର ପ୍ରମୁଖ ଦୁର୍ନୀତିରେ ସାମିଲ ହୋଇଯାଇଛି। ଘରୁ ଏତେ ଧନ ସମ୍ପତ୍ତି ମିଳିଛି ଯେ ତାହା ଦେଖି ଅଧିକାରୀ ଜଳକା ହୋଇଯାଇଛନ୍ତି। ଏତେ ଟଙ୍କା ଜବତ ହୋଇଛି ଯେ ତାହାକୁ ଗଣିବା ପାଇଁ ଗଣତି ମେସିନ ମଗାଯାଇଛି। ସୁନା ଏବଂ ରୁପା କେଜି ଆକାରରେ ଜବତ ହୋଇଛି। ମାତ୍ର ସବୁଠୁ ଆଶ୍ଚର୍ଯ୍ୟର ବିଷୟ ଏହି କି ଯେ ମେହେଟାଙ୍କ ଫାର୍ମ ହାଉସରୁ ୧୭ ଟନ୍ ମହୁ ଜବତ କରାଯାଇଛି। ଏହାକୁ ମହଜୁଦ କରି ସଜାଇ ରଖାଯାଇଥିଲା।

ସୂଚନା ଅନୁଯାୟୀ ଲୋକାୟୁକ୍ତର ୪ ଡିଏସ୍‌ପି ର୍‍ୟାଙ୍କ ଅଧିକାରୀ ଗୁରୁବାର ବଡି ଭୋରରେ ମେହେଟାଙ୍କ ଭୋପାଳ ଏବଂ ନର୍ମଦାପୁରମ ସ୍ଥିତ ଚାରି ଠିକଣାରେ ଚଢ଼ଉ କରିଥିଲେ। ମଣିପୁର କଲୋନୀରେ ଥିବା ତାଙ୍କ ଘରୁ ୮.୭୯ ଲକ୍ଷ ଟଙ୍କା, ୫୦ ଲକ୍ଷର ଅଳଙ୍କାର, ୫୬ ଲକ୍ଷର ଫିକ୍ସଡ ଡିପୋଜିଟ ମିଳିଥିଲା। କିନ୍ତୁ ଅସଲ ସମ୍ପତ୍ତି ତାଙ୍କ ଦ୍ୱିତୀୟ କୋଠାରେ ଥିଲା। ଦାନା ପାନି ନିକଟରେ ଥିବା ବିଳାଶପୂର୍ଣ୍ଣ ଆପାର୍ଟମେଣ୍ଟରୁ ବିପୁଳ ସୁନା ମିଳିଥିଲା। ଏଠାରୁ ୨୬ ଲକ୍ଷ ଟଙ୍କା, ୩.୦୫ କୋଟି ଟଙ୍କାର ୨.୬ କେଜି ସୁନା ଏବଂ ୫.୫ କେଜି ରୁପା ମିଳିଥିଲା। ସହରର ସମ୍ପତ୍ତିଗୁଡ଼ିକ ଦେଖି ଆଖି ଖୋସି ହେଉଥିଲେ ମଧ୍ୟ ସୋହାଗପୁର (ନର୍ମଦାପୁରମ) ତହସିଲର ସାଇନି ଗ୍ରାମରେ ମେହରାଙ୍କ ଫାର୍ମହାଉସରୁ ସମ୍ପତ୍ତିର ବଡ଼ ସାମ୍ରାଜ୍ୟ ସାମ୍ନାକୁ ଆସିଥିଲା। ଏଠାରୁ ୧୭ ଟନ୍ ମହୁ, ଛଅଟି ଟ୍ରାକ୍ଟର, ୩୨ଟି ନିର୍ମାଣାଧୀନ କୁଟୀର, ନିର୍ମାଣ ସରିଥିବା ୭ଟି କୋଠା, ମାଛ ଚାଷ ସୁବିଧା ସହିତ ବିଶାଳ ପୋଖରୀ, ଗୋଶାଳା, ମନ୍ଦିର ଏବଂ ଏକ ଫୋର୍ଡ ଏଣ୍ଡେଭର, ସ୍କୋଡା ସ୍ଲାଭିଆ, କିଆ ସୋନେଟ୍ ଏବଂ ମାରୁତି ସିଆଜ୍ ଆଦି କାର୍ ଦେଖିବାକୁ ମିଳିଥିଲା। ଏହି ସବୁ କାର୍ ମେହରା ପରିବାରଙ୍କ ନାମରେ ପଞ୍ଜିକୃତ ହୋଇଥିଲା। ସେହିପରି ଗୋବିନ୍ଦପୁର ଶିଳ୍ପାଞ୍ଚଳରେ ମେହେରାଙ୍କ ଅଫିସ ଥିଲା। ଏଠାରୁ ଅନେକ ସାମଗ୍ରୀ, କଞ୍ଚାମାଲ, ୧.୨୫ ଲକ୍ଷ କ୍ୟାସ ଏବଂ ତାଙ୍କ ପରିବାର ସମ୍ବନ୍ଧିତ ଅନେକ ସମ୍ପତ୍ତି କାଗଜପତ୍ର ମିଳିଥିଲା। ସନ୍ଧ୍ୟା ସୁଦ୍ଧା ତାଙ୍କ ଠିକଣାରୁ ୩୬.୦୫ ଲକ୍ଷ ଟଙ୍କା, ୨.୬୪୯ କେଜି ସୁନା, ୫.୫୨୩ କେଜି ରୁପା, ଏଫଡି, ବୀମା, ଅନେକ ସମ୍ପତ୍ତି, ୪ ବିଳାଶପୂର୍ଣ୍ଣ କାର୍ ଜବତ ହୋଇଥିଲା।

ପୁଲିସ ଏସ୍‌ଆଇ ଚାକିରି ବେପାର

# ସିବିଆଇ ତଦନ୍ତ ଦାବିରେ ଗର୍ଜିଲା ଯୁବ ଛାତ୍ର ବିଜେଡି

## ମୁଖ୍ୟ ଅଭିଯୁକ୍ତ ଶଙ୍କର ପୃଷ୍ଟିଙ୍କୁ ଧରିବାରେ ପୁଲିସ ବିଫଳ




ବ୍ରହ୍ମପୁର,୧୦ ।୧୦(ସମିସ): ପୁଲିସ ଏସ୍‌ଆଇ ଚାକିରି କେଳେଙ୍କାରୀ ଘଟଣାରେ ରାଜରାସ୍ତାକୁ ଓହ୍ଲାଇଛି ବିଜୁ ଜନତା ଦଳ। ବିଜୁ ଯୁବ ଓ ଛାତ୍ର ଜନତା ଦଳ ପକ୍ଷରୁ ରାଜ୍ୟବ୍ୟାପୀ ଆନ୍ଦୋଳନ ହୋଇଛି। ଏହି କ୍ରମରେ ରାଜ୍ୟ ଯୁବ ବିଜେଡି ସଭାପତି ଚିନ୍ମୟ ସାହୁ ଓ ରାଜ୍ୟ ଛାତ୍ର ବିଜେଡି ସଭାପତି ଈପ୍ସିତା ସାହୁଙ୍କ ଆହ୍ୱାନରେ ଗଞ୍ଜାମ ଜିଲ୍ଲା ଯୁବ ଓ ଛାତ୍ର ଜନତା ଦଳ ପକ୍ଷରୁ ପ୍ରତିବାଦ ଶୋଭାଯାତ୍ରା ସହ ବିକ୍ଷୋଭ ପ୍ରଦର୍ଶନ କରାଯାଇଛି। ଗଞ୍ଜାମ ଜିଲ୍ଲା ବିଜେଡି ସଭାପତି ବିକ୍ରମ ପଣ୍ଡାଙ୍କ ନେତୃତ୍ୱରେ ସ୍ଥାନୀୟ ରାମଲିଙ୍ଗମ ପାର୍କରୁ ଏକ ବିରାଟ ବିକ୍ଷୋଭ ଶୋଭାଯାତ୍ରା ବାହାରି ଖଲ୍ଲିକୋଟ କଲେଜ ଛକରେ ପହଞ୍ଚିଥିଲା। ସେଠାରେ ଦୀର୍ଘ ସମୟ ଧରି ବିକ୍ଷୋଭ ପ୍ରଦର୍ଶନ କରାଯିବା ସହ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ କୁଶପୁତ୍ତଳିକା ଦାହ କରାଯାଇଥିଲା।

ଏହି ଅବସରରେ ବିଜେଡି ପକ୍ଷରୁ ଅଭିଯୋଗ କରାଯାଇଥିଲା ଯେ ପୁଲିସ ଏସ୍‌ଆଇ ଚାକିରି ଜାଲିଆତି ଘଟଣାରେ ପୁଲିସ ଓ କ୍ରାଇମବ୍ରାଞ୍ଚ ଟିମ୍ ୧୧୪ଜଣଙ୍କୁ ଗିରଫ କରି କୋର୍ଟଚାଲାଣ କରିଛି। ଯଦିଓ ୫ଜଣ ଦଲାଲଙ୍କୁ ଗିରଫ କରାଯାଇଛି, କିନ୍ତୁ ଏହା ପଛରେ ଥିବା ମୁଖ୍ୟ ଅଭିଯୁକ୍ତମାନେ ଏବେ ବି ଖୁଲମଖୁଲା ବୁଲୁଛନ୍ତି। ମୁଖ୍ୟ ଅଭିଯୁକ୍ତ ଭାବେ ଫେରାର୍ ଥିବା ଶଙ୍କର ପୃଷ୍ଟିଙ୍କ ସହ ମୁଖ୍ୟମନ୍ତ୍ରୀଙ୍କ ଫଟୋ ସୋସିଆଲ ମିଡିଆରେ ଭାଇରାଲ ହେଉଛି। ଏଥିରୁ ସ୍ପଷ୍ଟ ହେଉଛି ଯେ ବିଜେପି ସରକାର ଏହି ଜାଲିଆତି ଘଟଣାରେ ସମ୍ପୃକ୍ତ ରହିଛି। ଏଣୁ ମୁଖ୍ୟମନ୍ତ୍ରୀ ଏହି ଘଟଣାରେ ନୈତିକତା ଦୃଷ୍ଟିରୁ ଇସ୍ତଫା ଦିଅନ୍ତୁ ବୋଲି ବିକ୍ଷୋଭକାରୀମାନେ ଦାବି କରିଥିଲେ। ଏପରି କରି ସରକାର ଛାତ୍ରଛାତ୍ରୀଙ୍କ ଭବିଷ୍ୟତ ଅନ୍ଧକାରକୁ ଠେଲି ଦେଉଥିବା ଅଭିଯୋଗ କରି ଛାତ୍ର ଓ ଯୁବ ବିଜେଡି ନେତାମାନେ ଭୀଷଣ ବର୍ଷିଥିଲେ।

ବିକ୍ଷୋଭ ବେଳେ ବିଜୁ ଜନତା ଦଳର ରାଜ୍ୟ ଉପସଭାପତି ରମେଶ ଚନ୍ଦ୍ର ଚ୍ୟାଉପଟ୍ଟନାୟକ, ପୂର୍ବତନ କେନ୍ଦ୍ରମନ୍ତ୍ରୀ ଚନ୍ଦ୍ରଶେଖର ସାହୁ, ବରିଷ୍ଠ ନେତା ଭୃଗୁ ବକ୍ସିପାତ୍ର, ପୂର୍ବତନ ମନ୍ତ୍ରୀ ଶ୍ରୀକାନ୍ତ ସାହୁ, ପୂର୍ବତନ ବିଧାୟକ ସୁବାସ ବେହେରା, ପୂର୍ଣ୍ଣଚନ୍ଦ୍ର ସ୍ୱାଇଁ, ମେୟର୍ ସଂଘମିତ୍ରା ଦଳେଇ, ଡେପୁଟି ମେୟର ଇ. ବିବେକ ରେଡ୍ଡୀ, ଦେବାନନ୍ଦ ମହାପାତ୍ର, ଚିକିଟି ବିଧାୟକ ପ୍ରାର୍ଥୀ ଚିନ୍ମୟାନନ୍ଦ ଶ୍ରୀରୂପ ଦେବ, ଆସିକା ସାଂସଦ ପ୍ରାର୍ଥୀ ରଞ୍ଜିତା ସାହୁ, ଛାତ୍ର ବିଜେଡି ଜୋନ୍ ସଭାପତି ଜ୍ୟୋତିରଞ୍ଜନ ସାହୁ, ଜିଲ୍ଲା ସୋସିଆଲ ମିଡିଆ କୋର୍ଡିନେଟର୍ ଦୁର୍ଗାପ୍ରସାଦ ପଣ୍ଡା, ଅଜୟ ମହାରଣା, ନଚିକେତା ସ୍ୱାଇଁ, ଦୁର୍ଗା ଲାୟକ, ଜିଲ୍ଲା ଯୁବ ସଭାପତି ଭବାନୀ ସାହୁ, ବ୍ରହ୍ମପୁର ଯୁବ ସଭାପତି ଅଜିତ ପଣ୍ଡା, ବ୍ରହ୍ମପୁର ଛାତ୍ର ସଭାପତି ଶୋଭନ ନାୟକଙ୍କ ସମେତ ବହୁ ବିଜୁ ଯୁବ ଓ ଛାତ୍ର ଜନତା ଦଳର କର୍ମୀ ଓ ନେତା ଉପସ୍ଥିତ ଥିଲେ।

# ରାଜ୍ୟ କ୍ୟାବିନେଟ୍‌ରେ ୧୫ ପ୍ରସ୍ତାବକୁ ମୋହର

## ଏଥର ୯୩ ଲକ୍ଷ ମେଟ୍ରିକ ଟନ୍ ଧାନ ସଂଗ୍ରହ

## ନଭେମ୍ବରରୁ ଆରମ୍ଭ ହେବ ଖରିଫ ଧାନ କିଣା



ଭୁବନେଶ୍ୱର,୧୦।୧୦(ସମିସ): ଏବର୍ଷ ରାଜ୍ୟରେ ୬୩ ଲକ୍ଷ ମେଟ୍ରିକ୍ ଟନ୍ ଚାଉଳ ସଂଗ୍ରହ ହେବ। ଧାନ ହିସାବରେ ଏହା ପ୍ରାୟ ୯୩ ଲକ୍ଷ ମେଟ୍ରିକ୍ ଟନ୍ ହେବ। ଖରିଫ ଓ ରବିରେ ଧାନ ସଂଗ୍ରହର ଧାର୍ଯ୍ୟ ଲକ୍ଷ୍ୟ ଯଥାକ୍ରମେ ୭୩ ଓ ୨୦ ଲକ୍ଷ ମେଟ୍ରିକ୍ ଟନ୍ ରହିବ। ଏହାଠାରୁ ଯଦି ପଞ୍ଜିକୃତ ଚାଷୀଙ୍କଠାରୁ ମଣ୍ଡିକୁ ଅଧିକ ଧାନ ଆସେ ତେବେ ତାହା ମଧ୍ୟ ରାଜ୍ୟ ସରକାର ଗ୍ରହଣ କରିବେ ବୋଲି ଶୁକ୍ରବାର ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ୨୮ତମ ରାଜ୍ୟ କ୍ୟାବିନେଟ୍ ବୈଠକରେ ଏହି ନିଷ୍ପତ୍ତି ହୋଇଛି। ବୈଠକ ପରେ ଗଣମାଧ୍ୟମକୁ ସୂଚନାଦେଇ ମୁଖ୍ୟ ଶାସନ ସଚିବ ମନୋଜ ଆହୁଜା କ୍ୟାବିନେଟ ବୈଠକରେ ନିଆଯାଇଥିବା ନିଷ୍ପତ୍ତି ସମ୍ପର୍କରେ ଅବଗତ କରାଇଛନ୍ତି। ଏହି ବୈଠକରେ ମୋଟ ୧୦ ଟ ବିଭାଗର ୧୫ ଟି ପ୍ରସ୍ତାବକୁ କ୍ୟାବିନେଟ୍ ଅନୁମୋଦନ ମିଳିଛି। ଏଥିରେ ଖରିଫ ଧାନ ସଂଗ୍ରହ ନୀତି ସମ୍ପର୍କରେ ନିଷ୍ପତ୍ତି ହୋଇଛି। ନିଷ୍ପତ୍ତି ଅନୁଯାୟୀ ଆସନ୍ତା ନଭେମ୍ବର ମାସରୁ ଖରିଫ ଧାନ ସଂଗ୍ରହ କରାଯିବ। ରବି ଧାନ ମେ ୨୦୨୬ରୁ ସଂଗ୍ରହ କରାଯିବ ବୋଲି ନିଷ୍ପତ୍ତି ହୋଇଛି।

ସେହିପରି ଅନ୍ୟଏକ ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତି ଭାବେ କ୍ୟାବିନେଟ୍ ବୈଠକରେ 'ଓଡ଼ିଶା ଜନ ବିଶ୍ୱାସ' ଅଧ୍ୟାଦେଶକୁ ଅନୁମୋଦନ ମିଳିଛି। ଏହି ଅଧ୍ୟାଦେଶ ବଳରେ ଏଣିକି ରାଜ୍ୟରେ ଛୋଟ ଅପରାଧକୁ ଅପରାଧମୁକ୍ତ କରିବା ଏବଂ ବିଶ୍ୱାସଭିତ୍ତିକ ଶାସନ ସୁଦୃଢ଼ କରିବା ପାଇଁ ରାଜ୍ୟ ସରକାର ଲକ୍ଷ୍ୟ ରଖିଛନ୍ତି। ଅର୍ଥାତ ଅଣ-ଗୁରୁତର ଖିଲାପ ପାଇଁ ଜେଲ୍ ଦଣ୍ଡ ବଦଳରେ ଦେୱାନୀ ଦଣ୍ଡ ସହିତ, ବ୍ୟବସାୟ ଏବଂ ବ୍ୟକ୍ତିବେଶ। ଉଭୟଙ୍କ ଉପରେ ନିୟାମକ ବୋଝ ଯଥେଷ୍ଟ ହ୍ରାସ ପାଇବ ବୋଲି ରାଜ୍ୟ ସରକାର କହିଛନ୍ତି। ସେହିପରି ରାଜ୍ୟ ସରକାର 'ଓଡ଼ିଶା ଜନ୍ମ ଓ ମୃତ୍ୟୁ ପଞ୍ଜିକରଣ ନିୟମ-୨୦୨୫' ପ୍ରଣୟନ ପାଇଁ ନିଷ୍ପତ୍ତି ନେଇଛନ୍ତି। ବର୍ତ୍ତମାନ ଓଡ଼ିଶା ଜନ୍ମ ଓ ମୃତ୍ୟୁ ପଞ୍ଜୀକରଣ ନିୟମ-୨୦୦୧ ଅନୁଯାୟୀ କରାଯାଉଛି। ଏହି ନିୟମ କେନ୍ଦ୍ର ସରକାରଙ୍କ ଦ୍ୱାରା ପ୍ରଣୟନ କରାଯାଇଥିବା ଜନ୍ମ ଓ ମୃତ୍ୟୁ ପଞ୍ଜୀକରଣ ଅଧିନିୟମ, ୧୯୬୯ ଉପରେ ପର୍ଯ୍ୟବେସିତ ରହିଛି।

ସେହିପରି ଜଳସମ୍ପଦ ବିଭାଗ ପକ୍ଷରୁ ଆଗତ ପ୍ରସ୍ତାବରେ ଅନ୍ତଃ ନଦୀ ଜଳାଶୟ ପ୍ରକଳ୍ପ ନିର୍ମାଣ, ଆନ୍ତଃରାଜ୍ୟ ନଦୀ ସଂଯୋଗୀକରଣ ଯୋଜନା, ନବକୃଷ୍ଣ ଚୌଧୁରୀ ସେଚ ଉନ୍ନୟନ ଯୋଜନା ଆଦିରେ ଏକ ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତି ଉପରେ କ୍ୟାବିନେଟ୍ ମୋହର ବାଜିଛି।

ଆଇଏଏସ୍ ସ୍ତରରେ ଅଦଳବଦଳ

# ଚଞ୍ଚଳ ରାଣାଙ୍କୁ ବିଡିଏ ଓ ସ୍ମାର୍ଟସିଟିର ଅତିରିକ୍ତ ଦାୟିତ୍ୱ

- ୩ ବରିଷ୍ଠ ଆଇଏଏସଙ୍କୁ ଦାୟିତ୍ୱମୁକ୍ତ କଲେ ସରକାର
- ହଟିଲେ ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ାଙ୍କ ବ୍ୟକ୍ତିଗତ ସଚିବ
- ଏନ୍ ଥିରୁମାଲା ନାଏକ ସ୍କୁଲ ଓ ଗଣଶିକ୍ଷା ବିଭାଗର ସଚିବ ନିଯୁକ୍ତ

ଭୁବନେଶ୍ୱର,୧୦।୧୦(ସମିସ): ଆଇଏଏସ୍ ସ୍ତରରେ ରାଜ୍ୟ ସରକାର ଏକ ବଡ଼ ଅଦଳବଦଳ କରିଛନ୍ତି। ଏହି ଅଦଳବଦଳରେ ୩ ଜଣ ବରିଷ୍ଠ ଆଇଏଏସ୍ ଅଫିସର କେନ୍ଦ୍ରୀୟ ଡେପୁଟେସନରେ ଯିବାପରେ ଖାଲି ପଡ଼ିଥିବା ତାଙ୍କ ପଦବୀରେ ଅନ୍ୟ ଅଫିସରଙ୍କୁ ନିଯୁକ୍ତି ଦିଆଯାଇଛି। ଏହାସହ ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ାଙ୍କ ବ୍ୟକ୍ତିଗତ ସଚିବ ତଥା ବରିଷ୍ଠ ଓଏଏସ୍ ଅଫିସର କାହ୍ନୁଚରଣ ଧୀରଙ୍କୁ ତାଙ୍କ ପଦରୁ ବଦଳି କରାଯାଇଛି।

ରାଜ୍ୟ ସାଧାରଣ ପ୍ରଶାସନ ଓ ସାଧାରଣ ଅଭିଯୋଗ ବିଭାଗ ପକ୍ଷରୁ ଜାରି ବିଜ୍ଞପ୍ତି ଅନୁଯାୟୀ, ୨୦୦୧ ବ୍ୟାଚ୍ ଆଇଏଏସ୍ ଶାଳିନୀ ପଣ୍ଡିତ, ୨୦୧୧ ବ୍ୟାଚ୍ ଆଇଏଏସ୍ ସମର୍ଥ ବର୍ମା ଓ ୨୦୧୪ ବ୍ୟାଚ୍ ଆଇଏଏସ୍ ସ୍ୱଧା ଦେବ ସିଂହ କେନ୍ଦ୍ରୀୟ ଡେପୁଟେସନରେ ଯାଇ ସାରିଥିବାରୁ ରାଜ୍ୟ ସରକାର ଏହି ୩ ଜଣ ଅଫିସରଙ୍କୁ ଚଳିତମାସ ୧୩ ତାରିଖ ଅପରାହ୍ନରୁ ଦାୟିତ୍ୱମୁକ୍ତ କରିଛନ୍ତି। ଅନ୍ୟପଟେ ବିଏମ୍‌ସି କମିସନର ଚଞ୍ଚଳ କୁମାର ରାଣାଙ୍କୁ ଅତିରିକ୍ତ ଭାବେ ବିଡିଏ ଉପାଧ୍ୟକ୍ଷ ସହ ଭୁବନେଶ୍ୱର ସ୍ମାର୍ଟସିଟି ଲିମିଟେଡର ପରିଚାଳନା ନିର୍ଦ୍ଦେଶକ ଦାୟିତ୍ୱ ଦିଆଯାଇଛି। ସେହିପରି ପଞ୍ଚାୟତିରାଜ ବିଭାଗ ସଚିବ ୨୦୦୨ ବ୍ୟାଚ୍ ଆଇଏଏସ୍ ଏସଏନ୍ ଗିରୀଶଙ୍କୁ ମିଶନ ଶକ୍ତି ବିଭାଗର ସଚିବ ଭାବେ ଅତିରିକ୍ତ ଦାୟିତ୍ୱ ମିଳିଛି। ସେହିପରି ବିଡିଏ ଉପାଧ୍ୟକ୍ଷ ୨୦୦୯ ବ୍ୟାଚ୍ ଆଇଏଏସ୍ ଏନ୍ ଥିରୁମାଲା ନାଏକଙ୍କୁ ସ୍କୁଲ ଓ ଗଣଶିକ୍ଷା ବିଭାଗର ସଚିବ ଭାବେ ବଦଳି କରାଯାଇଛି। ୨୦୧୦ ବ୍ୟାଚ୍ ଆଇଏଏସ୍ ମାନସୀ ନିମ୍ଭଲଙ୍କୁ ଓଡ଼ିଶା ଉଠାଜଳସେଚନ ନିଗମର ପରିଚାଳନା ନିର୍ଦ୍ଦେଶକ ସହ ଜଳସମ୍ପଦ ବିଭାଗର ଅତିରିକ୍ତ ସଚିବ ଭାବେ ବଦଳି କରାଯାଇଛି। ମାନସୀ ଏବେ ପର୍ଯ୍ୟଟନ ନିର୍ଦ୍ଦେଶକ ଭାବେ କାର୍ଯ୍ୟ କରୁଛନ୍ତି। ୨୦୧୨ ବ୍ୟାଚ୍ ଆଇଏଏସ୍ ସୁରେନ୍ଦ୍ର କୁମାର ମୀନାଙ୍କୁ ରାଜ୍ୟ ଅନୁସୂଚିତ ଜାତି ଓ ଜନଜାତି ବଭାଗର ଅତିରକ୍ତ ସଚିବ ଭାବେ ବଦଳି କରାଯାଇଛି। ଶ୍ରୀ ମୀନା ଏବେ ପଞ୍ଚାୟତିରାଜ ବିଭାଗର ଅତିରିକ୍ତ ସଚିବ ସମେତ ଏସ୍‌ଆଇଆରଡି ନିର୍ଦ୍ଦେଶକ ଦାୟିତ୍ୱରେ ଅଛନ୍ତି।

ସେହିପରି ୨୦୧୪ ବ୍ୟାଚ୍ ଆଇଏଏସ୍ ତଥା ବୟନିକାର ପରିଚାଳନା ନିର୍ଦ୍ଦେଶକ ପ୍ରଣତି ଛୋଟରାୟଙ୍କୁ ଗୃହ ବିଭାଗର ଅତିରକ୍ତ ସଚିବ ଭାବେ ନିଯୁକ୍ତି ମିଳିଛି। ୨୦୧୪ ବ୍ୟାଚ୍ ଆଇଏଏସ୍ ଦୀପଙ୍କର ମହାପାତ୍ରଙ୍କୁ ଓଡ଼ିଶା ପର୍ଯ୍ୟଟନ ନିର୍ଦ୍ଦେଶକ ଭାବେ ନିଯୁକ୍ତି ମିଳିଛି। ତାଙ୍କୁ ଓଡ଼ିଶା ପର୍ଯ୍ୟଟନ ବିକାଶ ନିଗମ(ଓଟିଡିସି)ର ପରିଚାଳନା ନିର୍ଦ୍ଦେଶକ ଭାବେ ଅତିରିକ୍ତ ଦାୟିତ୍ୱ ଦିଆଯାଇଛି। ଶ୍ରୀ ମହାପାତ୍ର ଏବେ ହକି ପ୍ରମୋସନ କାଉନସିଲର ମୁଖ୍ୟ କାର୍ଯ୍ୟ ନିର୍ବାହୀ ଅଧିକାରୀ ଭାବେ କାର୍ଯ୍ୟ କରୁଛନ୍ତି। ଗୃହ ବିଭାଗର ଅତିରିକ୍ତ ସଚିବ ଥିବା ୨୦୧୫ ବ୍ୟାଚ୍ ଆଇଏଏସ୍ ନିବେଦିତା ପୃଷ୍ଟିଙ୍କୁ ବୟନିକା ପରିଚାଳନା ନିର୍ଦ୍ଦେଶକ ଭାବେ ବଦଳି କରାଯାଇଛି। ସେ ହସ୍ତତନ୍ତ ନିର୍ଦ୍ଦେଶକ ଭାବେ ଅତିରିକ୍ତ ଦାୟିତ୍ୱ ମଧ୍ୟ ତୁଲାଇବେ। ଏସ୍‌ଟି ଏସ୍‌ସି ବିଭାଗର ଅତିରିକ୍ତ ସଚିବ ପ୍ରେମଜିତ ନାୟକଙ୍କୁ ଅନୁସୂଚୀତ ଜନଜାତି ନିର୍ଦ୍ଦେଶକ ଭାବେ ବଦଳି କରାଯାଇଛି।

ସେହିପରି ୨୦୧୫ ବ୍ୟାଚ୍ ଆଇଏଏସ୍ ମଧୁସ୍ମିତା ସାମଲଙ୍କୁ ପଞ୍ଚାୟତିରାଜ ଓ ପାନୀୟ ଜଳ ବିଭାଗର ଅତିରିକ୍ତ ସଚିବ ଭାବେ ବଦଳି କରାଯାଇଛି। ଶ୍ରୀମତୀ ସାମଲ ଏବେ ଯୋଜନା ଓ ସମନ୍ୱୟ ବିଭାଗର ଅତିରିକ୍ତ ସଚିବ ଭାବେ କାର୍ଯ୍ୟରତ ଅଛନ୍ତି। ୨୦୧୫ ବ୍ୟାଚ୍ ଆଇଏଏସ୍ ସଞ୍ଜୟ କୁମାର ବିଶ୍ୱାଲଙ୍କୁ ବାଣିଜ୍ୟ ଓ ପରିବହନ ବିଭାଗର ଅତିରିକ୍ତ ସଚିବ ଭାବେ ନିଯୁକ୍ତି ମିଳିଛି। ସେହିପରି ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ାଙ୍କ ବ୍ୟକ୍ତିଗତ ସଚିବ ବରିଷ୍ଠ ଓଏସ୍ କାହ୍ନୁଚରଣ ଧୀରଙ୍କୁ ମାଇନର ମିନେରାଲସ ନିର୍ଦ୍ଦେଶକ ଭାବେ ବଦଳି କରାଯାଇଛି।

ବିଜେପି ନେତା ପୀତବାସ ପଣ୍ଡା ହତ୍ୟା ଘଟଣା

# ପୁରୁଣା ଅପରାଧୀଙ୍କ ଫାଇଲ ଓଲଟାଉଛି ପୁଲିସ

- ସ୍କାନରରେ ସାର୍ପ ସୁଟର୍
- ଆସିଲା ବ୍ୟବଚ୍ଛେଦ ଓ ସାଇଣ୍ଟିଫିକ ରିପୋର୍ଟ
- ବାଲିଷ୍ଟିକ ରିପୋର୍ଟକୁ ଅପେକ୍ଷା
- ୫ଦିନ ପରେ ବି ସ୍ପଷ୍ଟ ହେଉନି କାରଣ
- ସନ୍ଦେହରେ ୫-୫ରୁ ଊର୍ଦ୍ଧ୍ୱ ବ୍ୟକ୍ତିଙ୍କୁ ପଚରାଉଚରା
- ୬ରୁ ଊର୍ଦ୍ଧ୍ୱ ବ୍ୟକ୍ତି ଅଟକ ଓ ଦାମୀ ଗାଡ଼ି ଜବତ: ଏସ୍‌ପି



ବ୍ରହ୍ମପୁର, ୧୦।୧୦ (ସମିସ): ଆଇନଜୀବୀ ତଥା ବିଜେପି ନେତା ପୀତବାସ ପଣ୍ଡାଙ୍କ ହତ୍ୟାକୁ ଇତିମଧ୍ୟରେ ୫ ଦିନ ବିତିଯାଇଥିଲେ ହେଁ ଏପର୍ଯ୍ୟନ୍ତ ପୁଲିସ କାହାରିକୁ ଗିରଫ କରିପାରିନାହିଁ। ସେହିପରି, କେଉଁ କାରଣରୁ ତାଙ୍କୁ ହତ୍ୟା କରାଯାଇଛି, ତାହାର ମଧ୍ୟ ରହସ୍ୟ ପୁଲିସ ଭେଦି ପାରିନାହିଁ। ହତ୍ୟାକାଣ୍ଡ ପଛରେ ଏକାଧିକ କାରଣ ଥିବା ନେଇ ଆଲୋଚନା ପରେ ପୁଲିସର ଦ୍ୱନ୍ଦ୍ୱ ବଢ଼ିଯାଇଛି। କେଉଁ ଦିଗକୁ ଧରିବ, କାହାକୁ ଛାଡ଼ିବ; ବର୍ତ୍ତମାନ ସ୍ଥିତିରେ ପୁଲିସ ପାଇଁ ତାହା ବଡ଼ ଚ୍ୟାଲେଞ୍ଜ ହୋଇଛି। ତେବେ ଏପରି ଦୋଦୁଲ୍ୟମାନ ସ୍ଥିତିରେ ପୁଲିସ୍ ଏବେ ଦାଗୀ ଅପରାଧୀଙ୍କ ଫାଇଲ ଓଲଟାଇବା ଆରମ୍ଭ କରିଛି। ବିଶେଷକରି, ପୁଲିସ୍ ସାର୍ପ-ସୁଟର୍‌ଙ୍କ ତାଲିକା ବାହାର କରୁଛି। ଏହି ହତ୍ୟାକାଣ୍ଡରେ ସାର୍ପସୁଟର୍ ସୁପାରି କିଲର୍‌ଙ୍କ ହାତ ଥିବା ସନ୍ଦେହ କରାଯାଉଛି। ଆତତାୟୀଙ୍କ ଗୁଳି କରିବାର ତରିକାରୁ ପୁଲିସର ଏପରି ସନ୍ଦେହ ହୋଇଛି। ତେଣୁ, ଜିଲ୍ଲାରେ ପୂର୍ବରୁ ସଂଘଟିତ ବିଭିନ୍ନ ଗୁଳିକାଣ୍ଡ ଘଟଣାରେ ନିୟୋଜିତ ସାର୍ପସୁଟର୍‌ଙ୍କ ତାଲିକା ବାହାର କରୁଛି। ପୂର୍ବରୁ କେଉଁକେଉଁ ମାମଲାରେ ସୁପାରି କିଲରଙ୍କୁ ନିୟୋଜିତ କରାଯାଇଥିଲା ଏବଂ ସେମାନଙ୍କୁ କେଉଁଠାରୁ ଆମଦାନୀ କରାଯାଇଥିଲା, ସେମାନଙ୍କ କୁଣ୍ଡଳୀ ଖୋଳୁଛି ପୁଲିସ।

ଅପରପକ୍ଷେ, ପୀତବାସଙ୍କ ଶବ ବ୍ୟବଚ୍ଛେଦ ରିପୋର୍ଟ ଆଜି ପୁଲିସର ହସ୍ତଗତ ହୋଇଛି। ପୀତବାସଙ୍କୁ ଅନ୍ୟୂନ ୨ରୁ ୨.୫ମିଟର ଦୂରରୁ ଗୁଳିମାଡ଼ ହୋଇଥିଲା। ଗୁଳିମାଡ଼ ପରେ ତାଙ୍କ ଶରୀରରୁ ପ୍ରାୟ ୪ଲିଟର ରକ୍ତସ୍ରାବ ହୋଇଥିଲା। ପ୍ରଚୁର ରକ୍ତସ୍ରାବ ଓ ଛାନିଆ ଯୋଗୁଁ ମୃତ୍ୟୁ ହୋଇଥିବା ବ୍ୟବଚ୍ଛେଦ ରିପୋର୍ଟରେ ଉଲ୍ଲେଖ ଥିବା ଜଣାପଡ଼ିଛି। ଗୁରୁତ୍ୱପୂର୍ଣ୍ଣ କଥା ହେଲା, ଦୁର୍ବୃତ୍ତମାନଙ୍କ ଗୁଳି ଛାତିରେ ସିଧା ନବାଜି ସାମାନ୍ୟ ବଙ୍କା ହୋଇ ବାଜିଥିଲା। ଫଳରେ ଗୁଳିଟି ଶରୀରର ଅନେକ ଶିରାପ୍ରଶିରାକୁ ଭେଦ କରି ମେରୁଦଣ୍ଡ ନିକଟରେ ଲାଖି ରହିଥିଲା। ଗୁଳିଟିକୁ ବାହାର କରିବାକୁ ପ୍ରାୟ ଦେଢ଼ଘଣ୍ଟା ସମୟ ଲାଗିଥିଲା। ଏଭଳି ପୂର୍ବରୁ ଅନ୍ୟ କେଉଁ ମାମଲାରେ ଦେଖାଯାଇନଥିବା କହିଛନ୍ତି ଏମ୍‌କେସିଜି ମେଡିକାଲର ଏଫଏମ୍‌ଟି ବିଭାଗୀୟ ମୁଖ୍ୟ ପ୍ରଫେସର୍ ଡାକ୍ତର ସୁଦୀପା ଦାସ। ସାଇଣ୍ଟିଫିକ ରିପୋର୍ଟ ମଧ୍ୟ ପୁଲିସର ହସ୍ତଗତ ହୋଇଛି। ତେବେ ପୁଲିସ ଜବତ ଖୋଖା ଓ ଶରୀରରୁ ଉଦ୍ଧାର କରାଯାଇଥିବା ଗୁଳିର ବାଲାଷ୍ଟିକ୍ ରିପୋର୍ଟକୁ ଅପେକ୍ଷା କରିଛି। ରିପୋର୍ଟରୁ ତାହା କି' ପ୍ରକାରର ଗୁଳି ଓ କେଉଁ କିସମର ବନ୍ଧୁକରେ ବ୍ୟବହାର ହୋଇଥିଲା, ତାହା ଜଣାପଡ଼ିବ।

ଅପରପକ୍ଷେ, ସହରର ପ୍ରାୟ ୫୦ରୁ ଊର୍ଦ୍ଧ୍ୱ ସ୍ଥାନରୁ ସଂଗୃହୀତ ସିସିଟିଭି ଫୁଟେଜ ଆଧାରରେ ୫-୫ରୁ ଅଧିକ ବ୍ୟକ୍ତିଙ୍କୁ ସନ୍ଦେହରେ ପଚରାଉଚରା କରିଛି ପୁଲିସ। ସେପଟେ ଦାମୀ ଗାଡ଼ି ସହ ୬ରୁ ଊର୍ଦ୍ଧ୍ୱ ବ୍ୟକ୍ତିଙ୍କୁ ଅଟକ ରଖି ପଚରାଉଚରା ଜାରି ରହିଥିବା କହିଛନ୍ତି ବ୍ରହ୍ମପୁର ଏସପି ଡା. ସର୍ବଣା ବିବେକ ଏମ। ସେଥିମଧ୍ୟରେ ଜଣେ ଏସ୍‌ଓଜି କମାଣ୍ଡୋ ଓ ଅନ୍ୟ ଜଣେ ସିଆଇଏସଏଫ ଯବାନ ରହିଛନ୍ତି। ଅପରାଧୀଙ୍କୁ ଧରିବା ପୁଲିସ ପାଇଁ ମୁଣ୍ଡବ୍ୟଥାର କାରଣ ସାଜିଛି। ରହସ୍ୟ ଉନ୍ମୋଚନ ପାଇଁ ବଛାବଛା ଅଧିକାରୀଙ୍କୁ ନେଇ ଗଠିତ ୬ଟି ସ୍ୱତନ୍ତ୍ର ଟିମ୍ ପକ୍ଷରୁ ଗଞ୍ଜାମ ସମେତ ରାଜ୍ୟର ବିଭିନ୍ନ ସ୍ଥାନରେ ଚଢ଼ଉ ଜାରି ରହିଛି। ଗୋଟିଏ ଟିମ୍ ପୁରୀ ଯାଇଥିବା ବେଳେ ଅନ୍ୟ ଟିମ୍ ଖଲ୍ଲିକୋଟ, କବିସୂର୍ଯ୍ୟନଗର ଓ ପୋଲସରାରେ ଡେରା ପକାଇଛନ୍ତି। ଏପରିକି ବିଭିନ୍ନ ସ୍ଥାନରୁ ଏକାଧିକ ବ୍ୟକ୍ତିଙ୍କୁ ସନ୍ଦେହରେ ଉଠାଯାଇଥିବା ମଧ୍ୟ ଜଣାପଡ଼ିଛି।

## ହତ୍ୟା ପୂର୍ବରୁ ପିଛା କରିଥିଲେ ଅପରାଧୀ

ପୀତବାସଙ୍କ ହତ୍ୟାକାଣ୍ଡରେ ଏକାଧିକ ଲୋକଙ୍କ ସମ୍ପୃକ୍ତି ରହିଥିବା ସନ୍ଦେହ କରାଯାଉଛି। ହତ୍ୟା ପୂର୍ବରୁ ତାଙ୍କୁ ପିଛା କରାଯାଇଥିଲା ଏବଂ ଅତ୍ୟନ୍ତ ଯୋଜନାବଦ୍ଧ ଭାବେ ହତ୍ୟାକାଣ୍ଡକୁ ରୂପ ଦିଆଯାଇଛି ବୋଲି ଏସପି କହିଛନ୍ତି। ଏହି ମାମଲାରେ ପୁଲିସ ବର୍ତ୍ତମାନ ୬ଜଣଙ୍କୁ ଅଟକ ରଖି ପଚରାଉଚରା ଜାରି ରଖିଥିବା ବେଳେ ଅଟକଙ୍କ ମଧ୍ୟରେ ଦୁଇଜଣ ଯବାନ ଓ ଦାମୀ ଗାଡ଼ିକୁ ମଧ୍ୟ ଜବତ କରାଯାଇଥିବା ଏସପି ସ୍ୱୀକାର କରିଛନ୍ତି।

## ପୀତବାସଙ୍କୁ ବିଜେପିର ଅଣଦେଖା!

ପୀତବାସ ପଣ୍ଡା ବିଜେପିର ଜଣେ ଆଗଧାଡିର ନେତା ଭାବେ ଗଞ୍ଜାମ ଜିଲ୍ଲାରେ ବେଶ ପରିଚିତ। ଗତ ସାଧାରଣ ନିର୍ବାଚନ ବେଳେ ସେ କଂଗ୍ରେସ ଛାଡ଼ି ବିଜେପିରେ ସାମିଲ ହୋଇଥିଲେ ହେଁ ଖୁବ୍ କମ୍ ଦିନରେ ଗୋପାଳପୁର ବିଧାୟକ ତଥା ଖଣିମନ୍ତ୍ରୀ ବିଭୂତି ଜେନାଙ୍କ ଅତ୍ୟନ୍ତ ଘନିଷ୍ଠ ଓ ନିକଟତର ହୋଇପାରିଥିଲେ। ପୀତବାସଙ୍କୁ ଗୁଳି କରାଯାଇଥିବା ଖବର ପାଇ ମନ୍ତ୍ରୀ ଶ୍ରୀ ଜେନା ମେଡିକାଲରେ ପହଞ୍ଚିବା ସହ ଅନ୍ତ୍ୟେଷ୍ଟିକ୍ରିୟା ପର୍ଯ୍ୟନ୍ତ ସାଙ୍ଗରେ ରହିଥିଲେ। ଏପରିକି, ସେହିଦିନ ବିଳମ୍ବିତ ରାତିରେ ରାଜ୍ୟ ବିଜେପି ସଭାପତି ମନମୋହନ ସାମଲଙ୍କ ସମେତ ଜିଲ୍ଲାର ଅନ୍ୟ ବିଧାୟକମାନେ ମଧ୍ୟ ଉପସ୍ଥିତ ଥିଲେ। ସମସ୍ତେ ଗଣମାଧ୍ୟମରେ ଶୋକବ୍ୟକ୍ତ ମଧ୍ୟ କରିଥିଲେ। ତେବେ ଘଟଣାକୁ ଇତି ମଧ୍ୟରେ ୫ଦିନ ବିତିଯାଇଥିଲେ ହେଁ ଦଳର ଜଣେ ନେତାଙ୍କୁ ହରାଇଥିବା ବିଜେପି ପକ୍ଷରୁ ଶୋକ ସଭାଟିଏ ଆୟୋଜନ କରାନଯିବା ଘଟଣାକୁ ନେଇ ସମଗ୍ର ଜିଲ୍ଲାରେ ସବୁଠି ଚର୍ଚ୍ଚା ଜୋର୍ ଧରିଛି। ଆଇନଜୀବୀଙ୍କ ପକ୍ଷରୁ ରାଜ୍ୟବ୍ୟାପୀ ଆନ୍ଦୋଳନ ସହ କ୍ୟାଣ୍ଡେଲ ଶୋଭାଯାତ୍ରା ସହ ଶୋକସଭାର ଆୟୋଜନ କରାଯାଇଛି। ହେଲେ ପୀତବାସଙ୍କ ନିଜ ଦଳ ବିଜେପି ତାଙ୍କୁ ସ୍ୱଳ୍ପ ଦିନରେ ଅଣଦେଖା କରିଦେଇଥିବା ନେଇ ସାଧାରଣରେ ଆଲୋଚନା ହେଉଛି।

# ୧୪ ସୁଦ୍ଧା ରାଜ୍ୟରୁ ମୌସୁମୀ ପ୍ରତ୍ୟାବର୍ତ୍ତନ ଆରମ୍ଭ



ଭୁବନେଶ୍ୱର,୧୦।୧୦(ସମିସ): ଆସନ୍ତା ୩-୪ ଦିନ ମଧ୍ୟରେ ରାଜ୍ୟରୁ ମୌସୁମୀ ପ୍ରତ୍ୟାବର୍ତ୍ତନ ଆରମ୍ଭ ହେବ। ଦେଶର ବିଭିନ୍ନ ସ୍ଥାନ ସମେତ ଓଡ଼ିଶାର କିଛି ଅଞ୍ଚରୁ ମୌସୁମୀ ଅପସାରାଣ ପାଇଁ ପାଗ ଅନୁକୂଳ ରହିଛି। ତେଣୁ ରାଜ୍ୟରୁ ମୌସୁମୀ ବିଦାୟ ନେଇ ଆଇଏମ୍‌ଡି ପକ୍ଷରୁ ସୂଚନା ଦିଆଯାଇଛି। ତେଣୁ ରାଜ୍ୟରେ କିଛି କିଛି ଅଞ୍ଚଳରେ କାଁ ଭାଁ ବର୍ଷା ଛାଡ଼ି ଦେଲେ ବାକି ଅଞ୍ଚଳରେ ପାଗ ମୁଖ୍ୟତଃ ଶୁଖିଲା ରହିବାର ସମ୍ଭାବନା ରହିଛି।

ପାଣିପାଗ ବିଶେଷଜ୍ଞ ପ୍ରଫେସର ସୁରେନ୍ଦ୍ରନାଥ ପଶୁପାଳକ କହିଛନ୍ତି ଯେ ଆସନ୍ତା ସପ୍ତାହେ ପର୍ଯ୍ୟନ୍ତ ରାଜ୍ୟରେ ପାଗ ମୁଖ୍ୟତଃ ଶୁଖିଲା ଓ ଖରାଟିଆ ରହିବ। ତେବେ ୧୩ ଓ ୧୪ରେ ସମୁଦ୍ର ସଂଲଗ୍ନ ଜିଲ୍ଲାରେ ହାଲୁକାରୁ ସ୍ୱଳ୍ପ ବର୍ଷା ହୋଇପାରେ। ୧୫ ତାରିଖରୁ ରାତିର ତାପମାତ୍ରା କ୍ରମଶଃ କମିବା ସହ ୧୭ ତାରିଖ ସୁଦ୍ଧା କେତେକ ଆଭ୍ୟନ୍ତରୀଣ ଅଞ୍ଚଳରେ ତାପମାତ୍ରା ପ୍ରାୟ ୨-୩ ଡିଗ୍ରୀ କମିପାରେ। କନ୍ଧମାଳ, କୋରାପୁଟ, ଗଜପତି, ମୟୂରଭଞ୍ଜ ଓ କେନ୍ଦୁଝରରେ ତାପମାତ୍ରା ସବୁଠାରୁ କମ୍ ରହିବ। ଏହି ସ୍ଥାନମାନଙ୍କରେ ସର୍ବନିମ୍ନ ତାପମାତ୍ରା ୨-୩ ଡିଗ୍ରୀ କମିବା ହେତୁ ଶିଶିରପାତ ସହ କୁହୁଡ଼ି ହେବାର ସମ୍ଭାବନା ରହିଛି। ୧୭ ତାରିଖରେ ଦକ୍ଷିଣ ବଙ୍ଗୋପସାଗରରେ ଏକ ଘୂର୍ଣ୍ଣିବଳୟ ସୃଷ୍ଟି ହୋଇ ସମୁଦ୍ରରେ ୫ ଦିନରୁ ଅଧିକ ରହିବାରୁ ଘନୀଭୂତ ହେବାର ସମ୍ଭାବନା ରହିଛି। ତେବେ ଏହା କେତେ ଘନୀଭୂତ ହେବ ଓ କେଉଁ ଆଡ଼କୁ ଗତି କରିବ ଆଗକୁ ସ୍ପଷ୍ଟ ହେବ ବୋଲି ପ୍ରଫେସର ପଶୁପାଳକ କହିଛନ୍ତି।

ଅନ୍ୟପଟେ ଦକ୍ଷିଣ ପଶ୍ଚିମ ମୌସୁମୀ ବାୟୁ ପରିବର୍ତ୍ତନ ହୋଇ ଉତ୍ତର-ପୂର୍ବ ବାୟୁ ଉପକୂଳରେ ହେବ, ଯାହାକି ପ୍ରତ୍ୟାବର୍ତ୍ତନ ମୌସୁମୀକୁ ସୁଚାଉଛି। ବିଭିନ୍ନ ମଡେଲ୍ ଓ ପାଣିପାଗ ସଂସ୍ଥାର ସୂଚନା ଅନୁଯାୟୀ ବର୍ତ୍ତମାନ ଲା-ନିନା ସ୍ଥିତି ସୃଷ୍ଟି ହୋଇ ସାରିଛି। ଜାନୁଆରୀ ୨୦୨୬ ପର୍ଯ୍ୟନ୍ତ ଅର୍ଥାତ ସ୍ୱଳ୍ପ ଅବଧି ପାଇଁ ଏହା ରହିପାରେ। ଲା-ନିନା ବର୍ଷରେ ଅନେକ ସମୟରେ ଅତ୍ୟଧିକ ବର୍ଷା ଓ ଶୀତ ହେବାର ନଜୀର ରହିଛି ବୋଲି ପ୍ରଫେସର ପଶୁପାଳକ କହିଛନ୍ତି। ଗତ ୨୪ ଘଣ୍ଟାରେ ରାଜ୍ୟରେ ପାଗ ମୁଖ୍ୟତଃ ଶୁଖିଲା ରହିଛି। ଏହି ସମୟରେ ବାଲେଶ୍ୱରରେ ୧୧.୭ ମିମି ବର୍ଷା ରେକର୍ଡ ହୋଇଛି।

ପୁଲିସ ଏସ୍‌ଆଇ ଚାକିରି ବେପାର

# ବିଜେପି ପ୍ରଭାରୀଙ୍କ ଆଡ଼କୁ କଂଗ୍ରେସର ଅଙ୍ଗୁଳି ନିର୍ଦ୍ଦେଶ



## ପ୍ରଭାବଶାଳୀ ଅତୁଲ ପ୍ରଭାକରଙ୍କ ଭୂମିକା ବି ସନ୍ଦେହରେ

ଭୁବନେଶ୍ୱର,୧୦।୧୦(ସମିସ): ରାଜ୍ୟରେ ପୁଲିସ ଏସ୍‌ଆଇ ନିଯୁକ୍ତି କେଳେଙ୍କାରୀ ଘଟଣାରେ ବଡ଼ ମୁଣ୍ଡଙ୍କୁ ଯୋଡ଼ିଛି ରାଜ୍ୟ କଂଗ୍ରେସ। ଏହି କେଳେଙ୍କାରୀରେ ବିଜେପିର କେନ୍ଦ୍ରୀୟ ନେତୃତ୍ୱଙ୍କ ମଧ୍ୟ ସମ୍ପୃକ୍ତି ରହିଛି ବୋଲି କଂଗ୍ରେସ କହିଛି। ବିଜେପିର ଏହି କେନ୍ଦ୍ରୀୟ ନେତୃତ୍ୱ ତାଙ୍କର ଜଣେ ଅତ୍ୟନ୍ତ ଅନୁଗାମୀଙ୍କ ଜରିଆରେ ଏହି କେଳେଙ୍କାରୀରେ ସାମିଲ ଥିବା କଂଗ୍ରେସ ଅଭିଯୋଗ କରିଛି।

ଦଳ ପକ୍ଷରୁ ଶୁକ୍ରବାର କଂଗ୍ରେସ ଭବନରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ବରିଷ୍ଠ ମୁଖପାତ୍ର ରଜନୀ ମହାନ୍ତି କହିଛନ୍ତି ଯେ ଓପିଆରବିର ବରିଷ୍ଠ ପୁଲିସ ଅଧିକାରୀ, ରାଜ୍ୟ ସରକାରଙ୍କର ବରିଷ୍ଠ ମନ୍ତ୍ରୀ ଓ ନେତୃବୃନ୍ଦଙ୍କ ବିନା ଅଗୋଚରରେ ଏହି କେଳେଙ୍କାରୀ ହୋଇପାରିବ ନାହିଁ। ବିଜେପି ନେତାଙ୍କ ସହ ଏହି କେଳେଙ୍କାରୀର ମାଷ୍ଟରମାଇଣ୍ଡ ଶଙ୍କର ପୃଷ୍ଟିର ଘନିଷ୍ଠ ସମ୍ପର୍କ ରହିଥିଲା। ଏହାସହିତ ଅତୁଲ ପ୍ରଭାକର ନାମକ ଜଣେ ବ୍ୟକ୍ତି ମଧ୍ୟ ଉଭୟ ବିଜେପି ନେତା ଓ ଶଙ୍କର ପୃଷ୍ଟିଙ୍କ ସହ ଘନିଷ୍ଠ ଥିଲେ। ଏହି ଅତୁଲ ପ୍ରଭାକର କିଏ ? ସେ ଶଙ୍କର ପୃଷ୍ଟିଙ୍କୁ କିଭଳି ଜାଣିଲେ? ଅତୁଲ ପ୍ରଭାକରଙ୍କ ସହ ରାଜ୍ୟ ବିଜେପି ପ୍ରଭାରୀ ବିଜୟପାଲ୍ ସିଂ ତୋମାରଙ୍କ କି ସମ୍ପର୍କ ଅଛି ବୋଲି କଂଗ୍ରେସ ପ୍ରଶ୍ନ କରିଛି। ରଜନୀ ମହାନ୍ତି କହିଛନ୍ତି ଯେ ଅତୁଲ ପ୍ରଭାକର ମହାରାଷ୍ଟ୍ରର ଅଧିବାସୀ। ମାତ୍ର ତାଙ୍କର ଓଡ଼ିଶାରେ କି କାର୍ଯ୍ୟ? ଭୁବନେଶ୍ୱରରେ ସେ ମାସ ମାସ ଧରି ରହୁଛନ୍ତି କାହିଁକି? ଶଙ୍କର ପୃଷ୍ଟିଙ୍କ ସହ ତାଙ୍କର ନିବିଡ ସମ୍ପର୍କ କେବେ ଠୁଁ ରହିଛି ବୋଲି ସେ ପ୍ରଶ୍ନ କରିଛନ୍ତି। ତେଣୁ ପୁଲିସ ଚାକିରି ବିକ୍ରି ରାକେଟକୁ ଶଙ୍କର ପୃଷ୍ଟି ସହିତ ଅତୁଲ ପ୍ରଭାକର ଚଳାଉଛନ୍ତି ବୋଲି କଂଗ୍ରେସ ସନ୍ଦେହ କରିଛି।

ଦଳ ପକ୍ଷରୁ ଆହୁରି କୁହାଯାଇଛି ଯେ ଏସଆଇ ନିଯୁକ୍ତି ପରୀକ୍ଷାର ମହାଦୁର୍ନୀତିର ଚେର ପଞ୍ଚସପ୍ଟ ମାଲିକ ଶଙ୍କର ପୃଷ୍ଟି ଓ ଆଜି ପର୍ଯ୍ୟନ୍ତ ଗିରଫ ହୋଇଥିବା ମଧ୍ୟସ୍ଥ ଏବଂ ପରୀକ୍ଷାର୍ଥୀଙ୍କ ଭିତରେ ସୀମିତ ନାହିଁ। ଯେଉଁମାନେ ବିଜେପିର ଓଡ଼ିଶା ଦାୟିତ୍ୱରେ ରହିଛନ୍ତି, ସେମାନଙ୍କ ପର୍ଯ୍ୟନ୍ତ ଦୁର୍ନୀତିର ଚେର ଲମ୍ବିଛି। ଓଡ଼ିଆ ଅସ୍ମିତାର ଦ୍ୱାହି ଦେଇ ପ୍ରଥମ ଥର ରାଜ୍ୟରେ କ୍ଷମତାକୁ ଆସିଥିବା ବିଜେପି ସରକାର ୧୫ ମାସ ଭିତରେ ୧୬ଟି ନିଯୁକ୍ତିଭିତ୍ତିକ ପରୀକ୍ଷାରେ ପ୍ରଶ୍ନପତ୍ର ଲିକ୍‌ଠାରୁ ଆରମ୍ଭ କରି ଚାକିରି ଦେବା ପାଇଁ ଅର୍ଥ ଆଦାୟର ଅଭିଯୋଗ ହେବା ପରେ ଏହାକୁ ବାତିଲ କରାଯାଇଛି। ଓଡ଼ିଶା ପୁଲିସ ରିକ୍ରୁଟମେଣ୍ଟ ବୋର୍ଡ ରାଜ୍ୟରେ ଖାଲିପଡ଼ିଥିବା ୯୩୩ ପଦବୀ ପୂରଣ କରିବା ପାଇଁ ଲିଖିତ ପରୀକ୍ଷା କରିବା ପାଇଁ କେନ୍ଦ୍ର ସରକାରଙ୍କ ଆଇଟିଆଇ ସଂସ୍ଥା ସହିତ ଚୁକ୍ତିନାମା କରିଥିଲେ। ଉକ୍ତ ଚୁକ୍ତିନାମାରେ ସର୍ତ୍ତାବଳୀ ଅନୁସାରେ ଆଇଟିଆଇ ସଂସ୍ଥା ପରୀକ୍ଷା ପରିଚାଳନା କରିବା ପାଇଁ ଅନ୍ୟ କୌଣସି ସଂସ୍ଥାକୁ ସବ୍ କଣ୍ଟ୍ରାକ୍ଟ ଦେଇପାରିବେ। ସେହି ଅନୁସାରେ ସିଲିକନ ଟେକ୍ ଲାବକୁ ଆଇଟିଆଇ ସଂସ୍ଥା ସବ୍ କଣ୍ଟ୍ରାକ୍ଟ ଦେଇଥିଲା। କିନ୍ତୁ ସବ୍ କଣ୍ଟ୍ରାକ୍ଟ ପାଇଥିବା ସଂସ୍ଥା ଅନ୍ୟ ଏକ ସଂସ୍ଥାକୁ ସବ୍ କଣ୍ଟ୍ରାକ୍ଟ ଦେଇପାରିବ ନାହିଁ। କିଭଳି ଭାବରେ ସମସ୍ତ ନିୟମକୁ ଉଲଂଘନ କରି ପଞ୍ଚସପ୍ଟକୁ ପରୀକ୍ଷା କରିବାକୁ ଦିଆଗଲା ବୋଲି କଂଗ୍ରେସ ପ୍ରଶ୍ନ କରିଛି।

# ଦମ୍ପତିଙ୍କୁ ଦୁର୍ବ୍ୟବହାର ଅଭିଯୋଗରେ କନଷ୍ଟେବଲ ନିଲମ୍ବିତ

**ନାକଟିଦେଉଳ, ୧୦।୧୦(ସମିସ)**

ସମ୍ବଲପୁର ଜିଲ୍ଲା ନାକଟିଦେଉଳ କିସିଣ୍ଡା ଥାନାର ଜଣେ କନେଷ୍ଟବଳ ଦମ୍ପତିଙ୍କୁ ଦୁର୍ବ୍ୟବହାର ସହ ମାଡଡ଼ ମାରିଥିବା ଅଭିଯୋଗ କ୍ରମେ ନିଲମ୍ବିତ ହୋଇଛନ୍ତି। ସ୍ୱାମୀ ସ୍ତ୍ରୀଙ୍କ କଳହରେ ଅଭିଯୋଗ ଦେବା ପାଇଁ ଥାନାକୁ ଆସିଥିବା ଦମ୍ପତିଙ୍କୁ ଦାୟିତ୍ୱରେ ଥିବା କନେଷ୍ଟବଳ ଦୁର୍ବ୍ୟବହାର କରିବା ସହ, ସ୍ୱାମୀଙ୍କୁ ଥାର୍ଡ଼ ଡିଗ୍ରୀ କରିବା ଅଭିଯୋଗରେ ଆଜି ଜଣେ କନେଷ୍ଟବଳଙ୍କୁ ନିଲମ୍ବିତ କରାଯାଇଛି। ସୂଚନା ଅନୁସାରେ ସମ୍ବଲପୁର ଜିଲ୍ଲା କିସିଣ୍ଡା ଥାନା ମହୁକୁଦଗାଁର ରମେଶ ମୁଖି ଓ ରିତା ମୁଖି ଉଭୟ ସ୍ୱାମୀ-ସ୍ତ୍ରୀଙ୍କ ମଧ୍ୟରେ ପାରିବାରିକ ଝଗଡ଼ାକୁ ନେଇ ରିତା ମୁଖି କିସିଣ୍ଡା ଥାନାକୁ ଅଭିଯୋଗ ଦେବା ପାଇଁ ଆସିଥିଲେ। ଥାନାଧିକାରିଣୀ ଅଞ୍ଜଳି କୁମ୍ଭାର ସମ୍ବଲପୁରରେ ଦଶହରା ଡିୟୁଟି ପାଇଁ ଅନୁପସ୍ଥିତ ଥିବାବେଳେ ଡିୟୁଟିରେ ଥିବା କନେଷ୍ଟବଳ ବୈଦନାଥ ବେହେରା ରମେଶ ମୁଖୀକୁ ସମାଧାନ ପାଇଁ ଫୋନ ମାଧ୍ୟମରେ ଥାନାକୁ ଡାକି ଥିଲେ। ଉଭୟ ଥାନାରେ ପହଞ୍ଚିବା ପରେ କୌଣସି



ଅଭିଯୋଗ ଗ୍ରହଣ ନକରି ଓଲଟି ଉଭୟଙ୍କୁ ଦୁର୍ବ୍ୟବହାର କରିବା ସହ ଥାନା ଭିତରେ ସ୍ୱାମୀ ରମେଶ ମୁଖିଙ୍କୁ ମାଡ଼ ମାରିଥିଲେ। ଏହି ଘଟଣାକୁ ନେଇ ଉଭୟ ଦମ୍ପତି ପୁଲିସ ମହାନିର୍ଦ୍ଦେଶକଙ୍କୁ ଟ୍ୱିଟ କରି ଜଣାଇଥିଲେ। ଘଟଣାକୁ ଗୁରୁତ୍ୱ ନେଇ ଆଜି ସମ୍ବଲପୁର ଏସ୍‌ପି କନେଷ୍ଟବଳ ବୈଦନାଥ ବେହେରାଙ୍କୁ ଶୃଙ୍ଖଳାଗତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ସହ କାର୍ଯ୍ୟରୁ ନିଲମ୍ବିତ କରିଛନ୍ତି। ଏ ଘଟଣାକୁ ନେଇ ଆମକୁ ନ୍ୟାୟ ଦରକାର ବୋଲି ଉଭୟ ଦମ୍ପତି ପ୍ରକାଶ କରିଛନ୍ତି।



ସମ୍ବଲପୁର : ଚାରିଆଡ଼େ କୁଢ଼କୁଢ଼ ଆବର୍ଜନା

# ଭିସୁଟ୍‌ରେ ଷ୍ଟାଟ୍‌ଅପ୍ ବୁଟ୍ କ୍ୟାମ୍ପ




**ସମ୍ବଲପୁର, ୧୦।୧୦ (ସମିସ):** ବୁର୍ଲାସ୍ଥିତ ବୀର ସୁରେନ୍ଦ୍ର ସାଏ ବୈଷୟିକ ବିଶ୍ୱବିଦ୍ୟାଳୟ (ଭିସୁଟ୍)ର ଇ-ସେଲ୍‌ଫ ଏବଂ ଏଫ୍‌ଟିବିଆଇ-ଏନ୍‌ଆଇଟି ରାଉରକେଲା ପକ୍ଷରୁ ଆଜି ଷ୍ଟାର୍ଟଅପ୍ ବୁଟ୍ କ୍ୟାମ୍ପ ୨୦୨୫ ଆୟୋଜିତ ହୋଇଯାଇଛି। ଏଥିରେ ଉଦୀୟମାନ ଉଦ୍ଭାବକ, ଷ୍ଟାର୍ଟଅପ୍ ଉତ୍ସାହୀ ଏବଂ ଶିଳ୍ପ ପରାମର୍ଶଦାତାମାନେ ଯୋଗଦେଇଥିଲେ। ଭିସୁଟ୍ କୁଳପତି ପ୍ରଫେସର ଦୀପକ କୁମାର ସାହୁ ଏହାକୁ ଉଦ୍ଘାଟନ କରି ଛାତ୍ରଛାତ୍ରୀ ମାନଙ୍କୁ ନିଜ ଧାରଣାକୁ ପ୍ରଭାବଶାଳୀ ଉଦ୍ୟମରେ ପରିଣତ କରିବାକୁ ଉତ୍ସାହିତ କରିଥିଲେ। କାର୍ଯ୍ୟକ୍ରମରେ ରାଉରକେଲାରୁ ଦୁଇଜଣ ବିଶିଷ୍ଟ ଅତିଥି ଏଫ୍‌ଟିବିଆଇର ସଭାପତି ପ୍ରଫେସର ସୁବ୍ରତ ପଣ୍ଡା ଏବଂ ଏଫ୍‌ଟିବିଆଇର ସିଇଓ ଚିରଞ୍ଜିବ ସାମଲ ଯୋଗ ଦେଇଥିଲେ। ସେମାନେ ଷ୍ଟାର୍ଟଅପ୍ ଇନକ୍ୟୁବେସନ, ପାଣ୍ଠି ଯୋଗାଣର ସୁଯୋଗ ଏବଂ ଧାରଣା ଯାଞ୍ଚର ଗୁରୁତ୍ୱ ଉପରେ ବକ୍ତବ୍ୟ ରଖିଥିଲେ। ଭିସୁଟ୍‌ର ଡଃ ତୃପ୍ତି ରଞ୍ଜନ ମହାପାତ୍ର, ଭିପି ଟେକ୍ନିକାଲ୍ ସୋସାଇଟି, ଡଃ ଆଦିତ୍ୟ କୁମାର ହୋତା ଏବଂ ଅନିଲ କୁମାର ମୁର୍ମୁ ଉପସ୍ଥିତ ଥିଲେ। ଆଜିର ପ୍ରମୁଖ ଆକର୍ଷଣ ଥିଲା ଆଇଡିଆ ପିଚିଂ ଅଧିବେଶନ, ଯେଉଁଥିରେ ୧୨ଟି ଛାତ୍ର ଦଳ ଏଫ୍‌ଟିବିଆଇର ବିଶେଷଜ୍ଞ ପ୍ୟାନେଲ୍ ସମ୍ମୁଖରେ ସେମାନଙ୍କର ଅଭିନବ ଧାରଣା ଉପସ୍ଥାପନ କରିଥିଲେ। ବିଚାରକଙ୍କ ଦ୍ୱାରା ସତର୍କ ମୂଲ୍ୟାଙ୍କନ ପରେ, ଶ୍ରେଷ୍ଠ ତିନୋଟି ଦଳକୁ ସେମାନଙ୍କର ଉଲ୍ଲେଖନୀୟ ଧାରଣା ପାଇଁ ପୁରସ୍କୃତ କରାଯାଇଥିଲା। ଷ୍ଟାର୍ଟଅପ୍ ବୁଟ୍ କ୍ୟାମ୍ପ୍ ୨୦୨୫ କେବଳ ଏକ ଶିକ୍ଷଣ ପ୍ଲାଟଫର୍ମ ଭାବରେ କାର୍ଯ୍ୟ କରିନଥିଲା, ବରଂ ଉଦ୍ୟୋଗୀ ଏବଂ ନବସୃଜନକାରୀଙ୍କ ପରବର୍ତ୍ତୀ ପିଢ଼ିକୁ ଗଢ଼ି ତୋଳିବାରେ ଭିସୁଟ୍ ବୁର୍ଲା ଏବଂ ଏନଆଇଟି ରାଉରକେଲା ମଧ୍ୟରେ ସହଯୋଗକୁ ମଧ୍ୟ ସୁଦୃଢ଼ କରିଥିଲା।

# ମରାମତି ହେବ କୁଲତାପଡ଼ା ବ୍ରିଜ୍ ଗାର୍ଡୱାଲ

**ସମ୍ବଲପୁର, ୧୦।୧୦ (ସମିସ) :** ଗତ ମଙ୍ଗଳବାର ସନ୍ଧ୍ୟାରେ ଠାକୁରପଡ଼ାରୁ କେନ୍ଦ୍ରୀୟ ବିଦ୍ୟାଳୟକୁ ଯିବା ରାସ୍ତାରେ ରଣେଶ୍ୱର ରାମଚଣ୍ଡୀ ମନ୍ଦିର ପାଖରେ ଥିବା କୁଲତାପଡ଼ା ଧୋବିଯୋର ବ୍ରିଜ କଡ଼ ଧସି ଯାଇଥିଲା। ବ୍ରିଜ୍‌ର ମନ୍ଦିରପଟକୁ ରାସ୍ତାକଡ଼ରେ ପ୍ରାୟ ୧୫ ଫୁଟ୍‌ରୁ ଊର୍ଦ୍ଧ୍ୱ ଗାତ ହୋଇଯାଇଛି। ଏହି ଗାତ ଦେଇ ପୋଲ ତଳ ପାଣି ଦେଖାଯାଉଛି। ବ୍ୟସ୍ତବହୁଳ ରାସ୍ତାର ଗାତ ଚାରିକଡ଼େ ବ୍ୟାରିକେଡ ଦିଆଯାଇଥିବାବେଳେ ଆଜି ତୃତୀୟ ଦିନ ମଧ୍ୟ କାମ ଆରମ୍ଭ ହୋଇପାରିନାହିଁ। ଏଠାରେ ଲୁହାଛଡ଼ ଦେଇ ଗାର୍ଡ ୱାଲ କରାଯିବ ବୋଲି ସୂଚନା ଦେଇଛନ୍ତି ପୂର୍ତ୍ତ ବିଭାଗ ଏସ୍‌ଡିଓ ବିନୀତ ଲାକ୍ରା। ଉଲ୍ଲେଖଯୋଗ୍ୟ ଯେ, ଏହି ରାସ୍ତାରେ ଗୁରୁନାନକ ପବ୍ଲିକ ସ୍କୁଲ, କେନ୍ଦ୍ରୀୟ ବିଦ୍ୟାଳୟ-୧, ବିକାଶ ହସପିଟାଲ ସହ ଜାତୀୟ ରାଜପଥକୁ ଯୋଗାଯୋଗ କରୁଥିବାରୁ ଦିନରାତି ୨୪ ଘଣ୍ଟା ଏହି ରାସ୍ତାରେ ଯାତାୟାତ ଲାଗି ରହିଥାଏ। ଏହାସହ ରେଳନଗର ଥିବାରୁ ଭାରୀଯାନ ଗୁଡ଼ିକରେ ସାମଗ୍ରୀ ନେବାଆଣିବା ମଧ୍ୟ ଲାଗି ରହିଥାଏ।



# ହୀରାକୁଦ ଜଳସ୍ତର ୬୨୯.୮୯ ଫୁଟ୍, ବନ୍ଦ ହେଲା ୩ ଗେଟ୍

**ସମ୍ବଲପୁର, ୧୦।୧୦ (ସମିସ):** ହୀରାକୁଦ ଜଳଭଣ୍ଡାରର ସର୍ବୋଚ୍ଚ ଜଳଧାରଣ କ୍ଷମତା ୬୩୦ ଫୁଟ୍ ପାଖାପାଖି ରହୁଥିବାବେଳେ ନଦୀବନ୍ଧର କର୍ଭରୁଲ୍ ଅନୁଯାୟୀ ଏହି ସ୍ତର ବଜାୟ ରଖିବାକୁ ମୁଖ୍ୟବନ୍ଧ କର୍ତ୍ତୃପକ୍ଷଙ୍କ ଉଦ୍ୟମ ଜାରି ରହିଛି। ପ୍ରବେଶ ଜଳ ପରିମାଣ ହ୍ରାସ ପାଇବାରୁ ଶୁକ୍ରବାର ସକାଳେ ୮ଟା ୨୦ ମିନିଟରୁ ୮ଟା ୪୫ ମିନିଟ ମଧ୍ୟରେ ନଦୀବନ୍ଧର ୩ଟି ଗେଟ୍ ବନ୍ଦ କରାଯାଇଛି।

ଶୁକ୍ରବାର ସନ୍ଧ୍ୟା ୬ଟା ସମୟରେ ହୀରାକୁଦ ଜଳଭଣ୍ଡାରର ଜଳସ୍ତର ୬୨୯.୮୯ ଫୁଟ୍ ରହିଛି। ନଦୀବନ୍ଧର ବାମପାର୍ଶ୍ୱ ଓ ଡାହାଣ ପାର୍ଶ୍ୱର ଗୋଟିଏ ଲେଖାଏ ଏହିଭଳି ମୋଟ ୨ଟି ସ୍ଲୁଇସ୍ ଗେଟ୍‌ଦେଇ ବନ୍ୟାଜଳ ନିଷ୍କାସନ ଜାରି ରହିଛି। ଜଳଭଣ୍ଡାରକୁ ସେକେଣ୍ଡ ପ୍ରତି ୯୪, ୨୨୪ ଘନଫୁଟ୍ ଜଳ ପ୍ରବେଶ କରୁଥିବାବେଳେ ପାୱାର ଚେନାଲ, ଶିଳ୍ପାନୁଷ୍ଠାନ, କେନାଲ ଆଦି ଦେଇ ୬୮, ୮୧୦ ଘନଫୁଟ ଜଳ ନିଷ୍କାସିତ ହେଉଛି। ସ୍ପିଲୱେ ଦେଇ ୩୨, ୮୬୦ ଘନଫୁଟ ଜଳ ନିଷ୍କାସିତ ହେଉଥିବାବେଳେ ପାୱାର ଚେନାଲ ଦେଇ ୩୧, ୬୩୨ ଘନଫୁଟ, ଶିଳ୍ପାନୁଷ୍ଠାନ ସକାଶେ ୨୪୩ ଘନଫୁଟ, କେନାଲ ପାଇଁ ୪, ୦୭୫ ଘନଫୁଟ ଜଳ ନିଷ୍କାସିତ ହେଉଛି। ଅନ୍ୟପକ୍ଷରେ ତଳମୁଣ୍ଡରେ ବେଲଗାଁଠାରେ ୨୧, ୦୦୦ ଘନଫୁଟ ଜଳ ପ୍ରବାହିତ ହେଉଥିବାବେଳେ ପଥର୍ଲାଠାରେ ୫୦, ୫୦୯ ଘନଫୁଟ, ଖଇରମାଳଠାରେ ୧, ୬୬, ୦୦୦ ଘନଫୁଟ, ବାରମୁଲଠାରେ ୧, ୪୮, ୦୦୦ ଘନଫୁଟ ଏବଂ ମୁଣ୍ଡଳୀଠାରେ ୨, ୦୧, ୯୨୦ ଘନଫୁଟ ଜଳ ପ୍ରବାହିତ ହେଉଥିବା ହୀରାକୁଦ ମୁଖ୍ୟ ନଦୀବନ୍ଧ ସୂତ୍ରରୁ ପ୍ରକାଶ।

ହୀରାକୁଦ ନଦୀବନ୍ଧର ଉପରମୁଣ୍ଡରେ ୨.୦୧ ମିମି ବର୍ଷା ହୋଇଥିବାବେଳେ ତଳମୁଣ୍ଡରେ ୪.୬୦ ମିମି ବର୍ଷା ହୋଇଥିବା ସୂଚନା ମିଳିଛି। ଗତବର୍ଷ ଆଜିର ଦିନରେ ହୀରାକୁଦ ଜଳଭଣ୍ଡାରର ଜଳସ୍ତର ୬୨୯.୩୭ ଫୁଟ୍ ରହିଥିବା ନଦୀବନ୍ଧ ସୂତ୍ରରୁ ପ୍ରକାଶ।

# ଫାଟକ ଦୁର୍ଗାପୂଜା ଲଟେରୀ ଉଠାଣ ତାରିଖ ପରିବର୍ତ୍ତିତ

**ସମ୍ବଲପୁର, ୧୦।୧୦ (ସମିସ):** ଚଳିତବର୍ଷ ଦଶହରା ସମୟରେ ବର୍ଷା ଯୋଗୁଁ ବାଧାପ୍ରାପ୍ତ ହୋଇ ଫାଟକ ଦୁର୍ଗାପୂଜାର ଲଟେରୀ ଟିକଟ ଆଶାନୁରୂପ ଭାବେ ବିକ୍ରୟ ହୋଇପାରିନାହିଁ। ଏଣୁ ଦୁର୍ଗାପୂଜା କମିଟି ପକ୍ଷରୁ ଲଟେରୀ ଉଠାଣର ସ୍ଥିରୀକୃତ ତାରିଖ ୧୯.୧୦.୨୫ ପରିବର୍ତ୍ତେ ଏହି ଲଟେରୀ ଉଠାଣ ଆସନ୍ତା ୯.୧୧.୨୫ରେ ହେବ ବୋଲି ନିଷ୍ପତ୍ତି ନିଆଯାଇଛି। ଏନେଇ ସହଯୋଗ କରିବାପାଇଁ ଫାଟକ ବୁଢାରଜା ଦୁର୍ଗାପୂଜା କମିଟି ପକ୍ଷରୁ ଜନସାଧାରଣଙ୍କୁ ସହଯୋଗ କରିବା ପାଇଁ ଅନୁରୋଧ କରାଯାଇଛି।

# କୋଲ୍‌ଇଣ୍ଡିଆର ଚତୁର୍ଥ ସିଏସ୍‌ଆର୍ ସମ୍ମିଳନୀ




**ସମ୍ବଲପୁର, ୧୦।୧୦ (ସମିସ):** ମହାନଦୀ କୋଲଫିଲ୍ଡସ ଲିମିଟେଡ (ଏମସିଏଲ) ଗୋପାଳପୁରଠାରେ କୋଲଇଣ୍ଡିଆର ସିଏସଆର୍ ସମ୍ମିଳନୀର ଚତୁର୍ଥ ସଂସ୍କରଣ ଆୟୋଜନ କରିଛି। ଏହି ଏକଦିବସୀୟ ସମ୍ମିଳନୀରେ କୋଲଇଣ୍ଡିଆ ଓ ସହାୟକ କମ୍ପାନୀ ଗୁଡ଼ିକର ବରିଷ୍ଠ ଅଧିକାରୀ, ସିଏସଆର ପ୍ରୋଫେସନାଲମାନେ ଏକାଠି ହୋଇଥିଲେ। ଏଠାରେ ସିଏସଆର୍‌ର ନୂତନ ଦୃଷ୍ଟିକୋଣ, ସର୍ବୋତ୍ତମ ପ୍ରଥା ଏବଂ ରଣନୀତି ବିଷୟରେ ଆଲୋଚନା ହୋଇଥିଲା। କୋଲଇଣ୍ଡିଆ ଲିମିଟେଡ ଅଧ୍ୟକ୍ଷ ପି.ଏମ ପ୍ରସାଦ, କୋଲଇଣ୍ଡିଆ ନିର୍ଦ୍ଦେଶକ (ଏଚ୍‌ଆର) ଡ. ବିନୟ ରଞ୍ଜନ, ଏମସିଏଲ୍‌ର ଅଧ୍ୟକ୍ଷ ତଥା ପ୍ରବନ୍ଧ ନିର୍ଦ୍ଦେଶକ ଉଦୟ ଅନନ୍ତ କାଓଲେ ତଥା ବିଶିଷ୍ଟ ଅତିଥିମାନେ ଏହି କାର୍ଯ୍ୟକ୍ରମକୁ ଉଦ୍‌ଘାଟନ କରିଥିଲେ। ଏହି ଅବସରରେ କୋଲଇଣ୍ଡିଆର ମୁଖ୍ୟ ସତର୍କତା ଅଧିକାରୀ, ଏମସିଏଲ୍‌ର କାର୍ଯ୍ୟକାରୀ ନିର୍ଦ୍ଦେଶକବୃନ୍ଦ, ଏମସିଏଲ ମୁଖ୍ୟ ସତର୍କତା ଅଧିକାରୀ ତଥା ସହାୟକ କମ୍ପାନୀ ଗୁଡ଼ିକର ନିର୍ଦ୍ଦେଶକମାନେ ଉପସ୍ଥିତ ଥିଲେ। କୋଇଲା ଏବଂ ଖଣି ରାଜ୍ୟ ମନ୍ତ୍ରୀ ସତୀଶ ଚନ୍ଦ୍ର ଦୁବେ ଦେଶରେ ବିଭିନ୍ନ ସିଏସଆର ପରିଯୋଜନା ମାଧ୍ୟମରେ ସାମଗ୍ରିକ ବିକାଶ ପ୍ରତି କୋଲଇଣ୍ଡିଆର ପ୍ରତିବଦ୍ଧତାକୁ ପ୍ରଶଂସା କରିଥିଲେ। କୋଲଇଣ୍ଡିଆ ଅଧ୍ୟକ୍ଷ ଶ୍ରୀ ପ୍ରସାଦ ତାଙ୍କ ବକ୍ତବ୍ୟରେ ଏମସିଏଲର ସିଏସଆର ଉଦ୍ୟମ ଏବଂ ତାହାର ସାମାଜିକ ପ୍ରଭାବର ମହତ୍ତ୍ୱପୂର୍ଣ୍ଣ ଭୂମିକା ବିଷୟରେ କହିଥିଲେ। ସମ୍ମିଳନୀରେ ଭାରତ ସରକାରଙ୍କ ଭାରୀ ଉଦ୍ୟୋଗ ଓ ସାର୍ବଜନିକ ଉପକ୍ରମ ମନ୍ତ୍ରାଳୟର ପୂର୍ବତନ ସଚିବ ଡ. ଭାସ୍କର ଚାଟାର୍ଜୀ, ଟାଟା ସାମାଜିକ ବିଜ୍ଞାନ ସଂସ୍ଥାନ (ଟିଆଇଏସ୍‌ଏସ୍), ମୁମ୍ବାଇର ସିଏସଆର ଉତ୍କୃଷ୍ଟତା କେନ୍ଦ୍ରର ପୂର୍ବତନ ଅଧ୍ୟକ୍ଷ ପ୍ରଫେସର ଏସ୍ ଶିବରାଜୁ ବିଶିଷ୍ଟ ବକ୍ତା ଭାବେ ଯୋଗ ଦେଇଥିଲେ।

# ମଦ ବିକ୍ରି ବନ୍ଦ ପାଇଁ ଉପଜିଲ୍ଲାପାଳଙ୍କୁ ଦାବିପତ୍ର



**ରେଢ଼ାଖୋଲ, ୧୦।୧୦ (ସମିସ):** ସମ୍ବଲପୁର ଜିଲ୍ଲା ରେଢ଼ାଖୋଲ ଥାନା ଅନ୍ତର୍ଗତ କୁକଡ଼ାବାହାଲି ଗ୍ରାମ ପଞ୍ଚାୟତ ଅଧୀନ ବଡକଷିବାହାଲ ଗ୍ରାମରେ ମଦବିକ୍ରି ବନ୍ଦ କରିବା ଦାବିରେ ଗ୍ରାମବାସୀ ମାନେ ରେଢ଼ାଖୋଲ ଉପଜିଲ୍ଲାପାଳ ରଶ୍ମି ରଞ୍ଜନ ମହନ୍ତଙ୍କୁ ଲିଖିତ ଦାବିପତ୍ର ପ୍ରଦାନ କରିଛନ୍ତି। ଏଥିରେ ଉଲ୍ଲେଖ କରିଛନ୍ତି ଯେ ଗ୍ରାମରେ ସ୍କୁଲ ଏବଂ ମନ୍ଦିର ରହିଛି। ଏହା ସମ୍ମୁଖରେ ବେଆଇନ ଭାବରେ ମଦ ଦୋକାନ ଓ କୁଟିଆ ଭାଟିରେ ଖୋଲା ଖୋଲି ମଦ ବିକ୍ରି ଚାଲିଥିବାରୁ ସଦାସର୍ବଦା ବିଦ୍ୟାଳୟରେ ଅଧ୍ୟୟନ କରୁଥିଲା ଛୋଟଛୋଟ ଛାତ୍ରଛାତ୍ରୀ ଏବଂ ମନ୍ଦିରକୁ ଆସୁଥିବା ଗ୍ରାମର ମହିଳା ସହିତ ପଡୋଶୀ ଗ୍ରାମରୁ ଆସିଥିବା ଭକ୍ତ ଓ ଶ୍ରଦ୍ଧାଳୁଙ୍କ ଉପରେ ଖରାପ ପ୍ରଭାବ ପଡୁଛି।ବିଭିନ୍ନ ସମୟରେ ଉକ୍ତ ସ୍ଥାନରେ ହେଉଥିବା ଅଶ୍ଳୀଳ ଭାଷାର ଗାଳି ଗୁଲଜ ଛାତ୍ରଛାତ୍ରୀ ମନରେ ଖରାପ ପ୍ରଭାବ ପକାଉଛି। ତା ସହିତ ଗ୍ରାମରେ ପରିବାର ମଧ୍ୟରେ କଳହ ଲାଗି ରହୁଛି ବୋଲି ଗ୍ରାମବାସୀ ଅଭିଯୋଗ କରିଛନ୍ତି। ଯଦି ଗ୍ରାମରେ ମଦ ବିକ୍ରି ବନ୍ଦ ନ ହୁଏ ଆଗାମୀ ଦିନରେ ଆନ୍ଦୋଳନାତ୍ମକ ପନ୍ଥା ଅବଲମ୍ବନ କରିବାକୁ ଗ୍ରାମବାସୀଚେତାବନୀ ଦେଇଛନ୍ତି। ଏଥିରେ ରେଢ଼ାଖୋଲ ବ୍ଲକ ଅଧ୍ୟକ୍ଷ ପ୍ରଦୀପ ପ୍ରଧାନ, ଜିଲ୍ଲା ପରିଷଦ ସଭ୍ୟ ଶରତ କୁମାର ପ୍ରଧାନ, ପ୍ରଶାନ୍ତ ପ୍ରଧାନ, ଗୋଲକ ପ୍ରଧାନ, ତରୁଣ ପ୍ରଧାନ, ନିରଞ୍ଜନ ରାଉଳ, ଅନିରୁଦ୍ଧ ପ୍ରଧାନ, ଅରକ୍ଷିତ ସାହୁ ବବୁଲୁ ପ୍ରଧାନ ପ୍ରମୁଖ ସହିତ ଗ୍ରାମବାସୀ ସାମିଲ ଥିଲେ।

# ରାମଗଡ଼ପଡ଼ାରେ ସଫେଇ କାର୍ଯ୍ୟକ୍ରମ



**ସମ୍ବଲପୁର, ୧୦।୧୦ (ସମିସ):** 'ସ୍ୱଚ୍ଛତା ହିଁ ସେବା'କୁ ଆଧାର କରି ରାଷ୍ଟ୍ରୀୟ ସ୍ୱୟଂସେବକ ସଂଘ ବୁଢ଼ାରଜା ନଗର ପକ୍ଷରୁ ରାମଗଡ଼ପଡ଼ାଠାରେ ଥିବା ହନୁମାନ ମନ୍ଦିର, କୀର୍ତ୍ତନ ମଣ୍ଡପ ଓ ପାର୍ଶ୍ୱରେ ଥିବା ଖୋଲା ମଣ୍ଡପର ପରିସରକୁ ମହାନଗର ଅଧିକାରୀ ଓ କର୍ମଚାରୀଙ୍କ ସହ ସାମୁହିକ ସଫେଇ କରାଯାଇଛି। ଏହି କାର୍ଯ୍ୟକ୍ରମରେ ରାଷ୍ଟ୍ରୀୟ ସ୍ୱୟଂସେବକ ସଂଘର ପ୍ରାନ୍ତ ପ୍ରମୁଖ ଲକ୍ଷ୍ମଣ ନାୟକ, ମହନଗର ପ୍ରଚାରକ ପ୍ରଫୁଲ୍ଲ ସାହୁ, ବିବେକାନନ୍ଦ ଦାଶ, ସୁରଥ ଭୋଇ, ହରି ହରିପାଲ, ବିଶ୍ୱରଞ୍ଜନ ଜେନା, ବ୍ୟୋମକେଶ ସାହୁ, ଅଭିଳାଷ ମୁଣ୍ଡା, ବିନୟ ସୋନି, ଆକାଶ ପାଢ଼ୀ, ଆଶୁତୋଷ ପଣ୍ଡା, ଧୀରେନ ମେହେର, ରୁଦ୍ର କର୍ଣ୍ଣ, ଅଶୋକ ସିଂ, ଗଗନ ବିହାରୀ ଶବର, ଘନଶ୍ୟାମ ବାଗ, ସାନ ଛତ୍ରିଆଙ୍କ ସହିତ ପଡ଼ା ଅଧିବାସୀ ଖୁସିରାମ ଛତ୍ରିଆ, ଭବାନୀ ଶଙ୍କର ତାଣ୍ଡି, ଧରଣୀଧର ବାଗ ପ୍ରମୁଖ ସାମିଲ ହୋଇଥିଲେ।

## ୧୨ରୁ ପଲ୍‌ସ ପୋଲିଓ ଟିକାକରଣ

# ଜିଲ୍ଲାରେ ୭୯୯୯୦ ଶିଶୁଙ୍କୁ ଟିକା ଦେବାକୁ ଲକ୍ଷ୍ୟ ଧାର୍ଯ୍ୟ

**ସମ୍ବଲପୁର, ୧୦।୧୦(ସମିସ):** ଇଣ୍ଟେନ୍ସିଫାଏଡ୍ ପଲ୍ସ ପୋଲିଓ ଇମ୍ୟୁନାଇଜେସନ୍ (ଆଇପିପିଆଇ)-୨୦୨୫ କାର୍ଯ୍ୟକ୍ରମକୁ ନେଇ ସମ୍ବଲପୁର ଜିଲ୍ଲାପାଳ ସିଦ୍ଧେଶ୍ୱର ବଳିରାମ ବୋନ୍ଦରଙ୍କ ଅଧ୍ୟକ୍ଷତାରେ ଜିଲ୍ଲା ଟାସ୍କ ଫୋର୍ସ ବୈଠକ ଆଭାସୀ ମାଧ୍ୟମରେ ଅନୁଷ୍ଠିତ ହୋଇଯାଇଛି। ବୈଠକରେ ସମସ୍ତଙ୍କ ସୁରକ୍ଷାକୁ ନିଶ୍ଚିତକରି ଟୀକାକରଣର ଅଗ୍ରଗତି ବିଷୟରେ ବିସ୍ତୃତ ଆଲୋଚନା କରାଯାଇଥିଲା। ସୂଚନା ଅନୁଯାୟୀ ଚଳିତବର୍ଷ ପୋଲିଓ ଟୀକାକରଣ କାର୍ଯ୍ୟକ୍ରମ ଆସନ୍ତା ୧୨ ତାରିଖରେ ଆୟୋଜିତ ହେବ। ୧୨ ତାରିଖ ବିଭିନ୍ନ ବୁଥ୍‌ମାନଙ୍କରେ ଟୀକାକରଣ କରାଯିବାକୁ ଥିବାବେଳେ ୧୩ ଓ ୧୪ ତାରିଖ ଘରକୁ ଘର ବୁଲି ଟୀକାକରଣ କରାଯିବ। ଅଙ୍ଗନବାଡ଼ି କର୍ମୀମାନଙ୍କୁ କାର୍ଯ୍ୟରେ ନିୟୋଜିତ କରାଯିବ। ସମସ୍ତ ସମ୍ପୃକ୍ତ ବିଭାଗ ଅଧିକାରୀ ମାନଙ୍କୁ ଉପରୋକ୍ତ କାର୍ଯ୍ୟ ସୂଚାରୁରୂପେ ତୁଲାଇବା ପାଇଁ ଜିଲ୍ଲାପାଳ ନିର୍ଦ୍ଦେଶ ଦେଇଥିଲେ।

ସମ୍ବଲପୁର ଜିଲ୍ଲାରେ ମୋଟ ୮୮୨ଟି ବୁଥ୍, ୪୧ଟି ଟ୍ରାନ୍‌ଜିଟ୍ ପଏଣ୍ଟ ଓ ୨୧ଟି ମୋବାଇଲ ଟିମ୍ ଜରିଆରେ ଏହି ପଲ୍ସ ପୋଲିଓ ଟୀକାକରଣ କରାଯିବ। ଏଥିରେ ୧୮୮ ଜଣ ଟିମ୍ ମେମ୍ବର ଏବଂ ୯୧ ଜଣ ସୁପରଭାଇଜର ନିୟୋଜିତ ହେବେ। ଜିଲ୍ଲାରେ ମୋଟ ୨୭୦୪୩୪ ଘରମାନଙ୍କରେ ୭୯୯୯୦ ଜଣ ଶିଶୁଙ୍କୁ ଏହି ଟୀକା ଦେବାକୁ ଲକ୍ଷ୍ୟ ରଖାଯାଇଛି। ଏଥିନୁଯାୟୀ, ବାମରା ବ୍ଲକରେ ୬୬୫୩ ଜଣ ଶିଶୁଙ୍କୁ ଟୀକାକରଣ କରିବାକୁ ଲକ୍ଷ୍ୟ ରହିଥିବାବେଳେ ଧନକଉଡ଼ା ବ୍ଲକରେ ୩୬୨୪ ଶିଶୁ, ଜମନକିରା ବ୍ଲକରେ ୫୫୬୬ ଶିଶୁ, ଯୁଯୋମୁରା ବ୍ଲକରେ ୭୦୪୩ ଶିଶୁ, କୁଚିଣ୍ଡା ବ୍ଲକରେ ୩୮୦୯ ଶିଶୁ, କୁଚିଣ୍ଡା ଏସ୍‌ଡିଏଚ୍‌ରେ ୧୦୨୦ ଶିଶୁ, ମାନେଶ୍ୱର ବ୍ଲକରେ ୩୬୭୪ ଶିଶୁ, ନାକଟିଦେଉଳ ବ୍ଲକରେ ୫୫୭୦ ଶିଶୁ, ରେଢ଼ାଖୋଲ ବ୍ଲକରେ ୪୭୭୮ ଶିଶୁ, ରେଢ଼ାଖୋଲ ଏସ୍‌ଡିଏଚ୍‌ରେ ୧୩୨୭ ଶିଶୁ, ରେଙ୍ଗାଲି ବ୍ଲକରେ ୭୧୩୬ ଶିଶୁ ଏବଂ ସମ୍ବଲପୁର ମହାନଗର ନିଗମ ଅଞ୍ଚଳରେ ୨୯୭୯୦ ଜଣ ଶିଶୁଙ୍କ ପୋଲିଓ ଟୀକା ଦିଆଯିବ। ଉଲ୍ଲେଖଯୋଗ୍ୟ ଯେ, ରାଜ୍ୟ ପକ୍ଷରୁ ସମ୍ବଲପୁର ଜିଲ୍ଲା ସକାଶେ ୮୭୫୫୬ ଶିଶୁଙ୍କୁ ଟୀକାକରଣ କରିବାକୁ ଲକ୍ଷ୍ୟ ଧାର୍ଯ୍ୟ କରାଯାଇଛି।

# ପ୍ରଧାନଶିକ୍ଷକଙ୍କୁ ବିଦାୟକାଳୀନ ସମ୍ବର୍ଦ୍ଧନା

**ଜମନକିରା, ୧୦।୧୦(ସମିସ):** ଜମନକିରା ବ୍ଲକ ଅନ୍ତର୍ଗତ ଖର୍ସନମାଲ ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ପ୍ରଧାନ ଶିକ୍ଷକ ପ୍ରଶାନ୍ତ କୁମାର ନାଥ ୨୮ ବର୍ଷ ଧରି ଶିକ୍ଷକତା କରି ଅବସର ଗ୍ରହଣ କରିଛନ୍ତି। ଗୁରୁବାର ତାଙ୍କୁ ବିଦାୟକାଳୀନ ସମ୍ବର୍ଦ୍ଧନା ଜ୍ଞାପନ କରାଯାଇଥିଲା। ସଭାରେ ଅତିଥି ଭାବରେ ଅବସରପ୍ରାପ୍ତ ଶିକ୍ଷକ ତଥା ଜିଲ୍ଲା ଶିକ୍ଷକ ସଂଘର ଉପଦେଷ୍ଟା ଭୁବନେଶ୍ୱର ଦ୍ୱିବେଦୀ, ଦିଲୀପ ବହିଦାର, ଜମନକିରା ଶିକ୍ଷକ ସଂଘର ପୂର୍ବତନ ସଭାପତି ଈଶ୍ୱର ଚନ୍ଦ୍ର ମହାକୁଲ, ଖର୍ସନମାଲ ଆଞ୍ଚଳିକ ସାଧନ କେନ୍ଦ୍ରର ସଂଯୋଜକ ପ୍ରଶାନ୍ତ ପଣ୍ଡା, ଜମନକିରା ବ୍ଲକ ବିଇଓ କାର୍ଯ୍ୟାଳୟ ହିସାବ ରକ୍ଷକ ନିରଞ୍ଜନ ନାୟକ, ଖର୍ସନମାଲ ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ପରିଚାଳନା କମିଟିର ସଭାପତି ରୀନା ପଧାନଙ୍କ ସହ ଖର୍ସନମାଲ ପଞ୍ଚାୟତ ହାଇସ୍କୁଲ ପ୍ରଧାନ ଶିକ୍ଷକ ବିଶ୍ୱାମିତ୍ର ଦୀପ ମଞ୍ଚାସୀନ ଥିଲେ। ସଭାକୁ ସହକାରୀ ଶିକ୍ଷକ କେଶବ ପାତ୍ର ପରିଚାଳନା କରିଥିବା ବେଳେ ଅବନ୍ତି ନାଏକ ଓ ଶ୍ୱେତାଲୀନ ଦର୍ଶନ ପାଢ଼ୀ ସହଯୋଗ କରିଥିଲେ। ଶେଷରେ ମହେଶ୍ୱର ଡନସେନା ଧନ୍ୟବାଦ ଅର୍ପଣ କରିଥିଲେ।

# ସମ୍ବଲପୁର ଡାକ ବିଭାଗ ପକ୍ଷରୁ ଜାତୀୟ ଡାକ ସପ୍ତାହ

**ସମ୍ବଲପୁର, ୧୦।୧୦ (ସମିସ) :** ସମ୍ବଲପୁର ଡାକ ବିଭାଗ ପକ୍ଷରୁ ଜାତୀୟ ଡାକ ସପ୍ତାହ ୨୦୨୫ ପାଳିତ ହୋଇଯାଇଛି। 'ଲୋକଙ୍କ ପାଇଁ ପୋଷ୍ଟ - ସ୍ଥାନୀୟ ସେବା, ବିଶ୍ୱସ୍ତରୀୟ ପହଞ୍ଚିବା' ବିଷୟବସ୍ତୁ ଅଧୀନରେ ଲୋକମାନଙ୍କୁ ସଂଯୋଗ କରିବାରେ ଏବଂ ସମ୍ପ୍ରଦାୟକୁ ସଶକ୍ତ କରିବାରେ ଇଣ୍ଡିଆନ ପୋଷ୍ଟର ଗୁରୁତ୍ୱପୂର୍ଣ୍ଣ ଭୂମିକା ଉପରେ ଗୁରୁତ୍ୱାରୋପ କରାଯାଇଛି। ସପ୍ତାହବ୍ୟାପୀ ଏହି ଉତ୍ସବରେ ଡାକ ସେବା ଏବଂ ଗ୍ରାହକଙ୍କ ସମ୍ପୃକ୍ତିର ବିଭିନ୍ନ ଦିଗ ଉପରେ ଧ୍ୟାନ ଦେଇ ସ୍ୱତନ୍ତ୍ର ପାଳନ ଏବଂ ସାର୍ବଜନୀନ ଯୋଗାଯୋଗ କାର୍ଯ୍ୟକ୍ରମ ଆୟୋଜନ କରାଯାଇଥିଲା। ଏହି ପରିପ୍ରେକ୍ଷୀରେ ୬ ତାରିଖ ଇଣ୍ଡିଆ ପୋଷ୍ଟ ଦ୍ୱାରା ପ୍ରଦାନ କରାଯାଇଥିବା ଉନ୍ନତ ଡିଜିଟାଲ୍ ଉପକରଣ ଏବଂ ଅନଲାଇନ୍ ସେବାର ବ୍ୟବହାର ପ୍ରଦର୍ଶନୀ, ୭ରେ ଆର୍ଥିକ ଅନ୍ତର୍ଭୁକ୍ତି ଦିବସ: ଡାକ ବ୍ୟାଙ୍କିଂ, ସଞ୍ଚୟ ଏବଂ ବୀମା ସେବାକୁ ପ୍ରୋତ୍ସାହିତ କରିବା ପାଇଁ ସଚେତନତା ଅଭିଯାନ ଏବଂ ଆର୍ଥିକ ସାକ୍ଷରତା କାର୍ଯ୍ୟକ୍ରମ, ୮ରେ ଡାକପତ୍ର ସଂଗ୍ରହ ଏବଂ ନାଗରିକ କେନ୍ଦ୍ରିକ ଦିବସ: ଡାକଟିକଟ ସଂଗ୍ରହ ଏବଂ ଏହାର ସାଂସ୍କୃତିକ ଗୁରୁତ୍ୱ ବିଷୟରେ ସଚେତନତା ପ୍ରସାର ପାଇଁ ସମ୍ବଲପୁରର ଫିଲାଟେଲି ବ୍ୟୁରୋରେ ସ୍ୱତନ୍ତ୍ର ଡାକପତ୍ର ସଂଗ୍ରହ କର୍ମଶାଳା ଏବଂ ସ୍କୁଲ ଛାତ୍ରଛାତ୍ରୀଙ୍କ ସହିତ ଆଲୋଚନା, ୯ରେ ବିଶ୍ୱ ଡାକ ଦିବସ: ନୂତନତ୍ୱ ଏବଂ ଗ୍ରାହକ-କୈନ୍ଦ୍ରିକ ସେବା ପ୍ରଦାନ ପ୍ରତି ଡାକ କର୍ମଚାରୀଙ୍କ ପ୍ରତିବଦ୍ଧତା ଏବଂ ୧୦ରେ ଗ୍ରାହକ ଦିବସ: ମତାମତ ସଂଗ୍ରହ, ଅଭିଯୋଗର ସମାଧାନ ଏବଂ ଡାକ-ଗ୍ରାହକ ସମ୍ପର୍କକୁ ସୁଦୃଢ଼ କରିବା ପାଇଁ ଗ୍ରାହକ ସାକ୍ଷାତ ଏବଂ ଡାକ ଚୌପାଲ ଅଧିବେଶନ କରାଯାଇଥିଲା।



## ଜାତୀୟ ରାଜପଥରେ ପଡୁଛି ପାଉଁଶ

# ଏନ୍‌ଏଚ୍‌ଏଆଇକୁ ତାଗିଦ କଲା ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ

**ସମ୍ବଲପୁର, ୧୦।୧୦ (ସମିସ)**

ସମ୍ବଲପୁର ଅଇଁଠାପାଲିଠାରେ ଜାତୀୟ ରାଜପଥ ନଂ. ୫୩ ଉପରେ ନିର୍ମାଣ ଚାଲିଛି ୩.୫ କିଲୋମିଟର ଲମ୍ବ ଛଅ ଲେନ୍ ବିଶିଷ୍ଟ ଫ୍ଲାଏଓଭର। ଏହା ସରଲାକାନିଠାରୁ ଆରମ୍ଭ ହୋଇ ବିକାଶ ସ୍କୁଲ ପର୍ଯ୍ୟନ୍ତ ରହିବ। ଏହି ବ୍ରିଜ ନିର୍ମାଣ ସମୟରେ ଯାତାୟାତ ପାଇଁ ରାସ୍ତାକଡ଼କୁ ବ୍ୟବହାର କରାଯାଉଛି। ବିନା ଅନୁମତିରେ ବହୁସଂଖ୍ୟାରେ ଟ୍ରକ୍ ବୋଝେଇ ପାଉଁଶ (ଫ୍ଲାଏ ଆସ୍) ଆଣି ଏଠାରେ ପକାଯାଉଛି। ଏହି ପାଉଁଶ ଦ୍ୱାରା ସମଗ୍ର ଅଞ୍ଚଳ ପ୍ରଦୂଷିତ ହେଉଛି। ଜାତୀୟ ରାଜପଥ କଡ଼ରେ ଘଞ୍ଚ ଜନବସତି ଥିବାବେଳେ ସର୍ବସାଧାରଣ ସ୍ଥାନରେ ଏଭଳି ଟ୍ରକ୍ ଟ୍ରକ୍ ପାଉଁଶ ପକାଇବାକୁ ନେଇ ସାଧାରଣରେ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଇଛି।

ଏନେଇ ଅଭିଯୋଗ ହେବାପରେ ସମ୍ବଲପୁରସ୍ଥିତ ଆଞ୍ଚଳିକ ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ ପକ୍ଷରୁ ପତ୍ରସଂଖ୍ୟା ୫୫୨୯ ତା. ୯.୧୦.୨୦୨୫ରେ ଜାତୀୟ ରାଜପଥ ପ୍ରାଧୀକରଣ (ଏନ୍‌ଏଚ୍‌ଏଆଇ)କୁ ତାଗିଦ କରାଯାଇଛି। ପ୍ରଦୂଷଣ ବୋର୍ଡ ଆଞ୍ଚଳିକ ଅଧିକାରୀ ଡଃ ସତ୍ୟନାରାୟଣ ନନ୍ଦ ଏନ୍‌ଏଚ୍‌ଏଆଇ ପ୍ରକଳ୍ପ ନିର୍ଦ୍ଦେଶକ, ସମ୍ବଲପୁରଙ୍କୁ ପତ୍ର ଲେଖିଛନ୍ତି। ଏଥିରେ ଅଇଁଠାପାଲିଠାରେ ଜାତୀୟ ରାଜପଥ କଡ଼ରେ ଫ୍ଲାଏଆସ୍ ଡମ୍ପିଂ କରିବା ଦ୍ୱାରା ସ୍ଥାନୀୟ ବାସିନ୍ଦାମାନେ ଧୂଳି ଯୋଗୁଁ ଶ୍ୱାସଜନିତ ଓ ଅନ୍ୟ ବ୍ୟାଧିର ଶିକାର ହେଉଛନ୍ତି। ଏପରିକି ଫ୍ଲାଏଆସ୍ ସ୍ଥାନୀୟ ପରିବେଶ ସହିତ ଜଳଉତ୍ସ ଗୁଡ଼ିକ ପ୍ରଦୂଷିତ କରୁଛି। ଏହି ଚିଠିରେ ତୁରନ୍ତ ଜାତୀୟ ରାଜପଥ ଉପରେ ପାଉଁଶ ପକାଇବା ବନ୍ଦ କରିବାକୁ ନିର୍ଦ୍ଦେଶ ଦିଆଯାଇଛି। ଏହାସହ ପର୍ଯ୍ୟାବରଣ ଉପରେ ପ୍ରଭାବ ଏବଂ ଲୋକଙ୍କ ସ୍ୱାସ୍ଥ୍ୟ ପ୍ରଭାବକୁ ଦୃଷ୍ଟିରେ ରଖି ଅନୁଧ୍ୟାନ କରିବାକୁ କୁହାଯାଇଛି। ନିୟମ ଉଲ୍ଲଂଘନ କରିଥିବା ଠିକାଦାରଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ନେବାପାଇଁ କୁହାଯାଇଛି। ଏହାସହ ପାଉଁଶ ବଦଳରେ ଅନ୍ୟ ଫିଲିଂ ସାମଗ୍ରୀ ବ୍ୟବହାର କରିବା ଏବଂ ସ୍ଥାନୀୟ ଲୋକଙ୍କ ସମସ୍ୟା ଦୂର କରିବା ପାଇଁ ନିଆଯାଇଥିବା ଆକ୍ସନ ପ୍ଲାନ ବିଷୟରେ ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡକୁ ଜଣାଇବାକୁ ନିର୍ଦ୍ଦେଶ ରହିଛି।

ଉଲ୍ଲେଖଯୋଗ୍ୟ ଯେ, ସମ୍ବଲପୁର-ସୁନ୍ଦରଗଡ଼ କରିଡରରେ ରହିଛି ବହୁସଂଖ୍ୟାରେ ବଡ଼ ବଡ଼ କମ୍ପାନୀ। ଏହି କମ୍ପାନୀ ଗୁଡ଼ିକ ନିୟମାନୁସାରେ ଆସ୍ ପଣ୍ଡ ନିର୍ମାଣ କରି ସେଠାରେ ପାଉଁଶ ପକାଇବା କଥା। କିନ୍ତୁ ନିୟମ ଉଲ୍ଲଂଘନ କରି କମ୍ପାନୀ ଗୁଡ଼ିକର ଫ୍ଲାଏଆସ୍ ଆଣି କେତେବେଳେ ରାସ୍ତା କଡ଼ ତ ଆଉ କେତେବେଳେ କ୍ଷେତ କିମ୍ବା ଜନବସତି ନିକଟରେ ପକାଇଦେଉଥିବା ଦେଖାଯାଉଛି। ଜାତୀୟ ରାଜପଥ ତଥା ସର୍ବସାଧାରଣ ଜାଗାରେ ଫ୍ଲାଏଆସ୍ ଡମ୍ପିଂ କରି ସବୁ ନିୟମକୁ ଫୁ' କରାଯାଉଥିବା ସମ୍ବଲପୁରରେ ଚର୍ଚ୍ଚା ହେଉଛି।

## ଜାମସେଠରେ ନେଟୱର୍କ ଠପ୍

# ଇଣ୍ଟରନେଟ୍ ଓ ଯୋଗାଯୋଗ ବନ୍ଦ

**ପାଇକମାଳ, ୧୦।୧୦(ସମିସ):** ପାଇକମାଳ ବ୍ଲକ ଜାମସେଠ ୨୪ ଘଣ୍ଟା ହେଲା ନେଟୱର୍କ ଠପ୍ ଯୋଗୁଁ ମୋବାଇଲ ସେବା ତଥା ଇଣ୍ଟରନେଟ ଭଳି ସେବାରେ ଗ୍ରାମବାସୀ ନାହିଁ ନ ଥିବା ଅସୁବିଧାରେ ସମ୍ମୁଖୀନ ହେଉଛନ୍ତି। ମାଣ୍ଡୋସିଲ କାଦୋଘୁଚା ତଥା ଜାମସେଠ ଅଙ୍ଗନଦୀ ବ୍ରିଜ ନିକଟରେ ଏୟାରଟେଲ ଟାୱାରରେ ଗତକାଲିଠାରୁ କୌଣସି ଯାନ୍ତ୍ରିକ ତ୍ରୁଟି ଯୋଗୁଁ ଗାଁରେ ନେଟୱର୍କ ନଥିବା ହେତୁ ଇଣ୍ଟରନେଟ ମଧ୍ୟ ଚାଲୁଥିବା ଅଭିଯୋଗ ହୋଇଛି। ସୂଚନାଯୋଗ୍ୟ, ଜାମସେଠରେ ଲୋକସଂଖ୍ୟା ପାଖାପାଖି ୨ ହଜାରରୁ ଊର୍ଦ୍ଧ୍ୱ ଲୋକ ରହିଛନ୍ତି। ଗାଁରେ ସରକାରୀ ଡାକ୍ତରଖାନା, ପଞ୍ଚାୟତ, ବ୍ୟାଙ୍କ, ସମବାୟ ସମିତି, ଆରଆଇ ଅଫିସ, ବିଦ୍ୟାଳୟ, ପଶୁ ଡାକ୍ତରଖାନା, ବସ୍‌ଷ୍ଟାଣ୍ଡ ଭଳି ସରକାରୀ ତଥା ବେସରକାରୀ ଅନୁଷ୍ଠାନ ଗୁଡ଼ିକ ରହିଛି। ଜାମସେଠ ଗାଁକୁ ଅଞ୍ଚଳରୁ ବହୁ ଲୋକ ସରକାରୀ ତଥା ବେସରକାରୀ ସୁବିଧା ପାଇଁ ବହୁଲୋକ ପ୍ରତିଦିନ ନିର୍ଭର କରିଥାନ୍ତି। ନେଟୱର୍କ ତଥା ଇଣ୍ଟରନେଟ ବନ୍ଦ ଯୋଗୁଁ ସବୁ ଠପ୍ ହୋଇପଡୁଛି। ଅନଲାଇନ୍ ଆବେଦନ, ଫୋନ ପେ ତଥା ଗୁଗୁଲ ପେ ମଧ୍ୟ ବନ୍ଦ ହୋଇପଡ଼ିଛି। ଗାଁରେ ଠିକ୍ ଭାବରେ ୪ଜି କିମ୍ବା ୫ଜି ମଧ୍ୟ ଘର ଭିତରେ ଠିକ୍ ଭାବରେ ପାଉନଥିବା ପୂର୍ବରୁ ମଧ୍ୟ ଅଭିଯୋଗ କରିଛନ୍ତି ଗ୍ରାମବାସୀ। ଏତେ ସୁବିଧା ସୁଯୋଗ ଥାଇବି ଏୟାରଟେଲ, ଜିଓ ତଥା ବିଏସଏନଏଲ ଭଳି ଟାୱାର ମଧ୍ୟ ଗାଁରେ ନାହିଁ। ମାଣ୍ଡୋସିଲ କାଦୋଘୁଚା ଏୟାରଟେଲ ଟାୱାର ଜାମସେଠରୁ ୩ କିମି ଦୂରରେ ରହିଛି ଓ ଏହାର ୪ ଜି ରେଞ୍ଜ ୨ କିମି ପରିସର ପର୍ଯ୍ୟନ୍ତ ସିମୀତ। ଫଳରେ ଗାଁକୁ ଠିକ୍ ଭାବରେ ଘର ଭିତରେ ଇଣ୍ଟରନେଟ ଚାଲୁ ନାହିଁ କି ଫୋନ ମଧ୍ୟ ଲାଗୁ ନାହିଁ। ଗାଁକୁ ୫ କିମି ଦୂରରେ ଥିବା ମାଣ୍ଡୋସିଲ, ବରତୁଣ୍ଡା ତଥା ଛିନ୍ଦେଇକେଲା ଗାଁ ଭଳି ଟାୱାରରୁ ଗ୍ରାମବାସୀ ୪ ଜି ସେବା ପାଉଛନ୍ତି କହିଲେ ଚଳେ। ଏଣୁ ଗାଁରେ ଏୟାରଟେଲ, ଜିଓ ତଥା ବିଏସଏନଏଲ ଭଳି ଟାୱାର ରହିଲେ ଲୋକଙ୍କ ବହୁତ ସୁବିଧା ହୋଇପାରନ୍ତି ବୋଲି ବୁଦ୍ଧିଜୀବୀ ମହଲରେ ଦାବି ହୋଇଛି। ଏନେଇ ବିଭାଗୀୟ ଅଧିକାରୀ ଖବର ପାଇ ସନ୍ଧ୍ୟାରେ ଆସି ମରାମତି କରିଥିବା ଜଣାପଡ଼ିଛି।

## ହାଇକୋର୍ଟରେ ସମ୍ବଲପୁର ସଂସଦୀୟ କ୍ଷେତ୍ର ନିର୍ବାଚନୀ ମାମଲା

# ୧୦ ହଜାର ଦଣ୍ଡ ଗଣିବେ ଆବେଦନକାରୀ

**କଟକ, ୧୦।୧୦ (ସମିସ)**

୨୦୨୪ ନିର୍ବାଚନରେ ସମ୍ବଲପୁର ସଂସଦୀୟ କ୍ଷେତ୍ରରୁ ନିର୍ବାଚିତ ହୋଇଥିବା ସାଂସଦ ଧର୍ମେନ୍ଦ୍ର ପ୍ରଧାନଙ୍କ ବିରୋଧରେ ତ୍ରୁଟିପୂର୍ଣ୍ଣ ସତ୍ୟପାଠ ଦାଖଲ ଅଭିଯୋଗ ଆଣି ନିର୍ବାଚନୀ ମକଦ୍ଦମା ଦାୟର କରିଥିବା ଆବେଦନକାରୀଙ୍କୁ ୧୦ ହଜାର ଟଙ୍କା ଦଣ୍ଡ ରାଶି ପଇଠ ପାଇଁ ହାଇକୋର୍ଟ ନିର୍ଦ୍ଦେଶ ଦେଇଛନ୍ତି। ଜଷ୍ଟିସ ସଂଜୟ କୁମାର ମିଶ୍ର ଏପରି ନିର୍ଦ୍ଦେଶ ପ୍ରଦାନ କରିଛନ୍ତି। ପ୍ରତିପକ୍ଷ ଶ୍ରୀ ପ୍ରଧାନଙ୍କ ପକ୍ଷରୁ ମାମଲା ପରିଚାଳନା କରୁଥିବା ବରିଷ୍ଠ ଆଇନଜୀବୀ ଗୋପାଳ ଅଗ୍ରୱାଲଙ୍କ ଯୋଗ୍ୟତା ଉପରେ ଆପତ୍ତି ଉଠାଇ ଆବେଦନକାରୀ ଡ. ସୁବାସ ମହାପାତ୍ର ଦାଖଲ କରିଥିବା ଅନ୍ତରୀଣ ଆବେଦନକୁ ଅଦାଲତ ଖାରଜ କରି ଏପରି ନିର୍ଦ୍ଦେଶ ପ୍ରଦାନ କରିଛନ୍ତି। ଆବେଦନକାରୀଙ୍କ ଦ୍ୱାରା ଦାଖଲ କରାଯାଇଥିବା ଅନ୍ତରୀଣ ଆବେଦନଗୁଡ଼ିକ ଅଯଥା ଏବଂ ଅଦାଲତଙ୍କ ମୂଲ୍ୟବାନ ନ୍ୟାୟିକ ସମୟର ଅପଚୟ। ଏହାବ୍ୟତୀତ, ନିର୍ବାଚନୀ ମକଦ୍ଦମାର ଆବେଦନକାରୀଙ୍କ ଆଚରଣ ଲୋକ ପ୍ରତିନିଧି ଆଇନ, ୧୯୫୧ର ଧାରା ୮୬(୭) ଅନୁଯାୟୀ ନିର୍ଦ୍ଦେଶର ଉଲ୍ଲଙ୍ଘନ ବୋଲି ହାଇକୋର୍ଟ କହିଛନ୍ତି। ଏଣୁ ହାଇକୋର୍ଟ ଆଇନଜୀବୀ କଲ୍ୟାଣ ପାଣ୍ଠିରେ ୧୦ ହଜାର ଟଙ୍କା ଦଣ୍ଡ ଆକାରରେ ଦୁଇ ସପ୍ତାହ ମଧ୍ୟରେ ଜମା କରିବାକୁ ଆବେଦନକାରୀଙ୍କୁ ନିର୍ଦ୍ଦେଶ ଦେଇଛନ୍ତି ଅଦାଲତ।

ପ୍ରକାଶଥାଉକି ପ୍ରତିପକ୍ଷଙ୍କ ଆଇନଜୀବୀ ଶ୍ରୀ ଅଗ୍ରୱାଲ ଜାଲ୍ ଏଲଏଲବି ପ୍ରମାଣପତ୍ର ହାସଲ କରିଥିବା ଅଭିଯୋଗ ସହ ଉଭୟ ପ୍ରତିପକ୍ଷ ସାଂସଦ ଶ୍ରୀ ପ୍ରଧାନ ଓ ନିର୍ବାଚନ କମିସନଙ୍କ ପାଇଁ ମାମଲା ପରିଚାଳନା କରୁଥିବାରୁ ତାଙ୍କୁ ମାମଲା ପରିଚାଳନାରୁ ବିରତ କରିବା, ଅଦାଲତକୁ ବିଭ୍ରାନ୍ତ କରିଥିବା ଘଟଣାର ସିବିଆଇ ତଦନ୍ତ, ଆବେଦନକାରୀଙ୍କୁ ନିର୍ବାଚନ କମିସନ ୧୦ କୋଟି କ୍ଷତିପୂରଣ ଦେବା ପାଇଁ ଅନ୍ତରୀଣ ଆବେଦନ ରୁଜୁ କରିଥିଲେ ଡ. ମହାପାତ୍ର। ଏହାକୁ ହାଇକୋର୍ଟ ଖାରଜ କରିଦେଇଛନ୍ତି। ତେବେ ମୂଳ ନିର୍ବାଚନୀ ମକଦ୍ଦମାର ଶୁଣାଣି ଆସନ୍ତା ଅକ୍ଟୋବର ୨୪କୁ ଧାର୍ଯ୍ୟ କରାଯାଇଛି।

## ■ ତେଜୁଛି ଜିଲ୍ଲା କଂଗ୍ରେସ ବିବାଦ

# ଆସଫ ଅଲୀ, ବ୍ଲକ୍ ସଭାପତିଙ୍କ ସମେତ ବହୁ କର୍ମୀଙ୍କ ଇସ୍ତଫା

**ନାକଟିଦେଉଳ, ୧୦।୧୦(ସମିସ):** ସମ୍ବଲପୁର ଜିଲ୍ଲା କଂଗ୍ରେସର ନୂଆ ସଭାପତି ଭାବେ ଇଂ.ଅମିତ ଗୁରୁଙ୍କ ନାମ ଘୋଷଣା ହେବା ପରେ ବିବାଦ ତେଜିବାରେ ଲାଗିଛି। ଅମିତଙ୍କ ନେତୃତ୍ୱକୁ ବିରୋଧ କରି ଏଆଇସିସି ସମ୍ପାଦକ ଆସଫ ଅଲୀ ଖାନ କଂଗ୍ରେସରୁ ଇସ୍ତଫା ଦେଇଥିବା ଜଣାପଡ଼ିଛି। ଅପରପକ୍ଷରେ ଆସଫଙ୍କ ଅନ୍ୟ ସମର୍ଥକମାନେ ତଥା ଇସ୍ତଫା ଦେବା ପାଇଁ ପ୍ରସ୍ତୁତ ହେଉଥିବା ବେଳେ ନାକଟିଦେଉଳରେ ମଧ୍ୟ ସମାନ ପ୍ରଭାବ ଦେଖିବାକୁ ମିଳିଛି। ନାକଟିଦେଉଳ ବ୍ଲକ ସଭାପତି ପ୍ରବୀଣ ପ୍ରଧାନ, ବ୍ଲକ ଯୁବ କଂଗ୍ରେସ ସଭାପତି ସୁମନ୍ତ ଧଳ, ବାଟଗାଁ ପଞ୍ଚାୟତ ସଭାପତି ଅଶୋକ ସାମଲ, ପାଣିମୁରା ପଞ୍ଚାୟତ ସଭାପତି ଅରୁଣ ସାହୁ, ସତ୍ୟନାରାୟଣ ଭୋଇ, ସ୍ୱପ୍ନେଶ୍ୱର ପ୍ରଧାନ, ଅଶୋକ ପୋଢ଼, ଶରତ ସାହୁ, ବୁଲୁ ବେହେରା ପ୍ରମୁଖଙ୍କ ସମେତ ୧୪ଟି ପଞ୍ଚାୟତ ର ସଭାପତି ଓ ବହୁ କର୍ମୀ ନିଜର ଇସ୍ତଫା ପତ୍ର ରାଜ୍ୟ ସଭାପତିଙ୍କ ନିକଟକୁ ପଠାଇଥିବା ଜଣାପଡ଼ିଛି। କଂଗ୍ରେସର ଏହି ବିବାଦ ଦଳକୁ ସଂଗଠିତ କରିବା ବଦଳରେ ନାକଟିଦେଉଳରେ ସ୍ଥିତି ଦୁର୍ବଳ କରିବା ଆଶଙ୍କା ରହିଛି।

# ଜିଲ୍ଲାସ୍ତରୀୟ ଅନ୍ତର୍ଜାତୀୟ ବରିଷ୍ଠ ନାଗରିକ ଦିବସ



**ସମ୍ବଲପୁର, ୧୦।୧୦ (ସମିସ):** ପରିବର୍ତ୍ତନଶୀଳ ସମାଜରେ ଖାପ ଖୁଆଇ ଚାଲିବା ସହିତ ବୟୋଜ୍ୟେଷ୍ଠ ବ୍ୟକ୍ତିଙ୍କୁ ବହୁ ବାଧାବିଘ୍ନ ଦେଇ ଗତିକରିବାକୁ ପଡ଼ିଥାଏ। ବୟସ ବଢ଼ିବା ସହିତ ବିଭିନ୍ନ ରୋଗର ଶିକାର ହେଉଥିବାରୁ ବରିଷ୍ଠ ନାଗରିକଙ୍କୁ ସମୟପୋଯୋଗୀ ଚିକିତ୍ସା ଯୋଗାଇଦେବା ସମୟର ଆହ୍ୱାନ। ବରିଷ୍ଠ ନାଗରିକଙ୍କ କେବଳ ଶାରୀରିକ ନୁହେଁ, ମାନସିକ ଏବଂ ସାମାଜିକ ସହାୟତା ମଧ୍ୟ ଅତ୍ୟନ୍ତ ଜରୁରୀ। ଏଦିଗରେ କେବଳ ସରକାର ନୁହେଁ ସମାଜର ବିଭିନ୍ନ ବର୍ଗର ଲୋକେ ସଚେତନ ହେବା ଆବଶ୍ୟକ। ବରିଷ୍ଠ ନାଗରିକମାନେ ଉତ୍ତରପିଢ଼ି ପାଇଁ ଦିଗଦର୍ଶକ ଓ ପଥପ୍ରଦର୍ଶକ ଏବଂ ସେମାନେ ସମାଜ ପାଇଁ ସମ୍ପଦ ବୋଲି ଅତିରିକ୍ତ ଜିଲ୍ଲାପାଳ (ସାଧାରଣ) ଅଶୋକ କୁମାର ଭୋଇ ଓ ଅତିଥିମାନେ ମତପ୍ରକାଶ କରିଥିଲେ। ଜିଲ୍ଲା ପ୍ରଶାସନ ଏବଂ ସାମାଜିକ ସୁରକ୍ଷା ଓ ଭିନ୍ନକ୍ଷମ ସଶକ୍ତିକରଣ ବିଭାଗ (ଏସ୍‌ଏସ୍‌ଇପିଡି) ମିଳିତ ଆନୁକୂଲ୍ୟରେ ଜିଲ୍ଲା ପୁନର୍ବାସ ଓ ଥଇଥାନ କେନ୍ଦ୍ର, ବାଲିବନ୍ଧାଠାରେ ଜିଲ୍ଲାସ୍ତରୀୟ ଆନ୍ତର୍ଜାତୀୟ ବରିଷ୍ଠ ନାଗରିକ ଦିବସ ପାଳିତ ହୋଇଯାଇଛି। କାର୍ଯ୍ୟକ୍ରମରେ ଏଡିଏମ୍ ଶ୍ରୀ ଭୋଇ ମୁଖ୍ୟଅତିଥି ଏବଂ ଜିଲ୍ଲା ସାମାଜିକ ସୁରକ୍ଷା ଅଧିକାରୀ ସୌରଚନ୍ଦ୍ର ପାଣି, ଶିକ୍ଷାବିତ୍ ଅରବିନ୍ଦ ମହାପାତ୍ର, ବିଶିଷ୍ଟ ସମ୍ବଲପୁରୀ କଣ୍ଠଶିଳ୍ପୀ ବିଭୂତି ପଟ୍ଟନାୟକ, ଗାୟକ ତଥା ଲେଖକ ଦିଲ୍ଲୀପ ବାଗ, ଅବସରପ୍ରାପ୍ତ ପ୍ରାଧ୍ୟାପକ ଡଃ ଦିପେନ ପଟ୍ଟନାୟକ, ଅବସରପ୍ରାପ୍ତ ରାଜସ୍ୱ ଅଧିକାରୀ ଧୀରେନ୍ଦ୍ର କୁମାର ମହାନ୍ତି ସମ୍ମାନିତ ଅତିଥି ଭାବେ ଯୋଗ ଦେଇଥିଲେ। ଏହି ଅବସରରେ ବରିଷ୍ଠ ନାଗରିକ ମାନଙ୍କୁ ଶ୍ରବଣ ଯନ୍ତ୍ର, ଆଶା ବାଡ଼ି, ନି-କେପ୍ ଆଦି ପ୍ରଦାନ କରାଯିବା ସହିତ ସ୍ୱାସ୍ଥ୍ୟ ଶିବିର ଆୟୋଜନ କରାଯାଇ ବରିଷ୍ଠ ନାଗରିକ ମାନଙ୍କ ସ୍ୱାସ୍ଥ୍ୟ ପରୀକ୍ଷା କରାଯାଇଥିଲା। ଶେଷରେ କଣ୍ଠଶିଳ୍ପୀ ବିଭୂତି ପଟ୍ଟନାୟକଙ୍କ ସମ୍ବଲପୁରୀ ସାଂସ୍କୃତିକ ଦଳ ଏବଂ ଭୁବନେଶ୍ୱରରୁ ଆସିଥିବା ଇକୋ ଏବିଲିଟି ଟ୍ରଷ୍ଟର କଳାକାର ମାନେ ବିଭିନ୍ନ ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରିଥିଲେ।

# ସୁପ୍ରିୟା ସ୍ମାରକୀ ଜିଲ୍ଲା ଆନ୍ତଃକ୍ଲବ ନକ ଆଉଟ୍ ଫୁଟବଲ ପ୍ରତିଯୋଗିତା



**ବରଗଡ଼, ୧୦। ୧୦(ସମିସ):** ବରଗଡ଼ ଜିଲ୍ଲା କ୍ରୀଡ଼ା ସଂସଦ ଆନୁକୂଲ୍ୟରେ ସ୍ଥାନୀୟ ଲେଙ୍ଗୁମିଶ୍ର ମିନିଷ୍ଟାଡିୟମରେ ଚାଲିଥିବା ସୁପ୍ରିୟା ସ୍ମାରକୀ ଜିଲ୍ଲା ଆନ୍ତଃକ୍ଲବ୍ ନକ୍‌ଆଉଟ୍ ଫୁଟବଲ ପ୍ରତିଯୋଗିତା ଆଜି ଅନୁଷ୍ଠିତ ପ୍ରାକ୍ କ୍ୱାର୍ଟର ଫାଇନାଲ ମ୍ୟାଚରେ ୟୁନାଇଟେଡ ସ୍ପୋର୍ଟସ କ୍ଲବ୍, ଘେଁସ ଦଳକୁ ୧-୦ ଗୋଲରେ ହରାଇ କ୍ୱାର୍ଟର ଫାଇନାଲରେ ପ୍ରବେଶ କରିଛି। ଆଜି ନିର୍ଦ୍ଧାରିତ ସମୟ ମଧ୍ୟରେ ବରଗଡ଼ ଦଳ ଆକ୍ରମଣ ଜାରି ରଖି ମ୍ୟାଚକୁ ୧-୦ ଗୋଲରେ ଜିତି ନେଇଥିଲା। ଦଳ ପକ୍ଷରୁ ଭରତ ମେହେର ଏକ ମାତ୍ର ଗୋଲ୍ ଦେଇଥିଲେ। ମ୍ୟାଚ୍‌କୁ ପ୍ରଶାନ୍ତ ବେହେରା ପରିଚାଳନା କରିଥିବାବେଳେ ତାଙ୍କୁ ଲାଇନ୍‌ରେ ଅନୀଲ ବାଗ, ଦୀପେଶ ପ୍ରଧାନ ସହଯୋଗ କରିଥଲେ। ଚତୁର୍ଥ ରେଫ୍‌ରିଥିଲେ ଉମାଶଙ୍କର ବନିଆ। ମ୍ୟାଚ୍ କମିଶନର ଅଛନ୍ତି ସଚ୍ଚିଦାନନ୍ଦ ପଣ୍ଡା। ମ୍ୟାଚ ପରେ ଘେଁସର ଦିଲୀପ ମେହେରଙ୍କୁ ଅମିୟ ପଟେଲ ଓ ପ୍ରେମାନନ୍ଦ ପଟେଲ ପୁରସ୍କୃତ କରିଥିଲେ।

# ଡୁଡୁକିଝରିଆ କପ୍: ଡୁଡୁକିଝରିଆକୁ ହରାଇ ପାଇକମାଳ ଚାମ୍ପିଅନ

**ପାଇକମାଳ, ୧୦।୧୦ (ସମିସ):** ପାଇକମାଳ ବ୍ଲକ ଜାମସେଠ ପଞ୍ଚାୟତ ଡୁଡୁକିଝରିଆ ଖେଳପଡ଼ିଆରେ ଚାଲିଥିବା ୧୨ତମ ଡୁଡୁକିଝରିଆ କପ୍‌ରେ ଶୁକ୍ରବାର ଡୁଡୁକିଝରିଆକୁ ହରାଇ ପାଇକମାଳ ଚାମ୍ପିଅନ ହୋଇଛି। ଡୁଡୁକିଝରିଆ ପ୍ରଥମ ବ୍ୟାଟିଂ କରି ନିର୍ଦ୍ଧାରିତ ଓଭରରେ ୮ ୱିକେଟ ହରାଇ ୭୧ ରନ ସଂଗ୍ରହ କରିଥିଲା। ପାଇକମାଳ ଦଳ ୩ ୱିକେଟ ହରାଇ ଆବଶ୍ୟକ ରନ ସଂଗ୍ରହ କରି ଚାମ୍ପିଅନ ହୋଇଥିଲା। ଦୀପକ ସରାଫ ଓ ବିଶ୍ୱ ଦାଶ ଖେଳ ପରିଚାଳନା କରିଥିଲେ। ଆକାଶ ସାହୁ ଓ ଆଶୁତୋଷ ତ୍ରିପାଠୀ ଧାରାବିବରଣୀ ପ୍ରଦାନ କରିଥିଲେ। ପୁରସ୍କାର ବିତରଣୀ ଉତ୍ସବରେ ମୁଖ୍ୟଅତିଥି ଭାବରେ ବିଶିଷ୍ଟ ସମାଜସେବୀ ମହେନ୍ଦ୍ର ଖୁଣ୍ଟିଆ, ସ୍ୱତନ୍ତ୍ର ଅତିଥି ଭାବରେ ସରପଞ୍ଚ ଆର୍ତ୍ତତ୍ରାଣ ସାହୁ ଓ ସମ୍ମାନିତ ଅତିଥି ଭାବରେ ଭୁପେନ୍ଦ୍ର ସାହୁ ଓ ମିନିକେତନ ଖୁଣ୍ଟିଆ ପ୍ରମୁଖ ଯୋଗଦେଇ ଚାମ୍ପିଅନ ଓ ରନର୍ସ ଦଳକୁ ପୁରସ୍କୃତ କରିଥିଲେ। କିର୍ତ୍ତନ ବରିହା, ସୋନୁ ନାଏକ, ବସନ୍ତ ସାହୁ, ତ୍ରିନାଥ ଭୋଇ, ସାର୍ଦ୍ଦୁଳ ବରିହା, ଅପୁ ସରାଫ, ସୁକଦେବ ବରିହା, ବିଶ୍ୱ ଦାଶ, ରାମେଶ୍ୱର ତରିଆ, ଦେବେଶ କାଲୋ, ହିରନ ମାଝୀ, ନିତ୍ୟା ବିଶ୍ୱାଳ, ମଣ୍ଟୁ ଷଡ଼ଙ୍ଗୀ ପ୍ରମୁଖ ପରିଚାଳନା ସହଯୋଗ କରିଥିଲେ।



# ଦୁର୍ଘଟଣାରେ ବାଇକ୍ ଚାଳକ ଗୁରୁତର

**ମେଲଛାମୁଣ୍ଡା, ୧୦।୧୦(ସମିସ):** ମେଲଛାମୁଣ୍ଡା ଥାନା ଅଧୀନ ଶନିମାଲ ଠାରେ ବାଇକ ଓ କାର୍ ଗାଡ଼ି ମୁହାଁମୁହିଁ ଧକ୍କା ହୋଇଛି। ଏଥିରେ ବାଇକ୍ ଆରୋହୀ ଗୁରୁତର ଆହତ ହୋଇଛନ୍ତି। ସୂଚନା ଅନୁଯାୟୀ ବରଗଡ଼ ଜିଲ୍ଲା ସୋହେଲା ବ୍ଲକ ବିର୍ଜାମ ପଞ୍ଚାୟତ ଅଧୀନସ୍ଥ ବଣ୍ଡେଇପାଲି ଗାଁର ରାଧାବଲ୍ଲଭ ବେହେରା(୪୭), ବାଇକ୍‌ରେ ହରିଶଙ୍କରରୁ ନିଜ ଗାଁ ବଣ୍ଡେଇପାଲିକୁ ଆସୁଥିଲେ। ବରଗଡ଼ ପଟରୁ ଥିବା ଏକ କାର୍ ଗାଡ଼ି ପଦ୍ମପୁର ପଟକୁ ଯାଉଥିବା ବାଟରେ ଶନିମାଲ ବଜାର ଛକ ଠାରେ ମୁହାଁମୁହିଁ ଧକ୍କା ହୋଇଥିଲା। ଦୁର୍ଘଟଣାରେ ବାଇକ ଚାଳକ ଶ୍ରୀ ବେହେରା ଗୁରୁତର ଆହତ ହୋଇଛନ୍ତି। ତାଙ୍କୁ ବରଗଡ଼ ବିକାଶ ହସ୍ପିଟାଲରେ ଭର୍ତ୍ତି କରାଯାଇଛି। ତେବେ ମେଲଛାମୁଣ୍ଡା ଥାନା ପୋଲିସ ସନିମାଲ ଦୁର୍ଘଟଣାସ୍ଥଳ କୁ ପହଞ୍ଚି ତଦନ୍ତ ଆରମ୍ଭ କରିଛି। ଆହତ ରାଧାବଲ୍ଲଭ ଆର୍ଥିକ ସ୍ତରରେ ଅତି ଦୁର୍ବଳ ହୋଇଥିବାବେଳେ ସ୍ଥାନୀୟ ଲୋକେ ତାଙ୍କର ଚିକିତ୍ସାଧିନ ଖର୍ଚ୍ଚ ଦାବୀ କରିଛନ୍ତି।

# ବ୍ଲକସ୍ତରୀୟ ବିଜ୍ଞାନ ସେମିନାର ଉଦ୍‌ଯାପିତ




**ଜମନକିରା, ୧୦।୧୦ (ସମିସ):** ଜମନକିରା ବ୍ଲକ କୁଲୁଣ୍ଡିସ୍ଥିତ ବିଶ୍ୱସେବା ଉଚ୍ଚ ବିଦ୍ୟାଳୟଠାରେ ଜମନକିରା ବ୍ଲକ ଶିକ୍ଷାଧିକାରୀଙ୍କ ଆୟୋଜନରେ କ୍ୱାଣ୍ଟମ ଯୁଗର ଆରମ୍ଭ - ଏହାର ସମ୍ଭାବନା ଓ ଆହ୍ୱାନ ଉପରେ ହୋଇଥିବା ସେମିନାରରେ ୧୪ ଜଣ ଛାତ୍ରଛାତ୍ରୀ ଅଂଶଗ୍ରହଣ କରିଥିଲେ। ବିଶ୍ୱସେବା ଉଚ୍ଚ ବିଦ୍ୟାଳୟର ପ୍ରଧାନଶିକ୍ଷକ ବ୍ରଜକିଶୋର ପଧାନ ଅଧକ୍ଷତା କରିଥିଲା ବେଳେ ସମୀର ଭୋଇ ସେମିନାର ପରିଚାଳନା କରିଥିଲେ। ଡ. ବ୍ୟୋମକେଶ ଭୋଇ ଏବଂ ଡ. କିଶୋର ଚନ୍ଦ୍ର ନାୟକ ବିଚାରକ ହୋଇ ମୂଲ୍ୟାୟନ କରିଥିଲେ। ଏବିଇଓ ଦେବକୀ ନାୟକ ଦୀପ ପ୍ରଜ୍ୱଳନ କରି ସେମିନାରର ଶୁଭାରମ୍ଭ କରିଥିଲେ। ପ୍ରୋତ୍ସାହନ ଶତପଥୀ, ନିରଞ୍ଜନ ସିଠ ପରିଚାଳନାରେ ସହଯୋଗ କରିଥିଲେ। ଜମନକିରା ହାଇସ୍କୁଲର ସେଲିନା ପଧାନ ସେମିନାରରେ ପ୍ରଥମ ସ୍ଥାନ ଅଧିକାର କରିଥିବାବେଳେ ମୌସୁମୀ ପଧାନ ଦ୍ୱିତୀୟ ଓ ଅବିନାଶ କାଣ୍ଡୁଲାନା ତୃତୀୟ ସ୍ଥାନ ଅଧିକାର କରି ପୁରସ୍କୃତ ହୋଇଥିଲେ। ଶେଷରେ ଶିକ୍ଷକ ସୁବ୍ରତ ପଣ୍ଡା ଧନ୍ୟବାଦ ଅର୍ପଣ କରଥିଲେ।

# ଜିଲ୍ଲାସ୍ତରୀୟ ବିଜ୍ଞାନ ସେମିନାର ଓ ଲୋକନୃତ୍ୟ ପ୍ରତିଯୋଗିତା

**ସମ୍ବଲପୁର, ୧୦।୧୦ (ସମିସ) :** ଲେଡିଲୁଇସ ବାଳିକା ଉଚ୍ଚ ବିଦ୍ୟାଳୟରେ ଜିଲ୍ଲାସ୍ତରୀୟ ବିଦ୍ୟାଳୟ ବିଜ୍ଞାନ ସେମିନାର ଓ ଲୋକନୃତ୍ୟ ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଛି। ଲୋକନୃତ୍ୟ ପ୍ରତିଯୋଗିତାରେ ରେଙ୍ଗାଲିସ୍ଥିତ ନୂଆ ରମ୍ପେଲା ହାଇସ୍କୁଲର ଛାତ୍ରୀମାନେ ପ୍ରଥମ ସ୍ଥାନ ଅଧିକାର କରିଥିଲେ। ଜମନକିରା ବ୍ଲକ ଟିକିଲିପଡ଼ା ହାଇସ୍କୁଲ ଦଳ ଦ୍ୱିତୀୟ ଓ ଲେଡିଲୁଇସ ବାଳିକା ହାଇସ୍କୁଲ ଦଳ ତୃତୀୟ ସ୍ଥାନ ଅଧିକାର କରିଥିଲେ। ସେହିପରି ବିଜ୍ଞାନ ସେମିନାରରେ ଆମ୍ବପାଲି କଣ୍ଟାପାଲିସ୍ଥିତ ଉଚ୍ଚ ବିଦ୍ୟାଳୟର ବିକାଶ ଗୁପ୍ତା ପ୍ରଥମ ସ୍ଥାନ ହାସଲ କରି ଜୋନାଲସ୍ତରକୁ ଉନ୍ନୀତ ହେଇଛନ୍ତି। ପୁରୁଣା ବଳାରଙ୍ଗା ଉନ୍ନୀତ ଉଚ୍ଚ ବିଦ୍ୟାଳୟର ଶ୍ରୀୟା ତ୍ରିପାଠୀ ଦ୍ୱିତୀୟ ଓ ଜରାବଗା ଉଚ୍ଚ ବିଦ୍ୟାଳୟର ପ୍ରିୟମ୍ବଦା ସାହୁ ତୃତୀୟ ସ୍ଥାନ ଅଧିକାର କରିଥିଲେ। ଲୋକନୃତ୍ୟ ପାଇଁ ବିଚାରକ ଥିଲେ ନାଟ୍ୟଶିଳ୍ପୀ ଶ୍ୟାମସୁନ୍ଦର ଧର ଓ ଲୋକନୃତ୍ୟ ବିଶାରଦ ମୋହିତ କୁମାର ସ୍ୱାଇଁ। ବିଜ୍ଞାନ ସେମିନାର ବିଚାରକ ଭାବେ ଗଙ୍ଗାଧର ମେହେର ବିଶ୍ୱବିଦ୍ୟାଳୟର ଅଧ୍ୟାପକ ଓଁକାର ତ୍ରିପାଠୀ ଓ କେନ୍ଦ୍ରୀୟ ବିଦ୍ୟାଳୟ ସମ୍ବଲପୁରର ଶିକ୍ଷକ ଶ୍ରୀମନ୍ତ ତ୍ରିପାଠୀ। ପୁରସ୍କାର ବିତରଣ ଉତ୍ସବରେ ଜିଲ୍ଲା ଶିକ୍ଷାଧିକାରୀ ଲକ୍ଷ୍ମଣ ଭୋଇ ଯୋଗଦେଇ କୃତି ପ୍ରତିଯୋଗୀ ମାନଙ୍କୁ ପୁରସ୍କୃତ କରିଥିଲେ। ଲେଡିଲୁଇସ ବାଳିକା ଉଚ୍ଚ ବିଦ୍ୟାଳୟର ପ୍ରଧାନ ଶିକ୍ଷକ ସୁଜିତ କୁମାର ଲୁହା, ଜିଲ୍ଲା ବିଜ୍ଞାନ ନିରୀକ୍ଷକ ପାର୍ଥସାରଥୀ ପ୍ରଧାନ ପ୍ରମୁଖ ପରିଚାଳନାରେ ସହଯୋଗ କରିଥିଲେ।



# ୧୮୫୭ ସଂଗ୍ରାମରେ ଫାଶୀଖୁଣ୍ଟରେ ଝୁଲିଥିଲେ ଜଗବନ୍ଧୁ

**ସମ୍ବଲପୁର, ୧୦।୧୦ (ସମିସ)**

୧୮୫୭ ସଂଗ୍ରାମରେ ଫାଶୀ ପାଇଥିବା ପ୍ରଥମ ଓଡ଼ିଆ ବ୍ୟକ୍ତି ଜଗବନ୍ଧୁ ପଟ୍ଟନାୟକ ସମ୍ବଲପୁରର ବ୍ରଜମୋହନ ପଟ୍ଟନାୟକଙ୍କ ଅଜା ହୋଇଥିଲେ ସୁଦ୍ଧା ଝାଡ଼ଖଣ୍ଡର ଏକ ସାହୁ ପରିବାର ନିଜକୁ ଦାୟାଦ ରୂପେ ସ୍ଥାପିତ କରିନେଇଛି। ବିଶେଷ ଅବସର ଗୁଡିକରେ ସାହୁ ବାସଭବନରୁ ମାଟି ଯାଉଛି, ସାହୁ ପରିବାରକୁ ସମ୍ମାନିତ ମଧ୍ୟ କରାଯାଉଛି। ଏପରି ବିଡ଼ମ୍ବନାମୂଳକ ତ୍ରୁଟିର ସଂଶୋଧନ ଏବଂ ସତ୍ୟ ପ୍ରଚଳିତ ହେବା ଆବଶ୍ୟକ ବୋଲି ସମ୍ବଲପୁରର ଚିତ୍ରଗୁପ୍ତ କଲ୍ୟାଣ ସଂଘ ଦାବି କରିଛି। ଚିତ୍ରଗୁପ୍ତ କଲ୍ୟାଣ ସଂଘ, ସମ୍ବଲପୁରର ସମ୍ପାଦକ ଅଖିଳ ରଞ୍ଜନ ପଟ୍ଟନାୟକ କହିଛନ୍ତି ଯେ ଜଗବନ୍ଧୁ ପଟ୍ଟନାୟକ ପୋଡାହାଟ ରାଜ୍ୟରେ ରାଜା ଅଚ୍ୟୁତ ସିଂହଙ୍କ ସମୟରେ ଦେୱାନ ହୋଇଥିଲେ ତଥା ଜଗୁ ଦେୱାନ ନାମରେ ଲୋକପ୍ରିୟ ଥିଲେ। ୧୮୩୧-୩୨ର ଆଦିବାସୀ ଆନ୍ଦୋଳନକୁ ଉସୁକାଇବା ଅଭିଯୋଗରେ ବ୍ରିଟିଶ ଦ୍ୱାରା ଗିରଫ ହୋଇ ପରେ ଛାଡ଼ ପାଇଥିଲେ। ଅଚ୍ୟୁତ ସିଂହଙ୍କ ପୁଅ ଅର୍ଜୁନ ସିଂହ ପୋଡାହାଟର ରାଜା ଥିବାବେଳେ ଜଗୁ ଦେୱାନ ପ୍ରତ୍ୟକ୍ଷ ସଂଗ୍ରାମ ଚଳାଇ ଚକ୍ରଧରପୁରରୁ ବ୍ରିଟିଶକୁ ତଡ଼ି ଦେଇଥିଲେ। ପରେ ବ୍ରିଟିଶର ମିଳିତ ସେନା ଦ୍ୱାରା ପରାଜିତ ହୋଇ ଚକ୍ରଧରପୁରରେ ୧୮୫୭ ନଭେମ୍ବର ୧୯ ତାରିଖ ପୂର୍ବାହ୍ନରେ ଫାଶୀ ପାଇଥିଲେ। ବ୍ରିଟିଶ ସରକାରଙ୍କ ନୀତି ଅନୁସାରେ ଜଗୁ ଦେୱାନଙ୍କ ଶିକ୍ଷିତ ପୁଅ ବାଳମୁକୁନ୍ଦ ପଟ୍ଟନାୟକଙ୍କୁ ସମ୍ବଲପୁରର ନାଏବ ତହସିଲଦାର କରାଯିବା ସହିତ ସୁଡାମାଲ ଗ୍ରାମ ପ୍ରଦାନ ପୂର୍ବକ ଥଇଥାନ କରାଯାଇଥିଲା। ସମ୍ବଲପୁରର ଭାଷା ଆନ୍ଦୋଳନକୁ ସଫଳ କରିବାରେ ମହତ୍ତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିଥିବା ପଞ୍ଚସଖାଙ୍କ ମଧ୍ୟରୁ ଅନ୍ୟତମ ବ୍ରଜମୋହନ ପଟ୍ଟନାୟକ ହେଉଛନ୍ତି ଜଗବନ୍ଧୁ ପଟ୍ଟନାୟକଙ୍କ ନାତି ତଥା ବାଳମୁକୁନ୍ଦ ପଟ୍ଟନାୟକଙ୍କ ପୁଅ। ବୀର ସୁରେନ୍ଦ୍ର ସାଏ ପୁସ୍ତକରେ ବିଶିଷ୍ଟ ଐତିହାସିକ ଡଃ ନବୀନ ସାହୁ ଜଗବନ୍ଧୁ ପଟ୍ଟନାୟକଙ୍କ ସମ୍ପର୍କରେ ସଂକ୍ଷିପ୍ତ ଆଲୋଚନା କରି ସେ ପୋଡାହାଟର ଦେୱାନ ଥିଲେ ତଥା ୧୮୫୭ର ବ୍ରିଟିଶ ବିରୋଧୀ ସଂଗ୍ରାମରେ ଫାଶୀ ପାଇଥିବା ପ୍ରଥମ ଓଡ଼ିଆ ରୂପେ ଦର୍ଶାଇଛନ୍ତି। ଏଭଳି ଏକ ସ୍ଥିତିର ସୁଯୋଗ ନେଇ ଚକ୍ରଧରପୁର ନିକଟସ୍ଥ କେରା ଗ୍ରାମର ଏକ ସାହୁ ପରିବାର ନିଜକୁ ବଂଶଧର ରୂପେ ସ୍ଥାପିତ କରିଛନ୍ତି। କେରା ଗ୍ରାମ ଜଗୁ ଦେୱାନଙ୍କ ଜନ୍ମଭୂମିର ମାନ୍ୟତା ମଧ୍ୟ ପାଇଛି ଓ ଏଠାରେ ଜଗୁ ଦେୱାନଙ୍କ ଏକ ପ୍ରତିମୂର୍ତ୍ତି ସ୍ଥାପିତ ହୋଇଛି।

ଜଗବନ୍ଧୁ ପଟ୍ଟନାୟକଙ୍କ ଅସଲ ଦାୟାଦ ବିଭିନ୍ନ ସମୟରେ ରାଷ୍ଟ୍ରପତି, ରାଜ୍ୟପାଳ ଓ ମୁଖ୍ୟମନ୍ତ୍ରୀ ମାନଙ୍କୁ ପତ୍ର ଲେଖି ସତ୍ୟର ଉଦଘାଟନ କରାଇବା ପାଇଁ ଅନୁରୋଧ କରିଛନ୍ତି। ବିଶେଷକରି ଆନନ୍ଦ ପଟ୍ଟନାୟକ ଏଭଳି ପତ୍ର ବାରମ୍ବାର ଲେଖିଥିଲେ। ଐତିହାସିକ ଦୀପକ କୁମାର ପଣ୍ଡା ଜଗବନ୍ଧୁ ପଟ୍ଟନାୟକଙ୍କ ସମ୍ପର୍କରେ ଏକ ପୁସ୍ତକ ରଚନା କରିଛନ୍ତି। ୨୦୨୨ରେ ଏହି ପୁସ୍ତକ ଚିତ୍ରଗୁପ୍ତ କଲ୍ୟାଣ ସଂଘ ଦ୍ୱାରା ପ୍ରକାଶିତ ହୋଇଛି। ଏଥିରେ ଜଗୁ ଦେୱାନଙ୍କ ସଂଗ୍ରାମ ଓ ତାଙ୍କ ବଂଶାବଳୀ ସମ୍ପର୍କରେ ଆଲୋଚନା କରାଯାଇଛି। ଚିତ୍ରଗୁପ୍ତ କଲ୍ୟାଣ ସଂଘ, ସମ୍ବଲପୁର ପକ୍ଷରୁ ଜଗବନ୍ଧୁ ପଟ୍ଟନାୟକଙ୍କ ଫାଶୀ ଦିବସ ମଧ୍ୟ ପାଳନ କରାଯାଉଛି। ଜଗବନ୍ଧୁ ପଟ୍ଟନାୟକ କାୟସ୍ଥ ସମାଜ, ଝାଡ଼ଖଣ୍ଡ ତଥା ଓଡ଼ିଶା ଏବଂ ସର୍ବୋପରି ଭାରତବର୍ଷର ଜଣେ ମହାନ୍ ସୁପୁତ୍ର। ସେ ସମ୍ବଲପୁର ତଥା ଚକ୍ରଧରପୁର ଅଞ୍ଚଳର ଗୌରବ। ଓଡ଼ିଶା ରାଜ୍ୟ ସରକାର ଏ ବିଷୟ ପ୍ରତି ଝାଡ଼ଖଣ୍ଡ ରାଜ୍ୟ ସରକାରଙ୍କ ଦୃଷ୍ଟି ଆକର୍ଷଣ କରିବାସହ ଜଗବନ୍ଧୁ ପଟ୍ଟନାୟକଙ୍କ ସ୍ମୃତିରକ୍ଷା ପାଇଁ ସରକାରଙ୍କ ତରଫରୁ ପଦକ୍ଷେପ ନିଆଯିବାକୁ ସମ୍ବଲପୁରର ଚିତ୍ରଗୁପ୍ତ କଲ୍ୟାଣ ସଂଘ ଦାବି ଜଣାଇଛି।




# ସମ୍ପାଦକୀୟ



ଯଦି ଶୀଘ୍ର ଚାଲିବାକୁ ଚାହୁଁଛ ତେବେ ଏକୁଟିଆ ଚାଲ; ଯଦି ବହୁଦୂର ବାଟ ଯିବାର ଅଛି ତେବେ ସାଥୀମାନଙ୍କୁ ସାଙ୍ଗରେ ନେଇ ଚାଲ।
-ରତନ ଟାଟା

ସକାଳ
THE SAKALA

## ଆଉ ଢିଲା ଦିଅନି, ବାନ୍ଧ

ପୁଲିସ ମହାନିର୍ଦ୍ଦେଶକଙ୍କୁ ଏବେ ବିଶୃଙ୍ଖଳା ସୃଷ୍ଟିକାରୀ ଓ ଅସାମାଜିକ ତତ୍ତ୍ୱଙ୍କୁ ବାନ୍ଧିବା ପାଇଁ ନିର୍ଦ୍ଦେଶ ମିଳିଛି। ଇଏ ବି ଠିକ୍ କଥା। ନହେଲେ ଆମ ରାଜ୍ୟରେ ଭୁଶୁଡ଼ି ପଡୁଥିବା ଆଇନ ଶୃଙ୍ଖଳା ପରିସ୍ଥିତିକୁ ସୁଧାରିବା ଏତେ ସହଜ ହେବନି। କ୍ଷମତା କେନ୍ଦ୍ର ପ୍ରତି ଲୋକେ ଆଙ୍ଗୁଠି ଉଠାଇବା ଆରମ୍ଭ କଲେଣି। ହେଲେ ମନରେ ସ୍ୱତଃ ପ୍ରଶ୍ନ ଉଠେ ଏମାନଙ୍କୁ ନବାନ୍ଧିବା ସକାଶେ ଆଗରୁ କ'ଣ ଗୋପନ ନିର୍ଦ୍ଦେଶ ଦିଆଯାଇଥିଲା ଯେ ଏବେ ବାନ୍ଧିବାକୁ ନିର୍ଦ୍ଦେଶ ଦେବା ପାଇଁ ବାଧବାଧକତା ଉପୁଜିଲା? ବିଶୃଙ୍ଖଳା ନିୟନ୍ତ୍ରଣ ବାହାରକୁ ଚାଲିଯାଉଥିବାରୁ ସରକାରଙ୍କୁ ଏହି ସୀମିତ ସମୟ ମଧ୍ୟରେ ତିନି ତିନି ଥର ସାନ୍ଧ୍ୟ ଆଇନ ଜାରି କରିବାକୁ ପଡ଼ିଛି। ଆତ୍ମାହୁତି ଓ ଆତ୍ମହତ୍ୟା ଘଟଣା ରାଜ୍ୟବାସୀଙ୍କୁ ଏଭଳି ବିଚଳିତ କରିପକାଇଲା ଯେ ସରକାର ବ୍ୟବସ୍ଥାକୁ ସୁଧାରି ନପାରି କେବଳ ଅନୁକମ୍ପାମୂଳକ ସହାୟତା ରାଶି ଘୋଷଣା କରି ନିଶ୍ଚିନ୍ତ ହୋଇପଡ଼ିଛନ୍ତି। ଅଥଚ ଘଟଣାର ଅନୁସନ୍ଧାନ ରିପୋର୍ଟ ଓ ଚାର୍ଜସିଟ ଦାଖଲରେ ଅକ୍ଷମଣୀୟ ବିଳମ୍ବ ପ୍ରତି ଧ୍ୟାନ ନ ଦେବାରୁ ଅପରାଧ ବଢ଼ିଚାଲିଛି। ଧର୍ଷଣକଷଣ ଦିନକୁ ଦିନ ସୀମାତିକ୍ରମ କରୁଥିବାରୁ ମହିଳା ନିଜକୁ ଅସୁରକ୍ଷିତ ମଣୁଛନ୍ତି। ତେବେ ଏହି ବାନ୍ଧିବା ନିର୍ଦ୍ଦେଶରୁ ପୁଲିସର ନ ପାରିବା ପଣିଆ ବାରି ହୋଇପଡୁଛି।

ନିକଟରେ ୨୦୨୩ର ଏନ୍‌ସିଆରବି ରିପୋର୍ଟ ପ୍ରକାଶ ପାଇଛି। ଏହାକୁ ସାମଗ୍ରିକ ଭାବେ ଦେଶର ଅପରାଧ ଚିତ୍ର ଓ ଚରିତ୍ର ସଂକ୍ରାନ୍ତ ଠୋସ୍ ଆକଳନ କୁହାଯାଇପାରେ। ଠିକ ଠିକ ହିସାବ କଲେ ଦେଶର ଅପରାଧ ହାର ପ୍ରତି ୧ଲକ୍ଷ ନାଗରିକ କ୍ଷେତ୍ରରେ ୪୪୮.୩ ପହଞ୍ଚିଛି। ଦେଶରେ ପଞ୍ଜିକୃତ ହୋଇଥିବା ଆପରାଧିକ କାର୍ଯ୍ୟକଳାପ ସଂଖ୍ୟା ୬.୪ନିୟୁତ ଏବଂ ଏହା ପୂର୍ବବର୍ଷ ତୁଳନାରେ ୭.୨ ପ୍ରତିଶତ ଅଧିକ। ସବୁଠାରୁ ଉଲ୍ଲେଖଯୋଗ୍ୟ ହେଲା, ଦେଶର ସହରାଞ୍ଚଳର ଅପରାଧ ସଂଖ୍ୟା ସୀମା ଅତିକ୍ରମ କରିଛି। ତେଣୁ ପୂର୍ବବର୍ଷ ତୁଳନାରେ ସହରାଞ୍ଚଳ ଅପରାଧ ସଂଖ୍ୟା ୧୦.୬ ପ୍ରତିଶତ ବଢ଼ିଛି। ଜାତୀୟସ୍ତରରେ ହାରାହାରି ପ୍ରତି ୫ ସେକେଣ୍ଡରେ ଗୋଟିଏ ଅପରାଧ ଘଟୁଛି। ମହିଳାଙ୍କ କ୍ଷେତ୍ରରେ ଅସୁରକ୍ଷିତ ପରିବେଶ ସବୁଠାରୁ ଅଧିକ ଚିନ୍ତାଜନକ। ଦେଶର ପ୍ରତି ୧ ଲକ୍ଷ ମହିଳାଙ୍କ ମଧ୍ୟରୁ ୬୬.୭ ଜଣ ଅପରାଧିକ କାର୍ଯ୍ୟକଳାପର ସମ୍ମୁଖୀନ ହେଉଛନ୍ତି। ବିଗତ ୧୨ ବର୍ଷ ମଧ୍ୟରେ ମହିଳାବିରୋଧୀ ଅପରାଧ ତିନିଗୁଣ ବଢ଼ିଛି। ଦିଲ୍ଲୀ ଓ ତେଲେଙ୍ଗନାରେ ମହିଳା ସବୁଠାରୁ ଅଧିକ ଅସୁରକ୍ଷିତ। ଏହି ଦୁଇ ରାଜ୍ୟରେ ପ୍ରତି ୧ ଲକ୍ଷ ମହିଳାଙ୍କ କ୍ଷେତ୍ରରେ ଯଥାକ୍ରମେ ୧୩୩ ଓ ୧୨୪ ଅପରାଧର ସମ୍ମୁଖୀନ ହୋଇଛନ୍ତି। ଗତ ଦଶବର୍ଷ ମଧ୍ୟରେ ଅନୁସୂଚିତ ଜାତି ଓ ଜନଜାତି ମହିଳା ନିଜକୁ ସବୁଠାରୁ ଅଧିକ ଅସୁରକ୍ଷିତ ମଣୁଛନ୍ତି। ସେମାନଙ୍କ ଉତ୍ପୀଡ଼ନ ହାର କ୍ରମାଗତ ଭାବେ ବୃଦ୍ଧି ଚାଲିଛି।

ରିପୋର୍ଟର ନିର୍ଯ୍ୟାସ ହେଉଛି, ସାମାଜିକ ପରିବେଶରେ ପରିବର୍ତ୍ତନ ଓ ସୁରକ୍ଷା ବ୍ୟବସ୍ଥା ପ୍ରତି ଆସ୍ଥା ବଢ଼ିଥିବାରୁ ମହିଳା ନିରବ ନ ରହି ସେମାନେ ସମ୍ମୁଖୀନ ହେଉଥିବା ଉତ୍ପୀଡ଼ନ ସଂପର୍କରେ ଥାନାରେ ରିପୋର୍ଟ କରୁଛନ୍ତି। ସେହିଭଳି ସହରାଞ୍ଚଳରେ ବର୍ଦ୍ଧିତ ଅପରାଧିକ କାର୍ଯ୍ୟକଳାପ ଓ ସାଇବର ଅପରାଧ ଚିନ୍ତାଜନକ। ଏହାକୁ ପରିବର୍ଦ୍ଧିତ ପରିସଂଖ୍ୟାନର ଅସଲ କାରଣ ବୋଲି ଦର୍ଶାଯାଇଛି। ୨୦୨୩ ପରେ ଘଟଣାକ୍ରମ ସୁଧୁରିବା ପରିବର୍ତ୍ତେ ଅଧିକ ବିଗୁଡୁଥିବାର ପରିଲକ୍ଷିତ ହେଉଛି। ତେଣୁ ଏନସିଆରବି ରିପୋର୍ଟରେ ଯେଉଁ ପରିସଂଖ୍ୟାନ ଉପସ୍ଥାପନ କରାଯାଇଛି ତାହା ନିଶ୍ଚିୟ ଚିନ୍ତା ଉଦ୍ରେକକାରୀ। ●

## ଅଳିକ ଅହଂକାର

ଡୋନାଲ୍ଡ ଟ୍ରମ୍ପଙ୍କ କୋଳାଶ୍ରିତ ହେବା ପରେ ପାକିସ୍ତାନ ନେତାମାନେ ହଠାତ୍ ମୁଖର ହୋଇପଡ଼ିଛନ୍ତି। ଆମେରିକା ପରେ ସାଉଦୀ ଆରବ ସହ ସୁସଂପର୍କକୁ ଏକ କୂଟନୈତିକ ସଫଳତା ରୂପେ ବିଚାର କରି ପାକିସ୍ତାନର ପ୍ରତିରକ୍ଷାମନ୍ତ୍ରୀ ଖାଜା ଆସିଫ ଯେଉଁ ଭାରତ ବିରୋଧୀ ବିବୃତି ଦେଇଛନ୍ତି ତାହାର ସୁଦୂରପ୍ରସାରୀ ପ୍ରଭାବ ନେଇ ଏପର୍ଯ୍ୟନ୍ତ ଅନିଶ୍ଚିତ ଥିବା ମନେହୁଏ। 'ଅପରେସନ ସିନ୍ଦୂର'ର ପରିଣତି ଓ ପରାଭବରୁ ନିଜକୁ ମୁକ୍ତ କରି ନଥିବା ପାକ୍‌ନେତାମାନେ ଆଭ୍ୟନ୍ତରୀଣ କନ୍ଦଳ ଓ ଆତଙ୍କୀ କାର୍ଯ୍ୟକଳାପରେ ବ୍ୟସ୍ତ ଓ ବିବ୍ରତ। ବେଲୁଚିସ୍ତାନ ଓ ଖାଇବରପଖ୍ତୁନଖ୍ୱା ପ୍ରଦେଶରେ ବିଦ୍ରୋହୀଙ୍କୁ ଜବତ କରିବାରେ ପାକ୍ ସେନାଙ୍କ ଅସାମର୍ଥ୍ୟ ପଦାରେ ପଡ଼ି ଯାଇଛି। ଦେଶର ସମଗ୍ର ଶାସନତନ୍ତ୍ର ସେନାବାହିନୀ ନିୟନ୍ତ୍ରଣରେ ଥିବାରୁ ସେମାନଙ୍କ ଇଙ୍ଗିତରେ ନେତାମାନେ ଭାରତ ବିରୋଧରେ ଯୁଦ୍ଧ ପ୍ରସ୍ତୁତ ନେଇ ଅପରିଣାମଦର୍ଶୀ ବୟାନ ଆରମ୍ଭ କରିଛନ୍ତି। ଆସିଫ୍ ସ୍ୱୀକାର କରିଛନ୍ତି ଯେ ପାକିସ୍ତାନରେ ଐକ୍ୟ ଓ ସଂହତି ପ୍ରତିଷ୍ଠାରେ ଏହା ସହାୟକ ହୋଇଆସିଛି। ଏଥିରୁ ସ୍ପଷ୍ଟ ଯେ ପାକ୍ ସୈନ୍ୟଙ୍କ କ୍ରମାଗତ କାର୍ଯ୍ୟାନୁଷ୍ଠାନ ସତ୍ତ୍ୱେ ବିଚ୍ଛିନ୍ନତାବାଦୀ ଆତଙ୍କୀଙ୍କ ଉପଦ୍ରବ ନିୟନ୍ତ୍ରଣ ହୋଇପାରିନାହିଁ। ତେଣୁ ବିଚଳିତ ଓ ବିବ୍ରତ ସେନାଧ୍ୟକ୍ଷଙ୍କ ବିରୋଧରେ ଦେଶବାସୀଙ୍କ ଅସନ୍ତୋଷ ଦିନକୁ ଦିନ ବୃଦ୍ଧି ପାଇବାରେ ଲାଗିଛି।

ସମୟର ଆବଶ୍ୟକତା ଦୃଷ୍ଟିରୁ ଅସ୍ଥାୟୀ ଓ କାମଚଳା କୂଟନୈତିକ ସଂପର୍କ ନେଇ ଆଶାର ପିରାମିଡ୍ ଗଢ଼ିବାରେ କାହାକୁ ମନା ନାହିଁ। ଗାଜା ପ୍ରସଙ୍ଗକୁ କେନ୍ଦ୍ରକରି ଆରବ ରାଷ୍ଟ୍ରଙ୍କ ମଧ୍ୟରେ ନୂଆ ଅଙ୍କ କଷିବା ଆରମ୍ଭ ହୋଇଥିବା ବେଳେ ସାଉଦୀ ନେତୃତ୍ୱର ପାକିସ୍ତାନ ଉପରେ ନିର୍ଭରଶୀଳତା ଯେ ଅଧିକ ତାହା ଜଳଜଳ ଦୃଶ୍ୟମାନ ହେଉଛି। ଅନ୍ୟପକ୍ଷରେ ଚୀନ ସହ ପାକିସ୍ତାନ ସଂପର୍କର ଗଭୀରତା ନିକଟରେ ଟ୍ରମ୍ପ ଯେ କେତେବେଳେ ପଛଘୁଞ୍ଚା ଦେବେ ତାହାର କିଛି ଠିକଣା ନାହିଁ। ଏସିଆ କପ ରାଜନୀତିରେ ପାକିସ୍ତାନ ଯେପରି ଅପଦସ୍ତ ହୋଇଛି ତାହା କ୍ରିକେଟ ସହ ସଂଶ୍ଳିଷ୍ଟ କୂଟନୈତିକ ସଂପର୍କରେ ପ୍ରତିବନ୍ଧକ ହୋଇଛି। ଏହି କ୍ରିକେଟ୍ ରାଜନୀତି ସହ ପାକିସ୍ତାନ ଅର୍ଥମନ୍ତ୍ରୀ ପ୍ରତ୍ୟକ୍ଷ ଭାବେ ଜଡିତ ଥିବାରୁ ତାହା ସରକାରଙ୍କ ସକାଶେ ଅଧିକ ପ୍ରତିକୂଳ ପରିସ୍ଥିତି ସୃଷ୍ଟି କରିଛି। ଏସବୁକୁ ବିଚାର କଲେ ଆସିଫ୍‌ଙ୍କ ଅହଙ୍କାର ଯେ କେତେ ଅଳିକ ତାହା ସହଜରେ ଅନୁମାନ କରାଯାଇପାରେ।

ଆଫଗାନିସ୍ତାନ ସୀମାବର୍ତ୍ତୀ ଖାଇବରପଖ୍ତୁନଖ୍ୱା ପ୍ରଦେଶରେ ସକ୍ରିୟ ଟିଟିପି ଆତଙ୍କବାଦୀ ଗୋଷ୍ଠୀ ବିରୋଧରେ ପାକ ସରକାର ନିଷେଧାଦେଶ ଜାରି କରିଥିଲେ ମଧ୍ୟ ସେମାନଙ୍କ କାର୍ଯ୍ୟକଳାପକୁ ନିୟନ୍ତ୍ରଣ କରାଯାଇ ପାରିନାହିଁ। ବୁଧବାରର ସାମରିକ କାର୍ଯ୍ୟାନୁଷ୍ଠାନରେ ୧୯ ଟିଟିପି କାର୍ମୀ ନିହତ ହୋଇଥିଲେ ମଧ୍ୟ ଜଣେ ଲେଫ୍ଟନାଣ୍ଟ କର୍ଣ୍ଣେଲ ଓ ଜଣେ ମେଜରଙ୍କ ସମେତ ୧୧ ଜଣଙ୍କୁ ହରାଇଛି ସେନାବାହିନୀ। ଏହି ପ୍ରଦେଶର ନେତୃତ୍ୱ ପୂର୍ବତନ ପ୍ରଧାନମନ୍ତ୍ରୀ ଇମରାନ ଖାଁଙ୍କ ପାକିସ୍ତାନ ତେହେରିକ ଇ ଇନସାଫ ଦଳ ହାତରେ ରହିଛି। ସାମରିକ କାର୍ଯ୍ୟାନୁଷ୍ଠାନ ପରେ ଅଲ୍ଲି ଅମିନ ଗଣ୍ଡପୁରଙ୍କୁ ସ୍ଥାନରେ ମହମ୍ମଦ ସୋହେଲ ଆଫ୍ରିଦିଙ୍କୁ ମୁଖ୍ୟମନ୍ତ୍ରୀ ପଦରେ ଦଳ ଅବସ୍ଥାପିତ କରିଛି। ଅନ୍ୟପକ୍ଷରେ ବେଲୁଚିସ୍ତାନ ଉପକୂଳରେ ଗ୍ୱାଦର ବନ୍ଦର ନିକଟରେ ଆଉ ଏକ ବନ୍ଦର ପ୍ରତିଷ୍ଠା ସକାଶେ ଆମେରିକାକୁ ପ୍ରସ୍ତାବ ଦେଇ ପାକିସ୍ତାନ ଉଭୟ ବିଦ୍ରୋହୀ ବିଏଲଓ ଏବଂ ଚୀନ ଅସନ୍ତୋଷର କାରଣ ହୋଇଛି। ଏଭଳି ପ୍ରତିକୂଳ ପରିସ୍ଥିତିରେ ପାକ୍ ନେତାଙ୍କ ମିଛ ଅହଂକାର କାହିଁକି? ●

# ଓଡ଼ିଶାର ବିକାଶ ଓ ସୁସମ୍ପନ୍ନ ସହରୀକରଣ

ଡ. ପିୟୁଷ ରଞ୍ଜନ ରାଉତ

ବିଶ୍ୱର ନିରନ୍ତର ବିକାଶଯାତ୍ରାରେ ଆଧୁନିକ ସହର ଯୋଜନା ଏକ ଅପରିହାର୍ଯ୍ୟ ଅଙ୍ଗ। ସାମ୍ପ୍ରତିକ ବିବିଧତା ଭରା ଆହ୍ୱାନରେ ସହରର ଆକାର ବଢ଼େଇବା ଅପେକ୍ଷା ସ୍ୱଳ୍ପ ସମୟ ମଧ୍ୟରେ ବିକଶିତ କରିବାର ଆବଶ୍ୟକତା ରହିଛି। ଏହି ପରିପ୍ରେକ୍ଷୀରେ 'ପନ୍ଦର ମିନଟ ସହର ଯୋଜନା' ଏକ ସୁନ୍ଦର ପରିକଳ୍ପନା। ପନ୍ଦର ମିନିଟ ସହର ଯୋଜନାର କେନ୍ଦ୍ରବିନ୍ଦୁ ହେଉଛି, ଦୈନନ୍ଦିନ ଜୀବନରେ ମଣିଷର ଜୀବନଶୈଳୀରେ ଯାହା ଆବଶ୍ୟକ, ଯେପରି ପନ୍ଦର ମିନଟ ଦୂରତ୍ୱ ମଧ୍ୟରେ ତାହା ମିଳିପାରୁଥିବ। ଜଣେ ସାଇକେଲ ଚଳାଇ କିମ୍ବା ଚାଲିକି ଯାଇ ଆଣି ପାରୁଥିବ। ଯେତେବେଳ ଦୂର ଜାଗାକୁ ଯାତ୍ରା କରିବାର ଥିବ ସେତେବେଳେ ସର୍ବସାଧାରଣ ପାଇଁ ଉଦିଷ୍ଟ ବସ ପରିବହନ ବ୍ୟବହାର କରିପାରିବେ ଅବା ନିଜର କାର ବ୍ୟବହାର କରିପାରିବେ। ଏହା ଲୋକମାନଙ୍କ ପାଇଁ ଏକ ବନ୍ଧୁତ୍ୱପୂର୍ଣ୍ଣ ଭାଇଚାରାର ସହର ସୃଷ୍ଟି କରିବ। ପରିସ୍ଥିତିକୁ ବଦଳାଇ ପାରିବାର ଦକ୍ଷତା ରଖିଥିବ। ଅଧିବାସୀଙ୍କର ଆବଶ୍ୟକତା ଅନୁସାରେ ଯୋଜନା ପ୍ରସ୍ତୁତ ହେବ। ଫଳସ୍ୱରୂପ ଗୋଟିଏ ସହର ମଧ୍ୟରେ ଅନେକ ଆତ୍ମନିର୍ଭରଶୀଳ ସହର ଗଢ଼ିଉଠିବ।

ଶିଳ୍ପ ବିପ୍ଳବ ପରେ ଏବଂ କାର ଉଦ୍ଭାବନ ପରେ ଯେଉଁ ସହର ଯୋଜନା ପ୍ରସ୍ତୁତ ହେଉଥିଲା, ତାହା କେବଳ ଧନୀ ଓ ଗରିବ ମଧ୍ୟରେ ଦୂରତ୍ୱ ସୃଷ୍ଟି କରୁଥିଲା। ସହର ମଧ୍ୟରେ ବାସସ୍ଥାନ, କର୍ମକ୍ଷେତ୍ର, ଶିଳ୍ପ, ବାଣିଜ୍ୟ ପାଇଁ ଅଲଗା ଅଲଗା ସ୍ଥାନ ନିରୂପଣ ହେଉଥିଲା, ଯାହା ସହରକୁ ଖଣ୍ଡବିଖଣ୍ଡ କରିଦେଉଥିଲା। ତେଣୁ ସମୟକ୍ରମେ ପନ୍ଦର ମିନିଟର ସହରୀ ଯୋଜନା ପରିକଳ୍ପନା କରାଗଲା।

ଆଜିର ସହରୀକରଣର ମୁଖ୍ୟ ଆହ୍ୱାନ ହେଉଛି ସହରାଞ୍ଚଳରେ ଜଳବାୟୁ ପରିବର୍ତ୍ତନର ପ୍ରଭାବକୁ ପ୍ରତିହତ କରିବା ଲାଗି ସ୍ଥାନୀୟ ଯୋଜନା ଏବଂ ତା'ର ସଫଳ ରୂପାୟନ। ଆମେ ବର୍ତ୍ତମାନ ଏପରି ଏକ ସହରୀ ସଭ୍ୟତାରେ ବସବାସ କରୁଛେ, ଯାହାକୁ ସହର ଶତାବ୍ଦୀ ବୋଲି କହିବାରେ ଦ୍ୱିଧା ନାହିଁ। ମିଳିତ ଜାତିସଂଘର ଭବିଷ୍ୟତ ଚିନ୍ତାଧାରା ଅନୁସାରେ ୨୦୩୦ ସୁଦ୍ଧା ସମଗ୍ର ବିଶ୍ୱରେ ୭୦% ଲୋକ ସହରରେ ବସବାସ କରିବେ। ସହରୀକରଣ ବିଶ୍ୱର ବହୁଦେଶର ଅର୍ଥନୈତିକ ଅଭିବୃଦ୍ଧିରେ ବଡ଼ ଭୂମିକା ଗ୍ରହଣ କରିଛି। ଆପାତତଃ ବିଶ୍ୱର ୭୫% ଅର୍ଥନୀତିର ଆଦାନ ପ୍ରଦାନ ସହର ମଧ୍ୟରେ ଘଟିଥାଏ, ଯାହାକି ବହୁତ ଲୋକଙ୍କୁ ଗରିବ ସୀମା ରେଖାରୁ ଉପରକୁ ଉଠେଇବାରେ ସହାୟକ ହୋଇଛି। ସହରୀକରଣରେ ଅଧିକ ପ୍ରାକୃତିକ ସମ୍ବଳ ବ୍ୟବହାର ହୋଇଥାଏ। ବିଶ୍ୱର ୩% ସ୍ଥାନ ସହର ପାଇଁ ବ୍ୟବହୃତ ହୁଏ। ସେହିପରି ବିଶ୍ୱର ୬୦% ସହର ଅଧିବାସୀ ଏହାର ୭୫% ସମ୍ବଳ ବ୍ୟବହାର କରିଥା'ନ୍ତି। ସହରରେ ବସବାସ କରୁଥିବା ଲୋକ ବିଶ୍ୱର ଦୁଇ-ତୃତୀୟାଂଶ ଶକ୍ତି ବ୍ୟବହାର କରିଥା'ନ୍ତି, ଯାହା ଗ୍ରୀନ୍ ହାଉସ୍ ଗ୍ୟାସ୍ ନିର୍ଗମନରେ ପ୍ରମୁଖ ଭୂମିକା ଗ୍ରହଣ କରୁଛି। ଆଗାମୀ ଦିନରେ ଏହି ଆହ୍ୱାନର ମୁକାବିଲା କରିବା ପାଇଁ ସହରଗୁଡ଼ିକୁ ଏକ ଉନ୍ନତଶୈଳୀରେ ପରିବେଶ ସୁରକ୍ଷିତ କରି ଗଢ଼ିବାକୁ ପଡ଼ିବ।

ଭାରତ ଏକ ବୃହତ ସହରୀକରଣ ଦିଗରେ ଅଗ୍ରସର। ୨୦୩୦ସୁଦ୍ଧା ସମ୍ଭବତଃ ୩୫୦ ନିୟୁତ ଜନସଂଖ୍ୟା ସହରରେ ବସବାସ କରୁଥିବେ ଏବଂ ୨୦୫୦ ବେଳକୁ ଏହା ୭୦୦ ନିୟୁତରେ ପହଞ୍ଚିବ। ସେହିଭଳି ଓଡ଼ିଶାର ଜନସଂଖ୍ୟାର ୧୭% ଲୋକେ ବର୍ତ୍ତମାନ ସହରରେ ବସବାସ କରୁଛନ୍ତି, ଯାହାକି ୨୦୩୦ ବେଳକୁ ସମ୍ଭବତଃ ୨୫% ପହଞ୍ଚିପାରେ।

କିନ୍ତୁ ସହରାଞ୍ଚଳରେ ବସବାସ କରିବା ପାଇଁ ଯେଉଁଭଳି ମାନଦଣ୍ଡର ସୁବିଧା ସୁଯୋଗ ରହିବା କଥା ଆଜି ମଧ୍ୟ ତାହା ଦେଖିବାକୁ ମିଳୁନି। ଯାହାଫଳରେ ସହରମାନଙ୍କରେ ସମସ୍ୟା ବଢ଼ିବାରେ ଲାଗିଛି। ଭାରତରେ ସହର ଭିତ୍ତିଭୂମି ବିକାଶ ପାଇଁ ପ୍ରତି ବାସିନ୍ଦାଙ୍କ ପାଇଁ ଖର୍ଚ୍ଚ ହେଉଛି ହାରାହାରି ୨୦ ଆମେରିକୀୟ ଡଲାର, ଯାହାକି ବ୍ରିଟେନରେ ୮୦୦ ଆମେରିକୀୟ ଡଲାର ଏବଂ ଚୀନରେ ୧୨୦ ଆମେରିକୀୟ ଡଲାର। ସମ୍ଭବତଃ ଭାରତରେ ଗ୍ରାମାଞ୍ଚଳ ଅପେକ୍ଷା ବହୁତ କମ ଅର୍ଥ ପ୍ରଦାନ କରାଯାଉଥିବାରୁ ସହରଗୁଡ଼ିକ ବିଶ୍ୱସ୍ତରରେ ପଛରେ ପଡ଼ିଯାଇଛନ୍ତି।

ଓଡ଼ିଶାର ସହରଗୁଡ଼ିକୁ ଯୋଜନାବଦ୍ଧ ଓ ସୁନ୍ଦର କରିବା ପାଇଁ ଏହା ହିଁ ଏକ ପ୍ରକୃଷ୍ଟ ସୁଯୋଗ। ଯୋଜନାବଦ୍ଧ ସୁନ୍ଦର ସହରର ଅର୍ଥ ନୁହେଁ କେବଳ ଉଚ୍ଚ ଅଟ୍ଟାଳିକା, ଚଉଡ଼ା ରାସ୍ତା। ବରଂ ସହରକୁ ଗରିବ ମୁକ୍ତ କରିବା, ଅର୍ଥନୈତିକ ଅଭିବୃଦ୍ଧି, ପରିବେଶ ସନ୍ତୁଳିତ ଏବଂ ଜଳବାୟୁ ପରିବର୍ତ୍ତନକୁ ନେଇ ଯୋଜନା ଆଧାରରେ ପ୍ରସ୍ତୁତ କରିବା। ଯେପରି ଦକ୍ଷିଣ କୋରିଆ ସିଓଲ ସହରକୁ ସମଗ୍ର ବିଶ୍ୱ ପାଇଁ ଉଦାହରଣୀୟ କରିପାରିଛି। ମାତ୍ର ତିରିଶ ବର୍ଷ ମଧ୍ୟରେ ଏକ ଗରିବ କୃଷିପ୍ରଧାନ ଦେଶରୁ ବିଶ୍ୱର ପ୍ରମୁଖ ଅର୍ଥନୈତିକ ପେଶସ୍ଥଳୀ ଏବଂ ବିଶ୍ୱର ଅନ୍ୟତମ ବିକଶିତ ସହରରେ ପରିବର୍ତ୍ତନ ହୋଇପାରିଛି। ପାରମ୍ପରିକ ସହର ଯୋଜାନାଠାରୁ ବହୁମାତ୍ରାରେ ଉନ୍ନତ ଓ ଲୋକାଭିମୁଖୀ କରି ଦକ୍ଷିଣ କୋରିଆ ଏହି ସଫଳତା ହାସଲ କରିଛି।

ସିଓଲ ଭଳି ବିଶ୍ୱରେ ଅନେକ ସହର ଅଛି, ଯେଉଁଗୁଡ଼ିକ ନୂତନତ୍ୱକୁ ମାନଦଣ୍ଡ କରି ଆଜି ସାରା ବିଶ୍ୱ ପାଇଁ ଉଦାହରଣ ହେଇପାରିଛନ୍ତି। ଆଉ ଏକ ସହର ହଉଛି ବୋଗଟା ଯାହାକି ବିଶ୍ୱରେ ସୁନ୍ଦର ପରିବହନ ପରିକଳ୍ପନା କରି ସ୍ୱଳ୍ପ ସମୟ ଯୋଜନାର ସହର ଭାବେ ଆପଣେଇ ପାରିଛନ୍ତି। ବୋଗଟା ସହର ନିଜ ଲୋକଙ୍କ ପାଇଁ କାର ରାସ୍ତା କରିବା ଅପେକ୍ଷା ୪୦୦ କିମି. ସାଇକେଲ ରାସ୍ତା ପ୍ରସ୍ତୁତ କରିଛନ୍ତି, ଯାହାକୁ ୪୦% ରୁ ଅଧିକ ଲୋକେ ଦୈନିକ ବ୍ୟବହାର କରୁଛନ୍ତି। ସେହିଭଳି କୁରୀଟିବା ସହର ବସ ପରିବହନ ପାଇଁ ସାରା ବିଶ୍ୱରେ ଉଦାହରଣ ସୃଷ୍ଟି କରିପାରିଛି। ଜାପାନର ୟୋକହମା ସହର ଲୋକସଂଖ୍ୟା ବଢ଼ିବା ପରେ ବି ବର୍ଜ୍ୟ ନିଷ୍କାସନକୁ ୪୦% ପର୍ଯ୍ୟନ୍ତ ହ୍ରାସ କରିପାରିଛନ୍ତି କେବଳ ଲୋକଙ୍କ ମଧ୍ୟରେ ପରିବେଶ ସମ୍ବନ୍ଧୀୟ ସଚେତନତା ଓ ସହଯୋଗିତା ଯୋଗୁଁ।

ଆମ ରାଜଧାନୀ ଭୁବନେଶ୍ୱର ପାଇଁ ମଧ୍ୟ ଏଭଳି ଅପାର ସମ୍ଭାବନା ରହିଛି। ଭୁବନେଶ୍ୱର ଆଜିକୁ ସାତ ଦଶନ୍ଧି ପୂର୍ବେ ଦୂରତ୍ୱ ଅନୁସାରେ 'ପନ୍ଦର ମିନିଟ ସହର' ଭାବେ ଗଢ଼ା ଯାଇଥିଲା। କିନ୍ତୁ ସମୟ ସହିତ ତାଳ ନ ଦେଇପାରିବା ଯୋଗୁଁ ଲକ୍ଷ୍ୟରୁ ଦୂରେଇ ଯାଇଛି। 'ପନ୍ଦର ମିନିଟର ସହର' ପରିକଳ୍ପନା ବର୍ତ୍ତମାନ ସମୟରେ ଆବଶ୍ୟକତା। କାରଣ ଭବିଷ୍ୟତରେ ଜନସଂଖ୍ୟା ବୃଦ୍ଧି ସହିତ ଯେତେ ବଡ଼ ସହର ହେବ ସେତେ ଅଧିକ ସମସ୍ୟା ସୃଷ୍ଟି ହେବ। ଭୂମି, ଜଳ, ଗ୍ୟାସ ଏତେ ସହଜରେ ମିଳିନପାରେ; ତେଣୁ ଆମକୁ ଅଳ୍ପ ସମୟ ଏବଂ ଦୂରତ୍ୱ ମଧ୍ୟରେ କିପରି ଅଧିକ ଲୋକ ବସବାସ କରିପାରିବେ ଏବଂ ସୁରକ୍ଷିତରେ ରହିପାରିବେ ସେଥିପ୍ରତି ଧ୍ୟାନ ଦେବାକୁ ପଡ଼ିବ।

ଭୁବନେଶ୍ୱର ଏକ ଯୋଜନାବଦ୍ଧ, ପରିବେଶ ସନ୍ତୁଳିତ ଏବଂ ସମସ୍ତଙ୍କ ପାଇଁ ଉଦିଷ୍ଟ ସହର ଭଳି ଗଢ଼ି ଉଠୁ, ଯାହାକି ଅନ୍ୟ ସହର ପାଇଁ ଉଦାହରଣ ହେବ। କାରଣ ଦେଶ ଓ ରାଜ୍ୟର ଭବିଷ୍ୟତ ଦକ୍ଷତା ସମ୍ପନ୍ନ ସହରୀକରଣ ଉପରେ ନିର୍ଭରଶୀଳ। ଉପରେ।" ●

(ସହର ଯୋଜନା ବିଶେଷଜ୍ଞ)
ଭୁବନେଶ୍ୱର, ମୋ: ୯୪୩୭୧୭୬୭୧୭

## ଚିକିତ୍ସା ବିଜ୍ଞାନ ନୋବେଲ-୨୦୨୫

# ପ୍ରତିରକ୍ଷା ତନ୍ତ୍ରୀ-ସଜାଗପ୍ରହରୀର ଆବିଷ୍କାର

ଡାକ୍ତର ନିତ୍ୟାନନ୍ଦ ସ୍ୱାଇଁ

ମେରୀ ଇ ବ୍ରଙ୍କୋ, ଫ୍ରେଡ ରାମସଡେଲ ଓ ଡାକ୍ତର ସାଇମୋନ୍ ସାକାଗୁଚି ୨୦୨୫ ମସିହାର ଚିକିତ୍ସା ବିଜ୍ଞାନରେ ନୋବେଲ ପୁରସ୍କାର ପାଇବାର ଗୌରବ ପ୍ରାପ୍ତ ହୋଇଛନ୍ତି। ପ୍ରଥମ ବିଜ୍ଞାନୀଦ୍ୱୟ ଆମେରିକୀୟ, ଡାକ୍ତର ସାକାଗୁଚି ଜାପାନର ଅଧିବାସୀ। ମେରୀ ବ୍ରଙ୍କୋ ଜଣେ ମହିଳା। ସେମାନଙ୍କ ବୟସ ଯଥାକ୍ରମେ ୬୪, ୬୪ ଓ ୭୪। ମେରୀ ବ୍ରଙ୍କୋ ଜିନୋମିକ୍ସ ଓ ଅଟୋଇମ୍ୟୁନ୍ ରୋଗ ଉପରେ ଗବେଷଣା କରୁଛନ୍ତି ସିୟାଟେଲ ସ୍ଥିତ ଇନ୍‌ଷ୍ଟିଚ୍ୟୁଟ୍ ଫର ସିଷ୍ଟମସ ବାୟୋଲୋଜି ପ୍ରତିଷ୍ଠାନରେ। ଫ୍ରେଡ ରାମସଡେଲ ସାନଫ୍ରାନସିସ୍‌କୋର ସୋନୋମା ବାୟୋ ନାମକ ଏକ ଜୈବ ପ୍ରଯୁକ୍ତି ସଂସ୍ଥାରେ ଗବେଷଣାରତ। ସାଇମୋନ୍ ସାକାଗୁଚି ଜାପାନର ସୋକା ବିଶ୍ୱବିଦ୍ୟାଳୟରେ ଇମ୍ୟୁନୋଲୋଜି ବିଭାଗର ପ୍ରଫେସର।

ଗୋଟିଏ ଗୋଷ୍ଠୀର ରୋଗ ଅଛନ୍ତି, ଯେଉଁଗୁଡ଼ିକୁ କୁହାଯାଏ ଅଟୋଇମ୍ୟୁନ। 'ଅଟୋ' ଏକ ଗ୍ରୀକ୍ ଶବ୍ଦ। ଏହାର ଅର୍ଥ ସ୍ୱ ବା ନିଜର। 'ଇମ୍ୟୁନ'ର ଅର୍ଥ ରୋଗ କବଳରୁ ପ୍ରତିରୋଧକ୍ଷମ। ଆମ ଶରୀରରେ ରହିଛି ବିଭିନ୍ନ ତନ୍ତ୍ର। ପ୍ରତ୍ୟେକ ତନ୍ତ୍ରର କାର୍ଯ୍ୟ ନିର୍ଦ୍ଦିଷ୍ଟ। ସେହି ତନ୍ତ୍ରଗୁଡ଼ିକ ମଧ୍ୟରୁ ପ୍ରତିରକ୍ଷା ତନ୍ତ୍ର ବା ଇମ୍ୟୁନ ସିଷ୍ଟମ ହେଉଛି ଅନ୍ୟତମ। ଜୀବାଣୁ, ଭୂତାଣୁ ଓ ଅନ୍ୟାନ୍ୟ ଅଣୁଜୀବଗୁଡ଼ିକର ଆକ୍ରମଣରୁ ଶରୀରକୁ ସୁରକ୍ଷିତ ରଖିବା ହେଉଛି ପ୍ରତିରକ୍ଷା ତନ୍ତ୍ରର କାମ। କିନ୍ତୁ ପ୍ରତିରକ୍ଷା ତନ୍ତ୍ରଗୁଡ଼ିକ ବେଳେ ବେଳେ ହୋଇପଡ଼େ ରୋଗ ସୃଷ୍ଟିର କାରଣ। ନିଜସ୍ୱ ପ୍ରତିରକ୍ଷା ତନ୍ତ୍ର ବା ଇମ୍ୟୁନ ସିଷ୍ଟମ ଦ୍ୱାରା ସୃଷ୍ଟି ହେଉଥିବାରୁ ସେହି ରୋଗଗୁଡ଼ିକୁ ଡାକ୍ତରୀ ଭାଷାରେ 'ଅଟୋଇମ୍ୟୁନ୍' ରୋଗ ବୋଲି କହନ୍ତି। ଏବେ ଏହିଧରଣର ରୋଗସଂଖ୍ୟା ବଢ଼ି ଚାଲିଛି। ଏ ସଂପର୍କିତ ଗବେଷଣାକୁ ସ୍ୱୀକୃତି ଜଣେଇ ନୋବେଲ ପୁରସ୍କାର କମିଟି ପ୍ରଦାନ କରିଛି ୨୦୨୫ ମସିହାର ଚିକିତ୍ସା ବିଜ୍ଞାନ ନୋବେଲ ପୁରସ୍କାର। ପୁରସ୍କାରଟି ପ୍ରଦତ୍ତ ହୋଇଛି 'ପେରିଫେରାଲ ଇମ୍ୟୁନ ଟଲେରାନ୍ସ' ବା 'ପ୍ରାନ୍ତୀୟ ରୋଗ ପ୍ରତିରକ୍ଷା ସହନଶୀଳତା' ବିଷୟକ ସେମାନଙ୍କର ଯୁଗାନ୍ତକାରୀ ଆବିଷ୍କାର ପାଇଁ। ପୁରସ୍କାର ବାବଦକୁ ପ୍ରତ୍ୟେକ ନୋବେଲ ବିଜେତାଙ୍କୁ ଦିଆଯିବ ୪ ଲକ୍ଷ ଡଲାର (ଭାରତୀୟ ମୁଦ୍ରାର ପାଖାପାଖି ୩୫୦ ଲକ୍ଷ ଟଙ୍କା), ଗୋଟିଏ ଲେଖାଏଁ ସ୍ୱର୍ଣ୍ଣ ପଦକ ଓ ପୁରସ୍କାର ପ୍ରମାଣପତ୍ର ବା ନୋବେଲ ଡିପ୍ଲୋମା। ଏହା ପ୍ରଦତ୍ତ ହେବ ନୋବେଲ ପୁରସ୍କାରର ପ୍ରତିଷ୍ଠାତା ଆଲ୍‌ଫ୍ରେଡ୍ ନୋବେଲଙ୍କ ତିରୋଧାନ ଦିବସ ଡିସେମ୍ବର ୧୦ ତାରିଖରେ। ଏହି ଦିବସକୁ 'ନୋବେଲ ଦିବସ' ଭାବରେ ପାଳନ କରାଯାଏ।

ପ୍ରଶ୍ନ ଉଠେ, ଆମ ଶରୀରରେ ଯଦି ପ୍ରତିରକ୍ଷା ତନ୍ତ୍ର ଭଳି ଏକ ସ୍ୱତନ୍ତ୍ର ପ୍ରଣାଳୀ ଆମକୁ ସୁରକ୍ଷିତ ରଖିବା ପାଇଁ କାମ କରୁଛି ଏବଂ ତାହା ଶରୀରର ସୁସ୍ଥ କୋଷଗୁଡ଼ିକୁ ସୁରକ୍ଷିତ ରଖି ରୋଗ ସୃଷ୍ଟିକାରୀ ଜୀବାଣୁ ଭୂତାଣୁ ଇତ୍ୟାଦିକୁ ଆକ୍ରମଣ କରି ଧ୍ୱଂସ କରିଦେଉଛି; ତେବେ ଆମ ଭିତରୁ କେତେକ ପୁଣି ଅଟୋଇମ୍ୟୁନ ରୋଗ ଦ୍ୱାରା ଆକ୍ରାନ୍ତ ହୋଇପଡୁଛନ୍ତି କିପରି? କାହିଁକି ଅବା ଆମେ ସମସ୍ତେ ଅଟୋଇମ୍ୟୁନ ରୋଗ ଭୋଗୁନେ? ସାଇମୋନ ସାକାଗୁଚି ଆବିଷ୍କାର କଲେ ଏକନୂତନ ପ୍ରକାରର ଇମ୍ୟୁନ୍ ସେଲ୍‌ଫ। ସେହି ସେଲ ବା କୋଷର ନାଁ 'ରେଗୁଲେଟରୀ ଟିସେଲ'। ସଂକ୍ଷେପରେ 'ଟି ରେଗ୍‌ସ ରେଗୁଲେଟରୀ ଟି ସେଲ' ହେଉଛି ନିଅନ୍ତ୍ରଣକାରୀ। ତାହା ସିକ୍ୟୁରିଟି ଗାର୍ଡ ବା ନିରାପତ୍ତା ରକ୍ଷୀ ଭାବରେ କାର୍ଯ୍ୟ କରି ଶରୀରର ସୁସ୍ଥକୋଷଗୁଡ଼ିକୁ ପ୍ରତିରକ୍ଷା ତନ୍ତ୍ରର ଆକ୍ରମଣରୁ ରକ୍ଷା କରେ। ଯେଉଁ ପ୍ରତିରକ୍ଷାତନ୍ତ୍ର ପୁଲିସ ଭଳି କାମ କରି ରୋଗ ସୃଷ୍ଟି କରୁଥିବା ଜୀବାଣୁ ଭୂତାଣୁମାନଙ୍କ ଉପରେ ଆକ୍ରମଣ କରି ସେମାନଙ୍କୁ କାବୁ କରି ଦେଉଛି, ସେହି ପ୍ରତିରକ୍ଷା ତନ୍ତ୍ର ଯେପରି ସୁସ୍ଥ କୋଷଗୁଡ଼ିକୁ ଆକ୍ରମଣ ନ କରି ପାରିବ ସେଥିପ୍ରତି ପୁଲିସ ଭଳି ସେଥିପ୍ରତି କଡ଼ା ନିଘା ରଖିଛି ରେଗୁଲେଟରୀ ଟି ସେଲ ବା ନିରାପତ୍ତା ରକ୍ଷୀ। ଫଳରେ ପ୍ରତିରକ୍ଷା ତନ୍ତ୍ର ସୁସ୍ଥ କୋଷଗୁଡ଼ିକୁ ଆକ୍ରମଣ କରିପାରୁନାହିଁ।

ପ୍ରଶ୍ନ ଉଠେ ରେଗୁଲେଟରୀ ଟି ସେଲ ରହିଥିବା ସତ୍ତ୍ୱେ ନିରାପତ୍ତା ରକ୍ଷୀ ଭାବରେ ତାହା ପ୍ରତିରକ୍ଷା ତନ୍ତ୍ର ଉପରେ ସତର୍କ ଦୃଷ୍ଟି ରଖିଥିବା ସତ୍ତ୍ୱେ, ପୁଣି ପ୍ରତିରକ୍ଷା ତନ୍ତ୍ର ତା'ର ଭାରସାମ୍ୟ ହରେଇ ସୁସ୍ଥକୋଷକୁ ଆକ୍ରମଣ କରି ପକାଉଛି କିପରି? କିପରି ପୁଣି ଜାତ ହୋଇପାରୁଛି ଅଟୋଇମ୍ୟୁନ ରୋଗ? ଏହି ଆବିଷ୍କାରର ରହିଛି ଏକ ଦ୍ୱିତୀୟ ଅଂଶ। ଦ୍ୱିତୀୟ ଅଂଶଟିର ଆବିଷ୍କାରକ ହେଉଛନ୍ତି ମେରୀ ବ୍ରଙ୍କୋ ଓ ଫ୍ରେଡ ରାମସଡେଲ। ସେମାନେ ଏପରି ଏକ ପ୍ରଜାତିର ମୂଷାଙ୍କ ସନ୍ଧାନ ପାଇଲେ, ଯେଉଁ ମୂଷାମାନେ ଅଟୋଇମ୍ୟୁନ ରୋଗ ପ୍ରତି ଅତିମାତ୍ରାରେ ସଂବେଦନଶୀଳ। ରୋଗଭୋଗୀ ଅଳ୍ପ କେଇଟି ସପ୍ତାହ ଭିତରେ ସେମାନେ ମୃତ୍ୟୁବରଣ କରିବା ପାଇଁ ବାଧ ହୋଇଥା'ନ୍ତି। ସେହି ପ୍ରଜାତିର ମୂଷାଙ୍କୁ କୁହାଯାଉଛି ସ୍କର୍ଫି। କେବଳ ଅଣ୍ଡିରା ମୂଷା ଏଥିରେ ଆକ୍ରାନ୍ତ ହେଉଥିବାରୁ ମେରୀ ଓ ଫ୍ରେଡ ସିଦ୍ଧାନ୍ତରେ ପହଞ୍ଚିଲେ ଯେ ଅଣ୍ଡିରା ସ୍କର୍ଫି ମୂଷାଙ୍କ ଏକ୍ସ କ୍ରୋମୋଜୋମରେ କିଛି ତ୍ରୁଟି ରହିଛି। ଆହୁରି ଅଧିକ ଅନୁଧ୍ୟାନ କରି ସେମାନେ ଦେଖିଲେ ଯେ ଏକ୍ସ କ୍ରୋମୋଜୋମ୍‌ରେ ଫକ୍ସପି ୩ ନାମକ ଏକ ଜିନ୍‌ରେ ରହିଛି ଏକ ପରିବର୍ତ୍ତନ (ଜିନରେ ଏଭଳି ପରିବର୍ତ୍ତନକୁ ବିଜ୍ଞାନ ଭାଷାରେ କୁହାଯାଏ ମ୍ୟୁଟେସନ)। ଫକ୍ସପି ୩ ଜିନରେ ମ୍ୟୁଟେସନ ଯୋଗୁଁ ହିଁ ମୂଷା ଅଟୋଇମ୍ୟୁନ ରୋଗରେ ଆକ୍ରାନ୍ତ ହୋଇପଡୁଛନ୍ତି। ସେମାନେ ଏହା ବି ଦେଖିଲେ ଯେ ମଣିଷ ଶିଶୁମାନଙ୍କ ଭିତରୁ କେତେକ ଭୋଗିଥା'ନ୍ତି ଆଇପେକ୍ସ ନାମକ ଗୁରୁତର ଅଟୋଇମ୍ୟୁନ ରୋଗ। ସେହି ରୋଗୀଙ୍କଠାରେ ବି ଫକ୍ସପି ୩ଜିନରେ ପରିଲକ୍ଷିତ ହୋଇଛି ମ୍ୟୁଟେସନ। ସୁତରାଂ ମେରୀ ଓ ଫ୍ରେଡ ନିଶ୍ଚିତ ହୋଇଗଲେ ଯେ ଫକ୍ସପି ୩ ରେ ମ୍ୟୁଟେସନ କରେଇପାରେ ଅଟୋଇମ୍ୟୁନ୍ ରୋଗ।

ଏହି ତଥ୍ୟ ମିଳିଗଲା ପରେ ସାକାଗୁଚି ପୁଣି ଲାଗିପଡ଼ିଲେ ଗବେଷଣାରେ। ଦୁଇବର୍ଷ ଧରି ଗବେଷଣା ପରେ ସାକାଗୁଚି ଦର୍ଶେଇଦେଲେ ଯେ ଫକ୍ସପି ୩ ଜିନଟି ନିୟନ୍ତ୍ରଣ କରିଥାଏ ରେଗୁଲେଟରି ଟି ସେଲର ବିକାଶକୁ। ଫଳରେ ପ୍ରତିରକ୍ଷା ତନ୍ତ୍ର ଶରୀରର ସୁସ୍ଥ କୋଷଗୁଡ଼ିକୁ ଆକ୍ରମଣ କରିପାରେନି। କିନ୍ତୁ ଫକ୍ସପି୩ ଜିନରେ ମ୍ୟୁଟେସନ ହୋଇ ତାହା ତ୍ରୁଟିଯୁକ୍ତ ହୋଇ ପଡ଼ିଲେ ରେଗୁଲେଟରୀ ଟି ସେଲ ବା ପ୍ରତିରକ୍ଷା ତନ୍ତ୍ରର ନିରାପତ୍ତାର ରକ୍ଷୀ ଦାୟିତ୍ୱ ନିର୍ବାହ କରିବାରେ ବିଫଳ ହେବାରୁ ଜାତ ହୋଇପଡ଼େ ଅଟୋଇମ୍ୟୁନ ରୋଗ।

ଆମର ଅତିପରିଚିତ ରିଉମାଟଏଡ ଆର୍ଥ୍ରାଇଟିସ ନାମକ ଗଣ୍ଠିରୋଗ ଓ ଟାଇପ-୧ ଡାଇବେଟିସ ହେଉଛି ଅଟୋଇମ୍ୟୁନ ରୋଗର ଉଦାହରଣ। ଅଙ୍ଗ ପ୍ରତିରୋପଣ ଓ କେତେକ କ୍ୟାନସରରେ ମଧ୍ୟ ଏହି ଆବିଷ୍କାରର ଗୁରୁତ୍ୱ ରହିଛି। ମାତ୍ର ରେଗୁଲେଟରୀ ଟି ସେଲ ଭିତ୍ତିକ ଚିକିସା ପଦ୍ଧତି ସଂପ୍ରତି ରହିଛି ପରୀକ୍ଷା ସ୍ତରରେ। ହେଲେ ଏହି ଚିକିତ୍ସା ପଦ୍ଧତିର ଭବିଷ୍ୟତ ବେଶ୍ ଉଜ୍ଜ୍ୱଳ। ●

କଟକ, ମୋ: ୯୪୩୭୭୬୬୧୧୭

# ତିବ୍ବତରେ ବୌଦ୍ଧ ବିହାର

ପ୍ରବୀର କୁମାର ପଟ୍ଟନାୟକ

ପୂର୍ବପ୍ରକାଶିତ ଉତ୍ତାରୁ...

ପ୍ରାୟତଃ ସମସ୍ତ ବୌଦ୍ଧବିହାର ଶିକ୍ଷାକେନ୍ଦ୍ର ଭାବେ କାର୍ଯ୍ୟ କରିଥା'ନ୍ତି। ଏଗୁଡ଼ିକରେ ତିବ୍ବତୀୟ ଭାଷାରେ ଅନୁଦିତ କଞ୍ଜୁର ଓ ତଞ୍ଜୁର ଦୁଇଟି ବର୍ଗର ଧର୍ମୀୟ ପୁସ୍ତକ ତଥା ବିଭିନ୍ନ ଶାସ୍ତ୍ରସବୁର ବିଶାଳ ଭଣ୍ଡାର ସଂଗୃହୀତ। ତିବ୍ବତରେ ବୌଦ୍ଧବିହାର ତଥା ମନ୍ଦିରମାନ ପ୍ରତିଷ୍ଠା କାର୍ଯ୍ୟ ତଥା ଏଥିପାଇଁ ରାଜକୀୟ ଅଥବା ଶାସକୀୟ ସହାୟତା, ମୁଖିଆ ତଥା ଅଭିଜାତ ବର୍ଗର ସହୟତା ପ୍ରାପ୍ତି ସପ୍ତମ /ଅଷ୍ଟମ ଶତାବ୍ଦୀରୁ ଆରମ୍ଭ ହୋଇ ଅଷ୍ଟାଦଶ ଶତାବ୍ଦୀ ପର୍ଯ୍ୟନ୍ତ ଚାଲି ରହିଲା। ଭାରତ ଭଳି ତିବ୍ବତୀୟ ବୌଦ୍ଧ ଧର୍ମରେ ମଧ୍ୟ ବିଭିନ୍ନ ସଂପ୍ରଦାୟ ରହିଛନ୍ତି। ଏହିମାନେ ଧର୍ମର ପ୍ରଚାର ପ୍ରସାର ଅଧିକ ମାତ୍ରାରେ କରିଛନ୍ତି। ଏହି ସଂପ୍ରଦାୟଗୁଡ଼ିକ ମଧ୍ୟରେ ମୁଖ୍ୟ ହେଲେ ନିଙ୍ଗ୍‌ମାପା, ଶାସ୍‌କ୍ୟାପା ଓ କାବ୍‌ରଗ୍ୟୁତପା। ମିଳିତ ଭାବେ ଏମାନେ 'ନାଲିଟୋପି' ସଂପ୍ରଦାୟ ଭାବେ ପରିଚିତ ଏବଂ ଏମାନଙ୍କର ସବୁଠାରୁ ଅଧିକ ସଂଖ୍ୟକ ବିହାର ରହିଛି।



ତିବ୍ବତ ହେଉଛି ବୌଦ୍ଧ ବିହାରର ଦେଶ। ସେଥିମଧ୍ୟରୁ କେତେକ ଉଲ୍ଲେଖଯୋଗ୍ୟ ବିହାର ହେଲା (୧) ସମୟେ- ଏହା ହେଉଛି ରାଜା ଖ୍ରୀ-ସ୍ରନ୍‌ଙ୍କ ଦ୍ୱାରା ପଦ୍ମସମ୍ଭବ ଓ ଶାନ୍ତରକ୍ଷିତଙ୍କ ସହାୟତାରେ ଲାସା ନିକଟରେ ନିର୍ମିତ ପ୍ରଥମ ବୌଦ୍ଧ ମହାବିହାର। ଏହି ମହାବିହାରଟି ମଗଧର ଓଦନ୍ତପୁରୀ ମହାବିହାର ଅବିକଳ ଢାଞ୍ଚାରେ ଖ୍ରୀ ୭୪୯ ରେ ନିର୍ମିତ ହୋଇଥିଲା। ଏହାଥିଲା

## ଦ୍ୱିତୀୟ-ବୁଦ୍ଧ କଥା

ତିବ୍ବତର ମୁଖ୍ୟ ତଥା ପ୍ରଧାନ ବୌଦ୍ଧ ଶିକ୍ଷାକେନ୍ଦ୍ର। ଆଚାର୍ଯ୍ୟ ଶାନ୍ତରକ୍ଷିତ ଏତି ବିହାରର ପ୍ରଥମ ମୁଖ୍ୟ ଆଚାର୍ଯ୍ୟ ଭାବେ ନିଯୁକ୍ତ ହୋଇ ଜୀବନର ଶେଷକାଳ ପର୍ଯ୍ୟନ୍ତ ସେହି ଦାୟିତ୍ୱ ତୁଲାଇଥିଲେ। ଏହି ବିହାରର ଅଧିକାଂଶ ଭିକ୍ଷୁ ନିଙ୍ଗ୍‌ମାପା ସଂପ୍ରଦୟର ହୋଇଥିଲେ ମଧ୍ୟ ଏହାର ମୁଖ୍ୟ ଶସ୍‌କ୍ୟାପା ଗୋଷ୍ଠୀର। (୨) ଗାଲ୍‌ଡାନ୍- ଏହାର ସଂସ୍କୃତ ଅର୍ଥ ହେଲା ତୁଷିତ (ଦେବତାମାନଙ୍କର ବାସସ୍ଥାନ, ଗୋଟିଏ ସ୍ୱର୍ଗ)। ଏହି ବିହାରଟି ଗେଲୁଗ୍‌ସ୍ୱା ସଂପ୍ରଦାୟର (ହଳଦିଆ ଟୋପି) ବିରାଟ ତଥା ପ୍ରସିଦ୍ଧ ମହାବିହାର। ଲାସାର ପୂର୍ବକୁ ତିରିଶ ମାଇଲ ଦୂରରେ ଏହା ଅବସ୍ଥିତ। ତିବ୍ବତର ମହାନ ବୌଦ୍ଧ ସଂସ୍କାରକ ସଙ୍ଗ୍-ଖା-ପା ଏହି ବିହାରକୁ ଖ୍ରୀ୧୪୦୯ ରେ ନିର୍ମାଣ କରାଇଥିଲେ। ଏହି ବିହାରଟି ଭାବିବୁଦ୍ଧ ମୈତ୍ରେୟଙ୍କର ଚିତ୍ତାକର୍ଷକ ପ୍ରତିମୂର୍ତ୍ତି ପାଇଁ ପ୍ରସିଦ୍ଧ। କିମ୍ବଦନ୍ତୀ କୁହେ ଏହା ମଗଧରୁ ଏଠାକୁ ଉଡ଼ି କରି ଆସିଛନ୍ତି। (୩) ଦେ-ପୁଙ୍ଗସ୍- ଏହା ହେଉଛି ତିବ୍ବତର ସବୁଠାରୁ ଅଧିକ କ୍ଷମତାଶାଳୀ ତଥା ଜାନାକୀର୍ଣ୍ଣ ମହାବିହାର। ଏହା ଖ୍ରୀ ୧୪୧୫ରେ ନିର୍ମିତ। ଏହି ବିହାରଟିର ବହୁ ଉଚ୍ଚ ଉଚ୍ଚ କୋଠାମାନଙ୍କର ସମାହାର ଏହାକୁ ଏକ ସହର ଭଳି ଦର୍ଶାଇଥାଏ। ଏହି ବିହାରଟି ଲାସାର ପଶ୍ଚିମକୁ ମାତ୍ର ତିନି ମାଇଲ ଦୂରରେ ଅବସ୍ଥିତ। ଏଠାରେ ପ୍ରାୟ ସାତ ହଜାର ଭିକ୍ଷୁ ବସବାସ କରିଥା'ନ୍ତି। ଏଠାରେର ଶିକ୍ଷା ନିମିତ୍ତ ଆଠ ଗୋଟି ମହାବିଦ୍ୟାଳୟ ରହିଥିଲା। ଏବେ ମାତ୍ର ଚାରିଗୋଟି କାର୍ଯ୍ୟକ୍ଷମ। (୪)ସେରା - ସଙ୍ଗ୍-ଖା-ପାଙ୍କର ମହାପ୍ରୟାଣ ବର୍ଷ ଖ୍ରୀ ୧୪୧୮ ରେ ଏହି ବିହାରଟି ଲାସାର ଅତି ନିକଟରେ ଥିବା ତାଟି ପୁ ପାହାଡ଼ରେ ଗଡ଼ାଣିଆ ସ୍ଥଳରେ ନିର୍ମିତ। ଏହା ମଧ୍ୟରେ ବହୁତଳ ବିଶିଷ୍ଟ ତିନିଗୋଟି ବିଶାଳ ବୌଦ୍ଧ ମନ୍ଦିର ରହିଛନ୍ତି। ଏହା ଚାରିଗୋଟି ମହାବିଦ୍ୟାଳୟ ସହ ଗୋଟିଏ ପ୍ରସିଦ୍ଧ ବିଶ୍ୱବିଦ୍ୟାଳୟ। କୁହାଯାଏ ସମ୍ରାଟ ଅଶୋକଙ୍କ ଦ୍ୱାରା ନିର୍ମିତ ୮୪, ୦୦୦ ଚୈତ୍ୟମଧ୍ୟରୁ ଏଇଟି ଗୋଟିଏ ଏବଂ ଏହାକୁ ମଗଧରୁ ଅଣାଯାଇ ଥିଲା। (୫) ତାସୀ-ଲୁନ୍-ପୋ - ଏହି ବିଶାଳ ମହାବିହାରଟି ଲାସାର ଦକ୍ଷିଣ-ପଶ୍ଚିମକୁ ଶିଗାତ୍‌ସେ ଠାରେ ଅବସ୍ଥିତ। (କ୍ରମଶଃ) ●

ଭୁବନେଶ୍ୱର, ମୋ: ୭୨୦୫୦୨୨୭୯୦

ସକାଳ
THE SAKALA
ଯୋଗାଯୋଗ ଠିକଣା
NEWS & INFO
news@thesakala.com
CIRCULATION
circulation@thesakala.com
ADVERTISEMENT
advt@thesakala.com
THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

## ରାଜ୍ୟସ୍ତରୀୟ ବନ୍ୟପ୍ରାଣୀ ସପ୍ତାହ

# ହାତୀ-ମଣିଷ ଲଢ଼େଇକୁ ନେଇ ରାଜ୍ୟପାଳଙ୍କ ଚିନ୍ତାପ୍ରକଟ



ଭୁବନେଶ୍ୱର, ୧୦।୧୦ (ସମିସ): ରାଜ୍ୟରେ ମଣିଷ-ହାତୀ ସଂଘର୍ଷ ଚିନ୍ତାଜନକ। ଭିତ୍ତିଭୂମି, ବିକାଶମୂଳକ ପ୍ରକଳ୍ପ ଏବଂ ଭୂମି ବ୍ୟବହାର ପରିବର୍ତ୍ତନ ଯୋଗୁଁ ହାତୀ କରିଡର୍ ସଙ୍କୁଚିତ ହେଉଛି। ଏଥିପାଇଁ ମଣିଷ ଓ ହାତୀଙ୍କ ମଧ୍ୟରେ ବିବାଦ ବୃଦ୍ଧି ହେଉଛି। ଏହା ଦୁଃଖଦ ପରିସ୍ଥିତି ସୃଷ୍ଟି କରୁଛି। ତେଣୁ ରାଜ୍ୟର ହାତୀ କରିଡର୍‌ଗୁଡ଼ିକର ସୁରକ୍ଷା ଏବଂ ପୁନରୁଦ୍ଧାର କରିବା ଉପରେ ରାଜ୍ୟପାଳ ଡ. ହରିବାବୁ କମ୍ଭମପାଟି ଗୁରୁତ୍ୱ ଦେଇଛନ୍ତି।

ଗୁରୁବାର ଲୋକସେବା ଭବନର କନ୍‌ଭେନସନ୍ ସେଣ୍ଟର୍‌ଠାରେ ଆୟୋଜିତ ୭୧ତମ ରାଜ୍ୟସ୍ତରୀୟ ବନ୍ୟପ୍ରାଣୀ ସପ୍ତାହ ପାଳନ ସମାରୋହରେ ମୁଖ୍ୟ ଅତିଥି ଭାବେ ଯୋଗଦେଇ ରାଜ୍ୟପାଳ କହିଛନ୍ତି ଯେ ବନ୍ୟପ୍ରାଣୀ ସଂରକ୍ଷଣ ପାଇଁ ସାମୂହିକ ଦାୟିତ୍ୱର ଏକାନ୍ତ ଆବଶ୍ୟକ। ମଣିଷ ଏବଂ ବନ୍ୟପ୍ରାଣୀଙ୍କ କଲ୍ୟାଣ ପ୍ରାକୃତିକ ସମନ୍ୱୟର ଅବିଚ୍ଛେଦ୍ୟ ଅଂଶ। ତେଣୁ ହାତୀ-ମଣିଷ ଲଢ଼େଇ ପ୍ରତିହତ କରିବା ପାଇଁ ଡ୍ରୋନ୍ ନିରୀକ୍ଷଣ ଏବଂ ଜିପିଏସ୍ ଟ୍ରାକିଂ ଭଳି ଆଧୁନିକ ଉପକରଣ ବ୍ୟବହାର ସହ ଏଥିରେ ଯୁବପିଢ଼ି ଏବଂ ଗୋଷ୍ଠୀକୁ ସାମିଲ କରିବାକୁ ପରାମର୍ଶ ଦେଇଛନ୍ତି।

# ରେଳଧାରଣାରେ ଶୋଇପଡ଼ିଲେ ମହିଳା

ବୈଶିଙ୍ଗା, ୧୦।୧୦ (ସମିସ): ବେତନଟୀ ବ୍ଲକ ଆମ୍ବଗଡ଼ିଆ ଉପକଣ୍ଠ ନୂଆସାହିଠାରେ ଜଣେ ମହିଳା ଟ୍ରେନ୍‌ରେ କଟି ପ୍ରାଣ ହରାଇଛନ୍ତି। ମୃତ ମହିଳା ହେଲେ ନୂଆସାହି ଗ୍ରାମର ପରମାନନ୍ଦ ସିଂଙ୍କ ସ୍ତ୍ରୀ ସିତୁ ଓରଫ କଟି ସିଂ (୪୬)। ସୂଚନାନୁଯାୟୀ, ବାଙ୍ଗିରିପୋଷିରୁ ବାଲେଶ୍ୱର ଅଭିମୁଖେ ମେମୁ ଟ୍ରେନ୍ ଯାଉଥିବା ବେଳେ ଅନତି ଦୂରରେ ଅଟକିବାର ଥିଲା। ତେବେ ଠାକୁରତୋଟା ଷ୍ଟେସନର ପହଞ୍ଚିବା ଅବ୍ୟବହିତ ପୂର୍ବରୁ ସିତୁ ଦୌଡ଼ି ଆସି ରେଳଧାରଣା ଉପରେ ମୁଣ୍ଡ ରଖି ଶୋଇ ପଡ଼ିଥିଲେ। ଫଳରେ ତାଙ୍କର ମୁଣ୍ଡଗଣ୍ଡି ଅଲଗା ହୋଇଯାଇଥିଲା। ଲୋକୋପାଇଲଟଙ୍କଠାରୁ ସୂଚନା ପାଇ ରୁପ୍ସା ଜଙ୍କସନରୁ ଜିଆରପି ପୁଲିସ ଘଟଣାସ୍ଥଳରେ ପହଞ୍ଚି ଛାନଭିନ କରିବା ବେଳକୁ ମହିଳାଙ୍କ ପରିବାର ମୃତଦେହକୁ ନେଇ ପଳାଇଥିଲେ। ତେବେ ପାରିବାରିକ କଳହରୁ ସେ ଏପରି ଚରମ ପଦକ୍ଷେପ ନେଇଥିବା କୁହାଯାଉଛି।


**PUJA OFFER SALE**

Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar. Contact Gadhwal Group.

**9437015112**

**VEHICLE FOR SALE**

MAHINDRA BOLERO B6, Model - 2022, Registration No-OD-02-CC-9936, in as is where is condition, Contact: M/S Sundaram Finance Limited, JAJPUR ROAD BRANCH, Ph:94371 02409, within 7 days .


**AFFIDAVIT**

By virtue of an affidavit before the Executive Magistrate, Gajapati, I, Satyanarayan Karjee, resident of Village Kesara, P.O. Govindapur, P.S. Mohana, Dist.: Gajapati, Odisha (Pin: 761015), have changed my name & DOB from Satya Karjyee (D.O.B: 01.01.1985) to Satyanarayan Karjee (D.O.B: 07.08.1985) for all purposes.

Sd/-Satyanarayan Karjee

**AFFIDAVIT**

By an affidavit No.- 3459, sworn before the Executive Magistrate, Dharmasala on dtd- 2/9/25, I Kodanda Pal, S/o- Nrushingh Pal of Kanipatla, Jaraka, Dharmasala, Jajpur declare that in Aadhaar- 258083961419 my DOB is mentioned as 01.01.1952 instead of 24.10.1944 which is genuine and in pension PPO No.- 12020076504 it is mentioned as Kodanda, S/o- Narasingha. Both Kodanda Pal, S/o- Nrusingha Pal and Kodanda, S/o- Narasingha is same and one person.

**AFFIDAVIT**

I, Samarjit Mohapatra, S/o- Amulya Kumar Mohapatra, Resident of Plot No.: 45,Near Kali Mandir, Satya Nagar, Bhubaneswar, Khordha, Odisha, PIN-751007 declared by this Affidavit No.: 1149/2025, Dated: 09.10.2025 that now onwards I shall Be Known As **SAMARRJIT MOHAPPATRA** for all future Purposes.

**AFFIDAVIT**

By virtue of an affidavit sworn before the Executive Magistrate, At-Narasinghpur, dated-26.09.2025 I Aparajita Pati, w/o-santosh Had village/Po-Phulapada,Ps-Narasinghpur, Dist- Cuttack declare that I have changed my old name Aparajita Had to New name Aparajita pati. Henceforth,she shall be known as Aparajita pati for all purposes.

**AFFIDAVIT**

By virtue of an affidavit sworn before Executive Magistrate, Nabarangpur, No.911 dated 10/10/2025 I, Nalini Gonda, D/o- Sisusanta Gonda resident of Village- Dangriguda, Po.- Bikrampur, Ps.- Nabarangpur, Odisha, Pin- 764059 state that, I have changed my name from **Nalini Nagesh** to **Nalini Gonda**. Henceforth I shall be known as **Nalini Gonda** for all future purposes.

Nalini Gonda

**AFFIDAVIT**

By virtue of an affidavit (No. 9620, dtd- 03/10/2025) sworn before The Executive Magistrate, Jajpur. I, **Sanatan Ketaki** (new name), S/o Anu Ketaki, permanent resident of Vill: Talagadia, PO: Malapara, PS: Jajpur Sadar, Dist: Jajpur, PIN: 755043, Odisha declare that I have changed my name from **Sonatan Ketki** (old name) to **Sanatan Ketaki** (new name). Henceforth, I shall be known as **Sanatan Ketaki** (new name) for all purposes.

**Sanatan Ketaki**

**AFFIDAVIT**

I, Simanchala Malu, S/o- Dhundar Malu, Resident of Plot No.: 2077/5113, Mahadev Nagar, Near Gangua Canal, Jharpada, Bhubaneswar, Bhubaneswar (M.C), PO: Budheswari Colony, Dist.: Khordha Odisha, PIN-751006 declared by this Affidavit No.1157/2025, Dated: 10.10.2025. That now onwards I shall be known as **SIMANCHAL MALU** for all future Purposes.


**VEHICLE FOR SALE**

MAHINDRA BOLERO NEO N8, Model - 2022, Registration No-OD-33-AG-9337, in as is where is condition, Contact: M/S Sundaram Finance Limited, BHUBANESWAR RETAIL BRANCH, Ph:9437575689 within 7 days.


**AFFIDAVIT**

By virtue of an affidavit (No. 5392, dtd- 09/10/2025) before the Executive Magistrate, Angul. I, **Bijaya Kumar Panda,** resident of At-Kaliadama, Po- Balipasi, Ps-Rengali Dam Site, Dist-Angul, PIN- 759105, Odisha declare that, I want to correction my wife name from **Subasini Satpathy to Subhasini Satpathy** & my name from **Bijaya Ku. Panda to Bijaya Kumar Panda** in my son's (**Anwesh Panda**) school admission register / records.

**AFFIDAVIT**

By virtue of an affidavit (No. 6165, dtd- 25/06/2025) sworn before The Executive Magistrate, Jajpur. I, **Sudharani Pati,** W/o Asish Kumar Pati, resident of Vill: Seepura, PO: Pubasahi, PS: Dasarathur, Dist: Jajpur, PIN: 755006, Odisha declare that I have changed my minor daughter's name from **Somali Pati** (old name) to **Sonali Pati** (new name). Henceforth, she shall be known as **Sonali Pati** (new name) for all purposes.

**Sudharani Pati**

**AFFIDAVIT**

By virtue of an affidavit before the Notary Public, Nuapada, I, Narayan Majhi, resident of At-Darlipali ORF Chuhuri, Po-Kodomeri, Ps- Jonk, Dist-Nuapada, Odisha, PIN-766104 have changed my minor son name from Rehaan Sahu to Aryan Majhi. Henceforth, he shall be known and called as Aryan Majhi for all purposes.

Sd/-Narayan Majhi

**AFFIDAVIT**

I, Shaikh Safiyan Ali, aged about 58 years, S/o- Shaikh Usman Ali, resident of AT/PO: Jhalpada, PS: Brahmabarada, Dist: Jajpur, PIN: 755005, Odisha declared by this affidavit No. 2031, dtd- 09/10/2025 that now onwards I shall be known as **SHAIKH SUFIYAN ALI** for all future purposes.

**AFFIDAVIT**

By virtue of an affidavit before the Executive Magistrate, Tigiria vide No-03/08.10.2025 I Pravati Das W/o Lokanath Das of Vill-Badabhuindal, Po-Badabhuin, Ps-Athagarh, Dist-Cuttack that I have changed my name from Pravati Manjari Das to Pravati Das. Henceforth I shall be known as Pravati Das for all purpose.

**AFFIDAVIT**

By virtue of an affidavit before the Notary Public, Paralakhemundi, I, Smt. Satyabati Pradhan, resident of Subhadra Vihar, 4th Lane, PO/PS Paralakhemundi, Dist. Gajapati, Odisha, PIN-761211 have changed my minor son's name from Bibek Pradhan to Suman Pradhan. Henceforth, he shall be known as **Suman Pradhan** for all purposes.

Sd/- Satyabati Pradhan

**AFFIDAVIT**

By virtue of an affidavit sworn before the Executive Magistrate, Nabarangpur, dated 10.10. 2025 I, Iswar Tentulikhuntia, S/o - Samaru Tentulikhuntia, Village-Gundriguda, Po.- Binjili, Ps.-Kosagumuda, Dist.- Nabarangpur, Odisha, Pin - 764058, declare that, I have changed the name of my Son from **LAKHAN KANTA TENTULIKHUNTIA** to **LAXMIKANTA TENTULIKHUNTIA**. Henceforth, he shall be known as **LAXMIKANTA TENTULIKHUNTIA** for all purposes.

Sd/- Iswar Tentulikhuntia

## କେନ୍ଦ୍ରାପଡ଼ା ପୌରପରିଷଦ , କେନ୍ଦ୍ରାପଡ଼ା

"ଗଜଲକ୍ଷ୍ମୀ ପୂଜା - ୨୦୨୫" ପାଳନ ଅବସରରେ କେନ୍ଦ୍ରାପଡ଼ା ପୌର ପରିଷଦ ତାହାର ସମସ୍ତ କର ଦାତା ଓ ପୌରାଞ୍ଚଳବାସୀଙ୍କୁ ହାର୍ଦ୍ଦିକ ଅଭିନନ୍ଦନ ଜଣାଇବା ସଂଗେ ସଂଗେ ବିଭିନ୍ନ ଉନ୍ନୟନମୂଳକ କାର୍ଯ୍ୟରେ ସହଯୋଗ ନିମନ୍ତେ ଅନୁରୋଧ କରୁଛି।

### ନିବେଦନ

୧. ସହରର ସ୍ୱଚ୍ଛତା ଓ ବର୍ଜ୍ୟବସ୍ତୁ ପରିଚାଳନା ନିମନ୍ତେ ବ୍ୟାଟେରୀ ଚାଳିତ ଅଳିଆ ଗାଡ଼ିରେ ଶୁଖିଲା ଓ ଓଦା ଅଳିଆ ଅଲଗା ଅଲଗା କରି ଦିଅନ୍ତୁ । ଦିନକୁ ୨ ଥର ଆପଣଙ୍କ ଅଂଚଳକୁ ଏହି ଗାଡ଼ି ଅଳିଆ ସଂଗ୍ରହ ନିମନ୍ତେ ଯାଉଛି । ଅଳିଆ ସଂଗ୍ରହ ଗାଡ଼ି ଯିବା ପୂର୍ବରୁ କିମ୍ବା ପରେ ରାସ୍ତା ଉପରେ ଘରର ଅଳିଆ ପକାନ୍ତୁ ନାହିଁ ।

୨. ରାସ୍ତା ଅବରୋଧ କରି ଇଟା, ଗୋଡ଼ି , ମାଟି କିମ୍ବା ବାଲି ରଖନ୍ତୁ ନାହିଁ।

୩. ପ୍ଲାଷ୍ଟିକ ଜରି, ଥରମୋକୁଲ (ସୋଲ ) ଗିନା , ଥାଳି ଓ କାଗଜ ନିର୍ମିତ ଚା କପ ବ୍ୟବହାରକୁ ନିଷିଦ୍ଧ କରାଯାଇଛି ।ଏସବୁ ବ୍ୟବହାର କରୁଥିବାର ଦେଖାଗଲେ, ଆଇନ ଅନୁଯାୟୀ ଦଣ୍ଡିତ ହେବେ । ଏଣୁ ଏ ସବୁ ବ୍ୟବହାର ନ କରି ସହରକୁ ସୁନ୍ଦର ରଖିବାରେ ସାହାଯ୍ୟ କରନ୍ତୁ।

୪. ସ୍ୱଚ୍ଛ ଭାରତ ଅଭିଯାନ (ସହରାଞ୍ଚଳ) ଯୋଜନା ବର୍ଜ୍ୟବସ୍ତୁ ପରିଚାଳନା ଅଧିନିୟମ ୨୦୧୬ ଉପବିଧି ୧୫ ଅନ୍ତର୍ଗତ ଆଇନ ଭାଗ ୬ ଅନୁଯାୟୀ ୟୁଜର ଫି ସଂଗ୍ରହ ନିମନ୍ତେ ଉଲ୍ଲେଖ ରହିଛି, ଯାହାକୁ ସ୍ୱଚ୍ଛ ସାଥି , ସୁପର ଭାଇଜର , ସ୍ୱଚ୍ଛ କର୍ମୀଙ୍କ ମାସିକ ପ୍ରୋତ୍ସାହନ ରାଶି, ବୈଭବକେନ୍ଦ୍ରର ରକ୍ଷଣାବେକ୍ଷଣ ସହିତ ସଫେଇ ନିମନ୍ତେ ଖର୍ଚ୍ଚ କରାଯିବାର ବ୍ୟବସ୍ଥା ଅଛି। ଏଣୁ ଅନୁରୋଧ ଧାର୍ଯ୍ୟ ୟୁଜର ଫି କୁ ପୌରସଂସ୍ଥା ର କର୍ମଚାରୀଙ୍କ ନିକଟରେ ଦେଇ କରି ପୌରପରିଷଦର ଉନ୍ନତିରେ ସାମିଲ ହୁଅନ୍ତୁ।

୫. ନୂତନ ବାସଗୃହ, ଦୋକାନ ଗୃହ ଆଦି ନିର୍ମାଣ କରିବା ପୂର୍ବରୁ ପୌରସଂସ୍ଥାର ଗୃହର ନକ୍ସା ଅନୁମୋଦନ କରି ନିଅନ୍ତୁ ।ଯଦି ପୂର୍ବରୁ ପୌର ସଂସ୍ଥା ର ବିନା ଅନୁମୋଦନ ଘର ନିର୍ମାଣ କରିସାରିଛନ୍ତି , ଆଗାମୀ ଦିନରେ ଓଡ଼ିଶା ସରକାରଙ୍କ ଗୃହ ଓ ନଗର ଉନ୍ନୟନ ବିଭାଗ ଦ୍ୱାରା ହେବାକୁ ଥିବା ସର୍ବକ୍ଷମା ଯୋଜନାରେ ଗୃହର ନକ୍ସା ଓ ପ୍ଲାନ ଅନୁମୋଦନ କରି ନିଅନ୍ତୁ ।

| ଶ୍ରୀଯୁକ୍ତ ଅଜିତ ନାରାୟଣ ପ୍ରସାଦ ଗିରି | ଆକବରୀ ଖାତୁନ | ଶ୍ରୀମତୀ ସରିତା ସାହୁ |
|---|---|---|
| ନିର୍ବାହୀ ଅଧିକାରୀ | ଉପାଧ୍ୟକ୍ଷା | ଅଧ୍ୟକ୍ଷା |

## OFFICE OF THE SRI NILACHAKRA WEAVERS' CO-OPERATIVE SOCIETY LTD.,

REGD.NO.18 PLB(TEX), DATED: 08.03.1992
AT: THAPAPALI, PO: SAN GOCHHAPADA, PS: BAUNSUNI, BLOCK/DIST: BOUDH

### ADVERTISEMENT

No: 01 DATE: 09.10.2025

Applications are invited in the prescribed form from the desirous candidates for 01 (One) post of the Secretary of Sri Nilachakra Weavers' Co-operative Society Ltd., At: Thapapali, Post: San Gochhapada, Dist: Boudh, PIN: 762015. Application form can be obtained in person from the Office of the Sri Nilachakra W.C.S. Ltd., Thapapali on payment of Rs.100.00 (Rupees One Hundred only) from dated: 10.10.2025 to 25.10.2025 during 10.00 AM to 5.30 PM (Except holidays). The duly filled in application form along with required documents (Self attested) should be submitted in the office of the Sri Nilachakra W.C.S. Ltd. in person obtaining the acknowledgement receipt or by Registered Post from Dated: 10.10.2025 to 25.10.2025 (Except holidays) during 10.00 AM to 5.30 PM and no application will be received after 5.30 PM of dated: 25.10.2025.

**ELIGIBILITY, EDUCATIONAL QUALIFICATION AND SELECTION CRITERIA:**

1. The candidate must be permanent resident of the Area operation of the Sri Nilachakra W.C.S. Ltd.
2. The candidate must passed the Matriculation/HSC examination from the recognized institution/Board.
3. Preference shall be given to the candidate having knowledge in weaving of handloom products.
4. A candidate must not be less than 21 years or more than 38 years of age as on dated: 01.01.2025. The upper age limit shall be 43 years in respect of person belonging to SC/ST/OBC including SEBC.
5. There is no scale of pay/salary for the post. However, remuneration shall be considered by the Managing Committee taking into the working performance of the employees and profit of the Society.
6. The candidate if selected for the post will deposit the Security Money of Rs.25,000/- and Surety Bond of Rs.1,00,000/- at the time of joining in the post in the Society.
7. The employee must obey the Odisha Co-operative Societies Act, 1962 (Odisha Act-2 of 1963)/Rule, 1965 and Bye-Laws of the Society and his engagement depends on the satisfactory performance by the Managing Committee of the Society.
8. Appointment for the post of Secretary will be made by the Managing Committee basis on the mark secured in the written test/Viva-voce and additional mark if any by the candidate.
9. Submission of the incomplete application and late receipt of the application will be rejected outrightly.

**NB: The Managing Committee/Administrator of the Society reserves all right to cancel/alter/ modify/reject the advertisement at any time without assigning any reason thereof.**

By order of the Administrator
Sd/-Secretary,
Sri Nilachakra W.C.S. Ltd., Thapapali

---

**यूनियन बैंक ऑफ इंडिया Union Bank of India**
भारत सरकार का उपक्रम A Government of India Undertaking

**କ୍ଷେତ୍ରୀୟ କାର୍ଯ୍ୟାଳୟ: ବ୍ରହ୍ମପୁର**
ଗାୟତ୍ରୀ ସେଣ୍ଟ୍ରାଲ୍ ପ୍ଲାଜା, ଟାଟା ବେଞ୍ଚ ସ୍କୋୟାର ନିକଟ, ବ୍ରହ୍ମପୁର-୭୬୦୦୦୧, ଓଡ଼ିଶା,
ଫୋନ୍: ୦୬୮୦-୨୨୨୫୨୭୨

## ବିକ୍ରୟ ନୋଟିସ୍
### (୩୦ ଦିନିଆ ନୋଟିସ୍)
{ସିକ୍ୟୁରିଟି ଇଣ୍ଟରେଷ୍ଟ (ଏନ୍‌ଫୋର୍ସମେଣ୍ଟ) ରୁଲ୍ସ ୨୦୦୨ ର ରୁଲ୍ ୬(୨)/୮(୬)}

ପ୍ରାପ୍ତେଷୁ, (ନିମ୍ନଲିଖିତ ଆକାଉଣ୍ଟର ସମସ୍ତ ଋଣଗ୍ରହୀତା/କୋ-ଓବ୍ଲିଗାଣ୍ଟ/କୋ-ଆପ୍ଲିକାଣ୍ଟ/ ବନ୍ଧକଦାତା/ଗ୍ୟାରେଣ୍ଟିଦାତାମାନଙ୍କ ନିମନ୍ତେ ଏହା ଏକ ବିକ୍ରୟ ନୋଟିସ୍ ଅଟେ)

| ଶାଖା ଏବଂ ଯୋଗାଯୋଗ ନଂ. / ଋଣଗ୍ରହୀତା / କୋ-ଓବ୍ଲିଗାଣ୍ଟ / କୋ-ଆପ୍ଲିକାଣ୍ଟ/ ବନ୍ଧକଦାତା / ଗ୍ୟାରେଣ୍ଟିଦାତାମାନଙ୍କ ନାମ ଓ ଠିକଣା | ସମ୍ପତ୍ତିଗୁଡ଼ିକର ବିବରଣୀ | ଡିମାଣ୍ଡ ନୋଟିସ୍ ତାରିଖ / ଦଖଲ ତାରିଖ / ୩୦ ଦିନିଆ ନୋଟିସ୍ ତାରିଖ |
|---|---|---|
| **କୋର୍ଟପେଟା ଶାଖା, ଫୋନ୍: ୯୯୦୩୮୨୦୧୦୨ /** ୧) **ଅଜିତ୍ କୁମାର ପଣ୍ଡା,** ପିତା: ଦୁର୍ଗା ମାଧବ ପଣ୍ଡା, ସା: ମେନ୍ ରୋଡ଼, ଟାଙ୍ଗଣାପଲ୍ଲୀ, ଗଞ୍ଜାମ - ୭୬୧୦୦୩, ୨) **ଦୁର୍ଗା ମାଧବ ପଣ୍ଡା,** ପିତା: ଗୋପିନାଥ ପଣ୍ଡା, ସା: ମେନ୍ ରୋଡ଼, ଟାଙ୍ଗଣାପଲ୍ଲୀ, ଗଞ୍ଜାମ - ୭୬୧୦୦୩ | **ଶ୍ରୀ ଦୁର୍ଗା ମାଧବ ପଣ୍ଡା (ସମ୍ପତ୍ତିର ମାଲିକ)**ଙ୍କ ନାମରେ ଥିବା ବାସୋପଯୋଗୀ ଜମି ଏବଂ ଗୃହ ଯାହାର ପ୍ଲଟ୍ ନଂ.: ୧୩୦୩/୨୮୩୫, ଖାତା ନଂ.: ୪୫୦/୪୭୮, ମୌଜା: ଟାଙ୍ଗଣାପଲ୍ଲୀ, ଗଞ୍ଜାମ, ପରିମିତ କ୍ଷେତ୍ର: ଏକର୦.୦୧୨ ଡିସିମିଲି ଯାହା ୫୨୩ ବର୍ଗଫୁଟ ଏବଂ ଏହାର ଚାରିପାର୍ଶ୍ୱରେ ପୂର୍ବ: କେନାଲ, ପଶ୍ଚିମ: ରାସ୍ତା, ଉତ୍ତର: ଦିନବନ୍ଧୁ ରାଉଳଙ୍କ ସମ୍ପତ୍ତି, ଦକ୍ଷିଣ: କରୁଣା ରାଉଳଙ୍କ ସମ୍ପତ୍ତି | ୦୮.୦୪.୨୦୨୧ / ୧୮.୧୧.୨୦୨୧ / ୦୮.୧୦.୨୦୨୫ |
| **କୋର୍ଟପେଟା ଶାଖା, ଫୋନ୍: ୯୯୦୩୮୨୦୧୦୨ /** ୧) **ଶ୍ରୀ ଅରୁଣ ଗୌଡ,** ପିତା: କାଶୀ ଗୌଡ, ସା.: ଲାଠି, ଅଡୁଆ ଷ୍ଟ୍ରିଟ୍, ସୁକୁଣ୍ଡା, ବ୍ରହ୍ମପୁର, ଜିଲ୍ଲା: ଗଞ୍ଜାମ, ଓଡ଼ିଶା, ୨) **ଶ୍ରୀ କାଶୀ ଗୌଡ,** ସା.: ଲାଠି, ଅଡୁଆ ଷ୍ଟ୍ରିଟ୍, ସୁକୁଣ୍ଡା, ବ୍ରହ୍ମପୁର, ଜିଲ୍ଲା: ଗଞ୍ଜାମ, ଓଡ଼ିଶା, ୩) **ଶ୍ରୀ ସୀମାଞ୍ଚଳ ଗୌଡ,** ସା.: ଲାଠି, ଅଡୁଆ ଷ୍ଟ୍ରିଟ୍, ସୁକୁଣ୍ଡା, ବ୍ରହ୍ମପୁର, ଜିଲ୍ଲା: ଗଞ୍ଜାମ, ଓଡ଼ିଶା | **ଶ୍ରୀ ଅରୁଣ ଗୌଡ, ଶ୍ରୀ କାଶୀ ଗୌଡ ଏବଂ ଶ୍ରୀ ସୀମାଞ୍ଚଳ ଗୌଡ (ସମ୍ପତ୍ତିର ମାଲିକ)**ଙ୍କ ନାମରେ ଥିବା ବାସୋପଯୋଗୀ ଜମି ଏବଂ ଗୃହ ଯାହାର ରେଭିନ୍ୟୁ ମୌଜା: ସୁକୁଣ୍ଡା, ମେନ୍ ରୋଡ୍, ସୁକୁଣ୍ଡା, ବ୍ରହ୍ମପୁର, ପରିମିତ କ୍ଷେତ୍ର: ୮୭୧ ବର୍ଗଫୁଟ, ପ୍ଲଟ୍ ନଂ.: ୨୯୮/୪୯୯, ଖାତା ନଂ.: ୧୦୪/୨୩୫, ଏହାର ଚାରିପାର୍ଶ୍ୱରେ ପୂର୍ବ:ରାସ୍ତା, ପଶ୍ଚିମ: ରାସ୍ତା, ଉତ୍ତର: ରଙ୍କନିଧି ଗୌଡଙ୍କ ଗୃହ, ଦକ୍ଷିଣ:କାମନା ଗୌଡଙ୍କ ଗୃହ | ୦୭.୧୧.୨୦୧୭ / ୨୫.୦୪.୨୦୧୮ / ୦୮.୧୦.୨୦୨୫ |
| **କୋର୍ଟପେଟା ଶାଖା, ଫୋନ୍: ୯୯୦୩୮୨୦୧୦୨ /** ୧) **ମେସର୍ସ ଏମ୍.ବି. ଫାର୍ମାସ୍ୟୁଟିକାଲ୍ସ, ସ୍ୱତ୍ୱାଧିକାରୀ: ଦିବ୍ୟ ଲୋଚନ ବେହେରା,** ସା: ବ୍ରଜ ନଗର, ୩ୟ ଲେନ୍, ବ୍ରହ୍ମପୁର, ୨) **ଦିବ୍ୟ ଲୋଚନ ବେହେରା,** ପିତା: ଶତ୍ରୁଘ୍ନ ବେହେରା, ୩) **ଶତ୍ରୁଘ୍ନ ବେହେରା,** ପିତା: ସୁବୁଦ୍ଧି ବେହେରା, କ୍ର. ନଂ.: ୨ ଏବଂ ୩ର ଠିକଣା- ଗ୍ରାମ: ହୁଣ୍ଡତ, ପୋ.: ହତାପୁର, ପୁରୁଷୋତ୍ତମପୁର, ଗଞ୍ଜାମ-୭୬୧୦୧୮ | **ଶ୍ରୀ ଶତ୍ରୁଘ୍ନ ବେହେରା**ଙ୍କ ନାମରେ ଥିବା ବାସୋପଯୋଗୀ ଜମି ଆଦି ସମ୍ପତ୍ତିର ସମସ୍ତ ଅଂଶବିଶେଷ ଯାହାର ପ୍ଲଟ୍ ନଂ.:୯୭୩/୧୬୧୭, ଖାତା ନଂ.: ୩୦୩/୨୩୦, ମୌଜା: ପୁରୁଷୋତ୍ତମପୁର, ଗଞ୍ଜାମ, ପରିମିତ କ୍ଷେତ୍ର:ଏକର୦.୦୪୧ଡିସିମିଲି ଯାହା ୧୭୮୬ ବର୍ଗଫୁଟ, ଏହାର ଚାରିପାର୍ଶ୍ୱରେ ପୂର୍ବ: ରାମ ଚନ୍ଦ୍ର ସାହୁଙ୍କ ଜମି, ପଶ୍ଚିମ: ସୁକାନ୍ତି ସାସମଲଙ୍କ ଜମି, ଉତ୍ତର: କ୍ରେତାମାନଙ୍କ ଜମି, ଦକ୍ଷିଣ: ରାସ୍ତା | ୦୫.୦୫.୨୦୨୧ / ୦୨.୧୧.୨୦୨୧ / ୦୮.୧୦.୨୦୨୫ |
| **କୋର୍ଟପେଟା ଶାଖା, ଫୋନ୍: ୯୯୦୩୮୨୦୧୦୨ /** ୧) **ମେସର୍ସ ନବଜ୍ୟୋତି ପଲିପାଇପ୍ସ, ସ୍ୱତ୍ୱାଧିକାରୀ: ସରୋଜିନୀ ପଣ୍ଡିତ,** ସ୍ୱାମୀ: ଆଲି କୃଷ୍ଣ ପଣ୍ଡିତ, ସା: ପ୍ରେମ ନଗର ୨ୟ ଲେନ୍, ବ୍ରହ୍ମପୁର, ଗଞ୍ଜାମ, ୨) **ସରୋଜିନୀ ପଣ୍ଡିତ,** ସ୍ୱାମୀ: ଆଲି କୃଷ୍ଣ ପଣ୍ଡିତ, ସା: ପ୍ରେମ ନଗର ୨ୟ ଲେନ୍, ବ୍ରହ୍ମପୁର, ଗଞ୍ଜାମ | **ସରୋଜିନୀ ପଣ୍ଡିତ (ସମ୍ପତ୍ତିର ମାଲିକ)**ଙ୍କ ନାମରେ ଥିବା ବାସୋପଯୋଗୀ ଜମି ଏବଂ ଗୃହ ଯାହାର ପ୍ଲଟ୍ ନଂ.: ୧୧୨୩/୨୩୫୫, ଖାତା ନଂ.: ୧୮୮/୮୫୫, ଗ୍ରାମ: ଦୁବପଲ୍ଲୀ, କନିସି, ଗଞ୍ଜାମ, ଓଡ଼ିଶା, ପରିମିତ କ୍ଷେତ୍ର: ଏକର୦.୦୪୧ ଡ଼ିସିମିଲି ଏବଂ ଏହାର ଚାରିପାର୍ଶ୍ୱରେ ପୂର୍ବ: ବିକ୍ରେତାଙ୍କ ବଳକା ଜମି, ପଶ୍ଚିମ: ସ୍ୱର୍ଣ୍ଣମଞ୍ଜରୀ ପଣ୍ଡାଙ୍କ ଜମି, ଉତ୍ତର: ରାସ୍ତା, ଦକ୍ଷିଣ: ସମ୍ପୃକ୍ତ ପକ୍ଷଙ୍କ ବଳକା ଜମି | ୩୧.୦୮.୨୦୧୯ / ୧୬.୦୧.୨୦୨୦ / ୦୮.୧୦.୨୦୨୫ |
| **କୋର୍ଟପେଟା ଶାଖା, ଫୋନ୍: ୯୯୦୩୮୨୦୧୦୨ /** ୧) **ଶ୍ରୀ ପ୍ରଭାକର ସାହୁ,** ପିତା: ଶ୍ରୀ ଅଶୋକ କୁମାର ସାହୁ, ସା: ଆରୁଆପଲ୍ଲୀ, ଗଞ୍ଜୁ, ଗୋପାଳପୁର, ଗଞ୍ଜାମ, ଓଡ଼ିଶା,୨) **ଶ୍ରୀ ଅଶୋକ କୁମାର ସାହୁ,** ପିତା: ଶ୍ରୀ ଖଲ୍ଲି ସାହୁ, ସା: ଆରୁଆପଲ୍ଲୀ, ଗଞ୍ଜୁ, ଗୋପାଳପୁର, ଗଞ୍ଜାମ, ଓଡ଼ିଶା | **ଶ୍ରୀ ଅଶୋକ କୁମାର ସାହୁ(ସମ୍ପତ୍ତିର ମାଲିକ)**ଙ୍କ ନାମରେ ଥିବା ବାସୋପଯୋଗୀ ଜମି ଏବଂ ଗୃହ ଯାହାର ପରିମିତ କ୍ଷେତ୍ର:୧୦୮୯ ବର୍ଗଫୁଟ, ପ୍ଲଟ୍ ନଂ.: ୧୧୧୮, ଖାତା ନଂ.: ୪୭୦/୨୮୧, ରେଭିନ୍ୟୁ ମୌଜା: ଆରୁଆପଲ୍ଲୀ, ଆରୁଆପଲ୍ଲୀ, ଗଞ୍ଜୁ, ଗଞ୍ଜାମ ଏବଂ ଏହାର ଚାରିପାର୍ଶ୍ୱରେ ପୂର୍ବ: ତ୍ରିନାଥ ସାହୁଙ୍କ ଗୃହ, ପଶ୍ଚିମ: ନରସିଂଘ ସାହୁଙ୍କ ଗୃହ, ଉତ୍ତର: ରାସ୍ତା, ଦକ୍ଷିଣ: ସୀମା ବେହେରାଙ୍କ ସମ୍ପତ୍ତି | ୦୧.୦୯.୨୦୧୮ / ୦୨.୦୧.୨୦୧୯ / ୨୨.୦୯.୨୦୨୫ |
| **ୟୁଏମ୍‌ଏଫ୍‌ବି ଶାଖା, ଫୋନ୍: ୭୮୭୩୫୮୧୯୪୫ /** ୧) **ମେସର୍ସ ଆଶା ଏଣ୍ଟରପ୍ରାଇଜେସ୍, ସ୍ୱତ୍ୱାଧିକାରୀ: ଜେ ଆଶା,** ସା: ଗେଦଲନାଇଡୁପଲମ, ପାଲିଆ ଷ୍ଟ୍ରିଟ୍, ଛତ୍ରପୁର, ଗଞ୍ଜାମ, ଓଡ଼ିଶା-୭୬୧୦୨୦, ୨) **ଜେ ଆଶା,** ପିତା: ଜେ ଦେବରାଜ ରାଓ, ସା: ପାଲିଆ ଲକ୍ଷ୍ମୀପୁର, କାଳିପଲି, ବଡପୁଟି, ଗଞ୍ଜାମ, ଓଡ଼ିଶା-୭୬୧୦୨୦, ୩) **ଜି ଡିଲେଶ୍ୱରି,** ସ୍ୱାମୀ: ଜି ମହାଦେବ, ସା: ଗେଦଲନାଇଡୁପଲମ, ପାଲିଆ ଷ୍ଟ୍ରିଟ୍, ଛତ୍ରପୁର, ଗଞ୍ଜାମ, ଓଡ଼ିଶା-୭୬୧୦୨୦ | **ଜି ଡିଲେଶ୍ୱରି,** ସ୍ୱାମୀ: ଜି ମହାଦେବଙ୍କ ନାମରେ ଥିବା ଜମି ଏବଂ ଗୃହ ଆଦି ସମ୍ପତ୍ତିର ସମସ୍ତ ଅଂଶବିଶେଷ ଯାହାର ଖାତା ନଂ.: ୧୮୨/୪୧୩୪, ପ୍ଲଟ୍ ନଂ.: ୨୭୫, କ୍ଷେତ୍ର: ଏକର୦.୨୪୮ ଡିସିମିଲି (ଘରବାରୀ), ରେଭିନ୍ୟୁ ମୌଜା: ଗେଦଲନାଇଡୁପଲମ, ତହସିଲ: ଛତ୍ରପୁର, ଜିଲ୍ଲା: ଗଞ୍ଜାମ, ରାଜ୍ୟ: ଓଡ଼ିଶା, ପିନ୍-୭୬୧୦୨୦, ଏହାର ଚାରିପାର୍ଶ୍ୱରେ ଉତ୍ତର: ଜି ଡିଲେଶ୍ୱରିଙ୍କ ପ୍ଲଟ୍ ନଂ.: ୨୭୬/୪୪୮୬ର ଜମି, ଦକ୍ଷିଣ: ପ୍ଲଟ୍ ନଂ.: ୨୭୪, ପୂର୍ବ: ରାସ୍ତା, ପଶ୍ଚିମ: କାମେଶ୍ୱର ରାଓଙ୍କ ଜମି | ୧୪.୦୮.୨୦୨୪ / ୨୨.୧୦.୨୦୨୪ / ୨୨.୦୯.୨୦୨୫ |
| **ବେଲଗୁଣ୍ଠା ଶାଖା, ଫୋନ୍: ୭୦୦୮୫୧୭୬୮୭ /** ୧) **କୈଳାସ ଚନ୍ଦ୍ର ଶତପଥୀ,** ପିତା: କୃପାସିନ୍ଧୁ ଶତପଥୀ, ୨) **ବାସନ୍ତୀ ଶତପଥୀ,** ସ୍ୱାମୀ: କୈଳାସ ଚନ୍ଦ୍ର ଶତପଥୀ, ୩) **ଲକ୍ଷ୍ମୀକାନ୍ତ ଶତପଥୀ,** ପିତା: କୈଳାସ ଚନ୍ଦ୍ର ଶତପଥୀ, ସମସ୍ତଙ୍କ ଠିକଣା- ସା.:କୁମ୍ଭାପଡା, ଭାୟା: ଜଗନ୍ନାଥପ୍ରସାଦ, ଗଞ୍ଜାମ, ଓଡ଼ିଶା-୭୬୧୧୨୧ | **ବାସନ୍ତୀ ଶତପଥୀ**ଙ୍କ ନାମରେ ଥିବା ଜମି ଏବଂ ଗୃହ ଆଦି ସମ୍ପତ୍ତିର ସମସ୍ତ ଅଂଶବିଶେଷ ଯାହାର ପ୍ଲଟ୍ ନଂ.: ୫୭୮୯ ଏବଂ ୫୭୯୦,ଖାତା ନଂ.: ୧୩୨୧/୧୭୯, ରେଭିନ୍ୟୁ ମୌଜା: କୁମ୍ଭାପଡା, ତହସିଲ: ଜଗନ୍ନାଥପ୍ରସାଦ, ଜିଲ୍ଲା: ଗଞ୍ଜାମ, କ୍ଷେତ୍ର: ଏକର ୦.୦୭୯ ଡିସିମିଲି, ଏହାର ଚାରିପାର୍ଶ୍ୱରେ ପୂର୍ବ: ବାସନ୍ତୀ ଶତପଥୀଙ୍କ ଗୃହ, ପଶ୍ଚିମ: ହାଡିଆ ନାୟକ ଏବଂ ନକୁଳ ନାୟକଙ୍କ ଜମି, ଉତ୍ତର: ରାସ୍ତା, ଦକ୍ଷିଣ: ଦାଶରଥି ନାୟକଙ୍କ ଜମି | ୦୯.୦୪.୨୦୨୧ / ୧୪.୧୧.୨୦୨୧ / ୦୮.୧୦.୨୦୨୫ |
| **ବେଲଗୁଣ୍ଠା ଶାଖା, ଫୋନ୍: ୭୦୦୮୫୧୭୬୮୭ /** ୧) **ପ୍ରମୋଦ କୁମାର ଆରୁଖ,** ପିତା: ୰ ଲିଙ୍ଗରାଜ ଆରୁଖ, ସା/ପୋ.: ଖମାରପଲ୍ଲୀ, ଭାୟା: ବରଗାଁ, ପୋ/ଥାନା: ଜଗନ୍ନାଥପ୍ରସାଦ, ଜିଲ୍ଲା: ଗଞ୍ଜାମ, ଓଡ଼ିଶା-୭୬୧୧୨୦, ୨) **କନ୍ଧ ଚରଣ ଆରୁଖ,** ପିତା: ଦୁର୍ଯ୍ୟୋଧନ ଆରୁଖ, ଗ୍ରାମ:ଖମାରପଲ୍ଲୀ, ଜିଲ୍ଲା: ଗଞ୍ଜାମ, ୩) **ସୁମନ୍ତ ଦିହୁଡି,** ପିତା: ସନ୍ୟାସୀ ଦିହୁଡି, ପୋ/ଥାନା: ଜଗନ୍ନାଥପ୍ରସାଦ, ଜିଲ୍ଲା: ଗଞ୍ଜାମ, ପିନ୍-୭୬୧୧୨୦ | **ପ୍ରମୋଦ କୁମାର ଆରୁଖ**ଙ୍କ ନାମରେ ଥିବା ବାସୋପଯୋଗୀ ଜମି ଏବଂ ଗୃହ ଆଦି ସମ୍ପତ୍ତିର ସମସ୍ତ ଅଂଶବିଶେଷ ଯାହାର ପ୍ଲଟ୍ ନଂ.: ୧୯୫୨/୪୨୭୭, ଖାତା ନଂ.: ୪୦୫/୧୩୪, ରେଭିନ୍ୟୁ ମୌଜା: ଖମାରପଲ୍ଲୀ, ତହସିଲ: ଜଗନ୍ନାଥପ୍ରସାଦ, ସା: ଖମାରପଲ୍ଲୀ, ବେଲଗୁଣ୍ଠା, ଜିଲ୍ଲା: ଗଞ୍ଜାମ, ପରିମିତ କ୍ଷେତ୍ର: ଏକର ୦.୦୪୦ ଡିସିମିଲି, ଏହାର ଚାରିପାର୍ଶ୍ୱରେ ପୂର୍ବ: ଦୁଃଖିଶ୍ୟାମ ଆରୁଖଙ୍କ ଗୃହ, ପଶ୍ଚିମ: ଅଭିମନ୍ୟୁ ଆରୁଖଙ୍କ ଗୃହ, ଉତ୍ତର: ହରିକୃଷ୍ଣ ଆରୁଖଙ୍କ ସମ୍ପତ୍ତି, ଦକ୍ଷିଣ: ରାସ୍ତା | ୦୧.୦୧.୨୦୨୦ / ୧୯.୧୧.୨୦୨୧ / ୦୮.୧୦.୨୦୨୫ |
| **ବେଲଗୁଣ୍ଠା ଶାଖା, ଫୋନ୍: ୭୦୦୮୫୧୭୬୮୭ /** ୧) **ରବିନ୍ଦ୍ରନାଥ ସେଠୀ,** ପିତା: ଖଦାଳ ସେଠୀ, ସ୍ଥାୟୀ ଠିକଣା-କାଦପଡା, ପୋ.: ବାଲିପଦର, ଜିଲ୍ଲା: ଗଞ୍ଜାମ, ଓଡ଼ିଶା-୭୬୧୧୧୭, ୨) **ମନୋରମା ସେଠୀ,** ସ୍ୱାମୀ: ରବିନ୍ଦ୍ରନାଥ ସେଠୀ, ସ୍ଥାୟୀ ଠିକଣା-କାଦପଡା, ପୋ.: ବାଲିପଦର, ଜିଲ୍ଲା: ଗଞ୍ଜାମ, ପିନ୍-୭୬୧୧୧୭, ୩) **ମନୋରମା ସେଠୀ,** ସ୍ଥାୟୀ ଠିକଣା- କ୍ୱାର୍ଟର ନଂ.: ଏ-୪୦୦, ସେକ୍ଟର-୨, ନାଲକୋ ଟାଉନସିପ୍ (ମାଇନିଂ ଅପରେଟର), ଦାମନଯୋଡି-୭୬୩୦୦୮, ଜିଲ୍ଲା: କୋରାପୁଟ, ଓଡ଼ିଶା | **ରବିନ୍ଦ୍ରନାଥ ସେଠୀ**ଙ୍କ ନାମରେ ଥିବା ଆଇନଗତ ବନ୍ଧକପ୍ରାପ୍ତ ବାସୋପଯୋଗୀ ଜମି ଏବଂ ଗୃହ ଯାହାର ରେଭିନ୍ୟୁ ମୌଜା: କାଦପଡା, ଖାତା ନଂ.: ୫୨୭/୯୩, ପ୍ଲଟ୍ ନଂ.: ୭୧୯/୧୦୬୬, କ୍ଷେତ୍ର: ଏକର୦.୧୯୬ ଡିସିମିଲି, ବାଲିପଦର, ଗଞ୍ଜାମ, ଏହାର ଚାରିପାର୍ଶ୍ୱରେ ପୂର୍ବ: ବିକ୍ରେତା ରୁଦ୍ର ନାରାୟଣ ପାତ୍ରଙ୍କ ଜମି, ପଶ୍ଚିମ: ମଞ୍ଜୁଳା ପ୍ରଧାନଙ୍କ ଜମି, ଉତ୍ତର: ରାସ୍ତା, ଦକ୍ଷିଣ: ଦାଣ୍ଡ | ୦୮.୦୫.୨୦୧୮ / ୨୦.୦୯.୨୦୧୮ / ୦୮.୧୦.୨୦୨୫ |
| **ବାଉଁଶିଆପଡା ଶାଖା, ଫୋନ୍: ୯୮୧୯୪୧୦୯୫୧ /** ୧) **ମେସର୍ସ ମା ଲକ୍ଷ୍ମୀ ସବ୍‌ଜୀ ଭଣ୍ଡାର, ସ୍ୱତ୍ୱାଧିକାରୀ: ଶ୍ରୀ ଗୋବିନ୍ଦ ଚନ୍ଦ୍ର ସାମନ୍ତରା,** ସା: ରାମଚନ୍ଦ୍ରପୁର, ପୋ: ହରେକୃଷ୍ଣପୁର, ଜିଲ୍ଲା: ନୟାଗଡ଼, ଓଡ଼ିଶା, ୨) **ଶ୍ରୀ ଗୋବିନ୍ଦ ଚନ୍ଦ୍ର ସାମନ୍ତରା,** ପିତା: ଶ୍ରୀ ସଂସାରୀ ସାମନ୍ତରା, ଗ୍ରାମ: ଡମୁଣି, ପୋ: ମହିପୁର, ଥାନା: ନୂଆଗାଁ, ଜିଲ୍ଲା: ନୟାଗଡ଼, ଓଡ଼ିଶା, ୩) **ଶ୍ରୀ ଗୋପାଳ ଚନ୍ଦ୍ର ସାମନ୍ତରା,** ପିତା: ଶ୍ରୀ ସଂସାରୀ ସାମନ୍ତରା, ଗ୍ରାମ: ଡମୁଣି, ପୋ: ମହିପୁର, ଥାନା: ନୂଆଗାଁ, ଜିଲ୍ଲା: ନୟାଗଡ଼, ଓଡ଼ିଶା, ୪) **ଶ୍ରୀମତୀ ଲକ୍ଷ୍ମୀରାଣୀ ସାମନ୍ତରା,** ସ୍ୱାମୀ: ଶ୍ରୀ ଗୋବିନ୍ଦ ଚନ୍ଦ୍ର ସାମନ୍ତରା, ଗ୍ରାମ: ଡମୁଣି, ପୋ: ମହିପୁର, ଥାନା: ନୂଆଗାଁ, ଜିଲ୍ଲା: ନୟାଗଡ଼, ଓଡ଼ିଶା | **ଶ୍ରୀ ଗୋବିନ୍ଦ ଚନ୍ଦ୍ର ସାମନ୍ତରା ଏବଂ ଶ୍ରୀ ଗୋପାଳ ଚନ୍ଦ୍ର ସାମନ୍ତରା**ଙ୍କ ନାମରେ ଥିବା ଜମି ଏବଂ ଗୃହ ଯାହାର ପ୍ଲଟ୍ ନଂ.: ୯୯୦, ଖାତା ନଂ.: ୧୮୦/୬୯, କ୍ଷେତ୍ର: ଏକର୦.୧୨ ଡିସିମିଲି ଏବଂ ପ୍ଲଟ୍ ନଂ.: ୯୯୧/୧୧୩୮, ଖାତା ନଂ.: ୧୮୦/୨୬, କ୍ଷେତ୍ର: ଏକର୦.୦୭ ଡିସିମିଲି, ମୌଜା: ଗାତିରି, ତହସିଲ: ନୂଆଗାଁ, ଆର୍.ଆଇ ସର୍କଲ: ମହିପୁର, ଜିଲ୍ଲା: ନୟାଗଡ଼ | ୦୨.୦୮.୨୦୧୮ / ୧୮.୦୨.୨୦୧୯ / ୨୨.୦୯.୨୦୨୫ |
| **ଦିଗପହଣ୍ଡି ଶାଖା, ଫୋନ୍: ୯୭୦୪୯୧୯୨୭୦ /** ୧) **ମେସର୍ସ ଅଏଲ୍‌ଲେସ୍ ଫୁଡ୍ ଇଣ୍ଡଷ୍ଟ୍ରି, ସ୍ୱତ୍ୱାଧିକାରୀ: ଶ୍ରୀମତୀ ହିଙ୍ଗଳ ତିଳତମା ରେଡ୍ଡୀ,** ସା/ପୋ.: ଗୋକର୍ଣ୍ଣପୁର, ଦିଗପହଣ୍ଡି, ଗଞ୍ଜାମ, ଓଡ଼ିଶା - ୭୬୧୦୧୨, ୨) **ଶ୍ରୀ ହିଙ୍ଗଳ ସୁରେନ୍ଦ୍ର ରେଡ୍ଡୀ,** ପିତା: ଶ୍ରୀ ହିଙ୍ଗଳ ସୋମନାଥ ରେଡ୍ଡୀ, ସା/ପୋ.: ଗୋକର୍ଣ୍ଣପୁର, ଦିଗପହଣ୍ଡି, ଗଞ୍ଜାମ, ଓଡ଼ିଶା - ୭୬୧୦୧୨ | **ଶ୍ରୀ ହିଙ୍ଗଳ ସୁରେନ୍ଦ୍ର ରେଡ୍ଡୀ**ଙ୍କ ନାମରେ ଥିବା ଜମି ଏବଂ ଗୃହ ଆଦି ସମ୍ପତ୍ତିର ସମସ୍ତ ଅଂଶବିଶେଷ ଯାହାର ପ୍ଲଟ୍ ନଂ.: ୩୭୧୭, ଖାତା ନଂ.: ୬୬୯, ରେଭିନ୍ୟୁ ମୌଜା: ଗୋକର୍ଣ୍ଣପୁର, ତହସିଲ/ଏସ୍ଆରଓ: ଦିଗପହଣ୍ଡି, ଗଞ୍ଜାମ, ଓଡ଼ିଶା, ପରିମିତ କ୍ଷେତ୍ର: ଏକର୦.୦୨୦ ଡିସିମିଲି ଯାହା ୮୭୧ ବର୍ଗଫୁଟ, ଏହାର ଚାରିପାର୍ଶ୍ୱରେ ଉତ୍ତର: ରାସ୍ତା, ଦକ୍ଷିଣ: ଶିବରାମ ମହାରଣାଙ୍କ ଜମି, ପୂର୍ବ: ଏଚ୍ ରଘୁନାଥ ରେଡ୍ଡୀଙ୍କ ଗୃହ, ପଶ୍ଚିମ: ଏଚ୍ କସ୍ତୁରୀଙ୍କ ଗୃହ | ୧୧.୧୦.୨୦୨୨ / ୧୫.୦୪.୨୦୨୩ / ୦୮.୧୦.୨୦୨୫ |
| **ଗୋସାଣୀନୂଆଗାଁ ଶାଖା, ଫୋନ୍: ୭୬୮୨୮୨୦୩୫୩ /** ୧) **ମୁକ୍ତା ଦାସ,** ସ୍ୱାମୀ: ବନ ଦାସ, ସା: ଲକ୍ଷ୍ମୀ ଷ୍ଟ୍ରିଟ୍, ବାଉରୀ ଷ୍ଟ୍ରିଟ୍ ନିକଟ, ବିଜିପୁର, ବ୍ରହ୍ମପୁର- ୭୬୦୦୦୧, ୨) **ଚନ୍ଦ୍ରକଳା ରାଉତ,** ସା: ଲକ୍ଷ୍ମୀ ଷ୍ଟ୍ରିଟ୍, ବାଉରୀ ଷ୍ଟ୍ରିଟ୍ ନିକଟ, ବିଜିପୁର, ବ୍ରହ୍ମପୁର- ୭୬୦୦୦୧, ୩) **କେଦାର ରାଉତ,** ମାତା: ଚନ୍ଦ୍ରକଳା ରାଉତ, ସା: ଲକ୍ଷ୍ମୀ ଷ୍ଟ୍ରିଟ୍, ବାଉରୀ ଷ୍ଟ୍ରିଟ୍ ନିକଟ, ବିଜିପୁର, ବ୍ରହ୍ମପୁର- ୭୬୦୦୦୧ | **ମୁକ୍ତା ଦାସ**ଙ୍କ ନାମରେ ଥିବା ଆଇନଗତ ବନ୍ଧକପ୍ରାପ୍ତ ଜମି ଏବଂ ଗୃହ ଯାହାର ପ୍ଲଟ୍ ନଂ.: ୨୫୧, ଖାତା ନଂ.: ୭୮୨, ରେଭିନ୍ୟୁ ମୌଜା: ବିଜିପୁର, ତହସିଲ: ବ୍ରହ୍ମପୁର, ସା: ଲକ୍ଷ୍ମୀ ଷ୍ଟ୍ରିଟ୍, ବାଉରୀ ସାହି, ବ୍ରହ୍ମପୁର, ଜିଲ୍ଲା: ଗଞ୍ଜାମ, ପରିମିତ କ୍ଷେତ୍ର: ଏକର୦.୦୦୮ ଡ଼ିସିମିଲି, ଏହାର ଚାରିପାର୍ଶ୍ୱରେ ପୂର୍ବ: ପଦ୍ମ ଦାସଙ୍କ ଗୃହ, ପଶ୍ଚିମ: କୁନ୍ତଳା ଦାସଙ୍କ ଗୃହ, ଉତ୍ତର: ଶ୍ରୀ ସୁବୁଦ୍ଧି ସେଠୀଙ୍କ ଗୃହ, ଦକ୍ଷିଣ: ରାସ୍ତା | ୨୮.୦୭.୨୦୨୨ / ୧୧.୧୦.୨୦୨୨ / ୨୨.୦୯.୨୦୨୫ |
| **କୁଲ୍ଲାଡ ଶାଖା, ଫୋନ୍: ୭୦୦୪୮୩୬୬୭୬ /** ୧) **ରବିନ୍ଦ୍ର ନାୟକ,** ପିତା: ବିଜୟ ନାୟକ, ୨) **ବିଜୟ ନାୟକ,** ପିତା: ସହଦେବ ନାୟକ, ଉଭୟଙ୍କ ଠିକଣା- ସା.: ରାଇପଲ୍ଲୀ, ପୋ.: ତିଳିସିଙ୍ଗି, ଭାୟା: କୁଲ୍ଲାଡ, ଗଞ୍ଜାମ, ଓଡିଶା-୭୬୧୧୩୧ | ୧) **ରବିନ୍ଦ୍ର ନାୟକ,** ପିତା: ବିଜୟ ନାୟକଙ୍କ ନାମରେ ଥିବା ବାସୋପଯୋଗୀ ଜମି ଯାହାର ମୌଜା: ବାଲିଆପଟା, ଏସ୍ଆରଓ /ତହସିଲ: ଘୁମୁସର, ଭଞ୍ଜନଗର, ଜିଲ୍ଲା: ଗଞ୍ଜାମ, ଖାତା ନଂ.: ୧୬୮/୧୦୦, ପ୍ଲଟ୍ ନଂ.: ୭୬୭/୧୨୦୮, କ୍ଷେତ୍ର: ଏକର ୦.୨୦୦ ଡିସିମିଲି, ଏହାର ଚାରିପାର୍ଶ୍ୱରେ ପୂର୍ବ : ଉମା ଚରଣ ପ୍ରଧାନଙ୍କ ଜମି, ପଶ୍ଚିମ: ଶତ୍ରୁଘ୍ନ ପ୍ରଧାନଙ୍କ ଜମି, ଦକ୍ଷିଣ: ରବିନ୍ଦ୍ର ନାୟକଙ୍କ ପ୍ଲଟ୍ ନଂ.: ୭୬୮, ଉତ୍ତର: ରାସ୍ତା, ୨) **ବିଜୟ ନାୟକ,** ପିତା: ସହଦେବ ନାୟକଙ୍କ ନାମରେ ଥିବା ବାସୋପଯୋଗୀ ଜମି ଯାହାର ମୌଜା: ରାଇପଲ୍ଲୀ, ଏସ୍ଆରଓ / ତହସିଲ: ଘୁମୁସର, ଭଞ୍ଜନଗର, ଜିଲ୍ଲା: ଗଞ୍ଜାମ, ଖାତା ନଂ.: ୧୨୩, ପ୍ଲଟ୍ ନଂ.: ୯୯୫, କ୍ଷେତ୍ର: ଏକର୦.୦୩୦ ଡିସିମିଲି, ଏହାର ଚାରିପାର୍ଶ୍ୱରେ ପୂର୍ବ: ଲିଙ୍ଗରାଜ ପ୍ରଧାନଙ୍କ ଜମି, ଦକ୍ଷିଣ: କାଶୀନାଥ ଗୌଡଙ୍କ ଜମି, ଉତ୍ତର: ତ୍ରିନାଥ ନାୟକଙ୍କ ଜମି, ପଶ୍ଚିମ: ରାସ୍ତା | ୩୦.୦୪.୨୦୨୧ / ୧୦.୧୨.୨୦୨୧ / ୨୨.୦୯.୨୦୨୫ |
| **ନୀଳକଣ୍ଠନଗର ଶାଖା,ଫୋନ୍: ୯୮୬୧୨୮୧୨୩୪/** ୧) **ମିସ୍ ଭାଗ୍ୟଲକ୍ଷ୍ମୀ ବିଶ୍ୱାଳ,** ପିତା: ଅଭିମନ୍ୟୁ ବିଶ୍ୱାଳ/ ସୁରକ୍ଷା ବିଶ୍ୱାଳ, ସା: ରାମ ନଗର ୨ୟ ଲେନ୍, କମାପଲ୍ଲୀ, ବ୍ରହ୍ମପୁର, ଜିଲ୍ଲା: ଗଞ୍ଜାମ, ଓଡିଶା- ୭୬୦୦୦୨, ୨) **ଶ୍ରୀ ନୀଳକଣ୍ଠ ମହାନ୍ତି,** ପିତା: ଶ୍ରୀ ସୁଦର୍ଶନ ମହାନ୍ତି, ସା: ଶାସ୍ତ୍ରୀ ନଗର-୨, ବ୍ରହ୍ମପୁର, ଜିଲ୍ଲା: ଗଞ୍ଜାମ, ଓଡିଶା- ୭୬୧୦୧୮ | **ମିସ୍ ଭାଗ୍ୟଲକ୍ଷ୍ମୀ ବିଶ୍ୱାଳ**ଙ୍କ ନାମରେ ଥିବା ଜମି ସହିତ ଫାଉଣ୍ଡେସନ୍ ଷ୍ଟ୍ରକଚର ଆଦି ସମ୍ପତ୍ତିର ସମସ୍ତ ଅଂଶବିଶେଷ ଯାହାର ପ୍ଲଟ୍ ନଂ.: ୪୨୬୭/୧୫୬୩୯/୧୬୮୩୭, ଖାତା ନଂ.: ୧୫୩୦/୭୯୪୧, ମୌଜା: ଭାବିନିପୁର, ରେଭିନ୍ୟୁ ସର୍କଲ: ବଡ଼କୁଶସ୍ଥଳି, ଥାନା: ବ୍ରହ୍ମପୁର ସଦର, ତହସିଲ: କନିସି, ବ୍ରହ୍ମପୁର, ଜିଲ୍ଲା: ଗଞ୍ଜାମ, ଗୃହ ସମ୍ପତ୍ତିର **ସମୁଦାୟ ପରିମିତ କ୍ଷେତ୍ର: ଏକର ୦.୦୧୪ ଡ଼ିସିମିଲି,** ଏହାର ଚାରିପାର୍ଶ୍ୱରେ ପୂର୍ବ: ନୀଳକଣ୍ଠ ମହାନ୍ତିଙ୍କ ସମ୍ପତ୍ତି, ପଶ୍ଚିମ: ସନ୍ତୋଷ କୁମାର ସାହୁ ଏବଂ ଲକ୍ଷ୍ମୀକାନ୍ତ ପାଢ଼ୀଙ୍କ ସମ୍ପତ୍ତି, ଉତ୍ତର: ପ୍ଲଟ୍ ନଂ.: ୪୨୪୪, ଦକ୍ଷିଣ: ରାସ୍ତା | ୦୬.୦୪.୨୦୨୦ / ୧୭.୧୧.୨୦୨୨ / ୦୮.୧୦.୨୦୨୫ |
| **ରମ୍ଭା ଶାଖା, ଫୋନ୍: ୯୮୬୧୦୧୪୪୯୦ /** ୧) **ରଞ୍ଜନ କୁମାର ନାହାକ,** ପିତା: ରାମ ଚନ୍ଦ୍ର ନାହାକ, ୨) **ଗୁରୁବାରୀ ନାହାକ (ବନ୍ଧକଦାତା/ଗ୍ୟାରେଣ୍ଟିଦାତା),** ସ୍ୱାମୀ: ରାମ ଚନ୍ଦ୍ର ନାହାକ, ୩) **ବିକ୍ରମ କୁମାର ନାହାକ,** ପିତା: ହାଡୁ ବନ୍ଧୁ ନାହାକ, ସମସ୍ତଙ୍କ ଠିକଣା- ସା: ମଧୁରଚୁଆ, ପୋ: ରମ୍ଭା, ଗଞ୍ଜାମ, ପିନ୍-୭୬୧୦୨୮ | **ଗୁରୁବାରୀ ନାହାକ,** ସ୍ୱାମୀ: ରାମ ଚନ୍ଦ୍ର ନାହାକ, ସା: ମଧୁରଚୁଆ, ପୋ: ରମ୍ଭା, ଗଞ୍ଜାମଙ୍କ ନାମରେ ଥିବା ବାସୋପଯୋଗୀ ଜମି ଏବଂ ଗୃହ ଯାହାର ସା: ଏନ୍‌ଏସି ମେନ୍ ରୋଡ୍, ହାଇସ୍କୁଲ ସମ୍ମୁଖ, ମୌଜା: ମଧୁରଚୁଆ, ଥାନା: ରମ୍ଭା, ତହସିଲ/ଜିଲ୍ଲା: ଗଞ୍ଜାମ, ପ୍ଲଟ୍ ନଂ.: ୫୧୩, ଖାତା ନଂ.:୧୯୫ (ପୁରୁଣା), ଖାତା ନଂ.: ୩୧୨/୨୧୩ (ନୂତନ), କ୍ଷେତ୍ର: ଏକର୦.୦୩୬ ଡିସିମିଲି, ଏହାର ଚାରିପାର୍ଶ୍ୱରେ ପୂର୍ବ: ରାମ ଚନ୍ଦ୍ର ନାହାକଙ୍କ ଗୃହ, ପଶ୍ଚିମ: ଭିକାରୀ ନାହାକଙ୍କ ଗୃହ, ଦକ୍ଷିଣ: ଯୋଗୀ ମହାପାତ୍ର, ଉତ୍ତର: ରାସ୍ତା | ୩୦.୦୪.୨୦୨୧ / ୦୫.୦୧.୨୦୨୨ / ୨୨.୦୯.୨୦୨୫ |
| **ଏସ୍‌ଏମ୍ଆଇଟି ଚଣ୍ଡିପଦର ଶାଖା, ଫୋନ୍: ୯୪୮୬୦୯୮୬୫୩ /** ୧(କ) **ଶ୍ରୀ ସଞ୍ଜୟ ରାଉଳ,** ପିତା: ଶ୍ରୀ ଧୋବା ରାଉଳ, ସା/ପୋ: ଚଣ୍ଡିପଦର, ଭାୟା: ଭାଟକୁମରଡା, ଜିଲ୍ଲା: ଗଞ୍ଜାମ, ଓଡ଼ିଶା-୭୬୧୦୦୩ **(ଋଣଗ୍ରହୀତା),** ୧(ଖ) **ଶ୍ରୀ ଧୋବା ରାଉଳ,** ପିତା: ସୋମନାଥ ରାଉଳ, ସା/ପୋ: ଚଣ୍ଡିପଦର, ବଡ ସାହି, ଜିଲ୍ଲା: ଗଞ୍ଜାମ, ଓଡ଼ିଶା-୭୬୧୦୦୩ **(ସହ-ଋଣଗ୍ରହୀତା),** ୨(କ) **ଶ୍ରୀ ଧୋବା ରାଉଳ,** ପିତା: ସୋମନାଥ ରାଉଳ, ସା/ପୋ: ଚଣ୍ଡିପଦର, ବଡ ସାହି, ଜିଲ୍ଲା: ଗଞ୍ଜାମ, ଓଡ଼ିଶା-୭୬୧୦୦୩ **(ବନ୍ଧକଦାତା)** | **ଶ୍ରୀ ଧୋବା ରାଉଳ**ଙ୍କ ନାମରେ ଥିବା ବାସୋପଯୋଗୀ ଜମି ଏବଂ ଗୃହ ଯାହାର କ୍ଷେତ୍ର: ଏକର ୦.୦୧୯ଡିସିମିଲି (୮୨୭ ବର୍ଗଫୁଟ), ପ୍ଲଟ୍ ନଂ.: ୨୫୯୩/୪୬୩୧, ଖାତା ନଂ.: ୭୬୧/୭୩୭, ରେଭିନ୍ୟୁ ମୌଜା: ଚଣ୍ଡିପଦର, ବଡ ଷ୍ଟ୍ରିଟ୍, ଚଣ୍ଡିପଦର, ଜିଲ୍ଲା: ଗଞ୍ଜାମ, ଏହାର ଚାରିପାର୍ଶ୍ୱରେ ପୂର୍ବ: ଶ୍ରୀ ବୃନ୍ଦାବନ ରାଉଳଙ୍କ ସମ୍ପତ୍ତି, ପଶ୍ଚିମ: ମୋହନ ରାଉଳଙ୍କ ଗୃହ, ଉତ୍ତର: ରାସ୍ତା, ଦକ୍ଷିଣ: ରାସ୍ତା | ୩୦.୦୪.୨୦୨୧ / ୧୪.୧୨.୨୦୨୧ / ୦୮.୧୦.୨୦୨୫ |
| **ଶେରଗଡ ଶାଖା, ଫୋନ୍: ୯୦୯୦୦୩୨୭୮୩ /** ୧) **ମେସର୍ସ ରାମଚଣ୍ଡୀ କିରାନା ଷ୍ଟୋର, ସ୍ୱତ୍ୱାଧିକାରୀ: ଶ୍ରୀ କୃଷ୍ଣ ଚନ୍ଦ୍ର ଗୌଡ,** ସା: ରମୁଣୀ ଷ୍ଟ୍ରିଟ୍, ଶେରଗଡ, ଜିଲ୍ଲା: ଗଞ୍ଜାମ, ଓଡିଶା-୭୬୧୧୦୬, ୨) **ଶ୍ରୀ କୃଷ୍ଣ ଚନ୍ଦ୍ର ଗୌଡ (ଋଣଗ୍ରହୀତା ତଥା ଗ୍ୟାରେଣ୍ଟିଦାତା),** ସା: ରମୁଣୀ ଷ୍ଟ୍ରିଟ୍, ଶେରଗଡ, ଜିଲ୍ଲା: ଗଞ୍ଜାମ, ଓଡିଶା-୭୬୧୧୦୬, ୩) **ଶ୍ରୀମତୀ ଧୋବୁଣି ଗୌଡ (ବନ୍ଧକଦାତା ତଥା ଗ୍ୟାରେଣ୍ଟିଦାତା),** ସ୍ୱାମୀ: କାଳିଆ ଗୌଡ, ସା: ରମୁଣୀ ଷ୍ଟ୍ରିଟ୍, ଶେରଗଡ, ଜିଲ୍ଲା: ଗଞ୍ଜାମ, ଓଡିଶା-୭୬୧୧୦୬ | **ଶ୍ରୀମତୀ ଧୋବୁଣି ଗୌଡ**ଙ୍କ ନାମରେ ଥିବା ଗୃହ ସମ୍ପତ୍ତି ଯାହାର ମୌଜା/ଗ୍ରାମ: ଶେରଗଡ, ପୋ/ଥାନା/ଏସ୍ଆରଓ: ଶେରଗଡ, ଜିଲ୍ଲା: ଗଞ୍ଜାମ, ଓଡିଶା, ଖାତା ନଂ.: ୮୩୩/୪୨୯, ପ୍ଲଟ୍ ନଂ.: ୩୪୬୨/୫୭୮୨, କ୍ଷେତ୍ର: ଏକର୦.୦୧୦ ଡିସିମିଲି, କିସମ: ଘରବାରୀ, ଏହାର ଚାରିପାର୍ଶ୍ୱରେ ପୂର୍ବ: ରାସ୍ତା, ପଶ୍ଚିମ: ଶ୍ରୀ ଚୈତନ୍ୟ ମହାପ୍ରଭୁଙ୍କ ଜମି, ଉତ୍ତର: ପୁରୁଷୋତ୍ତମ ଦାଶଙ୍କ ବାରି, ଦକ୍ଷିଣ: କୈଳାସ ଚନ୍ଦ୍ର ତ୍ରିପାଠୀ | ୦୯.୦୧.୨୦୨୪ / ୦୩.୦୫.୨୦୨୪ / ୧୦.୧୦.୨୦୨୫ |

**ବିଷୟ: ସିକ୍ୟୁରିଟାଇଜେସନ ଆଣ୍ଡ ରିକନ୍‌ଷ୍ଟ୍ରକସନ ଅଫ୍ ଫାଇନାନ୍ସିଆଲ ଆସେଟ୍ସ ଆଣ୍ଡ ଏନ୍‌ଫୋର୍ସମେଣ୍ଟ ଅଫ୍ ସିକ୍ୟୁରିଟି ଇଣ୍ଟରେଷ୍ଟ ଆକ୍ଟ, ୨୦୦୨ ଅନୁଯାୟୀ ବ୍ୟାଙ୍କର ବକେୟା ଦେୟ ଆଦାୟ ନିମନ୍ତେ ଉପର ଦର୍ଶିତ ଋଣଗ୍ରହୀତା/ଗ୍ୟାରେଣ୍ଟିଦାତା/ବନ୍ଧକଦାତାମାନଙ୍କ ସମ୍ପତ୍ତି ବିକ୍ରୟ ।**

ୟୁନିୟନ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ, ସୁରକ୍ଷିତ ଋଣଦାତାଙ୍କ ଦ୍ୱାରା ସରଫେଶୀ ଆକ୍ଟ, ୨୦୦୨ ଅନୁଯାୟୀ ନିର୍ଦ୍ଦିଷ୍ଟ ସମୟ ସୀମା ମଧ୍ୟରେ ବକେୟା ଦେୟ ପଇଠ କରିବା ନିମନ୍ତେ ଆପଣଙ୍କୁ ଉପରଦର୍ଶିତ ତାରିଖରେ ଡିମାଣ୍ଡ ନୋଟିସ୍ ଜାରି କରାଯାଇଥିଲା। ଯେହେତୁ କଥିତ ନୋଟିସ୍ ଅନୁଯାୟୀ ନିର୍ଦ୍ଦିଷ୍ଟ ସମୟ ସୀମା ମଧ୍ୟରେ ଆପଣ ବକେୟା ଦେୟ ପଇଠ କରିବାରେ ବିଫଳ ହେଲେ, ତେଣୁ ଧାରା ୧୩ (୪) ସହିତ ସିକ୍ୟୁରିଟୀ ଇଣ୍ଟରେଷ୍ଟ (ଏନ୍‌ଫୋର୍ସମେଣ୍ଟ) ରୁଲ୍ସ, ୨୦୦୨ ର ରୁଲ୍ ୬/୮ ଅନୁଯାୟୀ କ୍ଷମତାପ୍ରାପ୍ତ ଅଧିକାରୀ ଉପରଦର୍ଶିତ ତାରିଖରେ ସମ୍ପତ୍ତିଗୁଡ଼ିକୁ ଦଖଲ ନେଇଛନ୍ତି। ସମ୍ପତ୍ତିକୁ ଦଖଲ ନେବା ପରେ ମଧ୍ୟ ଆପଣ ବ୍ୟାଙ୍କକୁ ଦେବାକୁ ଥିବା ବକେୟା ଦେୟ ପରିଶୋଧ କରିନାହାଁନ୍ତି। ତେଣୁ ଏହି ନୋଟିସ୍ ପ୍ରାପ୍ତିର **୩୦ ଦିନ** ଅତିକ୍ରମ ପରେ ଅନ୍‌ଲାଇନ୍ ପଦ୍ଧତିରେ ସର୍ବସାଧାରଣ ଇ-ନିଲାମ ମାଧ୍ୟମରେ ଉପର ଦର୍ଶିତ ସମ୍ପତ୍ତିଗୁଡିକୁ ବିକ୍ରୟ କରିବା ଆବଶ୍ୟକ ହୋଇପଡ଼ିଛି। ଇ-ନିଲାମର ତାରିଖ ଓ ସମୟ ସହିତ ସମ୍ପତ୍ତିର ସଂରକ୍ଷିତ ମୂଲ୍ୟ ଏବଂ ସେବା ପ୍ରଦାନକାରୀଙ୍କ ସବିଶେଷ ବିବରଣୀ ଯାହାଙ୍କ ଦ୍ୱାରା ଇ-ନିଲାମ ପରିଚାଳନା କରାଯିବ ତାହା ଆପଣଙ୍କୁ ପୃଥକ୍ ଭାବେ ଜଣାଇ ଦିଆଯିବ। ତେଣୁ, ବିକ୍ରୟ ବିଜ୍ଞପ୍ତିର ପ୍ରକାଶନ ତାରିଖ ପୂର୍ବରୁ ଯଦି ଆପଣ ବକେୟା ଦେୟ ସହିତ ତତ୍ପରବର୍ତ୍ତୀ ସୁଧ, ଆଇନଗତ ଖର୍ଚ୍ଚ ଓ ଦେୟ ବ୍ୟାଙ୍କକୁ ପଇଠ କରନ୍ତି, ତେବେ ଆପଣଙ୍କ ସମ୍ପତ୍ତି ବିକ୍ରୟ ନିମିତ୍ତ କୌଣସି ପରବର୍ତ୍ତୀ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ନାହିଁ ଏବଂ କଥିତ ଆକ୍ଟର ଧାରା ୧୩ (୮) ଅନୁଯାୟୀ ଆପଣ ଆପଣଙ୍କ ସମ୍ପତ୍ତିକୁ ବନ୍ଧକମୁକ୍ତ କରିପାରିବେ।

ସ୍ଥାନ: ବ୍ରହ୍ମପୁର
ତାରିଖ: ୧୦.୧୦.୨୦୨୫

ସ୍ୱା/- କ୍ଷମତାପ୍ରାପ୍ତ ଅଧିକାରୀ
ୟୁନିୟନ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ

ସକାଳ
THE SAKALA



**ବସୁନ୍ଧରା ନଦୀ ଜଳ ପ୍ରଦୂଷଣ ପ୍ରସଙ୍ଗ**

# ରାସ୍ତାରୋକ ଆନ୍ଦୋଳନ ପରେ ଚେଇଁଲା ପ୍ରଶାସନ





ଝାରସୁଗୁଡା, ୧୦ ।୧୦(ସମିସ)

ଝାରସୁଗୁଡା ଜିଲ୍ଲା ସଦର ବ୍ଲକ ଅନ୍ତର୍ଗତ ବସୁନ୍ଧରା ନଦୀଜଳ ପ୍ରଦୂଷଣକୁ ନେଇ ଶୁକ୍ରବାର ଝାରସୁଗୁଡା ଉପଜିଲ୍ଲାପାଳ ସବ୍ୟସାଚୀ ପଣ୍ଡାଙ୍କ ଅଧ୍ୟକ୍ଷତାରେ ତାଙ୍କ କାର୍ଯ୍ୟାଳୟରେ ଗୁରୁତ୍ୱପୂର୍ଣ୍ଣ ବୈଠକ ଅନୁଷ୍ଠିତ ହୋଇଯାଇଛି । ବସୁନ୍ଧରା ନଦୀ ଜଳ ପ୍ରଦୂଷଣ ସମସ୍ୟାକୁ ନେଇ ଆୟୋଜିତ ବୈଠକରେ ତହସିଲଦାର ଝାରସୁଗୁଡା ସଦାକର କୁମ୍ଭାର, ଆଞ୍ଚଳିକ ପ୍ରଦୂଷଣ ନିୟନ୍ତ୍ରଣବୋର୍ଡ ଅଧିକାରୀ ଝାରସୁଗୁଡା, ଏସ୍‌ଡ଼ିପିଓ ବ୍ରଜରାଜନଗର ଚିନ୍ତାମଣି ପ୍ରଧାନ, ଜିଏମ ଏମ୍‌ସିଏଲ ବସୁନ୍ଧରା, ଜିଏମ ଏନ୍‌ଟିପିସି ଦରଲିପାଲି, ଓସିପିଏଲ ମନୋହରପୁର ଖଣି ଅଧିକାରୀ, ରାଜପୁର, ଲୋଇସିଂହ, ଗୌରମାଲ, ଚନ୍ଦନୀମାଲ ପଞ୍ଚାୟତର ସରପଞ୍ଚଙ୍କ ସମେତ ସ୍ଥାନୀୟ ଅଞ୍ଚଳର ବହୁ ଜନସାଧାରଣ ଉପସ୍ଥିତ ଥିଲେ । ତେବେ ଗତ ମଙ୍ଗଳବାର ଦିନ ବସୁନ୍ଧରା ନଦୀ ଜଳ ପ୍ରଦୂଷଣକୁ ନେଇ ରାଜପୁର ଗ୍ରାମ ନିକଟସ୍ଥ ଗାନ୍ଧିଛକରୁ ସୁନ୍ଦରଗଡ଼କୁ ସଂଯୋଗ କରୁଥିବା ରାସ୍ତା ଅବରୋଧ କରିବା ସହିତ ରାଜପୁର ଗ୍ରାମବାସୀଙ୍କ ସମେତ ସ୍ଥାନୀୟ ଜନସାଧାରଣ ଧାରଣାରେ ବସିଥିଲେ । ଅନେକ ସମୟରେ ନଦୀର ଉପର ମୁଣ୍ଡରେ ଥିବା କମ୍ପାନୀ ନଦୀକୁ ପ୍ରଦୂଷିତ କରୁଥିବା ନେଇ ରାଜପୁର ପଞ୍ଚାୟତବାସୀ ଝାରସୁଗୁଡା ଜିଲ୍ଲା ପ୍ରଶାସନ ନିକଟରେ ଅଭିଯୋଗ କରିଆସୁଛନ୍ତି । ବସୁନ୍ଧରା ନଦୀ ପ୍ରଦୂଷଣକୁ ନେଇ ବାରମ୍ବାର ଅଭିଯୋଗ ସତ୍ତ୍ୱେ ପ୍ରଶାସନ କର୍ଣ୍ଣପାତ କରୁନଥିବା ଅଭିଯୋଗ କରି ମଙ୍ଗଳବାର ରାଜପୁର ଠାରେ ରାଜପୁର ପଞ୍ଚାୟତବାସୀଙ୍କ ସମେତ ସ୍ଥାନୀୟ ଜନସାଧାରଣ ରାସ୍ତାରୋକ କରିବା ସହିତ ଆମରଣ ଅନଶନରେ ବସିଥିଲେ । ଜିଲ୍ଲା ପ୍ରଶାସନ ପକ୍ଷରୁ ଝାରସୁଗୁଡା ତହସିଲଦାର ସଦାକର କୁମ୍ଭାର ଘଟଣାସ୍ଥଳରେ ପହଞ୍ଚି ଗ୍ରାମବାସୀଙ୍କୁ ବୁଝାସୁଝା କରିଥିଲେ ।ଗ୍ରାମବାସୀ ତାଙ୍କୁ ନଦୀକୁ ନେଇ ପ୍ରଦୂଷିତ ନଦୀ ଜଳକୁ ପ୍ରଦର୍ଶନ କରାଇଥିଲେ । ଏହାପରେ ରାଜପୁରପଞ୍ଚାୟତ କାର୍ଯ୍ୟାଳୟରେ ବୈଠକ ଅନୁଷ୍ଠିତ ହୋଇଥିଲା । ବୈଠକରେ ତିନିଦିନ ମଧ୍ୟରେ ବିଭିନ୍ନ କମ୍ପାନୀ, ସୁନ୍ଦରଗଡ଼ ଓ ଝାରସୁଗୁଡା ଜିଲ୍ଲା ପ୍ରଶାସନ ଏବଂ ସ୍ଥାନୀୟ ଜନସାଧାରଣଙ୍କ ଉପସ୍ଥିତିରେ ବୈଠକ ସହିତ ସମସ୍ୟାର ସମାଧାନ ପାଇଁ ପ୍ରତିଶ୍ରୁତି ପରେ ରାଜପୁର ପଞ୍ଚାୟତବାସୀ ରାସ୍ତାରୋକ ଆନ୍ଦୋଳନରୁ ଓହରିଥିଲେ । ପ୍ରତିଶ୍ରୁତି ଅନୁଯାୟୀ ବସୁନ୍ଧରା ନଦୀ ଜଳ ପ୍ରଦୂଷଣ ସମ୍ବନ୍ଧରେ ଶୁକ୍ରବାର ସମସ୍ତ ପକ୍ଷକୁ ଡାକି ଝାରସୁଗୁଡା ଉପଜିଲ୍ଲାପାଳ ସବ୍ୟସାଚୀ ପଣ୍ଡାଙ୍କ ଅଧ୍ୟକ୍ଷତାରେ ନଦୀ ଜଳ ପ୍ରଦୂଷଣକୁ ନେଇ ଗୁରୁତ୍ୱପୂର୍ଣ୍ଣ ବୈଠକ ଅନୁଷ୍ଠିତ ହୋଇଥିଲା । କେବଳ ପ୍ରତିଶ୍ରୁତି ନଦେଇ ଅଞ୍ଚଳବାସୀ ଯେପରି ନଦୀରେ ସ୍ୱଚ୍ଛ ଜଳ ପାଇପାରିବେ ଏବଂ ସୁନ୍ଦରଗଡ଼ ଅଞ୍ଚଳର କୌଣସି କମ୍ପାନୀ ଯୋଗୁଁ ନିଜର ଜୀବନକୁ ବାଜି ଲଗାଇବା ଭଳି ପରିସ୍ଥିତି କମ୍ପାନୀ କର୍ତ୍ତୃପକ୍ଷ ସୃଷ୍ଟି କରୁଥିବା ଗ୍ରାମବାସୀ ଅଭିଯୋଗ କରିବା ସହିତ ଝାରସୁଗୁଡା ଆଞ୍ଚଳିକ ନିୟନ୍ତ୍ରଣ ବୋର୍ଡ ନିକଟରେ ମଧ୍ୟ ଅଭିଯୋଗ କରାଯାଇଥିଲେ ସୁଦ୍ଧା ଏହା ନିଜ କ୍ଷେତ୍ରର ନୁହଁ କହି ନିଜର ଦାୟିତ୍ୱ ସାରିଦେଉଥିବା ଅଭିଯୋଗ କରି ଗ୍ରାମବାସୀ କ୍ଷୋଭ ପ୍ରକାଶ କରିଥିଲେ । ଏହା ସହିତ ରାସ୍ତାରୋକ କରାଯାଇଥିବା ଦିନ ତହସିଲଦାରଙ୍କ ଉପସ୍ଥିତିରେ ନିଆଯାଇଥିବା ଜଳର ନମୁନା ମଧ୍ୟ ଦେଖାଯାଇଥିଲା । ଆୟୋଜିତ ବୈଠକରେ ସମସ୍ତ ପକ୍ଷକୁ ନେଇ ଏକ କମିଟି ଗଠନ କରାଯାଇ ଆଗାମୀ ଦିନରେ ସରଜମିନ ତଦନ୍ତ କରାଯାଇ ଦୋଷୀ ବିରୋଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ସହିତ ସମସ୍ୟାର ସମାଧାନ କରାଯିବା ନେଇ ବୈଠକରେ ଆଲୋଚନା ହୋଇଥିଲା ।

**ଉପଜିଲ୍ଲାପାଳଙ୍କ ଅଧ୍ୟକ୍ଷତାରେ ଗୁରୁତ୍ୱପୂର୍ଣ୍ଣ ବୈଠକ**

# ‘କଳିଙ୍ଗରାଜ’ ଚାଷ ଆଣିଛି ମୁହଁରେ ହସ

ଝାରସୁଗୁଡ଼ା, ୧୦।୧୦ (ସମିସ): ଦୃଢ଼ ଇଚ୍ଛାଶକ୍ତି ଥିଲେ ଜଟିଳରୁ ଜଟିଳ କାର୍ଯ୍ୟ ମଧ୍ୟ ସହଜ ହୋଇପାରିବ । ଝାରସୁଗୁଡ଼ା ଜିଲ୍ଲାର ଲଖନପୁର ବ୍ଲକ ଅଧୀନ ବଞ୍ଜାରୀ ଗ୍ରାମର ଜୟଦେବ ବିଶ୍ୱାଳ ଏହାକୁ ସତ୍ୟ ପ୍ରମାଣିତ କରିଛନ୍ତି । ଚାଷ କେବଳ ଜୀବିକା ନୁହେଁ, ଏହା ଏକ ସ୍ୱାବଲମ୍ବୀ ଓ ସମୃଦ୍ଧିମୟ ଜୀବନ ପାଇଁ ସାଧନ ହୋଇପାରେ ବୋଲି ସେ ଉଦାହରଣ ସୃଷ୍ଟି କରିଛନ୍ତି । ଜଣେ ସଫଳ ଚାଷୀ ଭାବରେ ସହ କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟ ଦ୍ୱାରା ବିକଶିତ କିସମର ବିହନ ପ୍ରଦାନ କରିଥିଲେ । ପୂର୍ବରୁ ଜୟଦେବ ସ୍ଥାନୀୟ ବଜାରରୁ କିଣିଥିବା ମକା ତଥା ସ୍ୱୟଂ ସଂରକ୍ଷିତ ବିହନ ଚାଷ କରି ଉତ୍ପାଦନ ଓ ଆୟ କମ ପାଉଥିଲେ । କିନ୍ତୁ କୃଷି ବିଜ୍ଞାନ କେନ୍ଦ୍ର ଝାରସୁଗୁଡ଼ା ପକ୍ଷରୁ ସାହାଯ୍ୟ, ସହଯୋଗ ଓ ତାଲିମ ପାଇ ‘କଳିଙ୍ଗରାଜ’ ମକା ଚାଷରୁ ସେ ବର୍ଷକୁ ମୋଟ ୨ ଲକ୍ଷ ୩୦ ହଜାର ଟଙ୍କା ଉପାର୍ଜନ ସହ ୧ ଲକ୍ଷ ୧୨ ହଜାର




ବର୍ତ୍ତମାନ ସେ ନିଜର ତଥା ଆଖପାଖ ଅଞ୍ଚଳର ଅନେକ ଚାଷୀଙ୍କ ପାଇଁ ଆଦର୍ଶ ହୋଇଛନ୍ତି । ନିଜ ପାଖରେ ଥିବା ୧୬ ଏକର ଜମିରେ ମକା, ପୋଟଳ, ବାଇଗଣ, ବିଭିନ୍ନ ପ୍ରକାର ପନିପରିବା, ଫଳ ଆଦି ଚାଷ କରୁଛନ୍ତି । ଅଧିକ ଉପାର୍ଜନକ୍ଷମ ହେବା ପାଇଁ ଜୟଦେବ କୃଷି ବିଜ୍ଞାନ କେନ୍ଦ୍ର, ଝାରସୁଗୁଡ଼ା ଦ୍ୱାରା ଆୟୋଜିତ ପ୍ରଶିକ୍ଷଣ କାର୍ଯ୍ୟକ୍ରମରେ ଯୋଗ ଦେଇଥିଲେ । ସେଠାରେ ତାଙ୍କର ମକା ଚାଷ ପ୍ରତି ମନବଳାଇଥିଲେ । ତାଙ୍କ ଆଗ୍ରହକୁ ଦେଖି ବୈଜ୍ଞାନିକମାନେ ‘କଳିଙ୍ଗରାଜ’ ଚାଷ ପଦ୍ଧତି ସମ୍ବନ୍ଧୀୟ ଆବଶ୍ୟକୀୟ ମାର୍ଗଦର୍ଶନ କରିବା ଟଙ୍କା ଲାଭ କରୁଛନ୍ତି । ଉନ୍ନତ ପ୍ୟାକେଜ୍ ଓ ଅଭ୍ୟାସଗୁଡ଼ିକୁ ଗ୍ରହଣ କରିବା ଯୋଗୁଁ ତାଙ୍କ ଆୟ ବୃଦ୍ଧି ପାଇଛି । ପ୍ରାୟ ୪ଟି ଗ୍ରାମର ଚାଷୀଙ୍କୁ ସେ ମକା ଚାଷ ସମ୍ବନ୍ଧୀୟ ନିଜ ଅଭିଜ୍ଞତା ନେଇ ନିଜ ଆୟ ଦ୍ୱିଗୁଣିତ କରିବାକୁ ସଚେତନ କରୁଛନ୍ତି । ସେ ଫସଲ ଉତ୍ପାଦନ ବିଶେଷକରି ଧାନ ଓ ମକା ଚାଷ ସମୟରେ ପ୍ରତିବର୍ଷ ଶ୍ରମ ଦିବସରେ ୨୩୦ ରୁ ୨୪୦ ଜଣଙ୍କୁ ନିୟୋଜିତ କରୁଛନ୍ତି । ଯାହାଦ୍ୱାରା ସେ କେବଳ ନିଜ ପାଇଁ ନୁହେଁ ବରଂ ସ୍ଥାନୀୟ ଅଞ୍ଚଳର ଆର୍ଥିକ ପ୍ରଗତିରେ ମଧ୍ୟ ଗୁରୁତ୍ୱପୂର୍ଣ୍ଣ ଭୂମିକା ତୁଲାଉଛନ୍ତି କହିଲେ ଭୁଲ ହେବ ନାହିଁ ।

# ହାତୀର ମୃତଦେହ ଠାବ ଗର୍ଭାଶୟରେଅସ୍ୱାଭାବିକ ଭ୍ରୁଣରୁ ମୃତ୍ୟୁ

ଦେବଗଡ଼, ୧୦ ।୧୦(ସମିସ): ଦେବଗଡ଼ ବନଖଣ୍ଡରେ ପୁଣି ଏକ ହାତୀର ମୃତ୍ୟୁ ଘଟିଥିବା ଜଣାପଡ଼ିଛି । ଦେବଗଡ଼ ବନାଞ୍ଚଳ ତିଳେଇବଣି ସେକ୍ସନ ସରଣଖୋଳ ବିଟ୍ ନିକଟ ପ୍ରଭାଶୁଣି ସଂରକ୍ଷିତ ଜଙ୍ଗଲରେ ଶୁକ୍ରବାର ଏକ ଗର୍ଭବତୀ ମାଇ ହାତୀର ମୃତଦେହ ଠାବ ହୋଇଛି । ହାତୀର ଆନୁମାନିକ ୨୦/୨୨ ବର୍ଷ ବୟସ ହୋଇଥିବା ସୂଚନା ରହିଛି । ହାତୀର ଗର୍ଭାଶୟରେ ଅସ୍ୱାଭାବିକ ଭ୍ରୁଣ ଯୋଗୁଁ ମୃତ୍ୟୁ ଘଟିଥିବା ବ୍ୟବଚ୍ଛେଦ ପରେ ଜଣା ପଡ଼ିଛି । ତେବେ ହାତୀ ମୃତ୍ୟୁକୁ ସ୍ୱାଭାବିକ ବୋଲି ବନ ବିଭାଗ ପକ୍ଷରୁ ସୂଚନା ରହିଛି । ତେବେ ଗତ ଏକ ସପ୍ତାହ ମଧ୍ୟରେ ୨ଟି ହାତୀର ମୃତ୍ୟୁ ଘଟିଥିବା ବେଳେ ଏକ ମାସ ମଧ୍ୟରେ ୪ ହାତୀର ମୃତ୍ୟୁ ସାଧାରଣରେ ଆଲୋଡନ ସୃଷ୍ଟି କରିଛି ।

# ଚୋରି ଅଭିଯୋଗରେ ଜଣେ ଗିରଫ

ଝାରସୁଗୁଡା, ୧୦ ।୧୦(ସମିସ): ଝାରସୁଗୁଡା ଜିଲ୍ଲା ଓରିଏଣ୍ଟ ଥାନା ଅଞ୍ଚଳରୁ ୱାଶିଙ୍ଗ ମେସିନ ସମେତ ଅନ୍ୟାନ୍ୟ ସାମଗ୍ରୀ ଚୋରି ଅଭିଯୋଗରେ ଜଣେ ଅଭିଯୁକ୍ତକୁ ଗିରଫ ଶୁକ୍ରବାର ଓରିଏଣ୍ଟ ଥାନା ପୁଲିସ ଗିରଫ କରି କୋର୍ଟ ଚାଲାଣ କରିଛି ।ସୂଚନା ଅନୁଯାୟୀ ଓରିଏଣ୍ଟ ଥାନା ଆଦର୍ଶନଗର ଅଞ୍ଚଳର ଅପର୍ଣ୍ଣା ଚୌଧୁରୀ ଘରୁ ବିଭିନ୍ନ ସାମଗ୍ରୀ ଚୋରି ହୋଇଥିବା ନେଇ ଶୁକ୍ରବାର ସନ୍ଧ୍ୟାରେ ଓରିଏଣ୍ଟ ଥାନାରେ ଅଭିଯୋଗ କରିଥିଲେ । ଅଭିଯୋଗ କୁ ଭିତ୍ତିକରି ଓରିଏଣ୍ଟ ଥାନା ପୋଲିସ ପକ୍ଷରୁ କେଶ ନମ୍ବର ୧୮୦ରେ ଏକ ମାମଲା ରୁଜୁ କରାଯାଇ ତଦନ୍ତ ଆରମ୍ଭ କରାଯାଇଥିଲା । ପୁଲିସ ପକ୍ଷରୁ ତଦନ୍ତ କରାଯାଇ ଜଣେ ଅଭିଯୁକ୍ତକୁ ଗିରଫ କରିବା ସହିତ ଚୋରି ସାମଗ୍ରୀ ଉଦ୍ଧାର କରାଯାଇ ଶୁକ୍ରବାର କୋର୍ଟ ଚାଲାଣ କରାଯାଇଛି । ଗିରଫ ଅଭିଯୁକ୍ତ ଜଣକ ଓରିଏଣ୍ଟ ଥାନା ଗୁରୁବାରବଜାରର ରାଜୁରାମ ସାରଥୀ (୩୫)ହୋଇଥିବା ବେଳେ ଅଭିଯୁକ୍ତ ନିକଟରୁ ଏକ ପୁରୁଣା ୱାଶିଂଗ ମେସିନ, ଆକୁଅଗାର୍ଡ, ଇଲେକ୍ଟ୍ରିକ ଓଭେନ, ଗ୍ୟାସ ସିଲିଣ୍ଡର, ଏକ ଟ୍ରଲି ବ୍ୟାଗ ଓ ବାସକୁସନ ଜବତ କରାଯାଇଥିବା ନେଇ ପୋଲିସ ତରଫରୁ ସୂଚନା ଦିଆଯାଇଛି ।

# ଙ୍କଗ୍ରେସର ‘ଭୋଟ ଚୋରି’ ଦସ୍ତଖତ ଅଭିଯାନ




ଦେବଗଡ଼, ୧୦ ।୧୦(ସମିସ): ଜିଲ୍ଲା କଂଗ୍ରେସ ପକ୍ଷରୁ ‘ଭୋଟ ଚୋର ଗାଦି ଛାଡ଼’ଅଭିଯାନ କାର୍ଯ୍ୟକ୍ରମ ଅନ୍ତର୍ଗତ ଦସ୍ତଖତ ଅଭିଯାନ ତିଳେଇବଣି ବ୍ଲକ କଲଣ୍ଡା ପଞ୍ଚାୟତର ସମନ୍ତପାଲି ଗ୍ରାମରେ ଅନୁଷ୍ଠିତ ହୋଇଯାଇଛି । କେନ୍ଦ୍ର ବିଜେପି ସରକାରଙ୍କ ଦ୍ୱାରା ବିଭିନ୍ନ ରାଜ୍ୟରେ ଭୋଟ ଚଞ୍ଚକତା କରାଯାଇ ଗାଦିସୀନ ହେବାର ତଥ୍ୟ ପ୍ରମାଣ ସହ ରାହୁଲ ଗାନ୍ଧୀ ସର୍ବସାଧାରଣରେ ପର୍ଦ୍ଦାଫାଶ କରିବା ପର ଠାରୁ କଂଗ୍ରେସ ଏହି ଘଟଣାକୁ ନେଇ ଘରେ ଘରେ ଜନସଚେତନ କାର୍ଯ୍ୟକ୍ରମ ହାତକୁ ନେଇଛି । ଶୁକ୍ରବାର ଜିଲ୍ଲା କଂଗ୍ରେସ ସଭାପତି ସେମ ହେମ୍ବ୍ରମଙ୍କ ନେତୃତ୍ୱରେ ସମନ୍ତାପାଲି ଠାରେ କାର୍ଯ୍ୟକ୍ରମ ଆୟୋଜନ କରାଯାଇଥିଲା । ଅନ୍ୟମାନଙ୍କ ମଧ୍ୟରେ ପିସିସି ପର୍ଯ୍ୟବେକ୍ଷକ ଜୟନ୍ତ କୁମାର ସାହୁ, ପିସିସି ପର୍ଯ୍ୟବେକ୍ଷକ ସୁବ୍ରତ କୁମାର ପ୍ରଧାନ, ମହିଳା କଂଗ୍ରେସ ସଭାପତି ଲିତା ଆଚାର୍ଯ୍ୟ, ଛାତ୍ର କଂଗ୍ରେସ ସଭାପତି ଆନନ୍ଦ କୁମାର କୁଲ୍ଲୁ, ପୂର୍ବତନ ନଗର କଂଗ୍ରେସ ସଭାପତି ରେବତୀ ମୋହନ ପଟ୍ଟନାୟକ, ଆଦିବାସୀ କଂଗ୍ରେସ ସଭାପତି ସୁଶିଲ କୁମାର ଗୁଡିଆ, ଆକାଶ ଦାସ, ସୁମନ୍ତ କୁମାର ବେହେରା, ଅଲେଖ ନାୟକ, ସୁଶୀଲ କୁମାର ମାଝୀ, ଜିତେନ୍ଦ୍ର ବେହେରା, ବିନୟ କୁମାର ଦେବତା, ମିନତୀ ନାଏକ, ଅଶୋକ ବେହେରା, ବୁଲୁ ଧଳ ପ୍ରମୁଖ ଉପସ୍ଥିତ ଥିଲେ ।

**ବେଲପାହାଡ଼ ପୌରପରିଷଦ**

# ପରିମଳ ବ୍ୟବସ୍ଥା ବିପର୍ଯ୍ୟସ୍ତ, ମାସକୁ ୩୦ ଲକ୍ଷ ଖର୍ଚ୍ଚ

ଝାରସୁଗୁଡା, ୧୦।୧୦ (ସମିସ): ବେଲପାହାଡ ପୌରାଞ୍ଚଳରେ ପରିମଳ ବ୍ୟବସ୍ଥା ବିପର୍ଯ୍ୟସ୍ତ ହୋଇପଡ଼ିଛି । କେବଳ ଲୋକଦେଖାଣିଆ କାମ କରି ଠିକାଦାର ପୋଷା ନିତି ଚାଲିଛି । ସହର ମଝିରେ ଗଦା ଗଦା ଅଳିଆ ପଡ଼ିଥିଲେ ହେଁ ଠିକାଦାରଙ୍କୁ ଲକ୍ଷ ଲକ୍ଷ ଟଙ୍କା ପୈଠ ହେଉଛି । ବେଲପାହାଡ ପୌର ପରିଷଦକୁ ପରିଷ୍କାର ପରିଚ୍ଛନ୍ନ ରଖିବା ପାଇଁ ଗତ ୨ ମାସରେ ଠିକାଦାରଙ୍କୁ ୬୦ ଲକ୍ଷ ଟଙ୍କା ପୈଠ କରାଯାଇଥିଲେ ହେଁ ସବୁ ଆଡେ କୁଢ଼କୁଢ଼ ଅଳିଆ ପଡ଼ିରହିଛି । ଯେଉଁ ୱାର୍ଡକୁ ଗଲେ ବା ସହରର ଗଳିକନ୍ଦିରେ ରାସ୍ତା କଡ଼ରେ ପଡ଼ି ରହିଛି ଅଳିଆ, ଆବର୍ଜନା । ହେଲେ ପୌର ଅଧିକାରୀ ବା କର୍ମଚାରୀଙ୍କୁ ଦେଖା ନ ଯିବା ଲୋକଙ୍କୁ ଆଶ୍ଚର୍ଯ୍ୟ କରୁଛି । ସଫେଇ କାର୍ଯ୍ୟ କରାଯାଇଥିବା ନେଇ ଯଦି ଟଙ୍କା ପୈଠ କରାଯାଇଛି ତେବେ ସଫେଇ କାର୍ଯ୍ୟକୁ କାହିଁକି ତଦାରଖ କରାଯାଉ ନାହିଁ ବୋଲି ଲୋକେ ପ୍ରଶ୍ନ କରିଛନ୍ତି । ଦଶହରା ପୂର୍ବରୁ ୬୦ ଲକ୍ଷ ଟଙ୍କା ସାନିଟେସନ ଠିକାଦାରଙ୍କୁ ପୈଠ କରାଯାଇଛି । ହେଲେ ଏବେ ବେଲପାହାଡ ପୌରପରିଷଦର ୧୯ଟି ୱାର୍ଡର ବିଭିନ୍ନ ସ୍ଥାନରେ କୁଢ଼କୁଢ଼ ଅଳିଆ ପଡ଼ିବାସହ ଅଳିଆ ଆବର୍ଜନା ବର୍ଷା ପାଣି ଜମି ରହିଛି । ଯାହାଫଳରେ ଲୋକେ ଦୁର୍ଗନ୍ଧ, ଡେଙ୍ଗୁ, ହଇଜା, ଝାଡାବାନ୍ତି କାଛୁ କୁଣ୍ଡିଆ ପରି ବିଭିନ୍ନ ରୋଗବ୍ୟାଧିର ଶିକାର ହେଉଛନ୍ତି । ପୌରପ୍ରଶାସନ ପକ୍ଷରୁ ପରିମଳ ବ୍ୟବସ୍ଥା ଉପରେ ଧ୍ୟାନଦେଇ ପ୍ରତିଦିନ ଅଳିଆ ଆବର୍ଜନା ସଫା କରାଯିବା ସହ ଡ୍ରେନେଜ ବ୍ୟବସ୍ଥା କରାଯାଉ ବୋଲି ଲୋକେ ଦାବି କରିଛନ୍ତି ।ଏନେଇ ପୌର କାର୍ଯ୍ୟନିର୍ବାହୀ ଅଧୀକାରୀଙ୍କୁ ପଚାରିବାରୁ ପରିମଳ ବ୍ୟବସ୍ଥା ଉପରେ ଗୁରୁତ୍ୱ ଦିଆଯିବ ସେ ନିଜେ ବୁଲି କି କାର୍ଯ୍ୟ ତଦାରଖ କରିବେ ଏବଂ ପୌରପରିଷଦକୁ ସଫା ସୁତୁରା ରଖିବା ପାଇଁ ସାନିଟେସନ ଠିକାଦାରଙ୍କୁ ନିର୍ଦ୍ଦେଶ ଦିଆଯିବ ବୋଲି ବେଲପାହାଡ କାର୍ଯ୍ୟନିର୍ବାହୀ ଅଧିକାରୀ ପ୍ରକାଶ କରିଛନ୍ତି ।

**ସବୁଠି କୁଢ଼କୁଢ଼ ଅଳିଆ ଆବର୍ଜନା**



**‘ସ୍ୱଚ୍ଛ ସହର ଯୋଡ଼ି’ ଯୋଜନା**

# ବିଏମ୍‌ସି ଓ ଦେବଗଡ଼ ପୌର ପରିଷଦ ମଧ୍ୟରେ ଏମ୍‌ଓୟୁ ସ୍ୱାକ୍ଷରିତ

ଦେବଗଡ଼, ୧୦।୧୦ (ସମିସ): ରାଜ୍ୟ ସରକାରଙ୍କ ଗୃହ ଏବଂ ନଗର ଉନ୍ନୟନ ମନ୍ତ୍ରଣାଳୟ ଏବଂ ସ୍ୱଚ୍ଛଭାରତ ମିଶନ ଅଧିନସ୍ଥ ‘ସ୍ୱଚ୍ଛ ସହର ଯୋଡି’ ଯୋଜନାରେ ଭୁବନେଶ୍ୱର ମହାନଗର ନିଗମ ଓ ଦେବଗଡ଼ ପୌର ପରିଷଦ ମଧ୍ୟରେ ଏମଓୟୁ ସ୍ୱାକ୍ଷରିତ ହୋଇଛି । ସହରାଞ୍ଚଳର ସ୍ୱଚ୍ଛତା ଏବଂ ରକ୍ଷଣାବେକ୍ଷଣ ଉଦ୍ଦେଶ୍ୟରେ ଭୁବନେଶ୍ୱର ମହାନଗର ନିଗମ ଓ ଦେବଗଡ଼ ପୌର ପରିଷଦ ମଧ୍ୟରେ ଚୁକ୍ତିନାମା ସ୍ୱାକ୍ଷରିତ ହୋଇଥିବା ଜଣାପଡ଼ିଛି । ଏହି ଚୁକ୍ତିମାନା ସ୍ୱକ୍ଷରିତ ହେବା ସମୟରେ ଭୁବନେଶ୍ୱର ମହାନଗର ନିଗମର କମିଶନର ଚଞ୍ଚଳ ରାଣା ଓ ମେୟର ସୁଲୋଚନା ଦାସ ଉପସ୍ଥିତ ରହି ଦେବଗଡ଼ ପୌର ପରିଷଦର ଭାରପ୍ରାପ୍ତ ନଗରପାଳ ପ୍ରଜିତ କୁମାର ଭୋଜ ଓ ନିର୍ବାହୀ ଅଧିକାରୀ କୃପାସିନ୍ଧୁ ସ୍ୱାଇଁଙ୍କ ସହିତ ଉକ୍ତ ଚୁକ୍ତିନାମା ସ୍ୱାକ୍ଷର କରିଥିଲେ । ଏହାଦ୍ୱାରା ନଶ୍ୱର ମହାନଗର ଓ ଦେବଗଡ଼ ପୌର ପରିଷଦର ମିଳିତ ସହଯୋଗରେ କିଭଳି ଉଭୟ ସହର ସ୍ୱଚ୍ଛ ଓ ସୁନ୍ଦର ରହିପାରିବ ସେଥିନେଇ ଆବଶ୍ୟକ ପଦକ୍ଷେପ ଗ୍ରହଣ କରାଯାଇପାରିବ ବୋଲି ଦେବଗଡ଼ ପୌର ପରିଷଦର ଭାରପ୍ରାପ୍ତ ନଗରପାଳ ଶ୍ରୀ ଭୋଜ ଆଜି ଗଣମାଧ୍ୟମକୁ ସୂଚନା ଦେଇଛନ୍ତି ।

# ବେଆଇନ ବାଣ ଜବତ

ଇବଥର୍ମାଲ, ୧୦ ।୧୦(ସମିସ): ଲଖନପୁର ବ୍ଲକ ବନହରପାଲି ଥାନା ପୁଲିସ ତେଲେନପାଲି ବଜାରରେ ଏକ ମୋବାଇଲ ଦୋକନରୁ ବେଆଇନ ବାଣ ଜବତ କରିଛି । ସୂଚନା ମତେ ତେଲେନପାଲି ବଜାରରେ ରାମଚନ୍ଦ୍ର ଦାସ(୫୫)ଙ୍କ ମୋବାଇଲ ଦୋକାନ ରହିଛି । ଦୋକାନରେ ମୋବାଇଲ ବିକ୍ରି ସହିତ ଆଗକୁ ଦୀପାବଳି ପାଇଁ ଦୋକାନକୁ ଲାଗିଥିବା ଅନ୍ୟଏକଘରେ ବାଣ ମହଜୁଦ କରି ରାମଚନ୍ଦ୍ର ଓ ତାଙ୍କ ପୁଅ ଉତ୍ତମ ଦାସ(୨୪)ଚୋରାରେ ବିକ୍ରି କରୁଥିଲେ ।କୌଣସି ସୂତ୍ରରୁ ଖବରପାଇ ବନସରପାଲି ଥାନା ଆଇଆଇସି ରଞ୍ଜିତ ନାଏକଙ୍କ ନେତୃତ୍ୱରେ ପୁଲିସ ଦୋକାନ ଉପରେ ଚଢ଼ାଉ କରି ପ୍ରାୟ ୫୦ ହଜାର ଟଙ୍କାର ବେଆଇନ ବାଣ ଜବତ କରିଛି । ପୁଲିସ ରାମଚନ୍ଦ୍ର ଓ ପୁଅ ଉତ୍ତମ ନାମରେ ମାମଲା ରୁଜୁ କରିଛି ।

# ବିଶ୍ୱ ମାନସିକ ସ୍ୱାସ୍ଥ୍ୟ ଦିବସ

ଝାରସୁଗୁଡା, ୧୦ ।୧୦(ସମିସ): ଶୁକ୍ରବାର ଦିନ ଜିଲ୍ଲା ଆଇନ୍ ସେବା ପ୍ରାଧିକରଣ ଝାରସୁଗୁଡ଼ା ପକ୍ଷରୁ ବିଶ୍ୱ ମାନସିକ ସ୍ୱାସ୍ଥ୍ୟ ଦିବସ ଜିଲ୍ଲା ଏବଂ ଦୌରାଜଜ୍ ତଥା ପ୍ରାଧିକରଣ ର ଅଧ୍ୟକ୍ଷ ଅଧ୍ୟକ୍ଷ ଶ୍ରୀ ପ୍ରଶାନ୍ତ କୁମାର ନାୟକ ଙ୍କ ନିର୍ଦ୍ଦେଶ କ୍ରମେ ଜିଲ୍ଲା କୋର୍ଟ ପରିସର ରେ ପାଳିତ ହୋଇ ଯାଇଛି । ଏହି ଅବସରରେ ଆୟୋଜିତ ଏକ ସଚେତନତା କାର୍ଯ୍ୟକ୍ରମରେ ମାନସିକ ସ୍ୱାସ୍ଥ୍ୟ ନିୟମ, ମାନସିକ ସ୍ୱାସ୍ଥ୍ୟ ଓ ଯତ୍ନ ନିୟମ, ମାନସିକ ସ୍ୱାସ୍ଥ୍ୟ ଭଲ ରଖିବା ପାଇଁ କିପରି ପ୍ରତିଷେଧକ ପଦକ୍ଷେପ ଆମେ ନେଇ ପାରିବା ଇତ୍ୟାଦି ବିଷୟ ଗୁଡିକ ଉପରେ ବିସ୍ତୃତ ଭାବରେ ଆଲୋଚନା କରାଯାଇଥିଲା । ଏହି କାର୍ଯ୍ୟକ୍ରମ ପ୍ରାଧିକରଣର ଅଧ୍ୟକ୍ଷ ଶ୍ରୀ ନାୟକଙ୍କ ଅଧ୍ୟକ୍ଷତା ରେ ଆୟୋଜିତ ହୋଇଥିବା ବେଳେ ସ୍ଥାୟୀ ଲୋକ ଅଦାଲତ (ଜନ ଉପଯୋଗୀ ସେବା) ର ଅଧ୍ୟକ୍ଷ ଶ୍ରୀ ଅଶ୍ୱିନୀ କୁମାର ନାୟକ, ପରିବାର ଅଦାଲତର ବିଚାରପତି ଶ୍ରୀ ଲୋକନାଥ ସାହୁ, ଅତିରିକ୍ତ ଜିଲ୍ଲା ଓ ଦୌରା ଜଜ୍ ଶ୍ରୀ ସଦାଶିବ ଜେନା, ମୁଖ୍ୟ ବିଚାର ବିଭାଗୀୟ ମାଜିଷ୍ଟ୍ରେଟ ଶ୍ରୀ ସ୍ମୃତି ରଞ୍ଜନ ମହାପାତ୍ର, ଜିଲ୍ଲା ଆଇନ୍ ସେବା ପ୍ରାଧିକରଣ ସଚିବ ଶ୍ରୀମତୀ ଆଲୋକମୟୀ ପ୍ରଧାନ, ବରିଷ୍ଠ ଦେୱାନି ବିଚାରପତି (ଏଲ୍.ଆର) ସୁଶ୍ରୀ ଦେବଶ୍ରୀ ସାହୁ, ବରିଷ୍ଠ ଦେୱାନି ବିଚାରପତି ଡ. ସନ୍ଧ୍ୟା ରଥ, ସିଭିଲ କୋର୍ଟ ରେଜିଷ୍ଟ୍ରାର ଶ୍ରୀ ରାଜେନ୍ଦ୍ର କୁମାର ଦାସ, ବରିଷ୍ଠ ଦେୱାନି ବିଚାରପତି (ମହିଳା ନ୍ୟାୟାଳୟ) ଶ୍ରୀମତୀ ପ୍ରତ୍ୟୁଷା କିରଣ, ଉପଖଣ୍ଡ ସ୍ତରିୟ ବିଚାର ବିଭାଗୀୟ ମାଜିଷ୍ଟ୍ରେଟ ସୁଶ୍ରୀ ଗାୟତ୍ରୀ ମିଶ୍ର, କନିଷ୍ଠ ଦେୱାନି ବିଚାରପତି ସୁଶ୍ରୀ ମୋନାଲିସା ପ୍ରଧାନ ଓ ପ୍ରଥମ ଶ୍ରେଣୀ ବିଚାର ବିଭାଗୀୟ ମାଜିଷ୍ଟ୍ରେଟ (କଗନିଜେନ୍ସ) ସୁଶ୍ରୀ ସୁପ୍ରାସି ସୋନାଲି ମହାପାତ୍ର ପ୍ରମୁଖ ବିଚାର ବିଭାଗୀୟ ଅଧିକାରୀ ମାନେ ଯୋଗ ଦେଇଥିଲେ । ଅନ୍ୟ ମାନଙ୍କ ମଧ୍ୟରେ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର ଜିଲ୍ଲା ଜନ ସ୍ୱାସ୍ଥ୍ୟ ଅଧିକାରୀ ଡାକ୍ତର ସୁନିଲ କୁମାର ପଣ୍ଡା ଏବଂ ମାନସିକ ସାମାଜିକ କର୍ମୀ କୁମାରୀ ଅଞ୍ଜଳି ଯୋଗ ଦେଇଥିଲେ । ପ୍ରାଧିକରଣ ର ପ୍ୟାନେଲ୍ ଓକିଲ, ଆଇନ ସେବା ପ୍ରତିପକ୍ଷ ଓକିଲ ଏବଂ ଜିଲ୍ଲା କୋର୍ଟ ର କର୍ମଚାରୀ ମାନେ ଉପସ୍ଥିତ ଥିଲେ ।




# କନ୍ୟା ଭ୍ରୂଣହତ୍ୟା ନିଷେଧ ଉପଦେଷ୍ଟା ମଣ୍ଡଳୀ ବୈଠକ




ଝାରସୁଗୁଡ଼ା, ୧୦ ।୧୦(ସମିସ): ଜିଲ୍ଲାରେ କନ୍ୟା ଭ୍ରୂଣ ହତ୍ୟା ନିଷେଧ କରାଯିବା ସହ ଲିଙ୍ଗ ନିରୂପଣ ଆଇନକୁ କଡ଼ାକଡି ଭାବରେ ପାଳନ କରିବା ସକାଶେ ଉପଦେଷ୍ଟା ମଣ୍ଡଳୀ ବୈଠକରେ ଗୁରୁତ୍ୱାରୋପ କରାଯାଇଛି । ଜିଲ୍ଲାପାଳ କୁଣାଲ ମୋତିରାମ ଚହ୍ୱାଣଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକରେ ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନସ୍ୱାସ୍ଥ୍ୟ ଅଧିକାରୀ ଡାକ୍ତର ମହେଶ ମୋହନ ପଣ୍ଡା, ଡାକ୍ତର ରାଧାରମଣ ବିର୍ତିଆ, ଡିପିଏମ ଦୀପକ ମହାନ୍ତି, ଜିଲ୍ଲା ସମାଜ କଲ୍ୟାଣ ଅଧିକାରୀ ପୂର୍ଣ୍ଣ୍ୟବତୀ ହେଲେନ ଖେସ, ସହକାରୀ ଆଇନ ପରିଚାଳକ ସୋମଦତ୍ତ ପୁରୋହିତ, ସିଏଚସି ଓ ପିଏଚ୍‌ସିର ମେଡ଼ିକାଲ ଅଫିସର, ସିଡିପିଓ ଓ ସ୍ୱାସ୍ଥ୍ୟ ବିଭାଗର ଅଧିକାରୀମାନେ ଯୋଗ ଦେଇଥିଲେ । ଜିଲ୍ଲାର କୌଣସି ଅଲ୍ଟ୍ରାସାଉଣ୍ଡ କ୍ଲିନିକରେ ଲିଙ୍ଗ ନିରୂପଣ କରାଯାଉଛି କି ନାହିଁ ସେ ସମ୍ପର୍କରେ ଜାଣିବା ପାଇଁ ନିୟମିତ ତଥା ଅଚାନକ ଅଲ୍ଟ୍ରାସାଉଣ୍ଡ କ୍ଲିନିକ ଗୁଡିକ କମିଟି ମାଧ୍ୟମରେ ଯାଞ୍ଚ କରିବା ପାଇଁ ଆଲୋଚନା କରାଯାଇଥିଲା । ଜିଲ୍ଲାସ୍ତରୀୟ ମାସିକ ଆନ୍ତଃବିଭାଗୀୟ କନଭରଜେନ୍ସ ବୈଠକ ମଧ୍ୟ ଅନୁଷ୍ଠିତ ହୋଇଥିଲା । ପୋଲିଓ ଟିକାକରଣ ସମ୍ପର୍କିତ ଆନୁସଙ୍ଗିକ ପ୍ରସ୍ତୁତି ଏବଂ ସ୍ୱାସ୍ଥ୍ୟ ବିଭାଗ ଅଧୀନରେ ପରିଚାଳିତ ସମସ୍ତ କାର୍ଯ୍ୟକ୍ରମ ସମ୍ପର୍କରେ ବୈଠକରେ ବିସ୍ତୃତ ଭାବେ ଆଲୋଚନା କରାଯାଇଥିଲା ।ଜିଲ୍ଲା ସ୍ୱାସ୍ଥ୍ୟ ବିଭାଗ ଏବଂ ମହିଳା ଓ ଶିଶୁ କଲ୍ୟାଣ ବିଭାଗ ସମେତ ବିଭିନ୍ନ ବିଭାଗ ଗୁଡିକ ପାରସ୍ପରିକ ସହଯୋଗ ଓ ସମନ୍ୱୟ ରକ୍ଷା ପୂର୍ବକ ବିଭିନ୍ନ କାର୍ଯ୍ୟକରିବାକୁ ବୈଠକରେ ପରାମର୍ଶ ଦିଆଯାଇଛି ।

**ହାତୀ ମୃତଦେହ ଠାବ ଘଟଣା**

**ବିଦ୍ୟୁତ୍ କରେଣ୍ଟ ଯୋଗେ ହତ୍ୟା ସ୍ପଷ୍ଟ**

# ୧୧ଦିନ ବିଚାର ବିଭାଗୀୟ ହାଜତକୁ ଗଲା ଅଭିଯୁକ୍ତ

ଦେବଗଡ଼, ୧୦।୧୦(ସମିସ)

ଦେବଗଡ଼ ବନଖଣ୍ଡ ରିଆମାଳ ରେଞ୍ଜ ରେଙ୍ଗାଲବେଡା ସେକ୍ସନ ଅଧୀନ କାଉଁସିଲତା ଗାଁରୁ ବୁଧବାର ସକାଳେ ଦନ୍ତାର ମୃତ୍ୟୁ ଘଟଣା ସାମ୍ନାକୁ ଆସିଥିଲା । ମୃତ ହାତୀର ଶବ ବ୍ୟବଚ୍ଛେଦ ପରେ ବିଦ୍ୟୁତ୍ ଆଘାତ ଯୋଗୁଁ ମୃତ୍ୟୁ ହୋଇଥିବା ସ୍ପଷ୍ଟ ହେବା ପରେ ବନ ବିଭାଗ ପକ୍ଷରୁ ତଦନ୍ତ କରାଯାଇଥିଲା । ତଦନ୍ତ ପରେ ସେହି ଗାଁର ମାଧବ ଚନ୍ଦ୍ର ବେହେରା ନାମକ ବ୍ୟକ୍ତିକୁ ଗିରଫ କରାଯାଇ କୋର୍ଟ ଚାଲାଣ କରାଯାଇଛି । ଅଦାଲତରେ ଅଭିଯୁକ୍ତର ଜାମିନ ନାମଞ୍ଜୁର ହେବା ସହ ୧୧ ଦିନ ପାଇଁ ବିଚାର ବିଭାଗୀୟ ହାଜତକୁ ପଠାଇ ଦିଆଯାଇଥିବା ବନ ବିଭାଗ ପକ୍ଷରୁ ସୂଚନା ଦିଆଯାଇଛି । ବୁଧବାର କାଉଁସିଲତା ଗାଁ ରାସ୍ତା କଡରେ ଏକ ଦନ୍ତା ହାତୀର ମୃତଦେହ ଠାବ ପରେ ବନ ବିଭାଗ ପକ୍ଷରୁ ତଦନ୍ତ ଜୋରଦାର କରାଯାଇଥିଲା । ତଦନ୍ତରେ ସେହି ଗାଁର ମାଧବ ବେହେରା ସୌର ବିଦ୍ୟୁତ ସହାୟତାରେ ବିଦ୍ୟୁତ ତାର ଟାଣି ଥିବା ଏବଂ ସେହି ବିଦ୍ୟୁତ ସଂସ୍ପର୍ଶରେ ଆସି ହାତୀର ମୃତ୍ୟୁ ଘଟିଥିବା ଜଣାପଡ଼ିଥିଲା । ଏହାପରେ ଅଭିଯୁକ୍ତ ମାଧବକୁ ଗିରଫ କରି କୋର୍ଟ ଚାଲାଣ କରିଥିବା ନେଇ ବନଖଣ୍ଡ ଅଧିକାରୀ ସୁଶ୍ରୀ ରଶ୍ମି ଜୀ ସୂଚନା ପ୍ରଦାନ କରିଛନ୍ତି ।



● ଅଲମ୍ପିକ ଖେଳାଳି ପ୍ରମୋଦ ଭଗତଙ୍କ ଫାର୍ମ ହାଉସରୁ ଚୋରି

## ଟ୍ରାକ୍ଟର-ଟ୍ରଲି ଜବତ; ୩ ଗିରଫ



ଅତାବିରା, ୧୦।୧୦(ସମିସ): ଅଲମ୍ପିକରେ ସ୍ୱର୍ଣ୍ଣପଦକ ଆଣିଥିବା ଏକମାତ୍ର ପାରା ବେଟମିଣ୍ଟନ ଖେଳାଳି ପ୍ରମୋଦ ଭଗତଙ୍କ ଅତାବିରାସ୍ଥିତ ଫାର୍ମ ହାଉସରୁ ଗତ ଅଗଷ୍ଟ ୨୪ ତାରିଖ ଚୋରି ହୋଇଥିବା ଟ୍ରାକ୍ଟର ଓ ଟ୍ରଲିକୁ ଅତାବିରା ପୁଲିସ ଉଦ୍ଧାର କରିଛି। ଏହାସହ ଚୋରି ମାମଲାରେ ସମ୍ପୃକ୍ତ ୩ ଜଣଙ୍କୁ ଗିରଫ କରି କୋର୍ଟ ଚାଲାଣ କରିଛି। ଗିରଫ ବ୍ୟକ୍ତିମାନେ ହେଲେ ଭେଡେନ କୁସନପୁରୀର ଅଚ୍ୟୁତ ପଧାନ, ବଗର୍ଡିଟିକ୍ରାର ତ୍ରିଲୋଚନ ନାଗ ଓ ସମ୍ବଲପୁର ଧନୁପାଲିର ସୟଦ ଆବାସ। ମାସାଧିକାଳ ପରେ ଚୋରି ଟ୍ରାକ୍ଟର-ଟ୍ରଲି ଉଦ୍ଧାର ହେବା ସହ ୩ ଜଣଙ୍କୁ ଗିରଫ କରି କୋର୍ଟ ଚାଲାଣ କରିବାରେ ପୁଲିସ ସକ୍ଷମ ହୋଇଛି। ପ୍ରକାଶ ଯେ, ପ୍ରମୋଦଙ୍କ ଭାଇ ଶେଖର ଭଗତଙ୍କ ନାମରେ ଥିବା ଟ୍ରାକ୍ଟର ତାଙ୍କ ଅତାବିରା-ଭୋଇପୁରା ରାସ୍ତା ଫାର୍ମ ହାଉସରୁ ଗତ ଅଗଷ୍ଟ ୨୪ରେ ଦୁର୍ବୃତ୍ତମାନେ ଚୋରି କରିଥିଲେ।

‘ମେ ଆଇ ହେଲ୍ପ ୟୁ’

## କ୍ରିଷ୍ଣା ବିକାଶ ହସ୍ପିଟାଲ ପକ୍ଷରୁ ସ୍ୱାସ୍ଥ୍ୟ ସେବାରେ କ୍ରାନ୍ତି

ବରଗଡ଼, ୧୦।୧୦(ସମିସ)

ବରଗଡ଼ ସ୍ଥିତ କ୍ରୀଷ୍ଣା ବିକାଶ ମଲ୍ଟି ସ୍ପେସିଆଲିଟି ହସ୍ପିଟାଲ୍ ସ୍ୱାସ୍ଥ୍ୟକ୍ଷେତ୍ରରେ ଏକ ଗୁରୁତ୍ୱପୂର୍ଣ୍ଣ ଭୂମିକା ବହନ କରେ। ଚେୟାରମ୍ୟାନ୍ ଡି. ମୁରଲି କ୍ରୀଷ୍ଣାଙ୍କ ବିକାଶୋନ୍ମୁଖୀ ପରିକଳ୍ପନା ଏବଂ ସିଇଓ ଡ. ଚେକୁରି. ରବି କୁମାରଙ୍କ ତତ୍ତ୍ୱାବଧାନରେ ପରିଚାଳିତ ଏହି ଡାକ୍ତରଖାନା ହଜାର ହଜାର ପରିବାର ପାଇଁ ଆଶା ଓ ଆରୋଗ୍ୟର ପ୍ରତୀକ। ରୋଗୀଙ୍କ ଆଶଙ୍କା ଦୂର କରିବା ସହ ଅନ୍ୟାନ୍ୟ କିଛି ସାହାଯ୍ୟ ପାଇଁ ‘ମେ ଆଇ ହେଲ୍ପ ୟୁ’ ନାମକ ଏକ ଯୋଗାଯୋଗ ବ୍ୟବସ୍ଥା ହସ୍‌ପିଟାଲ ପରିସର ମଧ୍ୟରେ ରହିଛି ଏବଂ ସେଥିପାଇଁ ସଚ୍ଚୋଟକର୍ମୀ ନିୟୋଜିତ ଅଛନ୍ତି। ଗ୍ରାମାଞ୍ଚଳ ଘେରା ପରିବେଶରେ ପୂର୍ବରୁ ଉନ୍ନତ ଚିକିତ୍ସା ଥିଲା ଜନସାଧାରଣଙ୍କ ପାଇଁ କଷ୍ଟକର ବ୍ୟାପାର। ବିଗତ ସାତବର୍ଷ ହେଲା ଏହି ଡାକ୍ତରଖାନା ବିଶ୍ୱସ୍ତରୀୟ ସୁବିଧା ଯୋଗାଇ ଆସିଛି। ଉଚ୍ଚ ପ୍ରଶିକ୍ଷିତ ଡାକ୍ତରଦଳ, ଆଧୁନିକ ଡାଇଗ୍ନୋଷ୍ଟିକ୍ ସୁବିଧା ଓ ହୃଦ୍‌ରୋଗ ବିଭାଗ, ମସ୍ତିଷ୍କ ଓ ସ୍ନାୟୁଶଲ୍ୟ ବିଭାଗ, ଶିଶୁରୋଗ ଓ ଶିଶୁଶଲ୍ୟ ବିଭାଗ, ସ୍ତ୍ରୀ ଓ ପ୍ରସୂତି ବିଭାଗ, ଏବଂ ଆପାତକାଳୀନ ସେବା (କ୍ରିଟିକାଲ୍ କେୟାର) ଭଳି ବିଶେଷଜ୍ଞ ବିଭାଗ ସହିତ ଏହି ଡାକ୍ତରଖାନା ଛୋଟ ସହରର ସ୍ୱାସ୍ଥ୍ୟସେବା ଓ ମେଟ୍ରୋ ସ୍ତରର ସୁବିଧା ମଧ୍ୟରେ ଥିବା ଖାଲି ସ୍ଥାନକୁ ପୂରଣ କରୁଛି। ବରଗଡ଼, ସମ୍ବଲପୁର, ଝାରସୁଗୁଡ଼ା, ବୌଦ୍ଧ, ସୋନପୁର, ବଲାଙ୍ଗିର ସହିତ ଛତିଶଗଡ଼ ସୀମା ଅଞ୍ଚଳର ଲୋକଙ୍କ ପାଇଁ ବିକାଶ ହସପିଟାଲ୍ କେବଳ ଆପାତକାଳୀନ ସେବା ନୁହେଁ ସହଜ ଲଭ୍ୟ ଚିକିତ୍ସା ସୁବିଧା ମଧ୍ୟ ଦେଇଥାଏ। ଏହାର ୨୪ ଘଣ୍ଟିଆ ଆପାତ୍‌କାଳୀନ ସେବା, ଆଧୁନିକ ଆଇ.ସି.ୟୁ ବିଭାଗ ଓ ସର୍ଜିକାଲ ବ୍ୟବସ୍ଥା ଅନେକଙ୍କ ପ୍ରାଣରକ୍ଷା କରିଛି। ଆର୍ଥିକ ସ୍ୱଚ୍ଛଳନଥିବା ଲୋକଙ୍କର ସେବା କରିବାକୁ ଯାଇ ମାସର ପ୍ରତ୍ୟେକ ଶନିବାରରେ ବିନା ଦେୟରେ ଡାକ୍ତରମାନଙ୍କ ସହ ପରାମର୍ଶ କରିବାର ସୁବିଧା ମଧ୍ୟ ହସ୍ପିଟାଲ୍ ପ୍ରଦାନ କରୁଛି।




● ରିଜର୍ଭ ଜଙ୍ଗଲ ଗଛକଟା ଘଟଣା

## କୁରଲୁପାଲିରେ ବନ ବିଭାଗର ତଦନ୍ତ

ଝାରବନ୍ଧ, ୧୦।୧୦(ସମିସ): ଝାରବନ୍ଧ ବନ ବିଭାଗ ଅଧୀନ କୁର୍ଲୁପାଲି ଭଣ୍ଡାରପୁରୀ ମଧ୍ୟରେ ଥିବା ସଂରକ୍ଷିତ ଜଙ୍ଗଲରୁ ପୂର୍ବତନ ସରପଞ୍ଚ ତୁକରାମ ପଟେଲ ବେଆଇନ ଭାବେ ଗଛ କାଟି ନଷ୍ଟ କରିଥିବାର ଅଭିଯୋଗରେ ଗ୍ରାମବାସୀ ପାଇକମାଲ ରେଞ୍ଜ କାର୍ଯ୍ୟାଳୟ ସମ୍ମୁଖରେ ଗଣଧାରଣାରେ ବସିଥିଲେ। ପାଇକମାଲ ରେଞ୍ଜର ହୃଦାନନ୍ଦ ମିଶ୍ର ଧରଣାକାରୀଙ୍କ ସହ ଆଲୋଚନା ମୁତାବକ ଆଜି ଏକ



ସ୍ୱତନ୍ତ୍ର ଟିମ୍ ଗଛ କଟାଯାଇଥିବା ସଂରକ୍ଷିତ ଜଙ୍ଗଲକୁ ଯାଇ ତଦନ୍ତ କରିଛନ୍ତି। ବନ ବିଭାଗର ଟିମ୍‌ରେ ଏସିଏଫ ହରମୋହନ ରଥ, ରେଞ୍ଜର ହୃଦାନନ୍ଦ ମିଶ୍ର, ଫରେଷ୍ଟର ଗିରିରାଜ କୁମ୍ଭାର, ଫରେଷ୍ଟ ଗାର୍ଡ ସଙ୍ଗୀତା ଭଗତ ସାମିଲ ଥିଲେ। ସମସ୍ତ ଗଛ ଗଣନାକରି ପୁନଃ କେଶ ରୁଜୁ କରି ଆଇନ ଅନୁଯାୟୀ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ବନବିଭାଗ ତରଫରୁ ପ୍ରତିଶ୍ରୁତି ଦିଆ ଯାଇଥିଲା। ତଦନ୍ତ ସମୟରେ ଗ୍ରାମର ହୃଦାନନ୍ଦ ପଟେଲ, ଭରତ ମହାନନ୍ଦ, ଭୀଷ୍ମଦେବ ପ୍ରଧାନଙ୍କ ସମେତ ଶତାଧିକ ମହିଳା ପୁରୁଷ ଉପସ୍ଥିତ ଥିଲେ। ଗଛକଟା ଘଟଣା ସମ୍ପର୍କରେ ପକ୍ଷ ରଖି ଗାଁ କମିଟିରେ ଧାର୍ଯ୍ୟ ହୋଇଥିବା ନିୟମ ଏବଂ ପ୍ରାପ୍ୟ ପ୍ରଦାନ ପୂର୍ବକ ଗଛ କିଣିଛି ଏବଂ ଗ୍ରାମର ଅନ୍ୟ ଲୋକ ମଧ୍ୟ ଏପରି ଭାବେ ଗଛ କିଣି ନିଜ ଘର କାର୍ଯ୍ୟରେ ବ୍ୟବହାର କରିଥାନ୍ତି ବୋଲି ତୁକାରାମ ପଟେଲ କହିଥିବାବେଳେ ଗ୍ରାମର ଦୁଃଖୀଶ୍ୟାମ ପ୍ରଧାନ ଏବଂ ବଳରାମ ପଟେଲ ମଧ୍ୟ ନିଜ ପାଇଁ କମିଟିର ନିୟମ ଅନୁଯାୟୀ ଗଛ କିଣି ବ୍ୟବହାର କରିଥିବା କହିଛନ୍ତି।

## ମାଗଣା ସ୍ୱାସ୍ଥ୍ୟ ଶିବିର

ଗାଇସିଲେଟ୍, ୧୦।୧୦(ସମିସ): ବରଗଡ଼ ଜିଲ୍ଲା ଗାଇସିଲେଟ ବ୍ଲକ ଅଧୀନ ଫିରିଙ୍ଗିମାଲ ପଞ୍ଚାୟତଠାରେ ଗ୍ରାମ ପ୍ରଗତି ଅନୁଷ୍ଠାନ ଘଡ଼ଘଡ଼ିମାଲ ଦ୍ୱାରା ମାଗଣା ସ୍ୱାସ୍ଥ୍ୟ ଶିବିର ଅନୁଷ୍ଠିତ ହୋଇଥିଲା। ସାଇମଲ୍ଟି ହସ୍ପିଟାଲ ବରଗଡ଼ର ସହଯୋଗରେ ଏହି କାର୍ଯ୍ୟକ୍ରମ ହୋଇଥିଲା। ଉକ୍ତ ହସ୍ପିଟାଲର ଡାକ୍ତର ପ୍ରବୀନ କୁମାର ଅଗ୍ରୱାଲଙ୍କ ତତ୍ତ୍ୱାଧାନରେ ଅର୍ଚ୍ଚନା ଅଗ୍ରୱାଲ ଦନ୍ତରୋଗ, ଡାକ୍ତର ପ୍ରହଲ୍ଲାଦ, ଡାକ୍ତର ସାଇଜାଲା ଶିଶୁରୋଗ ବିଶେଷଜ୍ଞ, ଡାକ୍ତର ଦାଶ ଚକ୍ଷୁ ରୋଗ ବିଶେଷଜ୍ଞ ଉପସ୍ଥିତ ରହିଥିଲେ। ମୁଖ୍ୟ ଅତିଥି ବ୍ଲକ ଅଧ୍ୟକ୍ଷ ପ୍ରଣୟ କୁମାର ସାହୁ, ସମ୍ମାନିତ ଅତିଥି ଫିରିଙ୍ଗିମାଲ ସରପଞ୍ଚ ପାହିଲାମାନ ସିଂ ବରିହା ଯୋଗଦେଇ ଥିଲେ। ତପନାଥ ସାହୁ, ସମ୍ପାଦିକା ପୁର୍ଣ୍ଣିମା ସାହୁ, କାର୍ଯ୍ୟକାରୀ ସମ୍ପାଦକ ରୁଦ୍ର ସାହୁ ଓ ଅନୁଷ୍ଠାନର ସଭ୍ୟସଭ୍ୟା ପ୍ରଫୁଲ ଠାକୁର, ଶିଶୁପାଳ ସାହୁ, ବିଶ୍ୱାମିତ୍ରଙ୍କ ତତ୍ତ୍ୱାଧାନରେ ଅନୁଷ୍ଠିତ ହୋଇଥିଲା। ଏଥିରେ ୫୦୦ ରୁ ଊର୍ଦ୍ଧ୍ୱରୋଗୀ ଚିକିତ୍ସା ଲାଭ କରିଥିଲେ।

## ବ୍ଲକସ୍ତରୀୟ ବିଜ୍ଞାନ ଓ ଗଣିତ ଶିକ୍ଷକଙ୍କ ପ୍ରଶିକ୍ଷଣ




ଅମ୍ବାଭୋନା, ୧୦। ୧୦(ସମିସ): ବରଗଡ଼ ଜିଲ୍ଲା ଅମ୍ବାଭୋନା ବ୍ଲକ ଅଧୀନ ଜନତା ହାଇସ୍କୁଲ ଭୁକ୍ତାରେ ବ୍ଲକସ୍ତରୀୟ ବିଜ୍ଞାନ ଓ ଗଣିତ ଶିକ୍ଷକଙ୍କ ନିମନ୍ତେ ଏକ ପ୍ରଶିକ୍ଷଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏହି ଅବସରରେ ସହ ଗୋଷ୍ଠୀ ଶିକ୍ଷାଧିକାରୀ ଲାଲ ମୋହନ ସିଂଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏକ ବୈଠକରେ ଅତିରିକ୍ତ ଜିଲ୍ଲା ଶିକ୍ଷାଧିକାରୀ ସରୋଜ କୁମାର ଭୁଏ ମୁଖ୍ୟ ଅତିଥି ଭାବରେ ଯୋଗଦେଇଥିବାବେଳେ ସମ୍ମାନିତ ଅତିଥି ଭାବରେ ପେଡ଼ାଗୋଜି କୋର୍ଡିନେଟର୍ ପୁଷ୍ପାଞ୍ଜଳି ଦାଶ ଓ ଜନତା ହାଇସ୍କୁଲର ପ୍ରଧାନଶିକ୍ଷକ ଦୁର୍ଗା ପ୍ରସାଦ ନାୟକ ଯୋଗ ଦେଇଥିଲେ। ଜନତା ହାଇସ୍କୁଲର ବିଜ୍ଞାନ ଶିକ୍ଷକ ଅତିଥିମାନଙ୍କୁ ସ୍ୱାଗତ କରିବା ସହ ସଭାକାର୍ଯ୍ୟ ପରିଚାଳନା କରିଥିଲେ। ଅମ୍ବାଭୋନା ବ୍ଲକ ଶିକ୍ଷା କାର୍ଯ୍ୟାଳୟ ଆନୁକୂଲ୍ୟରେ ଖାନ ଏକାଡେମୀ ପକ୍ଷରୁ ପ୍ରସ୍ତୁତ ପାଠ୍ୟକ୍ରମକୁ ଶିକ୍ଷାର୍ଥୀମାନଙ୍କ ନିକଟରେ ପହଞ୍ଚାଇବା ପାଇଁ ଶିକ୍ଷକମାନଙ୍କୁ ଏହି ତାଲିମ୍ ପ୍ରଦାନ କରାଯାଇଥିଲା। ସାଧନ କର୍ମୀ ଭାବରେ ଶିକ୍ଷକ ଏମ୍‌ପି ଜ୍ୟୋତି ପ୍ରକାଶ, ଲଳିତ ବିଶ୍ୱାଳ ଓ ବିକାଶ ରଣା ତାଲିମ୍ ପ୍ରଦାନ କରିଥିବାବେଳେ ବ୍ଲକର ସମସ୍ତ ହାଇସ୍କୁଲର ବିଜ୍ଞାନ ଶିକ୍ଷକ ଓ ଗଣିତ ଶିକ୍ଷକ ଅଂଶଗ୍ରହଣ କରିଥିଲେ।

## ବରଗଡ଼ ବିଜ୍ଞାନ କେନ୍ଦ୍ରରେ ଜିଲ୍ଲାସ୍ତରୀୟ ବିଜ୍ଞାନ ସେମିନାର



ବରଗଡ଼, ୧୦।୧୦(ସମିସ): ବରଗଡ଼ ଜିଲ୍ଲା ଶିକ୍ଷା କାର୍ଯ୍ୟାଳୟ ଆନୁକୂଲ୍ୟରେ ଟୁକୁର୍ଲା ସ୍ଥିତ ବରଗଡ଼ ଜିଲ୍ଲା ବିଜ୍ଞାନ କେନ୍ଦ୍ରରେ ଜିଲ୍ଲାସ୍ତରୀୟ ବିଜ୍ଞାନ ସେମିନାର ଅନୁଷ୍ଠିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମର ଉଦ୍‌ଘାଟନୀ ଉତ୍ସବରେ ବିଜ୍ଞାନ ନିରୀକ୍ଷକ ଧୀରୋଜ ପଟ୍ଟନାୟକ ସେମିନାର ର ଆଭିମୁଖ୍ୟ ଓ ନିୟମାବଳୀ ଜଣାଇଥିଲେ। ବରଗଡ଼ ଜିଲ୍ଲା ଶିକ୍ଷା ଅଧିକାରୀ ବିଶ୍ୱନାଥ ସାହୁ ଯୋଗଦେଇ ଥିଲେ। ଚଳିତବର୍ଷର ବିଜ୍ଞାନ ଆଲୋଚନା ଚକ୍ର ପ୍ରସଙ୍ଗ ‘କ୍ୱାଣ୍ଟମ ଯୁଗର ଆରମ୍ଭ : ସମ୍ଭାବନା ଓ ଆହ୍ୱାନ ଉପରେ ଜିଲ୍ଲାର ୧୨ଟି ବ୍ଲକରୁ ଆସିଥିବା ୨୪ ଜଣ ପ୍ରତିଯୋଗୀ ସନ୍ଦର୍ଭ ଉପସ୍ଥାପନ କରିଥିଲେ। ବିଚାରକ ଭାବରେ ପିକେଏଆଇଇଟିର ପଦାର୍ଥ ବିଜ୍ଞାନ ବିଭାଗର ପ୍ରଫେସର ନିରଞ୍ଜନ ପଣ୍ଡା ଓ ପାର୍ବତିଗିରି ମହିଳା ମହାବିଦ୍ୟାଳୟର ବରିଷ୍ଠ ଅଧ୍ୟାପକ ବିଶ୍ୱଜିତ ସାହୁ ଯୋଗ ଦେଇଥିଲେ। ବିଜୟୀ ପ୍ରଥମ ପ୍ରତିଯୋଗୀ ଆଗାମୀ ୧୫ ତାରିଖରେ ଭୁବନେଶ୍ୱରରେ ତାଙ୍କର ସନ୍ଦର୍ଭ ଉପସ୍ଥାପନ କରିବେ ବୋଲି ସୂଚନା ପ୍ରଦାନ କରାଯାଇଥିଲା। ସେମିନାର ଆରମ୍ଭରୁ ବିଜ୍ଞାନ ଶିକ୍ଷକ ପ୍ରିୟବ୍ରତ ସାହୁ ଓ ଶିକ୍ଷକ ଭବାନୀଶଙ୍କର ଗଡ଼ତିଆ ବିଭିନ୍ନ ବ୍ଲକରୁ ଆସିଥିବା କୃତୀ ଛାତ୍ରଛାତ୍ରୀଙ୍କ ମଧ୍ୟରେ କୁଇଜ ପ୍ରତିଯୋଗିତା ଅନୁଷ୍ଠିତ କରାଇଥିଲେ। ଉଦ୍‌ଯାପନୀ ସମାରୋହରେ ସଭାପତି ତଥା ଅତିରିକ୍ତ ଜିଲ୍ଲା ଶିକ୍ଷାଅଧିକାରୀ ସରୋଜ କୁମାର ଭୁଏ ଯୋଗଦାନ କରିଥିଲେ। ବିଜ୍ଞାନ ଶିକ୍ଷକ ଭବାନୀଶଙ୍କର ଗଡ଼ତିଆ ସେମିନାର ସଂଯୋଜନା କରିଥିଲେ। ବିଜ୍ଞାନ କେନ୍ଦ୍ରର ସଂଯୋଜକ ଗୋପୀନାଥ ପ୍ରଧାନଙ୍କ ସମେତ କେନ୍ଦ୍ରର ସମସ୍ତ କର୍ମଚାରୀ ସେମିନାରର ସଫଳତା ପାଇଁ ପୂର୍ଣ୍ଣମାତ୍ରାରେ ସହଯୋଗ କରିଥିଲେ। ଜିଲ୍ଲା ବିଜ୍ଞାନ ନିରୀକ୍ଷକ ଧୀରୋଜ କୁମାର ପଟ୍ଟନାୟକ ଧନ୍ୟବାଦ ଅର୍ପଣ କରିଥିଲେ।

## ବ୍ଲକ୍‌ସ୍ତରୀୟ ଖୋ-ଖୋ ଖେଳାଳି ଚୟନ

ବିଜେପୁର, ୧୦।୧୦(ସମିସ): ବରଗଡ଼ ଜିଲ୍ଲା ବିଜେପୁର ବ୍ଲକ ଅଧୀନ ପଞ୍ଚାୟତ ହାଇସ୍କୁଲ କୁର୍କୁଟା ଖେଳ ପଡ଼ିଆରେ ବ୍ଲକସ୍ତରୀୟ ଖୋ-ଖୋ ଖେଳାଳି ଚୟନ ଶିବିର ଅନୁଷ୍ଠିତ ହୋଇଯାଇଛି। ବିଜେପୁର ବ୍ଲକ ଶିକ୍ଷା ବିଭାଗ ଆନୁକୂଲ୍ୟରେ ଅନୁଷ୍ଠିତ ଉକ୍ତ ଶିବିରକୁ ଭାରପ୍ରାପ୍ତ ପ୍ରଧାନଶିକ୍ଷକ କ୍ଷୀରୋଦ୍ର ସାହୁ ଉଦ୍‌ଘାଟନ କରିଥିଲେ। ପରିଚାଳନା ନିମିତ୍ତ ଉପସ୍ଥିତ କ୍ରୀଡା ଶିକ୍ଷକଙ୍କୁ ଦାୟିତ୍ୱ ପ୍ରଦାନ କରିଥିଲେ। ବିଜେପୁର ବ୍ଲକ ଅଧୀନ ୩୦ଟି ଉଚ୍ଚ ବିଦ୍ୟାଳୟରୁ ପ୍ରାୟ ୧୫୦ ଜଣ ଖୋ-ଖୋ ଖେଳାଳି ଛାତ୍ରଛାତ୍ରୀ ଅଂଶଗ୍ରହଣ କରିଥିବାବେଳେ



ଜୁନିୟର୍ ଓ ସବ୍-ଜୁନିୟର୍ ଦୁଇଟି ବିଭାଗରେ ପୃଥକ୍ ଭାବେ ବାଳକ ଓ ବାଳିକାମାନଙ୍କୁ ଚୟନ କରାଯାଇଥିଲା। ସେଥି ମଧ୍ୟରୁ ୪୮ ଜଣ ଛାତ୍ରଛାତ୍ରୀ ଜିଲ୍ଲାସ୍ତରୀୟ ଖୋ-ଖୋ ଚୟନ ଶିବିରରେ ଅଂଶଗ୍ରହଣ କରି ରାଜ୍ୟ ସ୍ତରୀୟ ପ୍ରତିଯୋଗିତାରେ ଅଂଶଗ୍ରହଣ କରିବାର ସୁଯୋଗ ପାଇବେ ବୋଲି କ୍ରୀଡ଼ା ଶିକ୍ଷକଗଣ ଉତ୍ସାହିତ ଥିଲେ। ଦରରଥ ଗଡ଼ତିଆ, ଭବାନୀ ଶଙ୍କର ସାହୁ, ସଚ୍ଚିଦାନନ୍ଦ ପଧାନ, ହୃଦମଣୀ ସାହୁ, ସଞ୍ଜୟ ସାହୁ ସମେତ ସମସ୍ତ କ୍ରୀଡ଼ା ଶିକ୍ଷକଗଣ ଖେଳ ପରିଚାଳନାରେ ପ୍ରମୁଖ ଭୂମିକା ଗ୍ରହଣ କରିବା ସହିତ ସହଯୋଗ କରିଥିଲେ। ସମଗ୍ର କାର୍ଯ୍ୟକ୍ରମରେ କୁର୍କୁଟା ହାଇସ୍କୁଲର ଛାତ୍ରଛାତ୍ରୀ, ଶିକ୍ଷକ ଓ କର୍ମଚାରୀମାନେ ସହଯୋଗ କରିଥିଲେ।

## କୃଷି ଅଧୀଦର୍ଶକଙ୍କୁ ବିଦାୟକାଳୀନ ସମ୍ବର୍ଦ୍ଧନା



ଝାରବନ୍ଧ, ୧୦।୧୦(ସମିସ): ଝାରବନ୍ଧ ବ୍ଲକ କୃଷି କାର୍ଯ୍ୟାଳୟରେ କାର୍ଯ୍ୟରତ ଥିବା କୃଷି ଅଧିଦର୍ଶକ ଗୌରାଙ୍ଗ ଚରଣ ମହାରଣାଙ୍କୁ ଆଜି ଅବସରକାଳୀନ ବିଦାୟ ସମ୍ବର୍ଦ୍ଧନା ଜ୍ଞାପନ କରାଯାଇଛି। ଶ୍ରୀ ମହାରଣା ୧୯୮୬ ମସିହା ଜୁଲାଇ ୨୧ରେ କୃଷି ବିଭାଗ ରେ ନିଜ ଚାକିରି ଜୀବନ ଆରମ୍ଭ କରିଥିଲେ। ୨୦୧୫ ମସିହା ଅଗଷ୍ଟରେ ଝାରବନ୍ଧ କୃଷି ବିଭାଗରେ ଯୋଗଦାନ କରିଥିବାବେଳେ କାନ୍ଦଡ଼ଙ୍ଗର ପଞ୍ଚାୟତର କୃଷି ଅଧିଦର୍ଶକ ଭାବେ କାର୍ଯ୍ୟ କରୁଥିଲେ। ଚଳିତବର୍ଷ ଜୁନ୍ ୩୦ରେ ଚାକିରିରୁ ଅବସର ଗ୍ରହଣ କରିଥିଲେ। କୃଷି କାର୍ଯ୍ୟାଳୟ ସଭାଗୃହଠାରେ ବ୍ଲକ କୃଷି ଅଧିକାରୀ ନୀତା ଶବରଙ୍କ ସହିତ କୃଷି ଅଧିଦର୍ଶକ ବିକ୍ରମ ଭୋଇ, ଉଦୟ ସେଠ, କାର୍ତ୍ତିକ ସେଠ, ଜିତେନ୍ଦ୍ର ପ୍ରଧାନ ଏବଂ ଭିଏଡବ୍ଲ୍ୟୁ ଶୈଳବାଳା ମହାରଣା ପ୍ରମୁଖ ଉପସ୍ଥିତ ରହି କୃଷି ଅଧିଦର୍ଶକ ଗୌରାଙ୍ଗ ଚରଣ ମହାରଣାଙ୍କୁ ସମ୍ବର୍ଦ୍ଧିତ କରିଥିଲେ। ଶ୍ରୀମହାରଣାଙ୍କ ଧର୍ମପତ୍ନୀ ବନଲତା ମହାରଣା ମଧ୍ୟ ଉପସ୍ଥିତ ଥିଲେ। ଝାରବନ୍ଧ ବ୍ଲକ ରେ ନିଜର ଚାକିରି ଜୀବନର ଅନୁଭୂତି ବିଷୟରେ ଶ୍ରୀ ମହାରଣା ସ୍ମୃତି ଚାରଣ କରିଥିବାବେଳେ ଝାରବନ୍ଧ ବ୍ଲକର ସମସ୍ତ ଗ୍ରାମର କୃଷକ ସାଥୀ ଉପସ୍ଥିତ ଥିଲେ।

## ସଂଯୁକ୍ତ କୃଷକ ସଂଗଠନର ସମୀକ୍ଷା ବୈଠକ

ପଦ୍ମପୁର, ୧୦।୧୦(ସମିସ): ସଂଯୁକ୍ତ କୃଷକ ସଂଗଠନ ବରଗଡ଼ ତରଫରୁ ବାଞ୍ଛାନିଧି ନାୟକଙ୍କ ତତ୍ତ୍ୱାବଧାନରେ ଆବାହକ ଅଶୋକ ସାହୁଙ୍କ ମାତୃବିୟୋଗରେ ଏକ ଶ୍ରଦ୍ଧାଞ୍ଜଳି ସଭା ଅନୁଷ୍ଠିତ ହୋଇଥିଲା। ପରେ ନୂଆଁଖାଇ ଭେଟଘାଟର ଆୟବ୍ୟୟ ବିବରଣୀ ପଠନ, ଚାଷୀ ପଞ୍ଜିକରଣ, ବିଦ୍ୟୁତ ସମସ୍ୟା, ଧାନ ବିକ୍ରି ସମସ୍ୟା, ଜମି



କିସମ ପରିବର୍ତ୍ତନ, ଇନପୁଟ ଇନ୍ସୁରାନ୍ସ ପ୍ରସଙ୍ଗ, ଜଳସେଚନ, ବନ୍ୟଜନ୍ତୁ ଜନିତ ସମସ୍ୟାର ସମାଧାନ ପାଇଁ ପ୍ରତ୍ୟେକ ବର୍ଷ ପରି ଆଗାମୀ ନଭେମ୍ବର ୮ ଗୋରୁବଜାର ଠାରେ ବିରାଟ କୃଷକ ସମାବେଶ କରିବା ପାଇଁ ସର୍ବସମ୍ମତ ନିଷ୍ପତ୍ତି ନିଆଯାଇଛି। ଏହି ସଭାରେ ସଂଗଠନ ଉପଦେଷ୍ଟା ଉତ୍ପନ୍ନ ଭୋଇ, ରମେଶ ମହାପାତ୍ର, ଅଜିତ ଶତପଥୀ, ପଞ୍ଚାନନ ସାହୁ, ଅଶୋକ ସାହୁ, ପ୍ରମୋଦ ରାୟ, ସଙ୍କଟା ବାଜପେୟୀ, ଅରବିନ୍ଦ ପଣ୍ଡା, ମୁରଲୀ ଭୋଇ, ପ୍ରେମରାଜ ସାହୁ, ତ୍ରୈଲୋଚନ ଭୋଇ, ବନମାଳୀ ହାତୀ, ଥବିର ପଧାନ, ଈଶାନ୍ତ ଭୋଇ, ତପନ ମିଶ୍ର, ରାହାସବିହାରୀ ସାହୁ, ଲିଙ୍ଗରାଜ ପଧାନ, କାହ୍ନୁଚରଣ ମେହେର, ରତିକାନ୍ତ ବାରିକ ପ୍ରମୁଖ ଆଲୋଚନାରେ ଅଂଶଗ୍ରହଣ କରିଥିଲେ।

ଜର୍ଜ ହାଇସ୍କୁଲ ପଡ଼ିଆ

## ରକ୍ଷଣାବେକ୍ଷଣ ଓ ସୌନ୍ଦର୍ଯ୍ୟକରଣ ଦାବି

ବରଗଡ଼, ୧୦।୧୦(ସମିସ)

ବରଗଡ଼ ଜିଲ୍ଲାର ସର୍ବ ପୁରାତନ ଶିକ୍ଷାନୁଷ୍ଠାନ ଜର୍ଜ ହାଇସ୍କୁଲ ଖେଳ ପଡ଼ିଆର ରକ୍ଷଣାବେକ୍ଷଣ, ସ୍ୱଚ୍ଛତା ଓ ପରିଚାଳନା ସାଧାରଣ ଲୋକଙ୍କ ମଧ୍ୟରେ ଏକ ଆଲୋଚନାର ପ୍ରସଂଗ ହୋଇଛି। ଜାତୀୟ ଦିବସ ପାଳନ, ବିଭିନ୍ନ ଶିକ୍ଷାନୁଷ୍ଠାନର ବାର୍ଷିକ କ୍ରୀଡ଼ା ପ୍ରତିଯୋଗିତା, ସାମାଜିକ ସାଂସ୍କୃତିକ ଅନୁଷ୍ଠାନ ତରଫରୁ ଖେଳକୁଦ, ବିଭିନ୍ନ ରାଜନୈତିକ ଦଳଗୁଡ଼ିକର ରାଲି, ଧନୁଯାତ୍ରାର ମୀନାବଜାର, ପୁସ୍ତକ ମେଳା, ସରକାରୀ କାର୍ଯ୍ୟକ୍ରମ ଗୁଡିକର ସଫଳ ସମ୍ପାଦନ ନିମନ୍ତେ ଜର୍ଜ ହାଇସ୍କୁଲ ପଡ଼ିଆ ବ୍ୟବହାର କରାଯାଇଥାଏ। ବିଶେଷକରି ସକାଳ ଓ



ସନ୍ଧ୍ୟା ସମୟରେ ଶିଶୁମାନଙ୍କ ଖେଳକୁଦ, ଯୁବକ ତଥା ବରିଷ୍ଠ ନାଗରିକ ମାନଙ୍କ ଚଲାବୁଲା କରିବା, ବିଭିନ୍ନ ଏକାଡେମୀର ଛାତ୍ରଛାତ୍ରୀମାନଙ୍କ ଶାରୀରିକ ବ୍ୟାୟାମ ଓ ତାଲିମ ନିମନ୍ତେ ଏକମାତ୍ର ଉପଯୁକ୍ତ ସ୍ଥାନ ଭାବେ ଏ ପଡ଼ିଆର ବ୍ୟବହାର କରାଯାଉଅଛି। ମାତ୍ର ଦୁଃଖ ପରିତାପର ପ୍ରସଙ୍ଗ ହେଉଛି ସୁପରିଚାଳନା ଓ ରକ୍ଷଣାବେକ୍ଷଣ ଅଭାବରୁ ଏବେ ପଡ଼ିଆଟି ସନ୍ଧ୍ୟାରେ ଅସାମାଜିକ ବ୍ୟକ୍ତିମାନଙ୍କ ମଦ୍ୟପାନର ଆଡ୍ଡା ସାଜିଛି। ଏହାସହ ପଡ଼ିଆ ଚାରିପାଖରେ ଥିବା ଘରମାନଙ୍କର ଅଳିଆ ଆବର୍ଜନା ଏଠାରେ ପକାଯାଉଛି। ପଡ଼ିଆ ଚାରିପାଖ ଗେଟ୍ ଗୁଡ଼ିକ ଖୋଲା ରହୁଥିବାରୁ ଗାଇଗୋରୁ ଓ କୁକୁର ଆଦି ଜୀବମାନଙ୍କ ଆବାସସ୍ଥଳୀ ହୋଇଛି। ଏହି ଖେଳ ପଡ଼ିଆ ଜର୍ଜ ହାଇସ୍କୁଲ ଅଧୀନରେ ଅଛି ନିଶ୍ଚିତ, କିନ୍ତୁ ଏହି ପଡ଼ିଆର ସୌନ୍ଦର୍ଯ୍ୟକରଣ, ରକ୍ଷଣାବେକ୍ଷଣ ହୋଇପାରୁନାହିଁ। ଏଠାରେ ରାଜନୈତିକ ବ୍ୟକ୍ତିବିଶେଷଙ୍କ ସ୍ୱତନ୍ତ୍ର ଦୃଷ୍ଟି, ଜିଲ୍ଲା ପ୍ରଶାସନର ସହଯୋଗ, ବରଗଡ଼ ମ୍ୟୁନିସିପାଲିଟିର ଆନ୍ତରିକତା, ବିଭିନ୍ନ ସ୍ୱେଚ୍ଛାସେବୀ ସଂଗଠନର ଭାଗୀଦାରିତା ଆବଶ୍ୟକତା ରହୁଛି। ଜର୍ଜ ହାଇସ୍କୁଲ ପଡ଼ିଆ କେବଳ ହାଇସ୍କୁଲର ଭୌତିକ ସମ୍ବଳ ହୋଇ ଆଉ ରହିନାହିଁ, ଏହା ବିଶ୍ୱସ୍ତରରେ ବରଗଡ଼କୁ ସମ୍ମାନ ଓ ଗୌରବାନ୍ୱିତ କରିଆସୁଅଛି। ଦଳଗତ ନିର୍ବିଶେଷରେ ସମାଜର ସବୁବର୍ଗର ବ୍ୟକ୍ତିମାନଙ୍କ ସାମୂହିକ ପ୍ରୟାସ ନିତାନ୍ତ ଆବଶ୍ୟକ। କିଛି ଦିନ ପୂର୍ବରୁ ବରଗଡ଼ ବିଧାୟକ ଅଶ୍ୱିନୀ କୁମାର ଷଡ଼ଙ୍ଗୀଙ୍କ ପ୍ରଚେଷ୍ଟା କ୍ରମେ ଚାରିଆଡେ ଅଲୋକିକରଣ ହୋଇଛି। ଯାହାଫଳରେ ସନ୍ଧ୍ୟାରେ ଯୋଉ ଅସାମାଜିକ ଯୁବକଙ୍କ ଆଡ୍ଡାସ୍ଥଳୀ ହେଉଥିଲା ବନ୍ଦ ହୋଇଛି। ବିଧାୟକ ଅଶ୍ୱିନୀ କୁମାର ଷଡ଼ଙ୍ଗୀ ଏଥିପ୍ରତି ପ୍ରତି ଦୃଷ୍ଟି ଦେବେ ବୋଲି ଜନସାଧାରଣ ଅନୁରୋଧ କରିଛନ୍ତି।

## ୧୨ରେ ଜିଲ୍ଲାସ୍ତରୀୟ ସ୍କୁଲ ଚେସ୍ ପ୍ରତିଯୋଗିତା

ପଦ୍ମପୁର, ୧୦।୧୦(ସମିସ): ବରଗଡ଼ ଜିଲ୍ଲା ଚେସ୍ ଆସୋସିଏସନ୍ ଆନୁକୂଲ୍ୟରେ ଜିଲ୍ଲାର ଉଦୀୟମାନ ଚେସ୍ ଖେଳାଳିମାନଙ୍କୁ ଚିହ୍ନଟ ତଥା ପ୍ରୋତ୍ସାହିତ କରିବାକୁ ଏକ ଜିଲ୍ଲାସ୍ତରୀୟ ସ୍କୁଲ ଚେସ ପ୍ରତିଯୋଗିତା ପଦ୍ମପୁର ରାଜବୋଡା ସମ୍ବର ଉଚ୍ଚ ବିଦ୍ୟାଳୟ ପରିସରରେ ଆଗାମୀ ୧୨ରେ ଅନୁଷ୍ଠିତ ହେବ। ଏ ପ୍ରତିଯୋଗିତାରେ ବରଗଡ଼ ଜିଲ୍ଲାର ବିଭିନ୍ନ ସ୍କୁଲରେ ପଢୁଥିବା ପ୍ରଥମରୁ ଦଶମ ଶ୍ରେଣୀର ଛାତ୍ର ଛାତ୍ରୀମାନେ ଅଂଶଗ୍ରହଣ କରିପାରିବେ। ଉଭୟ ବାଳକ ଓ ବାଳିକା ବିଭାଗର ପ୍ରତିଯୋଗିତାର ଶ୍ରେଷ୍ଠ ୫ ଜଣ ଲେଖାଏଁ ଖେଳାଳିଙ୍କୁ ପୁରସ୍କୃତ କରାଯିବ। ଏତଦ୍‌ବ୍ୟତୀତ ୯ ବର୍ଷ, ୧୧ ବର୍ଷ, ଓ ୧୨ ବର୍ଷ ବୟସର ଶ୍ରେଷ୍ଠ ଖେଳାଳିମାନଙ୍କୁ ସ୍ୱତନ୍ତ୍ର ପୁରସ୍କାର ପ୍ରଦାନ କରାଯିବ। ଏହି ଏକଦିବସୀୟ ପ୍ରତିଯୋଗିତାରେ ଭାଗ ନେବାପାଇଁ କୌଣସି ପ୍ରବେଶିକା ଦେୟ ରଖାଯାଇ ନାହିଁ। ଖେଳାଳିମାନେ ୧୨ ଅକ୍ଟୋବର ସକାଳ ୯.୩୦ ସୁଦ୍ଧା ନିଜ ସ୍କୁଲର ପରିଚୟ ପତ୍ର ଓ ଆଧାର କାର୍ଡ ଆଣି ନାମ ପଂଜିକରଣ କରିପାରିବେ।ଅଧିକ ତଥ୍ୟ ପାଇଁ ଆସୋସିଏସନର ସମ୍ପାଦକ କେଶରଞ୍ଜନ ପ୍ରଧାନ ୯୪୩୭୩୯୩୭୩୬ / କ୍ରୀଡା ଶିକ୍ଷକ ଚନ୍ଦ୍ରମଣି ସାହୁ ୯୭୭୭୨୪୬୭୨୯ଙ୍କୁ ଯୋଗାଯୋଗ କରିବାକୁ ଅନୁରୋଧ।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ମାରିଆ ମାଚାଡ୍ରୋଙ୍କୁ...

୨୦ ବର୍ଷଧରି ନିରବଚ୍ଛିନ୍ନ ଭାବେ ପ୍ରୟାସ କରିଆସୁଥିବା ମାରିଆଙ୍କ ଉଲ୍ଲେଖନୀୟ ଅବଦାନ ପାଇଁ ନୋବେଲ ଶାନ୍ତି ପୁରସ୍କାର ପାଇବେ ବୋଲି ସ୍ୱିଡିଶ ଏକାଡେମୀ ପକ୍ଷରୁ ଶୁକ୍ରବାର ଘୋଷଣା କରାଯାଇଛି। ମାରିଆ ପ୍ରତିଷ୍ଠା କରିଥିବା 'ସୁମାତେ' ନାମକ ଏନ୍‌ଜିଓ ଦେଶରେ ଏକଛତ୍ରବାଦ ଶାସନ ବିରୋଧରେ ଏବଂ ଗଣତନ୍ତ୍ରର ପ୍ରତିଷ୍ଠା ପାଇଁ କାର୍ଯ୍ୟ କରିଆସୁଛି। ଏହି ସଂସ୍ଥା ଦେଶରେ ମୁକ୍ତ ତଥା ନିରପେକ୍ଷ ନିର୍ବାଚନ ପାଇଁ ଦାବି କରିଆସୁଛି।

ମାରିଆଙ୍କୁ ପୁରସ୍କାର ବାବଦରେ ୧୧ ମିଲିଅନ ସ୍ୱିଡିଶ କ୍ରୋନର ଅର୍ଥାତ ୧୦.୩ କୋଟି ଟଙ୍କା, ଏକ ସ୍ୱର୍ଣ୍ଣ ପଦକ ଓ ପ୍ରମାଣପତ୍ର ମିଳିବ। ଡିସେମ୍ବର ୧୦ରେ ନରୱେର ରାଜଧାନୀ ଓସଲୋରେ ଏକ ସ୍ୱତନ୍ତ୍ର କାର୍ଯ୍ୟକ୍ରମରେ ନୋବେଲ ପୁରସ୍କାର ପ୍ରଦାନ କରାଯିବ। ୧୯୬୭ ଅକ୍ଟୋବର ୭ରେ ଭେନେଜୁଏଲାର କାରାକାସ୍‌ରେ ଜନ୍ମଗ୍ରହଣ କରିଥିବା ମାରିଆ ରାଜନୀତିକୁ ଆସିବା ପୂର୍ବରୁ ଜଣେ ଇଣ୍ଡଷ୍ଟ୍ରିଆଲ ଇଞ୍ଜିନିୟର ଭାବେ ବେଶ୍ ସଫଳତା ହାସଲ କରିଥିଲେ। ୨୦୨୫ରେ ପ୍ରକାଶିତ ସବୁଠାରୁ ପ୍ରଭାବଶାଳୀ ତାଲିକାରେ ମାରିଆଙ୍କୁ ସାମିଲ କରାଯାଇଥିଲା। ୨୦୧୧ରୁ ୨୦୧୪ ମଧ୍ୟରେ ସେ ଭେନେଜୁଏଲାର ରାଷ୍ଟ୍ରୀୟ ସଭାକୁ ନିର୍ବାଚିତ ହୋଇଥିଲେ। ପୂର୍ବରୁ ମଧ୍ୟ ସେ ଏକାଧିକ ଅନ୍ତର୍ଜାତୀୟ ପୁରସ୍କାର ପାଇଛନ୍ତି। ୨୦୨୪ରେ ୟୁରୋପୀୟ ସଂଘର ସାଖାରୋଭ ପୁରସ୍କାରରେ ସମ୍ମାନୀତ କରାଯାଇଥିଲା। ଏହା ୟୁରୋପୀୟ ସଂଘ ତାଙ୍କୁ ସର୍ବୋଚ୍ଚ ମାନବାଧୀକାର ପୁରସ୍କାର ଦେଇଥିଲା। ୨୦୨୪ରେ ସେ ଭେନଜୁଏଲାରେ ରାଷ୍ଟ୍ରପତି ପ୍ରାର୍ଥୀ ଭାବେ ନିର୍ବାଚନରେ ଅବତୀର୍ଣ୍ଣ ହୋଇଥିଲେ। ସେ ଏବଂ ତାଙ୍କ ପାର୍ଟି ବିଜୟୀ ହୋଇଥିଲେ ମଧ୍ୟ ତାଙ୍କୁ ଶାସନରୁ ଦୂରେଇ ରଖାଯାଇଥିଲା।

ଶୁଳ୍କ ଯୁଦ୍ଧ ଆରମ୍ଭ କରି ବିଶ୍ୱରେ ଅସ୍ଥିରତା ସୃଷ୍ଟି କରିଥିବା ଆମେରିକା ରାଷ୍ଟ୍ରପତିଙ୍କୁ ନିରାଶ ହେବାକୁ ପଡ଼ିଛି। ପାକିସ୍ତାନ, ତୁର୍କୀ, ଇସ୍ରାଏଲ, କାମ୍ବୋଡିଆ, ଥାଇଲାଣ୍ଡ, ରାୱାଣ୍ଡା, କଙ୍ଗୋ, ଆର୍ମେନିଆ, ଆଜରବୈଜାନ ଏବଂ ଶେଷରେ ରୁଷ୍‌ର ସମର୍ଥନ ସତ୍ତ୍ୱେ ଟ୍ରମ୍ପଙ୍କୁ ନୋବେଲ ଶାନ୍ତି ପୁରସ୍କାର ମିଳିପାରି ନାହିଁ। ଏହି ପୁରସ୍କାର ପାଇବା ପାଇଁ ଦୀର୍ଘ ଦିନ ହେଲା ଟ୍ରମ୍ପ କରିଥିବା ପ୍ରଚାରପ୍ରସାର ବ୍ୟର୍ଥ ହୋଇଯାଇଛି। ୮ ଟି ଯୁଦ୍ଧ ବନ୍ଦ, ବିଶ୍ୱରେ ଶାନ୍ତି ପ୍ରତିଷ୍ଠା ଓ ସ୍ଥିରତା ଦାବି ସହିତ ସ୍ୱିଡେନ ଅର୍ଥମନ୍ତ୍ରୀଙ୍କୁ ଫୋନ କରିବା ପରେ ବି ଚଳିତ ବର୍ଷ ନୋବେଲ ଶାନ୍ତି ପୁରସ୍କାର ପାଇବା ପାଇଁ ଟ୍ରମ୍ପ ଅଯୋଗ୍ୟ ହୋଇଛନ୍ତି।

ହ୍ୱାଇଟ୍ ହାଉସ୍ ପକ୍ଷରୁ ଅସନ୍ତୋଷ ଜାହିର କରି କୁହାଯାଇଛି ଯେ, ପୁରସ୍କାର ଚୟନ କମିଟି ଶାନ୍ତି ଅପେକ୍ଷା ରାଜନୀତିକୁ ଅଗ୍ରାଧିକାର ଦେଉଥିବା ପୁଣି ଥରେ ପ୍ରମାଣିତ ହୋଇଛି। ବିଶ୍ୱରେ ଶାନ୍ତି ପ୍ରତିଷ୍ଠା ନେଇ ଟ୍ରମ୍ପ କରୁଥିବା ନିରନ୍ତର ପ୍ରୟାସକୁ ଚୟନ କମିଟି ଅଣଦେଖା କରିଛି। ଏହା ସତ୍ତ୍ୱେ ରାଷ୍ଟ୍ରପତି ଶାନ୍ତି ପାଇଁ ତାଙ୍କ ପ୍ରୟାସ ଜାରି ରଖିବା ସହ ବିଭିନ୍ନ ଦେଶ ମଧ୍ୟରେ ଯୁଦ୍ଧ ସମାପ୍ତ କରାଇବେ ଏବଂ ଜୀବନ ବଞ୍ଚାଇବା ଦିଗରେ କାର୍ଯ୍ୟ ଜାରି ରଖିବେ।

### ପୂର୍ବତନ ଜେଲ୍...

ରେଟ୍ ଛିଡ଼ିଥିବା ଓ ପ୍ରାୟ ୫ରୁ ୧୦ ଲକ୍ଷ ଟଙ୍କା ଅଗ୍ରୀମ ନିଆଯାଇଥିବା କୁହାଯାଉଛି। ସେହିପରି ଜେଲ୍ ବିଭାଗ ଡ଼ିଜି ସମ୍ପ୍ରତି ଓପିଆର୍‌ବି ଅଧ୍ୟକ୍ଷ ଥିବାରୁ ଏହି ଘଟଣାରେ ଜେଲ୍ ବିଭାଗର ଅବସରପ୍ରାପ୍ତ ଡ଼ିଆଇଜି କୁଳମଣି ବେହେରାଙ୍କ ଭୂମିକା ସାଧାରଣରେ ସନ୍ଦେହ ସୃଷ୍ଟି କରିଛି । ତେଣୁ କ୍ରାଇମବ୍ରାଞ୍ଚ ଆଜି ତାଙ୍କୁ ଜେରା କରିଥିବା କୁହାଯାଉଛି।

ଅନ୍ୟପକ୍ଷରେ ଏହି ସମଗ୍ର ଘଟଣାରେ ଓଡ଼ିଶା ପୁଲିସ ରିକ୍ରୁଟମେଣ୍ଟ ବୋଡର୍ (ଓପିଆର୍‌ବି) ସହ ନିଯୁକ୍ତି ପରୀକ୍ଷା ଟେଣ୍ଡର ପାଇଥିବା ଆଇଟିଆଇ ଲିମିଟେଡ୍ ଅନୁରୂପ ଦାୟୀ ବୋଲି ଅଭିଯୋଗ ହୋଇଛି । ଓପିଆରବି ସହ ଆଇଟିଆଇ କରିଥିବା ବୁଝାମଣା ଅନୁସାରେ ସମ୍ପୃକ୍ତ ସଂସ୍ଥା କେବଳ ପରୀକ୍ଷା ପରିଚାଳନା ନିମନ୍ତେ ଅନ୍ୟ ସଂସ୍ଥାଠାରୁ ମାନବସମ୍ବଳ ସହଯୋଗ ନେବା ବ୍ୟବସ୍ଥା ରହିଥିଲା । ମାତ୍ର ପରୀକ୍ଷା ପରିଚାଳନାରେ ସହଯୋଗ ନେବା ପରିବର୍ତ୍ତେ ଆଇଟିଆଇ ଲିଃ ପୁରା ବ୍ୟବସ୍ଥାକୁ ସିଲିକନ୍ ଟେକ୍‌ଲାବ୍‌କୁ ପ୍ରଦାନ କରିଥିଲା। ଅର୍ଥାତ୍ ପରୀକ୍ଷା ନିମନ୍ତେ ପ୍ରଶ୍ନପତ୍ର ପ୍ରସ୍ତୁତି, ଏହାକୁ ଛାପିବା, ଲିଖିତ ପରୀକ୍ଷା ପରିଚାଳନା କରିବା ସମସ୍ତ ଦାୟିତ୍ୱ ସିଲିକନ୍ ନେଇଥିଲା। କୌତୂହଳର କଥା ହେଉଛି ସିଲିକନ୍ ଟେକଲାବ୍ ନିଜେ ପରୀକ୍ଷା ପରିଚାଳନା କରିବା ପରିବର୍ତ୍ତେ ଏହାକୁ ଅନ୍ୟଏକ ଅଖ୍ୟାତ ସଂସ୍ଥା ପଞ୍ଚସଫ୍ଟକୁ ପ୍ରଦାନ କରିଥିଲା। ଦୁଇଟି ପର୍ଯ୍ୟାୟରେ ଦୁଇଟି ସବ୍‌ଲେଟ୍ ଏସ୍‌ଆଇ ପରୀକ୍ଷାରେ ଦୁର୍ନୀତି ପାଇଁ ବାଟ ଖୋଲି ଦେଇଥିଲା । ଅନୁରୂପ ଟେଣ୍ଡରରେ ରହିଥିବା ଅନ୍ୟଏକ ସର୍ତ୍ତ ଅନୁସାରେ ଆଇଟିଆଇ ପରୀକ୍ଷା ପରିଚାଳନା ନିମନ୍ତେ ଯେଉଁ ସଂସ୍ଥାଠାରୁ ମାନବସମ୍ବଳ ସହଯୋଗ ନେବ, ସେହି ସଂସ୍ଥା ସମ୍ପର୍କରେ ପୁରା ବିବରଣୀ ଓପିଆର୍‌ବିକୁ ଆଗୁଆ ଦେବା କଥା। ମାତ୍ର ତାହା କରାଯାଇ ନ ଥିବା ଯୋଗୁଁ ଆଇଟିଆଇକୁ ଓପିଆର୍‌ବି ପକ୍ଷରୁ ନୋଟିସ ଜାରି କରାଯାଇଥିବା କୁହାଯାଉଛି।

କୌତୂହଳର କଥା ହେଉଛି ଓଡ଼ିଶା ପୁଲିସ ରିକ୍ରୁଟମେଣ୍ଟ ବୋଡର୍ ଏସ୍‌ଆଇ ପରୀକ୍ଷା ସମ୍ପର୍କରେ ଏବେ ଦେଖାଉଥିବା ଅଜ୍ଞତା ସାଧାରଣରେ ସନ୍ଦେହ ସୃଷ୍ଟି କରିଛି । ଦାୟିତ୍ୱ ପାଇଥିବା ସଂସ୍ଥା ଆଇଟିଆଇ ଲିମିଟେଡ୍ ପରୀକ୍ଷା ପରିଚାଳନା କରୁ ନ ଥିବା ଓ ଏହାକୁ ଅନ୍ୟ ସଂସ୍ଥାକୁ ସବ୍‌ଲେଟ କରାଯାଇଥିବା ସଂକ୍ରାନ୍ତରେ ଓପିଆର୍‌ବିର ସମସ୍ତ ଅଧିକାରୀ ଅବଗତ ଥିଲେ । ଏପରିକି ଓପିଆରବି ସହ ଜଡ଼ିତ ଅନେକ ଅଧିକାରୀ ନିୟମିତ ଭାବରେ ସିଲିକନ୍ ଟେକ୍‌ଲାବ ଓ ପଞ୍ଚସଫ୍ଟ ଅଫିସକୁ ଯାତାୟତ କରିବା ଏହି ସନ୍ଦେହକୁ ଦୃଢ଼ୀଭୂତ କରିଛି । ଅନୁରୂପ ଭାବରେ ସିଲିକନ କର୍ତ୍ତୃପକ୍ଷଙ୍କ ସହ ରାଜ୍ୟ ପ୍ରଶାସନର ଅନେକ ବଡ଼ ଅଧିକାରୀଙ୍କ ସମ୍ପର୍କ ଏବଂ ପଞ୍ଚ ସଫ୍ଟ ମୁଖ୍ୟ କୁହାଯାଉଥିବା ଶଙ୍କର ପୃଷ୍ଟି, ତାର ସହଯୋଗୀ ମୁନ୍ନା ମହାନ୍ତି ସହ ଶାସକ ଦଳର ବହୁ ନେତାଙ୍କ ଘନିଷ୍ଠତାର ପ୍ରମାଣ ସାମାଜିକ ଗଣମାଧ୍ୟମରେ ଘୂରି ବୁଲୁଛି । ଏହି ପରିପ୍ରେକ୍ଷୀରେ ଓପିଆର୍‌ବି ନିଜ ମୁଣ୍ଡରୁ ଅଠା ଛଡ଼ାଇବାକୁ ଯେପରି ବ୍ୟାକୁଳ, ତଦନ୍ତକାରୀ ସଂସ୍ଥା କ୍ରାଇମବ୍ରାଞ୍ଚ ମଧ୍ୟ ଓପିଆରବି ଓ ଶଙ୍କର ପୃଷ୍ଟି ସହ ଜଡ଼ିତ ଶାସକ ଦଳ ନେତାଙ୍କୁ ସୁରକ୍ଷା ଦେବାକୁ ବ୍ୟସ୍ତ ।

ମାତ୍ର ଗୁରୁତ୍ୱପୂର୍ଣ୍ଣ କଥା ହେଉଛି ଓଡ଼ିଶାରେ ଏସ୍‌ଆଇ ଚାକିରି ବିକ୍ରି କେବଳ ରାଜ୍ୟ ପ୍ରସଙ୍ଗ ହୋଇନାହିଁ । ଏହାର ଚେର ଅନ୍ୟ ରାଜ୍ୟକୁ ବି ବ୍ୟାପିଥିବା ସୂଚନା ମିଳିଛି । ଶଙ୍କର ପୃଷ୍ଟିର ମହାରାଷ୍ଟ୍ର ସମ୍ପର୍କ ଜଣାପଡ଼ିବା ପରେ ଶାସକ ଦଳର କିଛି ନେତାଙ୍କ ପାଇଁ ଏହା ଅଡୁଆ ପରିସ୍ଥିତି ସୃଷ୍ଟି କରିବାର ଆଶଙ୍କା ରହିଛି ।

ଅନ୍ୟପକ୍ଷରେ ପୁଲିସ୍ ଏସ୍‌ଆଇ କେଳେଙ୍କାରୀ ମାମଲାରେ ଆଜି କ୍ରାଇମ୍‌ବ୍ରାଞ୍ଚ କାର୍ଯ୍ୟାଳୟରେ ହାଜର ହୋଇଛନ୍ତି ବଣିକ କୋଚିଂ ସେଣ୍ଟରଏଚ୍‌ଆର ମ୍ୟାନେଜର, ଆକାଉଣ୍ଟ ହେଡ୍ ଏବଂ ଅନ୍ୟ ଜଣେ କର୍ମଚାରୀ। କ୍ରାଇମ୍‌ବ୍ରାଞ୍ଚ ମାଗିଥିବା ଦସ୍ତାବିଜ୍ ସେମାନେ ଦାଖଲ କରିବା ସହ ତଦନ୍ତ ଅଧିକାରୀ ପଚାରିଥିବା ପ୍ରଶ୍ନର ଉତ୍ତର ରଖିଛନ୍ତି।

ଅନ୍ୟପଟରେ କ୍ରାଇମ୍‌ବ୍ରାଞ୍ଚ ନୋଟିସ ଆଧାରରେ ଆଇଟିଆଇ ଏବଂ ସିଲିକନ୍ ଟେକ୍‌ଲ୍ୟାବ୍ ଆବଶ୍ୟକ ଦସ୍ତାବିଜ ଦାଖଲ କରିଛନ୍ତି । ପଞ୍ଚସଫ୍ଟ ମୁଖ୍ୟ ଶଙ୍କରର ଘନିଷ୍ଠ କୁହାଯାଉଥିବା ମୁନ୍ନା ସହ ନିରନ୍ତର ଯୋଗାଯୋଗରେ ଥିବା ଦଶପଲ୍ଲା ଅଞ୍ଚଳର ଶ୍ରୀକାନ୍ତ ଓରଫ୍ ରିଙ୍କୁକୁ ଧରିବାକୁ କ୍ରାଇମବ୍ରାଞ୍ଚ ବିଭିନ୍ନ ସ୍ଥାନରେ ଚଢ଼ଉ କରିଛି। ଦଶପଲ୍ଲରୁ ପିଲା ଯୋଗାଡ଼ କରି ମୁନ୍ନା ନିକଟରେ ପହଞ୍ଚାଉଥିଲା ଶ୍ରୀକାନ୍ତ। ସେହି ପିଲାମାନଙ୍କ ସହ ମୁନ୍ନା ମୂଳଚାଲ ଛିଡ଼ାଉଥିଲା ଓ ସେମାନଙ୍କଠାରୁ ଟଙ୍କା ରଖୁଥିଲା ବୋଲି ସୂଚନା ମିଳିଛି । ଅନ୍ୟପକ୍ଷରେ ଶଙ୍କର ପୃଷ୍ଟି ଏବଂ ମୁନ୍ନାର ବ୍ୟାଙ୍କ୍ ଆକାଉଣ୍ଟ ଟ୍ରାଞ୍ଜାକ୍ସନ କ୍ରାଇମ୍‌ବ୍ରାଞ୍ଚ ହାତରେ ହସ୍ତଗତ ହୋଇଛି। ମୁନ୍ନା ଓ ଶଙ୍କର ଏକାଉଣ୍ଟକୁ ବହୁ ବ୍ୟକ୍ତି ଲକ୍ଷଲକ୍ଷ ଟଙ୍କା ପଠାଇଛନ୍ତି। ତେଣୁ ଟଙ୍କା ପଠାଇଥିବା ଲୋକମାନଙ୍କ ତଥ୍ୟ ସଂଗ୍ରହ କରି ସେମାନଙ୍କୁ କ୍ରାଇମବ୍ରାଞ୍ଚ ୨୦ ଜଣଙ୍କୁ ନୋଟିସ କରିଛି। କେଉଁ କାରଣ ପାଇଁ ସେମାନେ ଏତେ ପରିମାଣର ଟଙ୍କା ପଠାଇଛନ୍ତି, ତାହାର ଉତ୍ତର ରଖିବାକୁ ସେମାନଙ୍କୁ କୁହାଯାଇଛି। ତେବେ ବଡ଼କଥା ହେଉଛି ଟଙ୍କା ନେଣଦେଣ କରିଥିବା ଲୋକଙ୍କ ମଧ୍ୟରେ ଥିବା ୫ ପୁଲିସ ଅଧିକାରୀଙ୍କୁ ନୋଟିସ କରା ନ ଯିବା ସାଧାରଣରେ ସନ୍ଦେହ ସୃଷ୍ଟି କରିଛି।

### ଦିଲ୍ଲୀରୁ ଫେରିଲେ...

ନଜର ରଖୁଥିବା ଓ ନିୟମିତ ଭାବରେ ସାମାଜିକ ଗଣମାଧ୍ୟମରେ ନିଜର ପ୍ରତିକ୍ରିୟା ଦେଉଥିବା ଦେଖା ଯାଇଥିଲା।

ସମ୍ପ୍ରତି ପୁଲିସ ଚାକିରି ବିକ୍ରି ଘଟଣା ସାରା ରାଜ୍ୟରେ ଆଲୋଡ଼ନ ସୃଷ୍ଟି କରିଛି । ସେହିପରି ଭସାଣି ସମୟରେ କଟକରେ ଘଟିଥିବା ଅଘଟଣ ମଧ୍ୟ ରାଜ୍ୟର ଆଇନଶୃଙ୍ଖଳା ସ୍ଥିତି ଉପରେ ପ୍ରଶ୍ନବାଚୀ ସୃଷ୍ଟି କରିଛି । ନିରନ୍ତର ଏହି ଘଟଣା ସମ୍ପର୍କରେ ଖବର ରଖୁଥିବା ଓ ପ୍ରତିକ୍ରିୟା ଦେଉଥିବା ସତ୍ତ୍ୱେ ନବୀନଙ୍କ ଓଡ଼ିଶା ପ୍ରତ୍ୟାବର୍ତ୍ତନକୁ ରାଜ୍ୟବାସୀ ଚାହିଁ ରହିଥିଲେ। ଏହା ସହିତ ଆଗକୁ ନୂଆପଡ଼ା ଉପନିର୍ବାଚନ ଥିବାରୁ ନବୀନଙ୍କ ନିଷ୍ପତ୍ତି ଉପରେ ସବୁ ଦଳର ନଜର ରହିଛି । ଯଦିଓ ନୂଆପଡ଼ା ଉପନିର୍ବାଚନ ପାଇଁ ଦଳ ପକ୍ଷରୁ ନବୀନ ବରିଷ୍ଠ ନେତାଙ୍କୁ ନେଇ ଷ୍ଟିଅରିଂ କମିଟି ଗଠନ କରିଛନ୍ତି, ତଥାପି ଦଳର ପ୍ରାର୍ଥୀଙ୍କ ନାମ ଘୋଷଣା କରାଯାଇନାହିଁ । ଏହି ପରିପ୍ରେକ୍ଷୀରେ ଦିନେ ଦୁଇଦିନ ମଧ୍ୟରେ ନୂଆପଡ଼ା ଆସନ ପାଇଁ ନବୀନ ଦଳୀୟ ପ୍ରାର୍ଥୀଙ୍କ ନାମ ଘୋଷଣା କରିପାରନ୍ତି ବୋଲି କୁହାଯାଉଛି ।

## ବ୍ୟାଙ୍କରୁ ଡକାୟତି ଯୋଜନା ପଣ୍ଡ

# ପୁଲିସ ପଞ୍ଝାରେ କୁଖ୍ୟାତ 'ମହାକାଳ ଗ୍ରୁପ୍'

**■ ୯ ଗିରଫ, ୫ ପିସ୍ତଲ ସହ ଗୁଳି ଜବତ**
**■ ଅପରାଧ ସାମ୍ରାଜ୍ୟ ଚଳାଉଥିଲା ବିଶ୍ୱଜିତ**
**■ କେନ୍ଦୁଝରର ଡନ୍ ହେବା ଥିଲା ଲକ୍ଷ୍ୟ**

**କେନ୍ଦୁଝର, ୧୦।୧୦(ସମିସ):** ଡକାୟତି, ହତ୍ୟା, ଖଣିଜ ପଦାର୍ଥ ଚୋରାଚାଲାଣ ଓ ଦାଦାବଟି ଆଦାୟ ଭଳି ସଂଗିନ୍ ଅପରାଧରେ ସାମିଲ ଏକ କୁଖ୍ୟାତ ଗ୍ୟାଙ୍ଗର ପର୍ଦ୍ଦାଫାସ୍ କରିଛି କେନ୍ଦୁଝର ପୁଲିସ। ଗ୍ୟାଙ୍ଗର ୯ସଦସ୍ୟଙ୍କୁ ଗିରଫ କରିବା ସହ ପୁଲିସ ସେମାନଙ୍କଠାରୁ ୫ଟି ପିସ୍ତଲ, ୨୫ଟି ଗୁଳି, ୭ଟି ମାଗାଜିନ ସହ ୫ଟି ଅନ୍ୟାନ୍ୟ ମାରଣାସ୍ତ୍ର, ଏକ ଥାର୍ ଗାଡ଼ି ଜବତ କରିଛି। ସେମାନେ ହେଲେ, ମୟୂରଭଞ୍ଜ ଜିଲ୍ଲା ଛେଳିଆନାଳ ଅଞ୍ଚଳର ବିଶ୍ୱଜିତ ଗିରି ଓରଫ୍ ଗଣେଶ (୩୨), ମୟୂରଭଞ୍ଜ ଉଉରପଶିର ଶୁଭାଶିଷ ଗିରି(୨୭), କେନ୍ଦୁଝରର କାଶୀପୁରର ପ୍ରିୟଦର୍ଶନ (୨୯), ଯୋଡ଼ା ଅଞ୍ଚଳର ନିର୍ମଳ ପ୍ରଧାନ (୪୦), ଯୋଡ଼ା କୁନ୍ଦୁରୁନାଲାର ବିନୋଦ ମୁଣ୍ଡା(୩୨), ଯୋଡ଼ା ଜାହିର ହଟିଙ୍ଗର ରୋହିତ ନାଏକ (୨୧), ମାଝୀ ହଟିଙ୍ଗଯୋଡ଼ାର ମହମ୍ମଦ ଜିସନ(୨୫), ବଡ଼ବିଲ ଠାକୁରାଣୀ ଅଞ୍ଚଳର ରଞ୍ଜନ ପଲେଇ (୨୬) ଓ ଝାଡ଼ଖଣ୍ଡ ଗୋବରଗାଁର ପର୍ଶୁରାମ ପ୍ରଧାନ(୫୫)। ବିଶ୍ୱଜିତ ଏହି ଗ୍ୟାଙ୍ଗର ମୁଖିଆ ହୋଇଥିବା ବେଳେ ଏମାନେ 'ମହାକାଳ' ନାମକ ଏକ ଗ୍ରୁପ୍ ଗଢ଼ିଥିଲେ। କେନ୍ଦୁଝର ନିକଟ ନରଣପୁରସ୍ଥିତ ବ୍ୟାଙ୍କ୍ ଅଫ୍ ଇଣ୍ଡିଆ ଶାଖାରୁ ଡକାୟତି ପାଇଁ ଏମାନେ ଗତ ରାତିରେ ଯୋଜନା କରୁଥିବା ବେଳେ ସ୍ଥାନୀୟ ଘଡ଼ଘଡ଼ି ମନ୍ଦିର ନିକଟସ୍ଥ ଏକ ପରିତ୍ୟକ୍ତ ଘରୁ ପୁଲିସ ସମସ୍ତଙ୍କୁ ଗିରଫ କରିଛି।

ପାଠ ପଢ଼ି କିଏ ଆଇଏଏସ୍, ଆଇପିଏସ୍ କିମ୍ବା ବଡ଼ବଡ଼ ପଦରେ ଚାକିରି କରିବାକୁ ଇଚ୍ଛା କରିଥାଏ। କିନ୍ତୁ, ବିଶ୍ୱଜିତ୍‌ର ଇଚ୍ଛା ଓ ସ୍ୱପ୍ନ ଥିଲା ଗ୍ୟାଙ୍ଗଷ୍ଟାର୍ ହେବାକୁ। ପ୍ରଥମେ ପ୍ରଥମେ ଛୋଟଛୋଟ ଅପରାଧ ଘଟାଇ ସେ ଅପରାଧ ଦୁନିଆରେ ପାଦ ଥାପିଥିଲା। କିନ୍ତୁ, ଗ୍ୟାଙ୍ଗ୍ ନ ଗଢ଼ିଲେ ବଡ଼ବଡ଼ ଅପରାଧ ଭିଆଇପାରିବ ନାହିଁ ବୋଲି ସେ ଖୁବ୍‌ଶୀଘ୍ର ବୁଝିଯାଇଥିଲା। ତେଣୁ ନିଜକୁ କେନ୍ଦୁଝରର ଡନ୍ ଭାବେ ଗଢ଼ି ତୋଳିବା ପାଇଁ ସେ ଗଠନ କରିଥିଲା ମହାକାଳ ଗ୍ରୁପ୍। ଏଥିରେ ସେ ସାମିଲ କରିଥିଲା ଓଡ଼ିଶା ଓ ଝାଡ଼ଖଣ୍ଡର ବଛାବଛା ଏକାଧିକ ଅପରାଧୀଙ୍କୁ।

## ବାଇକ୍ ଡିକି ଭାଙ୍ଗି ୪.୬ ଲକ୍ଷ ଲୁଟ୍

**ଭଦ୍ରକ, ୧୦।୧୦(ସମିସ):** ବାଇକ୍ ଡିକି ଭାଙ୍ଗି ୪ ଲକ୍ଷ ୬୦ ହଜାର ଟଙ୍କା ଲୁଟିନେଲେ। ଭଦ୍ରକ ଟାଉନ୍ ଥାନା ଅଧୀନ ଚରମ୍ପା ବଜାରରେ ଆଜି ଏହି ଘଟଣା ଘଟିଛି। ପୁଲିସ ଘଟଣାର ତଦନ୍ତ କରୁଛି। ସୂଚନା ଅନୁସାରେ, ଚରମ୍ପା ବରାଳ ପୋଖରୀ ଅଞ୍ଚଳର ଗୌରହରି ମହାନ୍ତି ସୋର ଅଞ୍ଚଳର ନିଜ ଭଣଜାର ଏଲଆଇସି ବୀମା ଟଙ୍କା ଜମା କରିବାକୁ ୪ ଲକ୍ଷ ୬୦ ହଜାର ଟଙ୍କା ଗୋଟିଏ ବ୍ୟାଗରେ ଭର୍ତ୍ତି କରି ବାଇକ୍ ଡିକିରେ ନେଉଥିଲେ। ଚରମ୍ପା ବଜାରରେ ଗୋଟିଏ ଡକୁମେଣ୍ଟ ଜେରକ୍ସ ପାଇଁ ସେ ଦୋକାନୀ ପାଖରେ ଅଟକିଥିଲା ବେଳେ ଜଣେ ଦୁର୍ବୃତ୍ତ ହେଲମେଟ୍ ପିନ୍ଧି ହଠାତ ତାଙ୍କ ଡିକିକୁ ଭାଙ୍ଗି ଟଙ୍କା ବ୍ୟାଗ୍ ନେଇ ଫେରାର୍ ହୋଇଯାଇଥିଲା। ଏସବୁର ଦୃଶ୍ୟ ସିସିଟିଭିରେ କଏଦ ହୋଇଛି।

## ସିବିଆଇ ପଞ୍ଝାରେ ଆରପିଏଫ୍ ଯବାନ

**ରାଉରକେଲା, ୧୦।୧୦ (ସମିସ):** ଚକ୍ରଧରପୁର ରେଳ ଡିଭିଜନ୍ ଅଧୀନ ବନ୍ଧମୁଣ୍ଡାରେ ଜଣେ ଅଳିଆ ସଂଗ୍ରହକାରୀଙ୍କଠାରୁ ଲାଞ୍ଚ ନେବା ବେଳେ ଜଣେ ଆରପିଏଫ୍ ଯବାନଙ୍କୁ ସିବିଆଇ ଗିରଫ କରିଛି। ଗିରଫ ଆରପିଏଫ୍ ଯବାନ ହେଉଛନ୍ତି, ମହମ୍ମଦ ଅସରାର। ସୂଚନାନୁସାରେ, ଅସରାର ବନ୍ଧମୁଣ୍ଡା ଆରପିଏଫ୍ ପୋଷ୍ଟରେ ନିଯୁକ୍ତ ଥିଲେ। ସ୍ଥାନୀୟ ରେଲୱେ କଲୋନୀରେ ପ୍ଲାଷ୍ଟିକ୍ ବୋତଲ ଏବଂ ସ୍କ୍ରାପ୍ ଅଳିଆ ସଂଗ୍ରହ କରୁଥିବା ଜଣେ ମହିଳାଙ୍କଠାରୁ ପ୍ରତି ମାସରେ ୧୫ହଜାର ଟଙ୍କା ଦାବି କରିଥିଲେ। ଏନେଇ ସେ ସିବିଆଇରେ



ଅଭିଯୋଗ କରିଥିଲେ। ଏହି କ୍ରମରେ ଶୁକ୍ରବାର ସକାଳେ ଅଭିଯୋଗକାରିଣୀଙ୍କଠାରୁ ବିଶ୍ରା ଛକଠାରେ ଆରପିଏଫ୍ ଯବାନ ମହମ୍ମଦ ଅସରାର ଲାଞ୍ଚ ନେଉଥିବା ବେଳେ ପୂର୍ବରୁ ପ୍ରସ୍ତୁତ ହୋଇ ରହିଥିବା ସିବିଆଇ ଟିମ୍ ଚଢ଼ଉ କରିଥିଲେ। ଏହା ଦେଖି ଯବାନଜଣଙ୍କ ଖସି ପଳାଇବାକୁ ଚେଷ୍ଟା କରିଥିଲେ ମଧ୍ୟ ସିବିଆଇ ଟିମ ତାଙ୍କୁ କାବୁ କରିନେବା ସହ ତାଙ୍କଠାରୁ ରାସାୟନିକ ରଙ୍ଗ ବୋଳା ଉକ୍ତ ଲାଞ୍ଚ ଟଙ୍କାକୁ ଜବତ କରିଥିଲା। ସିବିଆଇ ଟିମ୍ ଅସରାରଙ୍କୁ ଅଧିକ ପଚରାଉଚରା ପାଇଁ ନେଇଯାଇଛି।

**■ ଯୌତୁକ ପାଇଁ ସୈତାନ ସାଜିଲା ସ୍ୱାମୀ**

## ଗ୍ୟାସ୍ ନିଆଁରେ ସ୍ତ୍ରୀକୁ ଜିଅନ୍ତା ଜାଳିଦେଲା

**କୋରାପୁଟ, ୧୦।୧୦ (ସମିସ):** ଲୁହାରଡ଼୍‌ରେ ପିଟି ସ୍ତ୍ରୀକୁ ଗୁରୁତର କରିବା ପରେ ଗ୍ୟାସ୍ ନିଆଁରେ ଜିଅନ୍ତା ଜାଳିଦେଲା। ପରେ ତାକୁ ଲୁଚାଇବା ପାଇଁ ଦୁର୍ଘଟଣାର ରୂପ ଦେବା ପାଇଁ ଅପଚେଷ୍ଟା କରିଥିଲା। କୋରାପୁଟ ଟାଉନ୍ ଥାନା ପୁଲିସ ଆଜି ଏପରି ଜଘନ୍ୟ ହତ୍ୟାକାଣ୍ଡ ଉପରୁ ପରଦା ହଟାଇବା ସହ ଅଭିଯୁକ୍ତ ସ୍ୱାମୀକୁ ଗିରଫ କରିଛି। ସେ ହେଲା, ଟାଉନ୍ ଥାନା ଅନ୍ତର୍ଗତ ଓଏମ୍‌ପି କଲୋନୀର ଶିବ ଶଙ୍କର ପାତ୍ର। ପୁଲିସ ଆଜି ତାକୁ ଗିରଫ କରି କୋର୍ଟଚାଲାଣ କରିଛି। ଯୌତୁକ ପାଇଁ ଶିବ ନିଜ ପତ୍ନୀ ପ୍ରିୟଙ୍କା ପଣ୍ଡାଙ୍କୁ ହତ୍ୟା କରିଥିବା ସ୍ୱୀକାର କରିଛି।




ସୂଚନା ଅନୁଯାୟୀ, ଆଇଆରବିରେ କାର୍ଯ୍ୟରତ ଶିବ ବୁଧବାର ରାତି ପ୍ରାୟ ସାଢ଼େ ୮ଟା ବେଳେ ପ୍ରିୟଙ୍କାଙ୍କୁ ପୋଡ଼ି ମାରିବା ପରେ ଆନ୍ଧ୍ରପ୍ରଦେଶର ଶ୍ରୀକାକୁଳମ ଜିଲ୍ଲା ଟେକଲି ବ୍ରାହ୍ମଣ ସାହିରେ ରହୁଥିବା ଶ୍ୱଶୁର ତାରିଣୀ ପ୍ରସାଦ ପଣ୍ଡାଙ୍କୁ ଫୋନ କରି ତାଙ୍କ ଝିଅ ବିଦ୍ୟୁତ୍ ଆଘାତରେ ଗୁରୁତର ଆହତ ହୋଇଥିବା ସୂଚନା ଦେଇଥିଲା। ପ୍ରିୟଙ୍କାଙ୍କ ବାପା ସପରିବାର କୋରାପୁଟ ଓଏମ୍‌ପି କ୍ୱାର୍ଟର୍ସରେ ପହଞ୍ଚିବା ପରେ ପ୍ରକୃତ ଘଟଣା ଜାଣି ଝିଅକୁ ହତ୍ୟା କରାଯାଇଥିବା ଅଭିଯୋଗ ଟାଉନ ଥାନାରେ କରିଥିଲେ। ପୁଲିସ ଏକ ହତ୍ୟା ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଥିଲା। ଥାନା ଅଧିକାରୀ ସତ୍ୟାନନ୍ଦ ପାତ୍ର ନିଜେ ତଦନ୍ତ ଆରମ୍ଭ କରିବା ସହ ଅଭିଯୁକ୍ତ ସ୍ୱାମୀ ଶିବ ଶଙ୍କର ପାତ୍ରକୁ ଅଟକ ରଖି ପଚରାଉଚରା କରିଥିଲେ। ପୁଲିସର ଜେରା ବେଳେ ଶିବ ସବୁ ସତ ମାନି ଯାଇଥିଲା।

## ଦ୍ୱିତୀୟ ପତ୍ନୀ ଗ୍ରହଣ କରିଥିବା ଯୁବକଙ୍କୁ ୨ ବର୍ଷ ଜେଲ

**କାକଟପୁର, ୧୦।୧୦ (ସମିସ):** ଜୁଡିସିଆଲ ଫାଷ୍ଟକ୍ଲାସ୍ ମାଜିଷ୍ଟ୍ରେଟ୍ କୋର୍ଟଙ୍କ ପ୍ରଥମ ରାୟରେ ଏକ ସମ୍ବେଦନଶୀଳ ଘଟଣାର ଶୁଣାଣି ହୋଇଥିଲା। ଶୁଣାଣିରେ ଏକ ଐତିହାସିକ ରାୟ ଶୁଣାଇଛନ୍ତି ବିଚାରପତି ଶ୍ରୀଚନ୍ଦନ ଦାଶ। ଜଣେ ଯୁବକ ଦ୍ୱିତୀୟ ପତ୍ନୀ ଗ୍ରହଣ କରିଥିବା ବେଳେ ପ୍ରଥମ ପତ୍ନୀ ଆପତ୍ତି ଉଠାଇ ନ୍ୟାୟଭିକ୍ଷା କରିଥିଲେ। ଯାହାର ବିଚାର କରି ବିଚାରପତି ସଂପୃକ୍ତ ଯୁବକଙ୍କୁ ୨ବର୍ଷ ଜେଲ୍ ଦଣ୍ଡାଦେଶ ଶୁଣାଇଛନ୍ତି।

ସୂଚନାନୁଯାୟୀ, କାକଟପୁର ଥାନା ବାଲିସାହି ଗ୍ରାମର ସୁକାନ୍ତ କାନୁନ୍‌ଗୋ, ଶକୁନ୍ତଳା କାନୁନ୍‌ଗୋଙ୍କୁ ବୈଦିକ ରୀତିରେ ବିବାହ କରିଥିଲେ। ପରେ ତାଙ୍କୁ ନିର୍ଯାତନା ଦେଇ ଘରୁ ତଡ଼ିଦେବା ପରେ ପୁଣି ନୟାହାଟ ଅଞ୍ଚଳ ବିନିସପୁର ଗ୍ରାମର ରୀତା ତରାଇଙ୍କୁ ଦ୍ୱିତୀୟ ବିବାହ କରି ଏକାଠି ରହି ଆସୁଥିଲେ। ତେବେ ପ୍ରଥମ ପତ୍ନୀ ଶକୁନ୍ତଳା ଏହାର ପ୍ରତିବାଦ କରି ୨୦୦୫ରେ କାକଟପୁର ଥାନାରେ ଅଭିଯୋଗ କରିଥିଲେ। ଏନେଇ ଥାନା କେସ୍ ନମ୍ବର ୬୬/୨୦୦୫ର ତଦନ୍ତ କରିଥିଲା ପୁଲିସ। ପରବର୍ତ୍ତୀ ସମୟରେ ଏହି ମାମଲା ନିମାପଡ଼ା କୋର୍ଟଙ୍କ ଦ୍ୱାରା ପରିଚାଳିତ ହୋଇଆସୁଥିଲା। ତେବେ କାକଟପୁରରେ ନୂତନ କୋର୍ଟ ଖୋଲିବା ପରେ ଉକ୍ତ ମାମଲାଟି କାକଟପୁର କୋର୍ଟକୁ ବିଚାର ପାଇଁ ପଠାଯାଇଥିଲା। ଯାହାକି କୋର୍ଟର ପ୍ରଥମ ମାମଲା ଥିଲା। ଏହାର ବିଚାର କରି ଶୁକ୍ରବାର କୋର୍ଟଙ୍କ ଦ୍ୱାରା ରାୟ ପ୍ରକାଶ ପାଇଛି। ଜୁଡିସିଆଲ ମାଜିଷ୍ଟ୍ରେଟ୍ ଶ୍ରୀଚନ୍ଦନ ଦାଶଙ୍କ ଦ୍ୱାରା ସୁକାନ୍ତଙ୍କୁ ୨ ବର୍ଷ ସଶ୍ରମ କାରାଦଣ୍ଡ ଓ ୫ ହଜାର ଟଙ୍କା ଜରିମାନା ଆଦେଶ କରାଯାଇଛି। ଜରିମାନା ଅନାଦେୟ ଆହୁରି ୨ ମାସ ଜେଲଦଣ୍ଡ ଭୋଗିବାକୁ ପଡ଼ିବ ବୋଲି କୋର୍ଟ ତାଙ୍କ ରାୟରେ ଦର୍ଶାଇଛନ୍ତି। ଶକୁନ୍ତଳାଙ୍କ ପକ୍ଷରୁ ସରକାରୀ ଓକିଲ ଅନୀଲ କୁମାର ଦୀକ୍ଷିତ ମାମଲା ପରିଚାଳନା କରୁଥିଲେ। ସେହିପରି ସୁକାନ୍ତଙ୍କ ପାଇଁ ଏମ୍‌କେଏମ୍ ମହାପାତ୍ର ଏବଂ ରୀତା ତରାଇଙ୍କ ପକ୍ଷରୁ ଓକିଲ ଅଶୋକ କୁମାର ମହାପାତ୍ର ମାମଲା ପରିଚାଳନା କରିଥିଲେ।

## ଆଇଇଡି ବିସ୍ଫୋରଣରେ ଶିଶୁ ଗୁରୁତର



**ମାଲକାନଗିରି, ୧୦।୧୦(ସମିସ):** ମାଲକାନଗିରି ଜିଲ୍ଲା ସୀମାନ୍ତ ଛତିଶଗଡ଼ର ବିଜାପୁର ଜିଲ୍ଲା ପିଡ଼ିଆ ଅଞ୍ଚଳରେ ନକ୍ସଲମାନଙ୍କ ଦ୍ୱାରା ଖଞ୍ଜାଯାଇଥିବା ଏକ ଆଇଇଡି ବୋମା ବିସ୍ଫୋରଣରେ ଜଣେ ନିର୍ଦ୍ଦୋଷ ଶିଶୁ ଗୁରୁତର ଆହତ ହୋଇଛି। ଗ୍ରାମୀଣ ଅଞ୍ଚଳରେ ଏହି ପ୍ରକାର ଘଟଣା ଲଗାତାର ଘଟୁଥିବାରୁ ସ୍ଥାନୀୟ ଲୋକମାନେ ଭୟଭୀତ ଓ ଉତ୍ତେଜିତ ହୋଇପଡ଼ିଛନ୍ତି।

ସୂଚନାନୁସାରେ, ଶିଶୁଟି ଗ୍ରାମ ନିକଟସ୍ଥ ଜଙ୍ଗଲ ମଧ୍ୟରେ ଯାଉଥିବା ବେଳେ ଆଇଇଡି ଉପରେ ତା'ର ପାଦ ପଡ଼ିଯିବାରୁ ବିସ୍ଫୋରଣ ଘଟିଥିଲା। ଫଳରେ ଶିଶୁଟି ଗୁରୁତର ଭାବେ ଆହତ ହୋଇଥିଲା। ଘଟଣାସ୍ଥଳରେ ସିଆରପିଏଫର ୧୯୯ ଓ ୮୫ ବଟାଲିଅନ୍‌ର ଯବାନମାନେ ପହଞ୍ଚି ଆହତ ଶିଶୁକୁ ଉଦ୍ଧାର କରି ଡାକ୍ତରଖାନାକୁ ପଠାଇଥିଲେ। ଶିଶୁଟିର ଗୋଟିଏ ଗୋଡ଼ରେ ଗଭୀର ଆଘାତ ଲାଗିଛି। ସେ ଗାଈ ଚରାଇବାକୁ ଯାଇଥିବା ବେଳେ ଏହି ଅଘଟଣ ଘଟିଥିବା ଜଣାପଡ଼ିଛି। ପରେ ଅଞ୍ଚଳରେ ତଲାସି ଅଭିଯାନକୁ ବଢାଇ ଦିଆଯାଇଛି।

## ୩ ମାଓବାଦୀଙ୍କ ଆତ୍ମସମର୍ପଣ



**ମାଲକାନଗିରି, ୧୦।୧୦(ସମିସ):** ତେଲେଙ୍ଗାନାରେ ମାଓବାଦୀ ଆନ୍ଦୋଳନକୁ ଝଟ୍‌କା ଲାଗିଛି। ମାଓବାଦୀ ସଂଗଠନର ତିନିଜଣ ବରିଷ୍ଠ ମାଓନେତା ଆଜି ଡିଜିପି ଶିବଧର ରେଡ୍ଡୀଙ୍କ ନିକଟରେ ଆତ୍ମସମର୍ପଣ କରିଛନ୍ତି। ସେମାନେ ହେଲେ, କୁକାଟି ଭେଙ୍କଟ ଓରଫ ବିକାଶ, ମୋଗିଲିଚର୍ଲା ରାଜୁ ଓରଫ୍ ସିଏନଏମ ଚନ୍ଦୁ ଏବଂ ଗଙ୍ଗୱା ଓରଫ ସୋନି। ଏମାନେ ଦୀର୍ଘବର୍ଷ ଧରି ମାଓବାଦୀ ସଂଗଠନର ଗୁରୁତ୍ୱପୂର୍ଣ୍ଣ ଦାୟିତ୍ୱରେ ଥିଲେ। ତେଲେଙ୍ଗାନା, ଓଡ଼ିଶା, ଛତିଶଗଡ଼ ଆଦି ଅଞ୍ଚଳରେ ମାଓ ଅଭିଯାନ ଚଳାଇଥିଲେ। ଡିଜିପି ଶିବଧର ରେଡ୍ଡୀ କହିଛନ୍ତି ଯେ ରାଜ୍ୟ ସରକାର ଯେକୌଣସି ମାଓବାଦୀଙ୍କୁ ହିଂସା ଛାଡ଼ି ସମାଜର ମୁଖ୍ୟଧାରାକୁ ଫେରିବା ପାଇଁ ସୁଯୋଗ ଦେଉଛନ୍ତି। ଯେଉଁମାନେ ଆତ୍ମସମର୍ପଣ କରିଛନ୍ତି, ସେମାନଙ୍କୁ ପୁନର୍ବାସ ଯୋଜନା ଅନୁଯାୟୀ ସମସ୍ତ ସହାୟତା ଦିଆଯିବ।

## ପଦୋନ୍ନତି ପାଇ କି' ଲାଭ

# ୫ ମାସ ପରେ ବି ଇନ୍ସପେକ୍ଟର୍ ପଦରେ ଡିଏସ୍‌ପି

**■ ନିଯୁକ୍ତି ଅପେକ୍ଷାରେ ୯୯ ଡିଏସ୍‌ପି**
**■ ଚୌଦ୍ୱାର ହାଜତ ମୃତ୍ୟୁ ପରେ ମନରେ ଛନକା**

**ଭୁବନେଶ୍ୱର, ୧୦।୧୦(ସମିସ):** ଗତ ଏପ୍ରିଲରେ ୧୬୯ଜଣ ଇନ୍ସପେକ୍ଟରଙ୍କୁ ଡିଏସ୍‌ପି ପାହ୍ୟାକୁ ପଦୋନ୍ନତି କରାଯାଇଥିଲା। ଜୁନ୍ ୨୬ରେ ସେଥିମଧ୍ୟରୁ ୭୦ଜଣଙ୍କୁ ବିଭିନ୍ନ ସ୍ଥାନରେ ନିଯୁକ୍ତି ଦିଆଗଲା। ଅର୍ଡର୍ ସିନା ବାହାରିଗଲା, ହେଲେ ସେମାନଙ୍କୁ ରିଲିଭ୍ କରାଗଲା ନାହିଁ। କେତେଜଣ ଅଧିକାରୀଙ୍କୁ ଛାଡ଼ିଦେଲେ, ବାକି ଯିଏ ଯୋଉଠି ଥିଲେ, ଏବେ ବି ସେଇଠି ଅଛନ୍ତି। ଅଧା ପଦୋନ୍ନତି ପାଇଥିଲେ ମଧ୍ୟ ନିଯୁକ୍ତି ପାଇନାହାନ୍ତି। ଆଉ କିଛି ନିଯୁକ୍ତି ପାଇଥିଲେ ବି ନୂଆ ସ୍ଥାନରେ ଯୋଗ ଦେଇପାରୁନାହାନ୍ତି। ରାଜ୍ୟ ପୁଲିସର ଅନ୍ୟତମ ମେରୁଦଣ୍ଡ କୁହାଯାଉଥିବା ଡିଏସ୍‌ପି ରାଙ୍କର ଅଧିକାରୀଙ୍କ ଅବସ୍ଥା ଏବେ ଏମିତି।

ପୂର୍ବରୁ ଡିଏସ୍‌ପି ବଦଳି କ୍ଷମତା ପୁଲିସ ଡିଜି କରୁଥିବା ବେଳେ ନୂଆ ସରକାର ଆସିବା ପରେ ଏହି କ୍ଷମତା ରାଜ୍ୟ ଗୃହ ବିଭାଗ ଛଡ଼ାଇ ନେଇଥିଲା। ଡିଏସ୍‌ପିମାନେ ନିଯୁକ୍ତି ନ ପାଇବା ଖୋଦ୍ ଗୃହ ବିଭାଗର ଅକ୍ଷମତାକୁ ପଦାରେ ପକାଇଥିବା ବେଳେ ପୁଲିସ ଅଧିକାରୀଙ୍କ ମନୋବଳ ଭାଙ୍ଗିବାରେ ଲାଗିଛି।

ସୂଚନାନୁସାରେ, ଗତ ଏପ୍ରିଲ ୨୩ ତାରିଖ ଦିନ ରାଜ୍ୟ ସରକାର ୧୬୮ ଇନ୍ସପେକ୍ଟରଙ୍କୁ ଡିଏସ୍‌ପି ପାହ୍ୟାକୁ ପଦୋନ୍ନତି ଦେଇଥିଲେ। ପରବର୍ତ୍ତୀ ସମୟରେ ଆଉ ଜଣେ ଅଧିକାରୀ ମଧ୍ୟ ଡିଏସ୍‌ପି ପାହ୍ୟାକୁ ପଦୋନ୍ନତି ହୋଇଥିଲେ। ପରବର୍ତ୍ତୀ ନିର୍ଦ୍ଦେଶନାମା ପର୍ଯ୍ୟନ୍ତ ସେହି ସ୍ଥାନରେ କାର୍ଯ୍ୟ କରିବାକୁ ଗୃହ ବିଭାଗ କୁହାଯାଇଥିଲା। ଏହାର ଦୁଇ ମାସ ପରେ ଅର୍ଥାତ୍ ଜୁନ୍ ୨୬ରେ ନୂଆ କରି ପଦୋନ୍ନତି ପାଇଥିବା ୭୦ ଜଣଙ୍କୁ ମିଶାଇ ମୋଟ ୭୯ ଡିଏସ୍‌ପିଙ୍କୁ ନିଯୁକ୍ତି ମିଳିଥିଲା। ହେଲେ, ବାକି ୯୯ ଜଣ ଡିଏସ୍‌ପି ଏବେ ମଧ୍ୟ ପୂର୍ବ ପଦବୀରେ କାର୍ଯ୍ୟ କରୁଛନ୍ତି। ଡିଏସ୍‌ପି ନିଯୁକ୍ତି କ୍ରମାନ୍ୱୟରେ ହୋଇନଥିବାରୁ ଅନେକ କନିଷ୍ଠ ବ୍ୟାଚ୍‌ର ଅଧିକାରୀଙ୍କୁ ନିଯୁକ୍ତି ମିଳିଥିବା ବେଳେ ବରିଷ୍ଠମାନଙ୍କୁ ଏ ପର୍ଯ୍ୟନ୍ତ ମିଳିନାହିଁ। ଫଳରେ କନିଷ୍ଠ ଓ ବରିଷ୍ଠଙ୍କ ମଧ୍ୟରେ ଭେଦଭାବ ଭଳି ପରିସ୍ଥିତି ଉପୁଜିଛି। ଏହା ଭିତରେ ପଦୋନ୍ନତିକୁ ୫ ମାସ ବିତିଯାଇଥିଲେ ମଧ୍ୟ ୯୯ଜଣ ଏପର୍ଯ୍ୟନ୍ତ ନିଯୁକ୍ତି ପାଇନାହାନ୍ତି। ଫଳରେ, ନିଯୁକ୍ତି ନପାଇ ଥାନା ଦାୟିତ୍ୱରେ ଥିବା ଇନ୍ସପେକ୍ଟର୍‌ମାନେ ଡିଏସ୍‌ପି(ଇନ୍‌ଚାର୍ଜ) ଭାବେ କାର୍ଯ୍ୟ କରୁଛନ୍ତି।

ସେପଟେ ଗତ ମାସ ତୃତୀୟ ସପ୍ତାହରେ ଚୌଦ୍ୱାର ଥାନାରେ ହାଜତ ମୃତ୍ୟୁ ଘଟିଥିଲା। ଏହି ଘଟଣାରେ ନୂଆ କରି ପଦୋନ୍ନତି ପାଇଥିବା ଡିଏସ୍‌ପି ତଥା ତତ୍କାଳୀନ ଚୌଦ୍ୱାର ଥାନା ଅଧିକାରୀ ବିଶ୍ୱରଞ୍ଜନ ସାହୁଙ୍କୁ ନିଲମ୍ବିତ କରାଯାଇଥିଲା। ଏହାଦ୍ୱାରା ପଦୋନ୍ନତି ପାଇ ଥାନା ଦାୟିତ୍ୱରେ ଥିବା ଡିଏସ୍‌ପିମାନଙ୍କ ମନରେ ଛନକା ପଶିଛି। ଗୋଟିଏପଟେ, ଉପର ପାହ୍ୟାର ଅଧିକାରୀ ହୋଇ ଥାନା ଦାୟିତ୍ୱରେ ରହିବେ, ଅନ୍ୟପଟେ କୌଣସି ଅଘଟଣ ଘଟିଲେ ନିନ୍ଦା ଅପବାଦ ମୁଣ୍ଡାଇବା ସହ ନିଲମ୍ବନ ହେବାର ଭୟ ଏବେ ସେମାନଙ୍କୁ ଘାରିଛି। ଏଥିସହ ପଦୋନ୍ନତି ପାଇ ଅସ୍ଥାୟୀ ଭାବେ ଥାନା ଦାୟିତ୍ୱରେ ଥିବାରୁ ତଳ କର୍ମଚାରୀମାନେ ମଧ୍ୟ ସେମାନଙ୍କ କଥାକୁ ବିଶେଷ ଗୁରୁତ୍ୱ ଦେଉନାହାନ୍ତି। ପଦୋନ୍ନତିର ୫ ମାସ ପରେ ମଧ୍ୟ ଡିଏସ୍‌ପିମାନଙ୍କୁ ନିଯୁକ୍ତି ନ ମିଳିବା ସରକାରଙ୍କ ନିଷ୍ପତ୍ତି ନେବାର ଦକ୍ଷତା ଉପରେ ପ୍ରଶ୍ନବାଚୀ ସୃଷ୍ଟି କରିଛି।

### ପିଲାଙ୍କ କଫ ସିରପ୍ ବ୍ୟବହାରକୁ ଅଧିକ ନିୟନ୍ତ୍ରିତ କରିବାକୁ ନିମନ୍ତେ ପରାମର୍ଶ

## ୨ବର୍ଷରୁ କମ ଶିଶୁଙ୍କ କଫ ଓ ଥଣ୍ଡା ପାଇଁ ସିରପ୍ ମନା

**ଭୁବନେଶ୍ୱର,୧୦।୧୦(ସମିସ):** ଦେଶର ବିଭିନ୍ନ ସ୍ଥାନରେ ବିଷାକ୍ତ କଫ ସିରଫ ଯୋଗୁଁ ଶିଶୁମାନଙ୍କ ମୃତ୍ୟୁ ପରେ ଓଡ଼ିଶାରେ ମଧ୍ୟ ଏହାକୁ ନେଇ ଚର୍ଚ୍ଚା ହେଉଛି। ଏଣୁ ଶୁକ୍ରବାର ଓଡ଼ିଶା ସ୍ୱାସ୍ଥ୍ୟସେବା ନିର୍ଦ୍ଦେଶାଳୟ ପକ୍ଷରୁ ରାଜ୍ୟର ସମସ୍ତ ମେଡିକାଲ କଲେଜ, ହସ୍ପିଟାଲ ଅଧିକ୍ଷକ, ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନସ୍ୱାସ୍ଥ୍ୟ ଅଧିକାରୀ, ଶିଶୁ ଚିକିତ୍ସା ବିଶେଷଜ୍ଞ ସଂଘ, ଓଡ଼ିଶା ମେଡିକାଲ ସେବା ସଂଘ ପ୍ରଭୃତିକୁ କଫ ସିରପ୍ ବ୍ୟବହାରକୁ ଅଧିକ ନିୟନ୍ତ୍ରିତ,ସୁଚିନ୍ତିତ ଓ ଯୌକ୍ତିକ କରିବା ନିମନ୍ତେ ପରାମର୍ଶ ଦିଆଯାଇଛି। ପିଲାମାନଙ୍କ ମଧ୍ୟରେ ଦେଖାଯାଉଥିବା ଥଣ୍ଡା ଓ କଫ ରୋଗ ପ୍ରାୟତଃ ଆପେଆପେ ଶରୀରର ପ୍ରତିରୋଧକ ଶକ୍ତି ବଳରେ ଭଲ ହୋଇଥାଏ। ସେଥିପାଇଁ ସବୁବେଳେ ବାହ୍ୟ ଔଷଧ ପ୍ରୟୋଗର ବିଶେଷ ଆବଶ୍ୟକତା ନାହିଁ। ଅପରପକ୍ଷେ ଶରୀରର ପର୍ଯ୍ୟାପ୍ତ ଜଳଯୋଜନ (ଆଡ଼ିକ୍ୟୁଏଟ ହାଇଡ୍ରେସନ), ବିଶ୍ରାମ ଏବଂ ଆନୁସଙ୍ଗିକ ସହାୟତା ଆଦି ଉପରେ ଅଗ୍ରାଧିକାର ଦିଆଯିବା ଦରକାର। ୨ବର୍ଷରୁ କମ ଶିଶୁଙ୍କ କଫ ଓ ଥଣ୍ଡା ପାଇଁ ସିରପ୍ ଦିଆଯିବା ଉଚିତ୍ ନୁହେଁ। ଏହି ସବୁ ଔଷଧ ମଧ୍ୟ ୫ବର୍ଷରୁ କମ ପିଲାଙ୍କ ପାଇଁ ସୁପାରିଶ ଯୋଗ୍ୟ ନୁହେଁ। ଏପରିକି ୫ବର୍ଷରୁ ଅଧିକ ବୟସ୍କ ପିଲାଙ୍କ ପାଇଁ ଏସବୁ ପ୍ରକାର ଔଷଧ ଉପଯୁକ୍ତ ପରୀକ୍ଷା ନିରୀକ୍ଷା, ସମ୍ପୃକ୍ତ ପିଲାର ସ୍ୱାସ୍ଥ୍ୟ ଅବସ୍ଥାର ସଠିକ୍ ଆକଳନ ଆଦି ପରେ ଡାକ୍ତରଙ୍କ ସିଧାସଳଖ ତତ୍ତ୍ୱାବଧାନରେ କରାଯିବା ଦରକାର। ପିଲା କେତେ ମାତ୍ରାରେ ଔଷଧ କେତେ ଥର ଓ କେତେବେଳେ ଖାଇବ ତାହା ମଧ୍ୟ ଡ଼ାକ୍ତରଙ୍କ ପରାମର୍ଶ ଅନୁସାରେ ନିର୍ଦ୍ଧାରିତ ହେବା ଦରକାର।

ଶିଶୁ ରୋଗ ଚିକିତ୍ସା ଓ ଔଷଧ ବଣ୍ଟନ କରୁଥିବା ସମସ୍ତ ସରକାରୀ ଓ ଘରୋଇ ଚିକିତ୍ସାଳୟମାନଙ୍କୁ ଏହି ପରାମର୍ଶ ଅନୁପାଳନ ନିମନ୍ତେ କୁହାଯାଇଛି।

**Government of Odisha "e" Procurement Notice**

Bid Identification No. TENDER ONLINE SNPR-03 OF 2025-26 O-967

| | | |
|---|---|---|
| 1. | Name of the work | Building Works as per DTCN available in the website www.tendersodisha.gov.in |
| 2. | Total No. of Work | 02 (Two) Nos. |
| 3. | Approximate Estimated Cost | Vary from Rs. 23.57 lakh to Rs. 47.70 lakh |
| 4. | Period of Completion | 6 (Six Calendar months) to 9 (Nine Calendar months) |
| 5. | Period and time of availability of bid document in the portal for bidding | 13.10.2025 at 11.00 AM to 24.10.2025 up to 5.00 PM |
| 6. | Date and time of opening of Tender | 27.10.2025 at 11.00 AM (Technical Bid) & (Financial Bid will be intimated later on) |
| 7. | Name and address of the officer inviting bid | S.E.R.W. Division, Sonepur |

(1) Other details can be seen from detailed notice
(2) Inviting tenders, available in website www.tendersodisha.gov.in
(3) Corrigendum if any shall only be published in the website: www.tendersodisha.gov.in

Executive Engineer,
Rural Works Division, Sonepur.

OIPR-25054/11/0037/2526

## ଆଜିର ରାଶିଫଳ

**ମେଷ:** ପରିବାର ଲୋକଙ୍କ ସହ ହସ ଖୁସିରେ ଦିନ ବିତିବ। ଗୁରୁଜନଙ୍କ ଆଶୀର୍ବାଦ ନେଇ ନୂତନ ବ୍ୟବସାୟ ଆରମ୍ଭ କରିବେ। ସଫଳତା ପାଇଁ କଠିନ ପରିଶ୍ରମ କରିବେ। କ୍ରୋଧ ଉପରେ ନିୟନ୍ତ୍ରଣ ରଖନ୍ତୁ।

**ବୃଷ:** ଯାତ୍ରା ଯୋଗ ଅଛି। ଜୀବନସାଥୀଙ୍କ ସହ ସୁଖମୟ ସମୟ ଅତିବାହିତ କରିବେ। ନିବେଶରୁ ଦୂରେଇ ରୁହନ୍ତୁ। କୌଣସି ଶୁଭ ଖବର ମିଳିବ। ବନ୍ଧୁଙ୍କ ସହ ମନୋମାଳିନ୍ୟ ଦେଖା ଦେବ।

**ମିଥୁନ:** ଯାନବାହନ କିଣିବେ। ଧାର୍ମିକ ପୁସ୍ତକ ପ୍ରତି ଆଗ୍ରହ ବଢ଼ିବ। ମନ ପ୍ରସନ୍ନ ରହିବ। ପ୍ରେମିକ-ପ୍ରେମିକାଙ୍କ ପାଇଁ ଦିନଟି ଭଲ। ପରୋପକାର କାର୍ଯ୍ୟରେ ନିଜକୁ ନିୟୋଜିତ କରିବେ।

**କର୍କଟ:** ଅଫିସ୍‌ରେ କାର୍ଯ୍ୟଭାର ବଢ଼ିବ। କୌଣସି କାର୍ଯ୍ୟରେ ସମସ୍ୟା ଦେଖା ଦେବ। ଅଯଥା ଖର୍ଚ୍ଚ ବୃଦ୍ଧି ପାଇବ। ବିବାହରେ ସମସ୍ୟା ଆସିବ। ବ୍ୟବସାୟରେ ଉନ୍ନତି ପରିଲକ୍ଷିତ ହେବ।

**ସିଂହ:** ଚାକିରିରେ ସଫଳତା ମିଳିବ। ବ୍ୟବସାୟରେ ଆଶାଜନକ ପରିଣାମ ମିଳିବ ନାହିଁ। ବାପାଙ୍କ ସ୍ୱାସ୍ଥ୍ୟ ସମସ୍ୟାକୁ ନେଇ ଚିନ୍ତାରେ ରହିବେ। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

**କନ୍ୟା:** ଚାକିରିକୁ ନେଇ କୌଣସି ସମସ୍ୟା ଦେଖା ଦେବ। ପାରିବାରିକ ଜୀବନ ସୁଖମୟ ହେବ। ଘରେ ପୂଜାପାଠ ଆୟୋଜନ କରିବେ। ଅଟକିଥିବା କାର୍ଯ୍ୟ ପୂରା ହେବ। ଆୟର ନୂଆ ଅବସର ପ୍ରାପ୍ତ ହେବ।

**ତୁଳା:** ଦିନଟି ମିଶ୍ରଫଳ ପ୍ରଦାନ କରିବ। ଆର୍ଥିକ ସ୍ଥିତି ମଜଭୁତ୍ ହେବ। ବିବାହ ପ୍ରସ୍ତାବ ଆସିବ। ରାଜନୀତିରେ ସଫଳତା ମିଳିବ। ଛାତ୍ରଛାତ୍ରୀ କ୍ୟାରିୟର ପାଇଁ ନୂଆ ଯୋଜନା କରିବେ।

**ବିଛା:** ଆଇଟି ଓ ବ୍ୟାଙ୍କ କ୍ଷେତ୍ରରେ ସଫଳତା ମିଳିବ। ଅଫିସ୍‌ରେ ବରିଷ୍ଠ ଅଧିକାରୀଙ୍କ ସହଯୋଗ ମିଳିବ। ବୈବାହିକ ଜୀବନ ସୁଖଶାନ୍ତିରେ କଟିବ। ବିଦ୍ୟାର୍ଥୀ ପଢ଼ାରେ ମନୋନିବେଶ କରିବେ।

**ଧନୁ:** ପରିବାର ଲୋକଙ୍କ ସହଯୋଗ ମିଳିବ। ସ୍ୱାସ୍ଥ୍ୟରେ ସୁଧାର ଆସିବ। ଆୟ ତୁଳନାରେ ବ୍ୟୟ ଅଧିକ ହେବ। କଥାରେ ମଧୁରତା ରକ୍ଷା କରିବେ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖା ଦେବ।

**ମକର:** ଦିନଟିରେ କର୍ମଚଞ୍ଚଳ ରହିବେ। ବ୍ୟବସାୟରେ ଲାଭ ମିଳିବ। ଛାତ୍ରଛାତ୍ରୀ କଠିନ ପରିଶ୍ରମ କରିବେ। ପଡ଼ୋଶୀଙ୍କ ସହ ମତାନ୍ତର ହେବ। ପୈତୃକ ସମ୍ପତ୍ତିକୁ ଲାଭ ମିଳିବ। ପ୍ରେମ ସମ୍ବନ୍ଧ ସୁଖମୟ ହେବ।

**କୁମ୍ଭ:** ବ୍ୟବସାୟକୁ ନେଇ ଦୂରସ୍ଥାନକୁ ଯାତ୍ରା କରିବେ। ନିବେଶରୁ ଦୂରେଇ ରୁହନ୍ତୁ। ଘରେ ପୂଜାପାଠ ଆୟୋଜନ ହେବ। ବିବାହ ସମସ୍ୟା ସମାଧାନ ହେବ। ଯାନବାହନ କ୍ରୟର ଯୋଗ ଅଛି।

**ମୀନ:** ସ୍ୱାସ୍ଥ୍ୟରେ ଉନ୍ନତି ପରିଲକ୍ଷିତ ହେବ। ଆତ୍ମବିଶ୍ୱାସ ବୃଦ୍ଧି ପାଇବ। ପଢ଼ା ପାଇଁ ଅର୍ଥ ନିବେଶ କରିବେ। ଦୂରସ୍ଥାନକୁ ଯାତ୍ରା କରିବେ। ଧାର କରଜରୁ ନିବୃତ୍ତ ରହିବେ। ପୈତୃକ ସମ୍ପତ୍ତିରୁ ଲାଭ ମିଳିବ।

## ଆଜିର ଇତିହାସ

- ୧୮୫୨-ସିଡ୍‌ନୀ ବିଶ୍ୱବିଦ୍ୟାଳୟର ସ୍ଥାପନା।
- ୧୯୦୨- ଲୋକନାୟକ ଜୟପ୍ରକାଶ ନାରାୟଣଙ୍କ ଜନ୍ମ।
- ୧୯୩୬- ପ୍ରଫେସର କ୍ୱିଜ୍ ନାମରେ ରେଡିଓରେ ପ୍ରଥମ କ୍ୱିଜ୍ କାର୍ଯ୍ୟକ୍ରମର ପ୍ରସାରଣ ଆରମ୍ଭ ହେଲା।
- ୧୯୪୨- ବଲିଉଡ୍ ଅଭିନେତା ଅମିତାଭ ବଚ୍ଚନଙ୍କ ଜନ୍ମ।
- ୧୯୪୫- ଚୀନ୍‌ରେ ଗୃହଯୁଦ୍ଧ ଆରମ୍ଭ ହେଲା।
- ୧୯୮୭- ଭାରତୀୟ ଶାନ୍ତି ସେନା ଶ୍ରୀଲଙ୍କାରେ ଅପରେସନ୍ ପବନର ଆରମ୍ଭ କଲା।

## ଆନ୍ତର୍ଜାତିକ ବାଳିକା ଦିବସ



ସମଗ୍ର ବିଶ୍ୱରେ ଝିଅମାନେ ସମ୍ମୁଖୀନ ହେଉଥିବା ଲିଙ୍ଗଗତ ଅସମାନତା, ଆଇନ ଅଧିକାର, ସ୍ୱାସ୍ଥ୍ୟସେବା, ହିଂସା, ଭେଦଭାବ ଏବଂ ଅପରିପକ୍ୱ ବୟସରେ ବିବାହ ଭଳି ଅସମାନତା ବିରୋଧରେ ମିଳିତ ଜାତିସଂଘ ପକ୍ଷରୁ ପ୍ରତିବର୍ଷ ଅକ୍ଟୋବର ୧୧ରେ 'ଆନ୍ତର୍ଜାତିକ ବାଳିକା ଦିବସ' ପାଳନ କରାଯାଉଛି। ବାଳିକାମାନଙ୍କୁ ସେମାନଙ୍କ ଅଧିକାର, ଆହ୍ୱାନ ଏବଂ ସୁଯୋଗ ବିଷୟରେ ଅବଗତ କରାଇବା ପାଇଁ ଏହି ଦିବସ ପାଳନ କରାଯାଏ। ୧୯ ଡିସେମ୍ବର ୨୦୧୧ରେ ଜାତିସଂଘ ସାଧାରଣ ପରିଷଦରେ ଏହି ଦିବସ ପାଳନ କରାଯିବା ପାଇଁ ଘୋଷଣା କରାଯିବା ପରେ ୨୦୧୨ରେ ପ୍ରଥମେ ଏହି ଦିବସ ପାଳନ କରାଯାଇଥିଲା। ଆଜି ବି ବାଳିକାମାନେ ସବୁ କ୍ଷେତ୍ରରେ ଉପେକ୍ଷିତ। ଶିକ୍ଷା, ପୋଷଣ, ଶାରୀରିକ ଓ ମାନସିକ କଲ୍ୟାଣ, ଆଇନଗତ ଅଧିକାର, ସ୍ୱାସ୍ଥ୍ୟ ଏବଂ ହିଂସା ବିନା ସୁରକ୍ଷିତ ଜୀବନ ଭଳି ଗୁରୁତ୍ୱପୂର୍ଣ୍ଣ କ୍ଷେତ୍ରରେ ବାଳିକାମାନେ ଭେଦଭାବର ସମ୍ମୁଖୀନ ହେଉଛନ୍ତି। ଏଣୁ ସେମାନଙ୍କ ପାଇଁ ବି ଏକ ସୁରକ୍ଷିତ ପରିବେଶର ଆବଶ୍ୟକତା ରହିଛି। ଏହା ସହ ବାଲ୍ୟ ବିବାହ, ଭ୍ରୂଣହତ୍ୟା ରୋକିବାର ଆବଶ୍ୟକତା ରହିଛି। ଏହି କଥାକୁ ଗମ୍ଭୀରତାର ସହ ଉପଲବ୍ଧି କରି ମିଳିତ ଜାତିସଂଘ ପକ୍ଷରୁ ବାଳିକାଙ୍କ ସଶକ୍ତୀକରଣ ପାଇଁ ପ୍ରତିବର୍ଷ ଅକ୍ଟୋବର ୧୧ରେ 'ଆନ୍ତର୍ଜାତିକ ବାଳିକା ଦିବସ' ପାଳନ କରାଯାଉଛି। ବିଶ୍ୱରେ ଲିଙ୍ଗଗତ ସମାନତା ଏବଂ ବାଳିକାମାନଙ୍କୁ ସମାନ ସୁଯୋଗ ପ୍ରଦାନ କରିବା ଦିଗରେ ସଚେତନ ସୃଷ୍ଟି କରିବା ଏହି ଦିବସର ମୂଳ ଲକ୍ଷ୍ୟ। ଭାରତ ସରକାର ବାଳିକାମାନଙ୍କୁ ସଶକ୍ତ କରିବା ଉଦ୍ଦେଶ୍ୟରେ 'ବେଟି ବଚାଓ ବେଟି ପଢ଼ାଓ' ଯୋଜନାର ଆରମ୍ଭ କରିଛନ୍ତି। କେବଳ ସରକାର ନୁହେଁ, ଆମ ସମସ୍ତଙ୍କ ଭିତରେ କନ୍ୟା ଶିଶୁଟି ପ୍ରତି ଆନ୍ତରିକ ଭଲପାଇବା ସହ ତାଙ୍କର ସ୍ୱର୍ଣ୍ଣିମ ଭବିଷ୍ୟତ ପାଇଁ ନିଜ ନିଜର ଦାୟିତ୍ୱବୋଧତାର ଅଗ୍ରଗତି ଜରୁରି। ତାହେଲେ ଯାଇ ଆଜି ଦିନଟିର ସାର୍ଥକତା ପ୍ରତିପାଦିତ ହେବ। ବିଶ୍ୱର କୋଣ ଅନୁକୋଣରେ ଥିବା ପ୍ରତିଟି ଝିଅ କିପରି ପାଠ ପଢ଼ିବେ, ଶିକ୍ଷିତ ହେବେ, ସମାନ ଅଧିକାର ପାଇବା ସହ କିପରି ସମାଜ କଲ୍ୟାଣ ନିମନ୍ତେ ଗୁରୁତ୍ୱପୂର୍ଣ୍ଣ ଭୂମିକା ନିଭାଇବେ ସେ ବାବଦରେ ଧ୍ୟାନ ଦେବା ଏହି ଦିବସର ମୁଖ୍ୟ ଉଦ୍ଦେଶ୍ୟ।

## ମୃତ୍ୟୁ ପରର ଦୁନିଆ ଦେଖିଥିବା କହିଲେ ଡାକ୍ତର



କଥାରେ ଅଛି, 'ରଖେ ହରି ତ ମାରେ କିଏ'। ଏହାର ଅର୍ଥ ଭଗବାନ ଯାହାକୁ ରକ୍ଷା କରିବାକୁ ଚାହିଁବେ ଅନ୍ୟ କୌଣସି ଶକ୍ତି ସେହି ପ୍ରାଣୀର ଜୀବନ ନେଇପାରିବ ନାହିଁ। ବିଶ୍ୱରେ ଅନେକ ଲୋକ ମୃତ୍ୟୁକୁ ଅତି ନିକଟରେ ଦେଖି ପୁଣି ଜୀବିତ ରହିଥିବା କଥା ଯୁକ୍ତି ବାଢ଼ନ୍ତି। ଏଭଳି ଏକ ଘଟଣା ବିଷୟରେ ନିକଟରେ ଖୋଦ୍ ଜଣେ ଡାକ୍ତର କହିଛନ୍ତି। ଭାରତୀୟ ବଂଶୋଦ୍ଭବ ରାଜୀବ ପାରତୀ ଏକଦା ଆମେରିକାର କାଲିଫର୍ଣ୍ଣିଆ ସ୍ଥିତ ବେକର୍ସଫିଲ୍ଡ ହାର୍ଟ ହସ୍‌ପିଟାଲର ମୁଖ୍ୟ ନିଶ୍ଚେତକ ବିଶେଷଜ୍ଞ ଭାବେ କାର୍ଯ୍ୟ କରୁଥିଲେ। ଏକଦା ସେ କିପରି ମୃତ୍ୟୁକୁ ଅତି ନିକଟରେ ଦେଖିଥିଲେ ସେକଥା ନିକଟରେ ସାମାଜିକ ଗଣମାଧ୍ୟମରେ ସେୟାର୍ କରିଛନ୍ତି। ୨୦୦୮ ମସିହାରେ ତାଙ୍କୁ ୫୧ ବର୍ଷ ହୋଇଥିବାବେଳେ ତାଙ୍କର ମୂତ୍ରାଶୟ କର୍କଟ ଅସ୍ତ୍ରୋପଚାର କରାଯାଇଥିଲା। ଏହିସମୟରେ ହଠାତ୍ ତାଙ୍କର ହୃଦ୍‌ସ୍ପନ୍ଦନ କିଛି ସମୟ ପାଇଁ ବନ୍ଦ ହୋଇଯାଇଥିଲା। କିଛି ସମୟ ପାଇଁ ସେ ମରି ଯାଇଥିଲେ ବୋଲି କହିଛନ୍ତି। ତାଙ୍କ କହିବାନୁସାରେ, ମୃତ୍ୟୁ ପରେ ସେ ଯନ୍ତ୍ରଣା ଜର୍ଜରିତ କିଛି ଲୋକଙ୍କ ଆର୍ତ୍ତ ଚିତ୍କାର ଶୁଣିଥିଲେ। ଏହି ସମୟରେ ସେ ଏକ ଜଳନ୍ତା ରାସ୍ତାରେ ଥିବାର ଅନୁଭବ କଲେ। ତାଙ୍କୁ ପୋଡ଼ା ମାଂସର ଗନ୍ଧ ଆସିଥିଲା। ଧୂଆଁ ତାଙ୍କ ନାକରେ ଭର୍ତ୍ତି ହୋଇଗଲା। ସେତେବେଳେ ସେ ନର୍କଦ୍ୱାରରେ ଥିବା ପରି ଅନୁଭବ କରିଥିବା କୁହନ୍ତି। ଏହାପରେ ତାଙ୍କୁ ଦୁଇଜଣ ଦେବଦୂତ ମିଳିଥିଲେ। ସେମାନେ ତାଙ୍କୁ ନର୍କରୁ ଏକ ସୁଡ଼ଙ୍ଗ ପରି ଦ୍ୱାର ଦେଇ ଏକ ଅଦ୍ଭୁତ ଓ ସୁନ୍ଦର ସ୍ଥାନକୁ ନେଇଗଲେ। ସେଠାରେ ସେ କେବଳ ଉଜ୍ଜ୍ୱଳ ଆଲୋକ ଦେଖିପାରୁଥିଲେ। ସେହି ଆଲୋକରୁ ଜଣେ ବ୍ୟକ୍ତି ବାହାରି ଡାକ୍ତରଙ୍କୁ କିଛି ପ୍ରଶ୍ନ ପଚାରିଥିବା ସେ କହିଥିଲେ। ସେହିସମୟରେ ସେ ଅସ୍ତ୍ରୋପଚାର ଟେବୁଲ ଉପରେ ନିଜକୁ ପଡ଼ିଥିବାର ମଧ୍ୟ ଦେଖିଥିଲେ। ଏହା ତାଙ୍କର ମୃତ୍ୟୁ ପରର ଜୀବନ ଥିଲା ବୋଲି ଡାକ୍ତର ଜଣକ ଦାବି କରିଛନ୍ତି। ଏହି ଘଟଣା ପରେ ତାଙ୍କ ଜୀବନ ସମ୍ପୂର୍ଣ୍ଣ ରୂପେ ବଦଳି ଯାଇଥିଲା। ସେ ତାଙ୍କ ଡାକ୍ତରୀ ପେସା ମଧ୍ୟ ଛାଡ଼ିଦେଇଥିଲେ।



## ଆସିବ 'ବାହୁବଳି ୩'

ସାଉଥ୍ ସୁପରଷ୍ଟାର୍ ପ୍ରଭାସଙ୍କ ଅଭିନୀତ 'ବାହୁବଳି' ଓ 'ବାହୁବଳି ୨'କୁ ନେଇ ଦର୍ଶକଙ୍କ ମଧ୍ୟରେ ବେଶ୍ ଉତ୍ସାହ ଦେଖିବାକୁ ମିଳିଥିଲା। ଦୁଇଟି ଯାକ ଫିଲ୍ମ ବ୍ଲକ୍‌ବଷ୍ଟର୍ ସାବ୍ୟସ୍ତ ହୋଇଥିଲା। ଏବେ ଏହି ଦୁଇଟି ଫିଲ୍ମକୁ ମିଶାଇ ଏସ୍. ଏସ୍. ରାଜମୌଳି 'ବାହୁବଳି: ଦ ଏପିକ୍' ନିର୍ମାଣ କରିଛନ୍ତି। ଏହା ଏଇ ୩୧ରେ ରିଲିଜ୍ ହେବ। ଇତିମଧ୍ୟରେ ଫିଲ୍ମ ନିର୍ମାତା ଶୋଭୁ ୟାର୍ଲାଗଡ୍ଡା 'ବାହୁବଳି ୩'କୁ ନେଇ ଖୁଲାସା କରିଛନ୍ତି। 'ବାହୁବଳି: ଦ ଏପିକ୍'ର ପ୍ରଚାର ସମୟରେ 'ବାହୁବଳି ୩'କୁ ନେଇ କୌଣସି ପ୍ରକାରର ଘୋଷଣା କରାଯିବ ନାହିଁ ବୋଲି ସେ କହିଛନ୍ତି। ଯଦିଓ ଶୋଭୁ ଫିଲ୍ମ ରିଲିଜ୍ କେବେ ହେବ ସେନେଇ କିଛି କହିନାହାନ୍ତି କିନ୍ତୁ ଦର୍ଶକେ ଏହାକୁ ନେଇ ବେଶ୍ ଉତ୍ସାହିତ ଅଛନ୍ତି। ତେବେ 'ବାହୁବଳି: ଦ ଏପିକ୍'ର ଶେଷରେ ଫିଲ୍ମ ନିର୍ମାତା 'ବାହୁବଳି ୩' ବିଷୟରେ କିଛି ସୂଚନା ଦିଆଯାଇପାରେ ବୋଲି ଚର୍ଚ୍ଚା ହେଉଛି।

## ଆମ ବିଦ୍ୟାଳୟ



**କ୍ଷମାନିଧି ଭୋଇ**

ଆମ ବିଦ୍ୟାଳୟ ଶିକ୍ଷାର ଭଣ୍ଡାର
ଦିଶଇ କେଡ଼େ ସୁନ୍ଦର
ଆମକୁ ଦିଅଇ କେତେ କେତେ ଶିକ୍ଷା
ଅଭୁଲା ତା' ଉପକାର।
ତା' ପାଖରେ କେତେ ଗୁରୁଜୀ ଗୁରୁମା
ଅଟନ୍ତି ସତେ ଈଶ୍ୱର
ଶିକ୍ଷା ଦେଇଥାନ୍ତି ସେନେହ ସହିତ
ଅଜ୍ଞାନକୁ କରି ଦୂର।
ବଗିଚା ତାହାର ଆହା କି ସୁନ୍ଦର
ମନ ପ୍ରାଣ ନିଏ ଟାଣି
ସୁରଭିତ ଫୁଲ ସୁଆଦିଆ ଫଳ
ଭରି ରହିଅଛି ପୁଣି।
ପରଜାପତି ଓ ଭଅଁର ଉଡ଼ନ୍ତି
ଫୁଲେ ଫୁଲେ ଚୁମି ଚୁମି
କେତେ ଆନନ୍ଦରେ ଡେଣାକୁ ମେଲେଇ
ଚାରିଆଡ଼େ ଯାନ୍ତି ଘୁମି।
କେତେ ବୈଜ୍ଞାନିକ କେତେ ଗାଣିତିକ
କେତେ କେତେ ରାଜନେତା
ଗଢ଼ି ଦେଇଅଛି ବିଦ୍ୟାଳୟ ଏହି
ଦେଖାଇ ତା' ମହାନତା।
କେତେ ଶାସ୍ତ୍ର ଜ୍ଞାନ କେତେ ତର୍କ ଜ୍ଞାନ
ଇଂରାଜୀ ଓ ଚିତ୍ରାଙ୍କନ
ସାମାଜିକ ପାଠ କେତେ ନାଚ ଗୀତ
ଶିଖିଅଛୁ ତା'ଠୁଁ ପୁଣ।
ଆହା କି ସୁନ୍ଦର ଆମ ବିଦ୍ୟାଳୟ
ଅଟଇ ଶିକ୍ଷା ମନ୍ଦିର
ମଣିଷ ଗଢ଼ା ଏ କାରଖାନା ପରା
ଆମେ ରତନ ତାହାର।
ଆମକୁ ଗଢ଼ଇ ମଣିଷ ପରି ସେ
ସେନେହ ଆଦର କରି
ଆସ ଆମେ ତା'ର କରିବା ବିକାଶ
ତନୁ ମନ ପ୍ରାଣ ଭରି। ■

ସାଗୁନପାଲି, ସମ୍ବଲପୁର
ମୋ -୯୩୮୨୯୨୯୩୩





## ବାଇଆ ବସା






**ମନୀଷା ପଣ୍ଡା**

କି ଦିନ ରାତି ଖରା ବରଷା
ଆନନ୍ଦେ ଝୁଲୁଥାଏ
ଦେଖିଲେ ତା'ର ଟିକି ବସାଟି
ସବୁରି ମନ ପାଏ।
ଗୋଟେଇ ନେଇ କାଠି କୁଟାକୁ
ଅଣ୍ଟେ ପତର ଚିରି,
ବାୟା ଚଢ଼େଇ ଗଢ଼ଇ ବସା
କେତେ ଯତନ କରି।
ବସାଟି ତା'ର ଏଡ଼େ ସୁନ୍ଦର
ଧନ୍ୟ ତା' କାରିଗରୀ,
ଟିକି ମୁଣ୍ଡରେ ଗଦାଏ ବୁଦ୍ଧି
ବିହି ଦେଇଛି ଭରି।
ମାଟିଆ ରଙ୍ଗ ଦେହଟି ତା'ର
ଥଣ୍ଟରେ ପୋକ ଖୁଣ୍ଟି,
ପେଟର ଭୋକ ମେଣ୍ଟାଇ ନିଏ
ଛୁଆଙ୍କୁ ଦିଏ ବାଣ୍ଟି।
ଝୁଲାମୁଣି ଭଳି ଝୁଲାଇ ବସା
ଭିତରେ ଖୋପ କରି,
ଛୁଆଙ୍କୁ ତା'ର ଅତି ଯତନେ
ଆହାର ଦିଏ ଭରି।
କଳି କଜିଆ ରାଗ ରୁଷାରୁ
ବାଇଆର କି' ଯାଏ !
ଗଛରେ ଥାଇ ବାଆ ବେଳେ ତା
ବସାରେ ଝୁଲୁଥାଏ। ■

ଅଙ୍କରାନ୍ତିପୁର, ଢେଙ୍କାନାଳ
ମୋ-୮୨୪୯୬୮୬୦୯୩

## ସୁମନ

## ଭାଲୁର ଆଳୁ ଚାଷ



**ରମେଶ ଚନ୍ଦ୍ର ଦାଶ**

ବିଲୁଆ ଆଳୁ ଚାଷ କରିବା ଦେଖି ବଣରାଇଜର ସମସ୍ତ ପ୍ରାଣୀ ପ୍ରଶଂସା କଲେ। ଏହା ଦେଖି ଭାଲୁ ବି ଆଳୁ ଚାଷ କରିବାକୁ ବାହାରିଲା। ସେ ଦିନେ ସଂଧ୍ୟାରେ ବିଲୁଆ ପାଖରେ ପହଞ୍ଚି ଆଳୁ ଚାଷ ବିଷୟରେ ପଚାରି ବୁଝିଲା। ବିଲୁଆ ବି ଯାହା ଜାଣିଥିଲା ସବୁ କହିଲା। ଶେଷରେ ବିଲୁଆ ଭାଲୁକୁ କହିଲା- ଆଉ ଯାହା ଜାଣିବାର ଅଛି, ଚାଷ ସମୟରେ ନିଜେ ଚେଷ୍ଟାକଲେ ଜାଣିପାରିବ। ଏଥିରେ ଭାଲୁର ମନ ବୁଝିଲା ନାହିଁ। ସେ ବିଲୁଆକୁ କହିଲା- ତୁ ମୋତେ ଅସଲ କଥା ଲୁଚାଉଛୁ। ଆଳୁ ଚାଷ କଲେ ସମସ୍ତେ ମୋତେ ପ୍ରଶଂସା କରିବେ ବୋଲି ତୁ ଈର୍ଷା କରୁଛୁ। ଏତକ କହିବା ସହିତ ଭାଲୁ ନିଜେ ଆଳୁ ଚାଷ କଲା। ମଝିରେ ମଝିରେ ଯାହା ଦରକାର ପଡ଼େ ବିଲୁଆ ପାଖକୁ ଯାଇ ବୁଝେ। ତା'ର ଆଗ୍ରହ ଥିବାରୁ ଆଳୁଚାଷ ଭଲ ହେଲା। ଏହା ଦେଖି ସମସ୍ତେ ପ୍ରଶଂସା କଲେ। ଏପରିକି ନିଜେ ବିଲୁଆ ମଧ୍ୟ ପ୍ରଶଂସା କଲା। ଦିନେ ଭାଲୁ ବିଲୁଆକୁ କହିଲା- ମୋର ବୁଦ୍ଧି ଅଧିକ ଯୋଗୁଁ ମୁଁ ତୋ ଠାରୁ ବଢ଼ିଆ ଆଳୁଚାଷ କଲି। ଏଥିରେ ବିଲୁଆ ଆଶ୍ଚର୍ଯ୍ୟ ହୋଇଗଲା। ସେ ଆଉ କିଛି ନ କହି କହିଲା- ହଁ ହଁ ନିଶ୍ଚୟ। ତୁମେ ତ ବୟସରେ ବଡ଼। ତୁମର ବୁଦ୍ଧି ବି ଅଧିକ। ତେଣୁ ତୁମ ଆଳୁ ଚାଷ ବଢ଼ିଆ ହୋଇଛି। ମୋର ସେଭଳି କରିବାର ଯୋଗ୍ୟତା ନାହିଁ। ଏହା ଶୁଣି ଭାଲୁର ମନ କୁଣ୍ଢେମୋଟ ହୋଇଗଲା। ବିଲୁଆ ଓ ଭାଲୁର କଥାବାର୍ତ୍ତା ସମୟରେ ଶୁଆଟିଏ ସେଇବାଟେ ଯାଉଥିଲା। ଭାଲୁ ଯେଉଁଦିନ ବିଲୁଆ ପାଖକୁ ଯାଇ ଆଳୁଚାଷ ସମ୍ପର୍କରେ ବୁଝୁଥିଲା, ସେଦିନ ବି ଶୁଆଟି ଗଛ ଡାଳରେ ରହି ସବୁ ଶୁଣିଥିଲା। ସେ ନିଜକୁ ସମ୍ଭାଳି ନ ପାରି ଭାଲୁକୁ କହିଲା- ମଉସା, ତୁମେ ବଡ଼ ଠକ। ତୁମକୁ ଆଳୁଚାଷ ବିଷୟରେ କିଛି ଜଣା ନ ଥିଲା। ବିଲୁଆ ଠାରୁ ଶିଖି ଆଳୁ ଚାଷ କଲ। ସେଥିରେ ବିଲୁଆକୁ ଧନ୍ୟବାଦ ନ ଦେଇ ନିଜକୁ ବୁଦ୍ଧିଆ ବୋଲି କହୁଛ, ଲାଜ ଲାଗୁନାହିଁ। ଏହା ଶୁଣି ଭାଲୁର ମୁହଁ ଶୁଖିଗଲା। ସେ ବିଲୁଆ ପାଖରେ ନିଜର ଭୁଲ ପାଇଁ କ୍ଷମା ପ୍ରାର୍ଥନା କଲା। ■

ଶିକ୍ଷାଶ୍ରୀ ଲେନ୍, କୁମ୍ଭାରପଡ଼ା, ପୁରୀ
ମୋ- ୯୭୭୨୨୩୮୫୨୨

## ପ୍ରହେଳିକା

ହେମନ୍ତ ଋତୁରେ ସେ ମାସ ଆସେ
ଧର୍ମ ମାସ ବୋଲି ରାଇଜ ହସେ
ବୃନ୍ଦାବତୀ ପାଶେ ବସିକି ଆଇ
ତପ ଜପ କରେ ପ୍ରଭୁଙ୍କୁ ଧ୍ୟାୟୀ
ଶିରୀ ମନ୍ଦିରରେ ହୁଏ ଗହଳି
ବ୍ରତ ପାଳିଥାନ୍ତି ହବିଷିଆଳୀ
ପଞ୍ଚୁକରେ ହୁଏ ଶରତ ରାସ
ଏବେ କୁହ ମିତ ସେ କେଉଁ ମାସ।

ଉତ୍ତର-କାର୍ତ୍ତିକ ମାସ

ବାରଟିଏ ସିଏ କାର୍ତ୍ତିକ ମାସେ
ସାରା ଶୈବପୀଠ ଗହଳି ଦିଶେ
ସଭିଏଁ କରନ୍ତି ଜଳ ଅର୍ପଣ
ଶିବ କରିଥାନ୍ତି ରିଷ୍ଟ ଖଣ୍ଡନ
ଶୁଭ ବାର ବୋଲି ଖ୍ୟାତ
ଶିବ ପୂଜା କଲେ ପୂଣ୍ୟ ମିଳିଥାଏ
କୁହ ତା'ର ନାମ ମିତ।

ଉତ୍ତର-ସୋମବାର

ରାମଚନ୍ଦ୍ର ବେହେରା
ତେନ୍ତୁଳିପଦା, ଜଗତସିଂହପୁର
ମୋ-୭୩୫୫୬୩୪୩୪୬

## ତୁମ ଅଙ୍କନ






**ଅଦ୍ୱିତା ବିଶ୍ୱାଳ**
ତୃତୀୟ ଶ୍ରେଣୀ
ଡିଏଭି ପବ୍ଲିକ୍ ସ୍କୁଲ
ପୋଖରୀପୁଟ
ଭୁବନେଶ୍ୱର






**ଶାନ୍ତନୁ ଶାନ୍ତିସ୍ୱରୂପ**
ଷଷ୍ଠ ଶ୍ରେଣୀ
ସରସ୍ୱତୀ ବିଦ୍ୟାମନ୍ଦିର
ଭୀମଟାଙ୍ଗି
ଭୁବନେଶ୍ୱର





**କୀର୍ତ୍ତି କ୍ରିଷ୍ଟା ରାଉତ**
ଅଷ୍ଟମ ଶ୍ରେଣୀ
ଓଡ଼ିଶା ଆଦର୍ଶ ବିଦ୍ୟାଳୟ
ହଂସପଡ଼ା, ପୁରୀ





**ଆରୁଷି ପଟ୍ଟନାୟକ**
ପଞ୍ଚମ ଶ୍ରେଣୀ
ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିର
ଶାନ୍ତାସାହି, କେନ୍ଦ୍ରାପଡ଼ା

## ଦ୍ୱିତୀୟ ଟେଷ୍ଟରେ ଜୟସ୍ୱାଲଙ୍କ ଅପରାଜିତ ଶତକ

# ପ୍ରଥମ ଦିନରେ ଭାରତ ୩୧୮/୨

ନୂଆଦିଲ୍ଲୀ,୧୦।୧୦(ଏଜେନ୍ସି)



ଯଶସ୍ୱୀ ଜୟସ୍ୱାଲ: ୧୭୩*

ଯୁବ ଓପନର ଯଶସ୍ୱୀ ଜୟସ୍ୱାଲଙ୍କର ଆକ୍ରମଣାତ୍ମକ ୧୭୩ ରନ୍ ସହାୟତାରେ ଏଠାରେ ୱେଷ୍ଟଇଣ୍ଡିଜ୍ ସହ ଆରମ୍ଭ ହୋଇଥିବା ଦ୍ୱିତୀୟ ଟେଷ୍ଟର ପ୍ରଥମ ଦିନରେ ଭାରତ ପ୍ରାଧାନ୍ୟ ବିସ୍ତାର କରିଛି। ଜୟସ୍ୱାଲ ତାଙ୍କ ଟେଷ୍ଟ କ୍ୟାରିୟରର ୭ମ ଶତକ ଓ ଦ୍ୱିତୀୟ ୱିକେଟ ଯୋଡିରେ ସାଇ ସୁଦର୍ଶନଙ୍କ ସହ ୧୯୩ ରନ୍ ସଂଗ୍ରହ କରିବା ଫଳରେ ପ୍ରଥମ ଦିନ ଷ୍ଟମ୍ପ ଅପସାରଣ ବେଳକୁ ଭାରତ ପ୍ରଥମ ଇନିଂସରେ ୨ ୱିକେଟ ହରାଇ ୩୧୮ ରନ୍ ସଂଗ୍ରହ କରିନେଇଛି। ଏହି ସମୟରେ ଜୟସ୍ୱାଲଙ୍କ ସହ ଅଧିନାୟକ ଶୁବମନ ଗିଲ ୨୦ ରନ୍‌ରେ ଅପରାଜିତ ରହିଛନ୍ତି। ଭାରତ ପକ୍ଷରୁ ଆଉଟ ହୋଇଥିବା ଦୁଇ ଖେଳାଳିଙ୍କ ମଧ୍ୟରୁ ଓପନର ଲୋକେଶ ରାହୁଲ ୩୮ ଓ ସୁଦର୍ଶନ ୮୭ ରନ୍ କରିଥିଲେ। ୱେଷ୍ଟଇଣ୍ଡିଜ୍ ପକ୍ଷରୁ ବାମହାତୀ ସ୍ପିନର ଜୋମେଲ ୱାରିକାନ ୨ଟି ଯାକ ୱିକେଟ ଅକ୍ତିଆର କରିଥିଲେ। ଟସ୍ ଜିତିଥିବା ଭାରତ ଏଠାରେ ସିରିଜ୍ ସୁଇପ୍ ଲକ୍ଷ୍ୟ ନେଇ ପ୍ରଥମେ ବ୍ୟାଟିଂ କରିଥିଲା। ଅନ୍ୟ ପକ୍ଷରେ କ୍ରମାଗତ କ୍ଲିନ୍ ସୁଇପ୍ ଏଡାଇବା ଲାଗି ୱେଷ୍ଟଇଣ୍ଡିଜ୍ ସମସ୍ତ ପ୍ରକାର ଉଦ୍ୟମ କରିବ ବୋଲି ଅଧିନାୟକ ରୋଷ୍ଟୋନ ଚେଜ୍ କହିଥିଲେ।

ଏଠାରେ ଟସ୍ ଜିତିବା ପରେ ଶୁବମନ ଗିଲ୍ ପ୍ରଥମେ ବ୍ୟାଟିଂ କରିବାକୁ ନିଷ୍ପତ୍ତି ନେଇଥିଲେ। ଦୁଇ ଓପନର ଜୟସ୍ୱାଲ ଓ ରାହୁଲ ପ୍ରଥମ ୱିକେଟରେ ୫୮ ରନ୍ ଉଠାଇଥିଲେ। ଏମାନେ କୌଣସି ଅସୁବିଧାର ସମ୍ମୁଖୀନ ହୋଇ ନ ଥିଲେ ମଧ୍ୟ ପ୍ରତିପକ୍ଷ ବାମହାତୀ ସ୍ପିନର ଜୋମେଲ ୱାରିକାନ୍‌ଙ୍କ ପ୍ରଥମ ଓଭରରେ ଓଭର ଷ୍ଟେପ୍ କରି ସଟ୍ ମାରିବାକୁ ଚେଷ୍ଟା କରିଥିବା ରାହୁଲ ୩୮ ରନ୍‌ରେ ଷ୍ଟମ୍ପ୍ ଆଉଟ ହୋଇଯାଇଥିଲେ। ଯାହା ଫଳରେ ୱେଷ୍ଟଇଣ୍ଡିଜ୍‌କୁ ବ୍ରେକ୍ ଥ୍ରୁ ଦେବାରେ ୱାରିକାନ ସମର୍ଥ ହୋଇଥିଲେ। ରାହୁଲଙ୍କ ଆଉଟ ପରେ ଜୟସ୍ୱାଲଙ୍କ ଓ ସାଇ ସୁଦର୍ଶନ ଲଞ୍ଚ୍ ସୁଦ୍ଧା ୧ ୱିକେଟରେ ୯୪ ରନ୍ କରିଥିଲା। ଲଞ୍ଚ୍ ପରେ ଉଭୟ ଖେଳାଳି ଆକ୍ରମଣାତ୍ମକ ବ୍ୟାଟିଂ କରି ଉନ୍ନତ ହାରରେ ରନ୍ ସଂଗ୍ରହ କରିଥିଲେ। ଯାହା ଫଳରେ ସୁଦର୍ଶନ ୫୮ ରନ୍ କରିଥିଲାବେଳେ ଆଉଟ ହେବାର ଏକ ସୁଯୋଗ ଦେଇଥିଲେ। ତାହାକୁ କିନ୍ତୁ ୱେଷ୍ଟଇଣ୍ଡିଜ୍ ହାତଛଡ଼ା କରିଥିଲା। ଯାହା ଫଳରେ ଜୟସ୍ୱାଲ ଓ ସୁଦର୍ଶନଙ୍କ ଭାଗୀଦାରିରୁ ୧୯୩ ରନ୍ ମିଳିଥିଲା। ସୁଦର୍ଶନ ତାଙ୍କ ସ୍ୱଳ୍ପ ଟେଷ୍ଟ କ୍ୟାରିୟରରେ ଦ୍ୱିତୀୟ ଅର୍ଦ୍ଧଶତକ ହାସଲ କରିଥିଲେ। ଅନ୍ୟ ପକ୍ଷରେ ଜୟସ୍ୱାଲ ୨୬ତମ ଟେଷ୍ଟରେ ୭ମ ଶତକ ହାସଲ କରି ଶେଷ ପର୍ଯ୍ୟନ୍ତ ଅପରାଜିତ ରହିଥିଲେ। ଏହି ୭ଟି ଶତକ ମଧ୍ୟରେ ସେ ୫ମଥର ଲାଗି ୧୫୦ କିମ୍ବା ତା'ଠାରୁ ଅଧିକ ରନ୍ ସଂଗ୍ରହ କରିଥିଲେ। ଏହା ମଧ୍ୟରେ ୱେଷ୍ଟଇଣ୍ଡିଜ୍ ବିପକ୍ଷ ଡେବ୍ୟୁ ଟେଷ୍ଟରେ ୧୭୧ ରନ୍ ସାମିଲ। ଟେଷ୍ଟର ପ୍ରଥମ ଦିନରେ ଜୟସ୍ୱାଲ ଭାରତ ଲାଗି ଚତୁର୍ଥ ସର୍ବାଧିକ ସ୍କୋର କରିଛନ୍ତି। ତାଙ୍କ ପୂର୍ବରୁ ୨୦୦୭ରେ କୋଲକାତା ଟେଷ୍ଟର ପାକିସ୍ତାନ ବିପକ୍ଷରେ ୱାସିମ୍ ଜାଫର ୧୯୨, ୨୦୧୭ ଗଲ ଟେଷ୍ଟର ଶ୍ରୀଲଙ୍କା ବିପକ୍ଷରେ ଶିଖର ଧାୱନ ୧୯୦ ଓ ୨୦୨୪ ଭାଇଜାଗ ଟେଷ୍ଟରେ ଇଂଲଣ୍ଡ ବିପକ୍ଷରେ ଜୟସ୍ୱାଲ ୧୭୯ ରନ୍ କରିଥିଲେ।

ତୃତୀୟ ସେସନରେ ସୁଦର୍ଶନଙ୍କ ଆଉଟ ହେବା ପରେ ଜୟସ୍ୱାଲଙ୍କ ସହ ଯୋଗ ଦେଇ ଅଧିନାୟକ ଶୁବମନ ଗିଲ ଆକ୍ରମଣାତ୍ମକ ବ୍ୟାଟିଂ କରିଥିଲେ। ଉଭୟ ଖେଳାଳିଙ୍କ ଡିଫେନ୍ସ ଏତେ ଷ୍ଟ୍ରଙ୍ଗ୍ ହୋଇଥିଲା ଯେ, ୱେଷ୍ଟଇଣ୍ଡିଜ୍ ବୋଲରମାନେ ଆଉଟ କରିବାକୁ ସୁଯୋଗ ସୃଷ୍ଟି କରିପାରି ନ ଥିଲେ। ଗିଲ ୨୦ ରନ୍ କରି ଜୟସ୍ୱାଲଙ୍କ ସହ ଅପରାଜିତ ରହିଥିଲେ। ସେ ୨୫୩ଟି ବଲ୍‌ର ସାମ୍ନା କରି ୨୨ ଚୌକା ସହ ୧୭୩ ରନ୍ କରି ଶେଷଯାଏ ଅପରାଜିତ ରହିଥିଲେ।

ୱେଷ୍ଟଇଣ୍ଡିଜ୍ ପକ୍ଷରୁ କୌଣସି ବୋଲର ଭାରତୀୟ ବ୍ୟାଟରଙ୍କ ଉପରେ ପ୍ରଭାବ ବିସ୍ତାର କରିବାରେ ସମର୍ଥ ହୋଇ ନ ଥିଲେ। କିନ୍ତୁ ୨ରୁ ୩ଟି ସ୍ପେଲ୍‌ରେ ଟାଇଟ ବୋଲିଂ କରି ରନ୍ ସଂଗ୍ରହ ହାର କମାଇଦେଇଥିଲେ। ଦଳର ବାମହାତୀ ସ୍ପିନର ଜୋମେଲ ୱାରିକାନ୍‌ଙ୍କୁ ୨ଟି ଯାକ ଭାରତୀୟ ୱିକେଟ ମିଳିଥିଲା। ରାହୁଲଙ୍କୁ ଆଉଟ କରିବା ଲାଗି ସେ ୮.୪ ଡିଗ୍ରି ଓ ସୁଦର୍ଶନଙ୍କୁ ଏଲବିଡବ୍ଲ୍ୟୁ କରିବାକୁ ୬.୪ ଡିଗ୍ରିରେ ବଲ ଟର୍ଣ୍ଣ କରାଇଥିଲେ। ଏହାକୁ ବାଦ୍ ଦେଲେ ଆଉ କୌଣସି ବଲ ଏତେ ଟର୍ଣ୍ଣ ନେଇ ନ ଥିଲା। ପ୍ରଥମ ଟେଷ୍ଟରେ ଇନିଂସ ବିଜୟ ହାସଲ କରିଥିବା ଭାରତୀୟ ଦଳ କୌଣସି ଖେଳାଳି ପରିବର୍ତ୍ତନ ନ କରି ଏହି ମ୍ୟାଚ୍ ଖେଳିଥିଲା। କିନ୍ତୁ ୱେଷ୍ଟଇଣ୍ଡିଜ୍ ଦୁଇ ଜଣ ଖେଳାଳି ବଦଳାଇଥିଲା। ବ୍ରାଣ୍ଡନ କିଙ୍ଗ୍‌ଙ୍କ ସ୍ଥାନରେ ଯୁବ ୱିକେଟରକ୍ଷକ ଟେଭିନ ଇମ୍‌ଲାଚ୍ ଏଠାରେ ଡେବ୍ୟୁ କରିଛନ୍ତି। ସେହିପରି ଜୋହାନ ଲେନ୍‌ଙ୍କ ସ୍ଥାନରେ ଆଣ୍ଡରସନ ଫିଲିପ୍‌ଙ୍କୁ ସାମିଲ କରାଯାଇଛି।

### ସ୍କୋର ବୋର୍ଡ

**ଭାରତ ପ୍ରଥମ ଇନିଂସ: ୩୧୮/୨, ୯୦ ଓଭର** (ଯଶସ୍ୱୀ ଜୟସ୍ୱାଲ-ବ୍ୟାଟିଂ-୧୭୩, ଲୋକେଶ ରାହୁଲ-ଷ୍ଟମ୍ପ୍. ଇମ୍‌ଲାଚ୍ ବୋ.ୱାରିକାନ୍-୩୮, ସାଇ ସୁଦର୍ଶନ-ଏଲ୍‌ବିଡବ୍ଲ୍ୟୁ ବୋ.ୱାରିକାନ୍-୮୭, ଶୁବମନ ଗିଲ-ବ୍ୟାଟିଂ-୨୦, ଅତିରିକ୍ତ-୦)।

**ୱିକେଟ ପତନ:** ୧/୫୮ (ରାହୁଲ), ୨/୨୫୧ (ସୁଦର୍ଶନ)।

**ବୋଲିଂ ବିଶ୍ଳେଷଣ (ୱେଷ୍ଟଇଣ୍ଡିଜ୍):** ଜେଡେନ ସିଲ୍ସ: ୧୬-୧-୫୯-୦, ଆଣ୍ଡରସନ ଫିଲିପ୍: ୧୩-୨-୪୪-୦, ଜଷ୍ଟିନ ଗ୍ରିଭ୍‌ସ: ୮-୧-୨୬-୦, ଖାରୀ ପିଏରେ: ୨୦-୧-୭୪-୦, ଜୋମେଲ ୱାରିକାନ୍: ୨୦-୩-୬୦-୨, ରୋଷ୍ଟୋନ ଚେଜ୍: ୧୩-୦-୫୫-୦।

## କିଂବଦନ୍ତିଙ୍କ ସହ ସମକକ୍ଷ ହେଲେ ଓପନର୍ ଯଶସ୍ୱୀ

ନୂଆଦିଲ୍ଲୀ,୧୦।୧୦(ଏଜେନ୍ସି): ଏଠାରେ ୱେଷ୍ଟଇଣ୍ଡିଜ୍ ସହ ଆରମ୍ଭ ହୋଇଥିବା ଦ୍ୱିତୀୟ ଟେଷ୍ଟର ପ୍ରଥମ ଦିନରେ ଭାରତୀୟ ଓପନର ଯଶସ୍ୱୀ ଜୟସ୍ୱାଲ ୧୭୩ ରନ୍ କରି କିଂବଦନ୍ତିଙ୍କ ସହ ସକମକ୍ଷ ହୋଇପାରିଛନ୍ତି। ୧୪୫ ବଲ୍‌ରେ ୭ମ ଟେଷ୍ଟ ଶତକ ହାସଲ କରିଥିବା ଏହି ଯୁବ ଓପନର ଏକ ମାଇଲଖୁଣ୍ଟ ଅତିକ୍ରମ କରିଛନ୍ତି। ୨୪ ବର୍ଷ ବୟସ ହେବା ପୂର୍ବରୁ ଜୟସ୍ୱାଲ ୭ଟି ଶତକ ହାସଲ କରି ପାକିସ୍ତାନର ଜାଭେଦ୍ ମିଆଁଦାଦ୍, ଦକ୍ଷିଣ ଆଫ୍ରିକାର ଗ୍ରେମ୍ ସ୍ମିଥ୍, ଇଂଲଣ୍ଡର ଆଲିଷ୍ଟର କୁକ୍ ଓ ନ୍ୟୁଜିଲାଣ୍ଡର କେନ୍ ୱିଲିୟମସନଙ୍କ ସହ ସମକକ୍ଷ ହୋଇଛନ୍ତି। ଏମାନଙ୍କଠାରୁ କେବଳ ୩ଜଣ ଖେଳାଳି ୨୪ ବର୍ଷ ବୟସରେ ଅଧିକ ଶତକ ହାସଲ କରିବାର ରେକର୍ଡ କରିଛନ୍ତି। ସେମାନେ ହେଲେ ଡନ୍ ବ୍ରାଡ୍‌ମ୍ୟାନ୍ ୧୨ଟି, ସଚିନ ତେନ୍ଦୁଲକର ୧୧ଟି ଓ ଗାରଫିଲ୍ଡ ସୋବର୍ସ ୯ଟି ଶତକ ହାସଲ କରିଥିଲେ। ଯଶସ୍ୱୀ ଜୟସ୍ୱାଲ ଟେଷ୍ଟ ଡେବ୍ୟୁ କରିବା ପରେ ୭ଟି ଶତକ ହାସଲ କରିଥିଲାବେଳେ ତାଙ୍କର ପାର୍ଟନର ହୋଇଥିବା ସମସ୍ତ ଖେଳାଳି ମାତ୍ର ୬ଟି ଶତକ କରିପାରିଛନ୍ତି। ଏହି ସମୟରେ ଇଂଲଣ୍ଡର ବେନ୍ ଡକେଟ ୪ଟି ଶତକ ହାସଲ କରି ଦ୍ୱିତୀୟ ସ୍ଥାନରେ ରହିଛନ୍ତି। ଏହାଛଡ଼ା ଅନ୍ତର୍ଜାତୀୟ କ୍ରିକେଟରେ ଯଶସ୍ୱୀ ୫୦ତମ ମ୍ୟାଚ୍‌ରେ ୩୦୦୦ ରନ୍ ପୂରଣ କରିବାରେ ସମର୍ଥ ହୋଇଛନ୍ତି। ଏହି ରନ୍ ସହ ସେ କେତେ ପରିପକ୍ୱ ହୋଇଛନ୍ତି, ତାହାର ଝଲକ ଏଠାରେ ଦେଇଛନ୍ତି।

■ ମହିଳା ବିଶ୍ୱକପ୍ କ୍ରିକେଟ

## ବାଂଲାର ଶୋଚନୀୟ ପରାଜୟ

ଗୁଆହାଟୀ,୧୦।୧୦(ଏଜେନ୍ସି): ଏଠାରେ ଶୁକ୍ରବାର ଅନୁଷ୍ଠିତ ନ୍ୟୁଜିଲାଣ୍ଡ ବିପକ୍ଷ ମହିଳା ବିଶ୍ୱକପ୍ ମୁକାବିଲାରେ ବାଂଲାଦେଶ ଶୋଚନୀୟ ପ୍ରଦର୍ଶନ କରିଛି। ନ୍ୟୁଜିଲାଣ୍ଡ ପ୍ରଦତ୍ତ ୨୨୮ ରନ୍‌ର ବିଜୟ ଲକ୍ଷ୍ୟକୁ ପିଛା କରି ୨୭ ଓଭର ଖେଳ ଶେଷସୁଦ୍ଧା ବାଂଲାଦେଶ ୭ ୱିକେଟରେ ୭୫ ରନ୍ କରି ପରାଜର ସମ୍ମୁଖୀନ ହୋଇଛି। ଏହି ସମୟରେ ଫାହିମା ଖାତୁନ ୧୯ ଓ ରାବେୟା ଖାନ୍ କୌଣସି ରନ୍ ନକରି ବ୍ୟାଟିଂ କରୁଥିଲେ। ନ୍ୟୁଜିଲାଣ୍ଡ ପକ୍ଷରୁ ୩ ପେସ ବୋଲର ରୋଜ୍‌ମେରୀ ମେୟାର, ଜେସ୍ କେର ଓ ଲିଆ ତାହୁହୁ ୨ଟି ଲେଖାଏଁ ୱିକେଟ ନେଇ ବାଂଲାର ବ୍ୟାଟିଂ ବିପର୍ଯ୍ୟୟ ରଚନା କରିଥିଲେ। ପୂର୍ବରୁ ଅଧିନାୟିକା ସୋଫି ଡିଭାଇନଙ୍କ ୬୩ ଓ ବ୍ରୁକ୍ ହ୍ୟାଲିଡେ'ଙ୍କ ୬୯ ରନ୍ ସହାୟତାରେ ପ୍ରଥମେ ବ୍ୟାଟିଂ କରି ନ୍ୟୁଜିଲାଣ୍ଡ ନିର୍ଦ୍ଧାରିତ ୫୦ ଓଭରରେ ୯ ୱିକେଟ ହରାଇ ୨୨୭ ରନ୍ କରିଥିଲା। ଅନ୍ୟମାନଙ୍କ ମଧ୍ୟରେ ସୁଜି ବେଟ୍ସ ୨୯ ଓ ମ୍ୟାଡି ଗ୍ରୀନ୍ ୨୫ ରନ୍ କରି ଉପଯୋଗୀ ସହାୟତା ଦେଇଥିଲେ। ବାଂଲା ପକ୍ଷରୁ ରାବେୟା ଖାନ୍ ସର୍ବାଧିକ ୩ଟି ୱିକେଟ ପାଇଥିଲେ।

**ଆଜିର ମ୍ୟାଚ୍**
ଇଂଲଣ୍ଡ-ଶ୍ରୀଲଙ୍କା
ଆରମ୍ଭ : ଅପରାହ୍ଣ ୩ଟା
ସ୍ଥାନ : କଲମ୍ବୋ

● ସିକେ ନାଇଡୁ ଟ୍ରଫି

## ସାଇଦୀପଙ୍କୁ ରାଜ୍ୟ ଦଳର ନେତୃତ୍ୱ

କଟକ,୧୦।୧୦(ସମିସ): ଆସନ୍ତା ୧୬ ତାରିଖରୁ ୨୩ବର୍ଷରୁ କମ୍ ପୁରୁଷ ସି.କେ ନାଇଡୁ ଟ୍ରଫି ଆରମ୍ଭ ହେବ। ଏଥି ନିମନ୍ତେ ଆଜି ଓଡ଼ିଶା କ୍ରିକେଟ ଆସୋସିଏସନ(ଓସିଏ) ପକ୍ଷରୁ ୧୫ଜଣିଆ ରାଜ୍ୟ ଦଳ ଘୋଷଣା କରାଯାଇଛି। ଏହି ପରିପ୍ରେକ୍ଷୀରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ବରିଷ୍ଠ ଦଳ ଚୟନ କମିଟି ସଦସ୍ୟ ଅବକାଶ ଖଟୁଆ, ୨୩ବର୍ଷରୁ କମ୍ ପୁରୁଷ ଦଳର ମୁଖ୍ୟ କୋଚ୍ ସୁବିତ ବିଶ୍ୱାଳ, ସହକାରୀ କୋଚ୍ ବିଭୂଦତ୍ତ ପଣ୍ଡା ଉପସ୍ଥିତ ରହି ଦଳ ଘୋଷଣା ନେଇ ସୂଚନା ଦେଇଥିଲେ। ସାଇଦୀପ ମହାପାତ୍ର ରାଜ୍ୟ ଦଳର ନେତୃତ୍ୱ ନେବେ। ଓମ ଟି ମୁଣ୍ଡେଙ୍କୁ ଦଳର ଉପଅଧିନାୟକ ଦାୟିତ୍ୱ ମିଳିଛି। ଦଳରେ ଆୟୁଷ ସୂତାର, ପାନକଳ ଶଶାଙ୍କ, ଶ୍ରେୟାଂଶ ଭରଦ୍ୱାଜ, ସୁଜଳ ସିଂହ, ଦିନେଶ ମାଝୀ(ୱିକେଟ କିପର), ଆକାଶ ମହାପାତ୍ର(ୱିକେଟ କିପର), ବିମଳ କୁମାର, ମହମ୍ମଦ ଡାନିସ୍, ସୌମ୍ୟ ରଞ୍ଜନ ଲେଙ୍କା, ଆୟୁଷ ବାରିକ, ରିତେଶ ପ୍ରିୟରଞ୍ଜନ, ମହମ୍ମଦ ସୋହେଲ, ଆଶୁତୋଷ ଛୁରିଆ ସ୍ଥାନ ପାଇଛନ୍ତି। ହାଇଦ୍ରାବାଦର ରାଜୀବ ଗାନ୍ଧି ଅନ୍ତର୍ଜାତୀୟ ଷ୍ଟାଡିୟମରେ ୧୬ରୁ ୧୯ ତାରିଖ ପର୍ଯ୍ୟନ୍ତ ଘରୋଇ ହାଇଦ୍ରାବାଦ ବିପକ୍ଷରେ ଓଡ଼ିଶା ପ୍ରଥମ ମ୍ୟାଚ୍ ଖେଳିବ।

● ଜାତୀୟ ଜୁ ଜିତ୍‌ସୁ ପ୍ରତିଯୋଗିତା

## ପ୍ରଥମ ଦିନରେ ଓଡ଼ିଶାକୁ ୬ ପଦକ




ଭୁବନେଶ୍ୱର,୧୦।୧୦(ସମିସ): ଜାତୀୟ ୨୧ ବର୍ଷରୁ କମ୍ ଏବଂ ବରିଷ୍ଠ ଜାତୀୟ ଜୁ ଜିତ୍‌ସୁ ପ୍ରତିଯୋଗିତାର ପ୍ରଥମ ଦିନରେ ଓଡ଼ିଶାକୁ ୬ଟି ପଦକ ମିଳିଛି। ଉତ୍ତରପ୍ରଦେଶର ସାହରଣପୁରଠାରେ ଅନୁଷ୍ଠିତ ଏହି ପ୍ରତିଯୋଗିତାରେ ଓଡ଼ିଶାର ଖେଳାଳିମାନେ ୩ ସ୍ୱର୍ଣ୍ଣ ଓ ୩ ରୌପ୍ୟ ପଦକ ହାସଲ କରିଛନ୍ତି। ବରିଷ୍ଠ ମହିଳା ଫାଇଟିଂ ସିଷ୍ଟମରେ ଅନୁପମା ସ୍ୱାଇଁ ଓ ରୋଜାଲିନ୍ ପାଲ, ୨୧ ବର୍ଷରୁ କମ୍ ନେ-ୱାଜାର ୪୫ କିଲୋଗ୍ରାମ୍‌ରେ ସୁମନ୍ତ କୁମାର ସାହୁ ସ୍ୱର୍ଣ୍ଣ ପଦକ ବିଜୟୀ ହୋଇଛନ୍ତି। ବରିଷ୍ଠ ଫାଇଟିଂରେ ନିରୁପମା ସ୍ୱାଇଁ, ବିଦ୍ୟା ପୃଷ୍ଟି ଓ ପ୍ରିୟଦର୍ଶିନୀ ଘଟୁଆରୀ ରୌପ୍ୟ ପଦକ ହାସଲ କରିଛନ୍ତି।

● ୧୯ ବର୍ଷରୁ କମ୍ ମହିଳା ଟି-୨୦

## ୧୬ ଜଣିଆ ରାଜ୍ୟ ଦଳ ଘୋଷିତ

କଟକ,୧୦।୧୦(ସମିସ): ଅକ୍ଟୋବରୁ ୨୬ରୁ ୧୯ବର୍ଷରୁ କମ୍ ମହିଳା ଟି-୨୦ ଟ୍ରଫି ଆରମ୍ଭ ହେବ। ଆଜି ଓସିଏ ସମ୍ମିଳନୀ କକ୍ଷରେ ମହିଳା ଚୟନ କମିଟି ସଦସ୍ୟା ଶୁଭ୍ରାଂଶୁବାଳା ଭୂୟାଁ ଓ ୧୯ବର୍ଷରୁ କମ୍ ମହିଳା ଦଳ କୋଚ୍ କାଦମ୍ବିନୀ ମହାକୁଡ ଉପସ୍ଥିତ ରହି ରାଜ୍ୟ ଦଳ ଘୋଷଣା କରିଥିଲେ। ଘୋଷିତ ୧୬ଜଣିଆ ଦଳରେ ପ୍ରିୟଙ୍କାରୀ ମୁଦୁଲିଙ୍କୁ ନେତୃତ୍ୱ ଦିଆଯାଇଛି। ଅନନ୍ୟା ପ୍ରିୟଦର୍ଶିନୀ ରାଉତ, ଆଞ୍ଚେଲ ରାଜ(ୱିକେଟ କିପର), ଅନୁଷ୍କା ମହାନ୍ତି(ୱିକେଟ କିପର), ଅନ୍ୱେଷା ବିଶ୍ୱାଳ, ଅର୍ଚ୍ଚନା ରାଉତ, ବିଜୟଲକ୍ଷ୍ମୀ ବେହେରା, ଇପସିତା ପରିଡା, ଯଶମଣି ମୁର୍ମୁ, ମେଘା ପ୍ରଧାନ, ଶୁଭଶ୍ରୀ ପ୍ରିୟଦର୍ଶିନୀ ପରମାଣିକ, ଶୀତଲ ରାଉତ, ଶ୍ରେୟା ପ୍ରିୟଦର୍ଶିନୀ, ଶୁଭଲକ୍ଷ୍ମୀ ସିଂହ, ସ୍ୱାତିକା ବେହେରା, ଯୁବଲୀପି ପରିଡ଼ା ଦଳରେ ରହିଛନ୍ତି। ରାୟପୁରର ଆରଡିସିଏ ଗ୍ରାଉଣ୍ଡରେ ସୌରାଷ୍ଟ୍ର ବିପକ୍ଷରେ ଓଡ଼ିଶା ପ୍ରଥମ ମ୍ୟାଚ୍ ଖେଳିବ।

ସ୍ୱତନ୍ତ୍ର ଭାରତ ଅଲିମ୍ପିକ୍ସ ବାସ୍କେଟବଲ

## ଓଡ଼ିଶା ପୁରୁଷ ଦଳକୁ କାଂସ୍ୟ




ଭୁବନେଶ୍ୱର,୧୦।୧୦(ସମିସ): ସ୍ୱତନ୍ତ୍ର ଭାରତ ଅଲିମ୍ପିକ୍ସରେ ପ୍ରଥମଥର ଆୟୋଜିତ ବାସ୍କେଟବଲ ଜାତୀୟ ପ୍ରତିଯୋଗିତାରେ ଓଡ଼ିଶା ପୁରୁଷ ଦଳ କାଂସ୍ୟ ପଦକରେ ସନ୍ତୁଷ୍ଟ ହୋଇଛି। ଖୋର୍ଦ୍ଧାର କେଟି ଗ୍ଲୋବାଲ ସ୍କୁଲ ପରିସରରେ ଅକ୍ଟୋବର ୫ରୁ ୯ ତାରିଖଯାଏ ୪ଟି ଦଳକୁ ନେଇ ଏହି ପ୍ରତିଯୋଗିତା ଆୟୋଜିତ ହୋଇଥିଲା। ଏଥିରେ ଓଡ଼ିଶା ପ୍ରଥମ ମ୍ୟାଚ୍‌ରେ ଉତ୍ତରପ୍ରଦେଶକୁ ୧୮-୪ ପଏଣ୍ଟରେ ପରାସ୍ତ କରିଥିଲା। ଏହା ପରେ ଦଳ ମହାରାଷ୍ଟ୍ରଠାରୁ ୧୨-୧୧ ଓ ପୁଡୁଚେରୀଠାରୁ ୧୪-୪ ପଏଣ୍ଟରେ ପରାଜିତ ହୋଇଥିଲା। ଏଭଳି ଏକ ପ୍ରତିଯୋଗିତାରେ ଓଡ଼ିଶା ପ୍ରଥମଥର ଅଂଶଗ୍ରହଣ କରିଥିଲା। ଭୁବନେଶ୍ୱରର ଦେବାଶିଷ ଏହି ଦଳର ନେତୃତ୍ୱ ନେଇଥିଲେ। ଓଡ଼ିଶା ସରକାରଙ୍କ କ୍ରୀଡ଼ା ବିଭାଗ ଏହି ଟୁର୍ଣ୍ଣାମେଣ୍ଟ ଆୟୋଜନ ଲାଗି ସମସ୍ତ ପ୍ରକାର ସହାୟତା ଯୋଗାଇଦେଇଥିଲେ।

ଏସିଆ ରଗ୍‌ବୀ ଏମିରେଟ୍ସ ସେଭେନ ସିରିଜ୍

## କିସ୍‌ର ଡୁମୁଣି ଭାରତର ଉପଅଧିନାୟିକା

ଭୁବନେଶ୍ୱର,୧୦।୧୦ (ସମିସ): କିସ୍‌ର ଛାତ୍ରୀ ଡୁମୁଣି ମାର୍ଣ୍ଡି ଏସିଆ ରଗ୍‌ବୀ ସେଭେନ୍ସ ସିରିଜ୍ ଲାଗି ଭାରତୀୟ ମହିଳା ଦଳର ଉପଅଧିନାୟିକା ମନୋନୀତ ହୋଇଛନ୍ତି। ଭାରତୀୟ ରଗ୍‌ବୀ ଫୁଟବଲ ୟୁନିଅନ ପକ୍ଷରୁ ଘୋଷିତ ଭାରତୀୟ ଦଳରେ ଓଡ଼ିଶାରୁ ୪ଜଣ ସ୍ଥାନ ପାଇଥିଲାବେଳେ କିସ୍‌ରୁ ୩ଜଣ ରହିଛନ୍ତି। କିସ୍‌ର ଅନ୍ୟ ଦୁଇ ଖେଳାଳି ହେଲେ ତରୁଲତା ନାୟକ ଓ ନିର୍ମାଲ୍ୟ ରାଉତ। ମୟୂରଭଞ୍ଜର ସନ୍ଧ୍ୟାରାଣୀ ଟୁଡୁ ଚତୁର୍ଥ ଓଡ଼ିଆ ଖେଳାଳି ଭାବେ ଏହି ଦଳରେ ସ୍ଥାନ ପାଇଛନ୍ତି। ଶ୍ରୀଲଙ୍କାର କଲମ୍ବୋଠାରେ ଏହି ସିରିଜ୍ ଅକ୍ଟୋବର ୧୮ ଓ ୧୯ ତାରିଖ ଦୁଇ ଦିନ ଧରି ଖେଳାଯିବ। କୋଲକାତାର ସାଇ ସେଣ୍ଟରଠାରେ ଅନୁଷ୍ଠିତ ନ୍ୟାସନାଲ କୋଚିଂ କ୍ୟାମ୍ପରେ ଏହି ଖେଳାଳିମାନେ ପ୍ରଶିକ୍ଷଣ ନେଇଥିଲେ। ଭାରତ ଲାଗି ମନୋନୀତ ସମସ୍ତ ଖେଳାଳିଙ୍କୁ କିଟ୍ ତଥା କିସ୍‌ର ପ୍ରତିଷ୍ଠାତା ଅଚ୍ୟୁତ ସାମନ୍ତ ଅଭିନନ୍ଦନ ଜଣାଇଛନ୍ତି।




ନିର୍ମାଲ୍ୟ ରାଉତ, ଡୁମୁଣି ମାର୍ଣ୍ଡି ଓ ତରୁଲତା ନାୟକ

# କଳିଙ୍ଗ ଷ୍ଟାଡିୟମରେ ଏସୀୟ ଟିଟି ଟିମ୍ ଚାମ୍ପିଅନସିପ୍ ଆଜିଠାରୁ

ଭୁବନେଶ୍ୱର, ୧୦।୧୦ (ସମିସ)

ସ୍ଥାନୀୟ ଆଇକନିକ୍ କଳିଙ୍ଗ ଷ୍ଟାଡ଼ିୟମ୍ ଆଥଲେଟିକ୍ସ ସେଣ୍ଟର ଠାରେ ଆସନ୍ତାକାଲି ଠାରୁ ଅର୍ଥାତ୍ ଅକ୍ଟୋବର ୧୧ ତାରିଖରୁ ୧୫ ତାରିଖ ପର୍ଯ୍ୟନ୍ତ ଆଇଆଇଟିଏଫ-ଏଟିଟିୟୁ ଏସୀୟ ଟେବୁଲ ଟେନିସ୍ ଟିମ୍ ଚାମ୍ପିଅନସିପ୍‌ର ଆୟୋଜନ କରାଯିବ। ଅନ୍ତର୍ଜାତୀୟ ଟେବୁଲ ଟେନିସ୍ ମହାସଂଘ, ଭାରତୀୟ ଟେବୁଲ ଟେନିସ୍ ମହାସଂଘ, ଏସିଆନ୍ ଟେବୁଲ ଟେନିସ୍ ୟୁନିୟନ, ଓଡ଼ିଶା ଟେବୁଲ ଟେନିସ୍ ଆସୋସିଏସନ ଏବଂ ଓଡ଼ିଶା କ୍ରୀଡ଼ା ଓ ଯୁବସେବା ବିଭାଗର ମିଳିତ ଆନୁକୂଲ୍ୟରେ ଏହି ପ୍ରତିଯୋଗିତାର ଆୟୋଜନ କରାଯିବ। ଦୀର୍ଘ ୧୬ ବର୍ଷ ପରେ ଭାରତରେ ଏସୀୟ ଟେବୁଲ ଟେନିସ୍ ଚାମ୍ପିୟାନସିପ୍‌ର ଆୟୋଜନ କରାଯାଉଛି। ଓଡ଼ିଶାରେ ପ୍ରଥମ ଥର ପାଇଁ ଏହି ଏସୀୟ ଟେବୁଲ ଟେନିସ୍ ଟିମ୍ ଚାମ୍ପିୟନସିପ୍ ଆୟୋଜିତ ହେଉଛି।


୨୮ତମ ଆଇଆଇଟିଏଫ-ଏଟିଟିୟୁ ଏସୀୟ ଟେବୁଲ ଟେନିସ୍ ଟିମ୍ ଚାମ୍ପିୟନସିପରେ ପ୍ରାୟ ୨୨ଟି ଦେଶ ଯଥା ଭାରତ, ଚୀନ, ଜାପାନ, କୋରିଆ ରିପବ୍ଲିକ, ଡେମୋକ୍ରାଟିକ ପିପୁଲ୍ସ ରିପବ୍ଲିକ ଅଫ କୋରିଆ, ତାଇୱାନ, ହଙ୍ଗକଙ୍ଗ, ସିଙ୍ଗାପୁର, ଚାଇନିଜ ମକାଓ, ବାଙ୍ଗଲାଦେଶ, ଇରାନ, କାଜାକିସ୍ତାନ, କିରଗୀଜସ୍ତାନ, ମାଲେସିଆ, ମାଳଦୀପ, ମଙ୍ଗୋଲିଆ, ନେପାଳ, ଓମାନ, କତାର, ଶ୍ରୀଲଙ୍କା, ଥାଇଲାଣ୍ଡ, ଉଜବେକିସ୍ତାନରୁ ୫୦୦ରୁ ଉର୍ଦ୍ଧ୍ୱ କ୍ରୀଡ଼ାବିତ୍, ସପୋର୍ଟ ଷ୍ଟାଫ ଆଦି ଅଂଶଗ୍ରହଣ କରିଛନ୍ତି। ଉଭୟ ପୁରୁଷ ଓ ମହିଳା ଟିମ୍ ଏହି ଚାମ୍ପିୟନସିପ୍‌ରେ ଅଂଶଗ୍ରହଣ କରୁଛନ୍ତି। ଏହି ଚାମ୍ପିୟନସିପ୍‌ରେ ସର୍ବଶ୍ରେଷ୍ଠ ପ୍ରଦର୍ଶନ କରିଥିବା ଟିମ୍ ଗୁଡ଼ିକ ଆଗାମୀ ଦିନରେ ଲଣ୍ଡନରେ ଆୟୋଜିତ ହେବାକୁ ଥିବା ଆଇଆଇଟିଏଫ ୱାର୍ଲ୍ଡ଼ ଟେବୁଲ ଟେନିସ୍ ଟିମ୍ ଚାମ୍ପିୟନସିପ୍-୨୦୨୬ ପାଇଁ ଯୋଗ୍ୟ ବିବେଚିତ ହେବେ ବୋଲି ଏକ ସାମ୍ବାଦିକ ସମ୍ମିଳନୀରେ କହିଛନ୍ତି କ୍ରୀଡ଼ାମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ। ସେ ଆହୁରି ମଧ୍ୟ କହିଛନ୍ତି ଯେ, ବିଶ୍ୱର ଟପ୍ ର୍ୟାଙ୍କିଙ୍ଗ ଟେବୁଲ ଟେନିସ୍ ଖେଳାଳିମାନେ ଏହି ୨୮ତମ ଆଇଆଇଟିଏଫ-ଏଟିଟିୟୁ ଏସୀୟ ଟେବୁଲ ଟେନିସ୍ ଟିମ୍ ଚାମ୍ପିଅନସିପ୍‌ରେ ଅଂଶ ଗ୍ରହଣ କରିଛନ୍ତି। ଭାରତରୁ ମହିଳା ବିଭାଗରେ ଶ୍ରୀଜା ଅକୁଲା, ମନିକା ବତ୍ରା, ଦିୟା ଚିତଲେ, ଯଶସ୍ୱିନୀ ଘୋରପଡ଼େ, ସ୍ୱସ୍ତିକା ଘୋଷ ଏବଂ ପୁରୁଷ ବିଭାଗରେ ଅଙ୍କୁର ଭଟ୍ଟାଚାର୍ଯ୍ୟ, ପୟାସ ଜୈନ୍, ମାନୁଷ ଶାହା, ସ୍ନେହିତ ସୁରବଜ୍ଜୁଲା, ମାନବ ଠକ୍କର ଆଦି କ୍ରୀଡାବିତ୍ ଅଂଶଗ୍ରହଣ କରିଛନ୍ତି। ଇତି ମଧ୍ୟରେ ବିଭିନ୍ନ ଦେଶରୁ କ୍ରୀଡ଼ାବିତ୍‌ମାନେ ଆସି ଭୁବନେଶ୍ୱର ଠାରେ ପହଞ୍ଚିଛନ୍ତି। ଖେଳାଳୀମାନେ ପ୍ରତିଯୋଗିତା ପାଇଁ ନିଜର ଅଭ୍ୟାସ ମଧ୍ୟ ଆରମ୍ଭ କରିଛନ୍ତି। ପ୍ରତିଯୋଗିତାକୁ ସଫଳତାର ସହ ଆୟୋଜନ କରିବା ନିମନ୍ତେ ସମସ୍ତ ପ୍ରକାର ପ୍ରସ୍ତୁତିକୁ ବିଭାଗ ପକ୍ଷରୁ ସୁନିଶ୍ଚିତ କରାଯାଇଛି। ଏହି ଅନ୍ତର୍ଜାତୀୟ ଟୁର୍ଣ୍ଣାମେଣ୍ଟ ପାଇଁ ବୁକ୍ ମାଇ ସୋ (Book My Show) ୱେବ୍ସାଇଟରେ ମଧ୍ୟ ଟିକେଟ ବୁକିଂ ବ୍ୟବସ୍ଥା କରାଯାଇଛି। କ୍ରୀଡ଼ାପ୍ରେମୀ ଓ ଦର୍ଶକମାନେ ବୁକ୍ ମାଇ ସୋ (Book My Show) ୱେବସାଇଟକୁ ଯାଇ ଏସୀୟ ଟେବୁଲ ଟେନିସ୍ ଚାମ୍ପିଅନସିପ୍ ଦେଖିବା ପାଇଁ ନିଜର ଟିକେଟ ବୁକ୍ କରିପାରିବେ ବୋଲି କହିଛନ୍ତି କ୍ରୀଡ଼ାମନ୍ତ୍ରୀ ଶ୍ରୀ ସୂରଜ।




ଆଜିର କାର୍ଯ୍ୟକ୍ରମରେ କ୍ରୀଡ଼ା ଓ ଯୁବସେବା ବିଭାଗର କମିଶନର ତଥା ଶାସନ ସଚିବ ସଚିନ ରାମଚନ୍ଦ୍ର ଯାଦବ, ଏସିଆ ଟେବୁଲ ଟେନିସ୍ ୟୁନିୟନ୍‌ର ରିଜିଓନାଲ ଭାଇସ୍ ପ୍ରେସିଡ଼େଣ୍ଟ ଶେଖ୍ ହୟାତ୍ ଅଲ୍ ଖଲିଫା, ଟୁର୍ଣ୍ଣାମେଣ୍ଟ ନିର୍ଦ୍ଦେଶକ ଏନ. ଗଣେଶନ, ଅଲମ୍ପିଆନ୍ ତଥା ପଦ୍ମଶ୍ରୀ ଅଚନ୍ତା ଶରତ କମଲ ପ୍ରମୁଖ ଉପସ୍ଥିତ ଥିଲେ।

● ଜାତୀୟ ଜୁନିଅର ଆଥଲେଟିକ୍ସ

## ନୀରଜଙ୍କ ରେକର୍ଡ ଭାଙ୍ଗିଲେ ହିମାଂଶୁ



ଭୁବନେଶ୍ୱର,୧୦।୧୦(ସମିସ): ଏସୀୟ ୧୮ ବର୍ଷରୁ କମ୍ ସ୍ୱର୍ଣ୍ଣ ପଦକ ବିଜେତା ହିମାଂଶୁ ଝାକର ଏଠାରେ ଆଜିଠାରୁ ଆରମ୍ଭ ହୋଇଥିବା ଜାତୀୟ ଜୁନିଅର ଆଥଲେଟିକ୍ ଚାମ୍ପିଅନସିପ୍ ଜାଭେଲିନ୍ ଥ୍ରୋରେ ନୀରଜ ଚୋପ୍ରାଙ୍କ ୧୧ ବର୍ଷର ମିଟ୍ ରେକର୍ଡ ଭାଙ୍ଗିଦେଇଛନ୍ତି। ଆଜି ଅନୁଷ୍ଠିତ କ୍ୱାଲିଫାଇଂ ବିଭାଗରେ ସେ ୭୯.୯୬ ମିଟର ଦୂରତାକୁ ଜାଭେଲିନ୍ ଫିଙ୍ଗି ରେକର୍ଡ ଭାଙ୍ଗିବା ସହ ୨୦୨୬ ୨୦ ବର୍ଷରୁ କମ୍ ବିଶ୍ୱ ଆଥଲେଟିକ୍ ଚାମ୍ପିଅନସିପ୍‌ରେ ଭାଗନେବାକୁ ଯୋଗ୍ୟତା ଅର୍ଜନ କରିଛନ୍ତି। ପୂର୍ବରୁ ୨୦୧୪ ବିଜୟୱାଡା ସଂସ୍କରଣରେ ନୀରଜ ୭୬.୫୦ ମିଟରକୁ ଜାଭେଲିନ୍ ଫିଙ୍ଗି ଏହି ରେକର୍ଡର ଅଧିକାରୀ ହୋଇଥିଲେ।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, DENGSARGI, BAREIPALI-768006, DIST: SAMBALPUR, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦ୍ରୁ ଦାସ
EXECUTIVE EDITOR: SAMARENDU DAS